

◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

• RNI REGD NO: 42041/83
• www.sakalaepaper.com
• /sakalanews
• /sakalanews
• www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 44 •ISSUE-11 •SUNDAY •05 JULY 2026 •PAGE-12+4 •₹ 7.00 | BHUBANESWAR | •ବର୍ଷ-୪୪ •ସଂଖ୍ୟା-୧୧ •ରବିବାର •୦୫ ଜୁଲାଇ ୨୦୨୬ •ପୃଷ୍ଠା-୧୨+୪ (ସିନ୍ଦୂରା) •ଟ.୭.୦୦


**ଲଘୁଚାପ ସକ୍ରିୟ**

# ଆଜି ୯ ଜିଲ୍ଲାରେ ଛେଚିବ

## ୭ ତାରିଖ ଯାଏଁ ଲାଗିରହିବ ବର୍ଷା; ୩ ଜିଲ୍ଲାକୁ ରେଡ୍ ଆଲର୍ଟ

■ ଭୁବନେଶ୍ୱର, ୪।୭ (ସମିସ): ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଏବଂ ସଂଲଗ୍ନ ଉତ୍ତର ଓଡ଼ିଶା-ପଶ୍ଚିମବଙ୍ଗ ଉପକୂଳରେ ସକ୍ରିୟ ଥିବା ସୁଦୃଢ଼ ଲଘୁଚାପ ପ୍ରଭାବରେ ରାଜ୍ୟରେ ବ୍ୟାପକ ବର୍ଷା ଜାରି ରହିଛି। ଗତ ଦୁଇ ଦିନ ଧରି ଲଗାଣ ବର୍ଷା ପ୍ରଭାବରୁ ସାଧାରଣ ଜନଜୀବନ ପ୍ରଭାବିତ ହୋଇଥିବା ବେଳେ କେତେକ ସ୍ଥାନରେ ଜଳବନ୍ଦୀ ସମସ୍ୟା ଦେଖାଦେଇଛି। ଅନ୍ୟପଟେ ଆସନ୍ତା ୭ ତାରିଖ ପର୍ଯ୍ୟନ୍ତ ରାଜ୍ୟବ୍ୟାପୀ ବର୍ଷା ପ୍ରକୋପ ଦେଖିବାକୁ ମିଳିବ ବୋଲି ସୂଚନା ଦେଇଛି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର।



କେନ୍ଦ୍ର ସୂଚନା ଅନୁଯାୟୀ ଗତ ୩୩ ଘଣ୍ଟା ମଧ୍ୟରେ ଗଞ୍ଜାମ ଛତ୍ରପୁରରେ ସର୍ବାଧିକ ୧୩୮.୭ ମିଲିମଟର ବର୍ଷା ହୋଇଛି। ସେହିପରି କୋରାପୁଟରେ ୧୦୮ ମିଲିମିଟର, ଗୋପାଳପୁରରେ ୧୦୭.୮ ମିଲିମିଟର, ବାରିପଦାରେ ୧୦୪ ମିଲିମିଟର, ଚାନ୍ଦବାଲିରେ ୯୧.୬ ମିଲିମିଟର ବର୍ଷା ହୋଇଛି। ଏତଦବ୍ୟତୀତ କଟକ ଓ ଭୁବନେଶ୍ୱରରେ ୮୮.୬ ମିଲିମିଟର, ପୁରୀରେ ୭୬ ମିଲିମିଟର, ନୟାଗଡରେ ୮୯ ମିଲିମିଟର, ସୋନପୁରରେ ୭୩.୪ ମିଲିମିଟର, ବରଗଡ଼ରେ ୭୨.୪ ମିଲିମିଟର, ଖୋର୍ଦ୍ଧାରେ ୮୮ ମିଲିମିଟର, ଜଗତସିଂହପୁରରେ ୭୯.୨ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। ସେହିପରି ଶନିବାର ସକାଳ ୮ଟା୩୦ରୁ ସନ୍ଧ୍ୟା ୫ଟା ୩୦ ମିନିଟ ମଧ୍ୟରେ କୋରାପୁଟରେ ସର୍ବାଧିକ ୬୯.୨ ମିଲିମିଟର ବର୍ଷା ହୋଇଥିବା ବେଳେ ବଲାଙ୍ଗୀରରେ ୬୭ ମିଲିମିଟର, ଭୁବନେଶ୍ୱରରେ ୪୫.୬ ମିଲିମିଟର, କଟକରେ ୩୨.୪ ମିଲିମଟର, ▶ପୃଷ୍ଠା-୭

## ମୁକାବିଲା ପାଇଁ ସଜାଗ ରହିବାକୁ ପ୍ରଶାସନକୁ ନିର୍ଦ୍ଦେଶ

■ ଭୁବନେଶ୍ୱର, ୪।୭ (ସମିସ): ରାଜ୍ୟବ୍ୟାପୀ ବର୍ଷା ଜାରି ରହିଥିବାରୁ ପରିସ୍ଥିତି ଉପରେ କଡ଼ା ନଜର ରଖିଛନ୍ତି ସରକାର। ପରିସ୍ଥିତିର ମୁକାବିଲା ପାଇଁ ସମ୍ପୂର୍ଣ୍ଣ ସଜାଗ ଥିବା କହିଛନ୍ତି। ସ୍ୱତନ୍ତ୍ର ରିଲିଫ କମିସନର (ଏସଆରସି)ଙ୍କ ଅଧୀନସ୍ଥ ଷ୍ଟେଟ୍ ଇମର୍ଜେନ୍ସି ଅପରେସନ୍ ସେଣ୍ଟର୍ (ଏସଇଓସି) ସମସ୍ତ ଜିଲ୍ଲା ଜରୁରୀକାଳୀନ ପରିଚାଳନା କେନ୍ଦ୍ର (ଡିଇଓସି) ସହ ସମନ୍ୱୟ ରକ୍ଷା କରି ୨୪ ଘଣ୍ଟିଆ ପରିସ୍ଥିତିର ନିରୀକ୍ଷଣ କରୁଥିବା ସୂଚନା ମିଳିଛି। ଭାରତୀୟ ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ଏବଂ କେତେକ ସ୍ଥାନରେ ଅତ୍ୟଧିକ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଗତ ୨୪ ଘଣ୍ଟାରେ ଅର୍ଥାତ୍ ଜୁଲାଇ ୪ ତାରିଖ ସକାଳ ୮ଟା ୩୦ ସୁଦ୍ଧା ରାଜ୍ୟରେ ହାରାହାରି ୨୪.୮ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। ବରଗଡ଼ ଜିଲ୍ଲାର ସୋହେଲା ବ୍ଲକରେ ସର୍ବାଧିକ ୨୦୨ ମିଲିମିଟର ବର୍ଷା ହୋଇଛି। ରାଜ୍ୟର ▶ପୃଷ୍ଠା-୭

# ଜୁଲାଇ ୨୦ରୁ ସଂସଦର ମୌସୁମୀ ଅଧିବେଶନ

## ଅଗଷ୍ଟ ୧୩ ପର୍ଯ୍ୟନ୍ତ ଚାଲିବ ଗୃହ କାର୍ଯ୍ୟ

■ ନୂଆଦିଲ୍ଲୀ, ୪।୭ (ଏଜେନ୍ସି): ଚଳିତ ବର୍ଷ ସଂସଦର ମୌସୁମୀ ଅଧିବେଶନ ଆସନ୍ତା ଜୁଲାଇ ୨୦ ତାରିଖରୁ ଆରମ୍ଭ ହେବାକୁ ଯାଉଛି। ଏହି ଗୁରୁତ୍ୱପୂର୍ଣ୍ଣ ଅଧିବେଶନ ଆସନ୍ତା ଅଗଷ୍ଟ ୧୩ ତାରିଖ ପର୍ଯ୍ୟନ୍ତ ଚାଲିବ ବୋଲି ସଂସଦୀୟ ବ୍ୟାପାର ମନ୍ତ୍ରୀ କିରେନ୍ ରିଜିଜୁ ଆଜି ସୂଚନା ଦେଇଛନ୍ତି। ପ୍ରାୟ ତିନି ସପ୍ତାହରୁ ଅଧିକ ସମୟ ଧରି ଚାଲିବାକୁ ଥିବା ଏହି ଅଧିବେଶନରେ ଅନେକ ଗୁରୁତ୍ୱପୂର୍ଣ୍ଣ ବିଲ୍ ଏବଂ ଦେଶର ବିଭିନ୍ନ ସାମ୍ପ୍ରତିକ ସମସ୍ୟା ଉପରେ ଆଲୋଚନା ହେବାର ସମ୍ଭାବନା ରହିଛି।

ମିଳିଥିବା ସୂଚନା ଅନୁଯାୟୀ ଏହି ଅଧିବେଶନ ବିଶେଷ କରି ଦୁଇଟି ପ୍ରସଙ୍ଗ ନେଇ ସରଗରମ ରହିବ। ୩୦ ଦିନ ଧରି ଜେଲରେ ରହିଲେ ପ୍ରଧାନମନ୍ତ୍ରୀ, ମୁଖ୍ୟମନ୍ତ୍ରୀ ଓ ମନ୍ତ୍ରୀ ନିଜର ପଦ ହରାଇବେ। ସରକାର ଏସଂପର୍କରେ ଏକ ସମ୍ବିଧାନ ସଂଶୋଧନ ବିଲ୍ ଆଗତ କରିବେ। ଯଦି ଜଣେ ମନ୍ତ୍ରୀଙ୍କୁ ଏଭଳି ଏକ ଅଭିଯୋଗରେ ଗିରଫ କରାଯାଇଛି, ଯେଉଁଥିରେ ୫ ବର୍ଷ କିମ୍ବା ତାଠାରୁ ଅଧିକ ସମୟ ପାଇଁ ଜେଲଦଣ୍ଡର ବ୍ୟବସ୍ଥା ଥିବ, ସେମାନଙ୍କ ପ୍ରତି ଏହି ନିୟମ ଲାଗୁ ହେବ। ସେମାନେ ୩୦ ଦିନ ପର୍ଯ୍ୟନ୍ତ ଜେଲରେ ରହିଲେ ୩୧ତମ ଦିନରେ ଆପେ ଆପେ ମନ୍ତ୍ରୀ ପଦ ହରାଇବେ। ରାଷ୍ଟ୍ରପତି ଏବଂ ରାଜ୍ୟପାଳ ମଧ୍ୟ ସେମାନଙ୍କୁ



**ରାଜନାଥ ଓ ମନ୍ତ୍ରିପଦ ବିଲ୍‌କୁ ନେଇ ସରଗରମ ରହିବ ସଂସଦ**

**ଉଠିବ ଆଞ୍ଚଳିକ ଦଳରେ ବିଭାଜନ ପ୍ରସଙ୍ଗ**

ବରଖାସ୍ତ କରିପାରିବେ। ତେବେ ବିରୋଧୀ ଦଳ ଏହାକୁ ବିରୋଧ କରିଛନ୍ତି। ସେମାନେ ଅଭିଯୋଗ କରିଛନ୍ତି ବିରୋଧୀ ଦଳ ଶାସିତ ସରକାରଙ୍କୁ ଅସ୍ଥିର କରିବା ଲାଗି ସରକାର ଏହାର ରାଜନୈତିକ ଦୁରୁପଯୋଗ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ଏହା ଉଭୟ କେଜ୍ରିୱାଲ ଏବଂ ହେମନ୍ତ ସୋରେନଙ୍କ କ୍ଷେତ୍ରରେ ଦେଖାଦେଇଛି। ଅନ୍ୟପକ୍ଷରେ କେବଳ ସମ୍ବିଧାନ ସଂଶୋଧନ ଦ୍ୱାରା ଏହି ବିଲ୍ ପାସ୍ କରାଯାଇପାରିବ। ଏଥିପାଇଁ ଉଭୟ ଗୃହରେ ଦୁଇ ତୃତୀୟାଂଶ ଉପସ୍ଥିତ ସଭ୍ୟଙ୍କ ସମର୍ଥନ ଦରକାର। ରାଜ୍ୟସଭାରେ ସରକାର ଏହି ସଂଖ୍ୟାର ନିକଟବର୍ତ୍ତୀ ହୋଇଥିଲେ ମଧ୍ୟ ଲୋକସଭାରେ ବିଭିନ୍ନ ଦଳରେ ବିଭାଜନ ସତ୍ତ୍ୱେ ଆହୁରି ୪୦ ସାଂସଦଙ୍କ ▶ପୃଷ୍ଠା-୭

## କପିଳାସରେ ଭୂସ୍ଖଳନ

■ ଗଁଦିଆ, ୪।୭ (ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକର ପ୍ରସିଦ୍ଧ ଶୈବପୀଠ କପିଳାସଠାରେ ବର୍ଷା ଯୋଗୁଁ ଭୂସ୍ଖଳନ ହୋଇଛି। କପିଳାସ ପାହାଡ଼ ଉପରକୁ ଯାଇଥିବା ବାରବାଙ୍କ ରାସ୍ତାରେ ଦେଖିବାକୁ ମିଳିଛି ଏହି ଅଭାବନୀୟ ଦୃଶ୍ୟ। ଲଗାଣ ବର୍ଷା ଫଳରେ ଉକ୍ତ ପୀଠର ଥିବା ବାରବାଙ୍କ ରାସ୍ତାର ପ୍ରଥମ ବାଙ୍କର ଡାହାଣ ପାର୍ଶ୍ୱରୁ ଥିବା ପାହାଡ଼ ଧସିବା ଯୋଗୁ ଏହାର ପ୍ରଭାବରେ ଏକ ବଡ଼ ଗଛ ଉପୁଡି ପଡ଼ି ରାସ୍ତା ଉପରେ ପଡିଯାଇଥିଲା। ଯାହା ଯୋଗୁ ପ୍ରାୟ ଅପରାହ୍ନ ୨ଟା ଠାରୁ ପ୍ରାୟ ୨ଘଣ୍ଟା ଧରି ମନ୍ଦିରକୁ ଯାନବାହନା ଚଳାଚଳ ବାଧାପ୍ରାପ୍ତ ହୋଇଥିଲା। ଖବର ପାଇ ଗଁଦିଆ ଅଗ୍ନିଶମ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ରାସ୍ତା ଉପରୁ ଉକ୍ତ ଗଛ ହଟାଯାଇ ସଫା କରିଥିଲେ। ତାହାପରେ ସ୍ୱାଭାବିକ ଭାବରେ ଯାନବାହାନା ପାହାଡ଼ ଉପରକୁ ଚଳପ୍ରଚଳ କରିଥିଲା।



**ଧସିଲା ବାରବାଙ୍କ ରାସ୍ତା**

## ରାଜଧାନୀ ଡ୍ରେନ୍‌ରେ ଭାସିଗଲେ ଯୁବକ

■ ଭୁବନେଶ୍ୱର, ୪।୭ (ସମିସ): **ପ୍ରବଳ ଓ ଲଗାଣ ବର୍ଷା ଯୋଗୁଁ ରାଜଧାନୀରେ ପୁଣି କାଳ ସାଜିଲା ମୁକୁଳା ଡ୍ରେନ।** ବାଣୀବିହାର ଉତ୍କଳ ବିଶ୍ୱବିଦ୍ୟାଳୟ ନିକଟସ୍ଥ ଡ୍ରେନ୍ ନମ୍ବର ୪ରେ ଭାସିଯାଇ ଆଜି ଜଣେ ଯୁବକ ନିଖୋଜ ହୋଇଯାଇଛନ୍ତି। ନିଖୋଜ ଯୁବକ ହେ।ଲେ ସ୍ଥାନୀୟ ପଥରବନ୍ଧ ବସ୍ତିର ଅନିଲ ସିଂହ ଓ ତାଙ୍କ ବୟସ ୩୫ ବୋଲି ଜଣାପଡ଼ିଛି। ପ୍ଲାଷ୍ଟିକ୍ ବୋତଲ ସଂଗ୍ରହ କରିବାକୁ ଯାଇଥିଲା ବେଳେ ଡ୍ରେନ୍‌ରେ ଗୋଡ଼ ଖସିଯିବାରୁ ସେ ଭାସିଯାଇ ନିଖୋଜ ହୋଇଯାଇଛନ୍ତି। ସ୍ଥାନୀୟ ଲୋକଙ୍କ ସହ ଅଗ୍ନିଶମ ବାହିନୀ ଏବଂ ଓଡ୍ରାଫ୍ ଟିମ୍ ମଧ୍ୟ ଖୋଜାଖୋଜି କରୁଛନ୍ତି। ୬ଘଣ୍ଟା ଧରି ଉଦ୍ଧାର କାର୍ଯ୍ୟ ଜାରି ରହିଥିଲେ ମଧ୍ୟ ନିଖୋଜ ଯୁବକଙ୍କ



କୌଣସି ପତ୍ତା ମିଳିପାରି ନାହିଁ। ରାତି ହୋଇଯିବାରୁ ଉଦ୍ଧାର କାର୍ଯ୍ୟ ସ୍ଥଗିତ ରଖାଯାଇଛି। ଆଜିର ଏହି ଘଟଣାକୁ ନେଇ ରାଜଧାନୀରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ସରକାରଙ୍କ ପ୍ରତିଶ୍ରୁତି ସତ୍ତ୍ୱେ ଅନେକ ସ୍ଥାନରେ ଏବେ ବି ଡ୍ରେନ ମୁକୁଳା ରହିଛି ଏବଂ ରାଜଧାନୀବାସୀଙ୍କ ପାଇଁ ଏହା ମୃତ୍ୟୁଯନ୍ତା ପାଲଟିଛି।

ପ୍ରତ୍ୟକ୍ଷଦର୍ଶୀଙ୍କ ସୂଚନା ମୁତାବକ, ଅନିଲ ପେଶାରେ ଜରି ଏବଂ ପ୍ଲାଷ୍ଟିକ୍ ବୋତଲ ଗୋଟାଳି। ଗୋଟିଏ ବସ୍ତା ପ୍ଲାଷ୍ଟିକ ବୋତଲ ସଂଗ୍ରହ କରିବା ପରେ ଆଉ ଗୋଟିଏ ବସ୍ତା ବୋତଲ ସଂଗ୍ରହ କରିବାକୁ ଡ୍ରେନ୍ ଭିତରେ ପଶିଥିଲେ। ସେହି ସମୟରେ ତାଙ୍କର ଗୋଡ ଖସିଯିବାରୁ ସେ ଭାସି ▶ପୃଷ୍ଠା-୭

# ମମତାଙ୍କୁ ଝଟ୍‌କା; ଟିଏମ୍‌ସି ରାଜ୍ୟ ସଭାପତିଙ୍କ ଇସ୍ତଫା

■ କୋଲକାତା, ୪।୭ (ଏଜେନ୍ସି): ମମତା ମାନାର୍ଜୀଙ୍କ ତୃଣମୂଳ କଂଗ୍ରେସ (ଟିଏମସି)ରେ ବିଦ୍ରୋହକୁ ନେଇ ସୃଷ୍ଟି ହୋଇଥିବା ସଙ୍କଟ ଥମିବାର ନାମ ଧରୁନି। ଗତକାଲି ବିଦ୍ରୋହୀମାନେ ପାର୍ଟିର ମୁଖ୍ୟାଳୟକୁ କବଜା କରିଥିବା ବେଳେ ଆଜି ପାର୍ଟିର ରାଜ୍ୟ ସଭାନେତ୍ରୀ ଚନ୍ଦ୍ରିକା ଭଟ୍ଟାଚାର୍ଯ୍ୟ ନିଜ ପଦରୁ ଇସ୍ତଫା ପ୍ରଦାନ କରିଛନ୍ତି। ଗତକାଲିର ଘଟଣା ପାଇଁ ମମତାଙ୍କ ଠାରୁ ଭର୍ତ୍ସିତ ହେବାପରେ ସେ ଇସ୍ତଫା ଦେଇଥିବା କୁହାଯାଉଛି। ଇସ୍ତଫା ଦେବାପରେ ସେ ବିଦ୍ରୋହୀଙ୍କ ଗୋଷ୍ଠୀରେ ସାମିଲ ହୋଇଛନ୍ତି।

ସୂଚନାଯୋଗ୍ୟ ଯେ ବିଧାନସଭା ନିର୍ବାଚନରେ ପରାଜୟ ପରେ ସଂଗଠନର ପୁନର୍ଗଠନ କରି ମମତା ଗତମାସ ଚନ୍ଦ୍ରିକାଙ୍କୁ ସଭାନେତ୍ରୀ ନିଯୁକ୍ତ କରିଥିଲେ। ଚନ୍ଦ୍ରିମାଙ୍କ ଇସ୍ତଫା ମମତାଙ୍କୁ ଝଟକା ଲାଗିଛି। ଇସ୍ତଫା ପ।ରେ ସେ ରତବ୍ରତ ବାନାର୍ଜୀଙ୍କ ନେତୃତ୍ୱାଧୀନ ବିଦ୍ରୋହୀ ଗୋଷ୍ଠୀର ସଦସ୍ୟମାନଙ୍କୁ ଭେଟିଛନ୍ତି। ଗତ ଶୁକ୍ରବାର ଦିନ କୋଲକାତାରେ ଥିବା ପାର୍ଟିର ମୁଖ୍ୟ କାର୍ଯ୍ୟାଳୟ 'ତୃଣମୂଳ ଭବନ'କୁ ବିଦ୍ରୋହୀ ଗୋଷ୍ଠୀ ନିଜ ନିୟନ୍ତ୍ରଣକୁ ନେଇ ସେଠାରେ ତାଲା ପକାଇ ଦେଇଛନ୍ତି ଏବଂ ନିଜକୁ ଅସଲି ଟିଏମ୍‌ସି ବୋଲି ଦାବି କରିଛନ୍ତି।

## "ଅଟକାଇବାକୁ ହେଲେ ମୋତେ ମାରିବାକୁ ପଡ଼ିବ"

■ କୋଲକାତା, ୪।୭: ଟିଏମ୍‌ସି ଭିତରେ ଚାଲିଥିବା ବିଦ୍ରୋହକୁ ନେଇ ଆଜି ପ୍ରଥମ ଥର ପାଇଁ ମୁହଁ ଖୋଲିଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ। ଆଜି ଏକ ଭିଡିଓ ବାର୍ତ୍ତାରେ ଟିଏମ୍‌ସି ବିଭାଜନ ପଛରେ ବିଜେପିର ହାତ ଥିବା ନେଇ ସେ ଅଭିଯୋଗ କରିଛନ୍ତି। ସେ କହିଛନ୍ତି ଯେ ସେମାନେ ଭୋଟ ଚୋରି କରି କ୍ଷମତା ଦଖଲ କରିବା ପରେ ଏ।ବେ ତାଙ୍କ ଦଳକୁ ତାଙ୍କ ହାତରୁ ଛଡ଼ାଇ ନେବାକୁ ଚାହୁଁଛନ୍ତି। କିନ୍ତୁ ଏହା ଆଦୌ ସମ୍ଭବ ନୁହେଁ। ଉଭୟ ଦଳ ଏବଂ ସଙ୍କେତ ତାଙ୍କ ପାଖରେ ରହିବ। ଏଥିପାଇଁ ସେ ଦୀର୍ଘ ସମୟ ଧରି ସଂଘର୍ଷ ଜାରି ରଖିବାକୁ ପ୍ରସ୍ତୁତ ଅଛନ୍ତି। ଏଥିରୁ ତାଙ୍କୁ କେହି ଅଟକାଇ ପାରିବେ ନାହିଁ। ଅଟକାଇବାକୁ ହେଲେ ମୋତେ ମାରିବାକୁ ପଡ଼ିବ ବୋଲି ମମତା କହିଛନ୍ତି। ଜୀବନ ଥିବା ପର୍ଯ୍ୟନ୍ତ ସେ ଲଢ଼େଇ ଜାରି ରଖିବେ। ଦଳରେ ବିଦ୍ରୋହ କରିଥିବା ସାଂସଦ ଓ ବିଧାୟକମାନଙ୍କୁ ସେ ବିଶ୍ୱାସଘାତକ ବୋଲି କହିଛନ୍ତି। ସେ ଆହୁରି ଅଭିଯୋଗ କରିଛନ୍ତି ଯେ ▶ପୃଷ୍ଠା-୭



## ଥାନା କ୍ୱାର୍ଟର୍ସରେ ଝୁଲିପଡ଼ିଲେ ଇନ୍ସପେକ୍ଟର ବିଯୁଟି



■ କଟକ,୪।୭ (ସମିସ): ଚାଉଳିଆଗଞ୍ଜ ଥାନା ପରିସରରେ ଥିବା କ୍ୱାର୍ଟର୍ସ ଭିତରୁ ଆଇଆଇସି ବିଯୁଟି ମହାନ୍ତିଙ୍କ ମୃତଦେହ ଝୁଲନ୍ତା ଅବସ୍ଥାରେ ଉଦ୍ଧାର ହୋଇଛି। ମୃତ୍ୟୁର ପ୍ରକୃତ କାରଣ ଏ ପର୍ଯ୍ୟନ୍ତ ସ୍ପଷ୍ଟ ହୋଇନାହିଁ। ଏହି ଘଟଣାକୁ ନେଇ ପୁଲିସ ମହଲରେ ଆଲୋଡନ ସୃଷ୍ଟି ହୋଇଛି। ପାରିପାର୍ଶ୍ୱିକ ସ୍ଥିତି ଯାଞ୍ଚ ପରେ ମୃତଦେହକୁ ଜବତ କରି ବ୍ୟବଚ୍ଛେଦ ପାଇଁ ଏସସିବି ମେଡିକାଲକୁ ପଠାଯାଇଛି। ମିଳିଥିବା ସୂଚନା ଅନୁସାରେ, ଶୁକ୍ରବାର ରାତି ପ୍ରାୟ ୯ଟା ଯାଏ ଆଇଆଇସି ଶ୍ରୀମତୀ ମହାନ୍ତି ଥାନାରେ କାର୍ଯ୍ୟରତ ଥିଲେ। ହଠାତ ଅସୁସ୍ଥ ଅନୁଭବ କରିବାରୁ ସେ ଥାନାର ଉପର ମହଲାରେ ଥିବା ନିଜ କ୍ୱାର୍ଟର୍ସକୁ ଯାଇଥିଲେ। ଶନିବାର ସକାଳେ ଥାନାରେ ନିୟମିତ ହେଉଥିବା ବ୍ରିଫିଙ୍ଗ ରୋଲ୍‌କଲ୍‌କୁ ଆସି ନଥିଲେ। ଦୀର୍ଘ ସମୟ ଅପେକ୍ଷା ପରେ ଦିନ ପ୍ରାୟ ୧୦ଟା ବେଳେ ଥାନା କର୍ମଚାରୀ କ୍ୱାର୍ଟର୍ସକୁ ଯାଇ ଆଇଆଇସିଙ୍କୁ ଡାକିଥିଲେ। ମାତ୍ର ରୁମ୍ ଭିତରୁ କିଛି ଉତ୍ତର ମିଳି ନଥିଲା। ଏ ▶ପୃଷ୍ଠା-୭

**ମୃତ୍ୟୁକୁ ନେଇ ନାନା ସନ୍ଦେହ**

## ଦୁର୍ଘଟଣାରେ ୩ ମୃତ

■ ବାଲିଗୁଡ଼ା, ୪।୭ (ସମିସ): କନ୍ଧମାଳ ଜିଲ୍ଲା ବାଲିଗୁଡ଼ାରେ ଶୁକ୍ରବାର ବିଳମ୍ବିତ ରାତିରେ ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣାରେ ୩ ଜଣଙ୍କ ମୃତ୍ୟୁ ଘଟିଛି। ବାଲିଗୁଡ଼ା ଥାନା ଅନ୍ତର୍ଗତ ମହାସିଂ ନିକଟସ୍ତ ଗେଗୁର ପଦର ନିକଟରେ ଅଜଣା ଗାଡ଼ି ଏକ ବାଇକକୁ ଧକ୍କା ଦେବା ଫଳରେ ବାଇକରେ ଆସୁଥିବା ତିନି ଜଣଙ୍କ ମଧ୍ୟରୁ ଦୁଇ ଜଣ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିବା ବେଳେ ଜଣଙ୍କୁ ଗୁରୁତର ଅବସ୍ଥାରେ ଅଗ୍ନିଶମ ବାହିନୀ ବାଲିଗୁଡ଼ା ଉପଖଣ୍ଡ ହସ୍ପିଟାଲକୁ ଆଣିଥିଲେ। କିନ୍ତୁ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି। ମୃତ ୩ ଜଣ ନବରଙ୍ଗପୁର ଜିଲ୍ଲାର ଶୁଭମରାଜ ଜେନା, ସୁନୀଲ ଜାନି ଓ ଚନ୍ଦନ ସୁନା ବୋଲି ସୂଚନା ମିଳିଛି। ତେବେ କୌଣସି କାରଣ ବସତ ଏହି ୩ ଜଣ କନ୍ଧମାଳ ଆସିଥିବା ବେଳେ ଘରକୁ ଫେରିବା ବେଳେ ▶ପୃଷ୍ଠା-୭

### ରାମ ମନ୍ଦିର ଚାନ୍ଦା ଘୋଟାଲା ମାମଲାରେ ନୂଆ ମୋଡ଼

## ଦାନ ସୁନାକୁ ବିସ୍କୁଟ କରିଦେଲେ !

■ ଅଯୋଧ୍ୟା, ୪।୭ (ଏଜେନ୍ସି): ଅଯୋଧ୍ୟା ରାମ ମନ୍ଦିରର ଦାନ ସାମଗ୍ରୀ ହେରଫେର ଓ ଚୋରି ମାମଲାର ତଦନ୍ତ କରୁଥିବା ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସ୍ଆଇଟି) ହାତରେ ଏକ ନୂଆ ଚାଞ୍ଚଲ୍ୟକର ତଥ୍ୟ ଲାଗିଛି। ମନ୍ଦିରରୁ ଚୋରି ହୋଇଥିବା ସୁନା ଓ ରୁପା ଗହଣାର ପରିଚୟ ଲୁଚାଇବା ପାଇଁ ଅଭିଯୁକ୍ତମାନେ ସେଗୁଡ଼ିକୁ ତରଳାଇ ସୁନା ବିସ୍କୁଟରେ ପରିଣତ କରିଥିବା ସନ୍ଦେହ କରାଯାଉଛି। ତଲାସୀ ସତ୍ତ୍ୱେ ଗହଣା ମିଳିନଥିବାରୁ ଏହି ଆଶଙ୍କା ଆହୁରି ଦୃଢ଼ ହୋଇଛି। ଏହି ସମ୍ବେଦନଶୀଳ ମାମଲାରେ ଏସ୍ଆଇଟି ତଦନ୍ତର ପରିସରକୁ ବ୍ୟାପକ କରିଛି। ଅଭିଯୁକ୍ତମାନଙ୍କ ସଂପର୍କୀୟମାନଙ୍କ ଘରେ ମଧ୍ୟ ଚଢ଼ାଉ କରାଯିବା ସହିତ ସେମାନଙ୍କର ବ୍ୟାଙ୍କ ଲକରର ମଧ୍ୟ ଯାଞ୍ଚ କରାଯାଉଛି।



ତଦନ୍ତକାରୀ ଦଳ ଆଜି ମନ୍ଦିରର ଦାୟିତ୍ୱରେ ଥିବା କେଡି ବାବୁଙ୍କ ସମେତ ପୂର୍ବତନ ସାଧାରଣ ସମ୍ପାଦକ ଚମ୍ପତ ରାୟ ଓ ଅନିଲ ମିଶ୍ରଙ୍କୁ ପଚରାଉଚରା କରିଛି। ମୁଖ୍ୟ ଅଭିଯୁକ୍ତ ଅବିନାଶ ଶୁକ୍ଲା ▶ପୃଷ୍ଠା-୭

## ବଦ୍ରିନାଥରେ ବି ଦାନଅର୍ଥ ଚୋରି

■ ବଦ୍ରିନାଥ: ଅଯୋଧ୍ୟାର ରାମ ମନ୍ଦିର ପରେ ଏବେ ପ୍ରସିଦ୍ଧ ବଦ୍ରିନାଥ ଧାମରେ ମଧ୍ୟ ଶ୍ରଦ୍ଧାଳୁଙ୍କ ଦାନ ଅର୍ଥ ହେରଫେର ହୋଇଥିବା ଅଭିଯୋଗ ଆସିଛି। ସାମାଜିକ ଗଣମାଧ୍ୟମରେ ଏହି ଖବର ପ୍ରସାରିତ ହେବା ପରେ ବଦ୍ରିନାଥ-କେଦାରନାଥ ମନ୍ଦିର ସମିତି ଏହାକୁ ଗମ୍ଭୀରତାର ସହ ନେଇ ଏକ ଉଚ୍ଚସ୍ତରୀୟ ତଦନ୍ତ ନିର୍ଦ୍ଦେଶ ଦେଇଛି। 'ଭୈରବ ସେନା' ନାମକ ଏକ ସଂଗଠନ ମନ୍ଦିର ସମିତିର ଅଧ୍ୟକ୍ଷଙ୍କ ବ୍ୟକ୍ତିଗତ ସହକାରୀଙ୍କ ସନ୍ଦେହଜନକ ଭୂମିକାକୁ ନେଇ ଆର୍ଥିକ ଅନିୟମିତତାର ଅଭିଯୋଗ ▶ପୃଷ୍ଠା-୭

# ଇ-୨୦ ପେଟ୍ରୋଲକୁ ଦେଶସାରା ନା-ନା

## ଭାରତଠାରୁ ଇ-୨୦ ପେଟ୍ରୋଲ ନେବାକୁ ମନା କଲା ଭୁଟାନ

■ ନୂଆଦିଲ୍ଲୀ, ୪।୭ (ଏଜେନ୍ସି): ସାରା ଦେଶରେ ଏବେ ଇ-୨୦ ପେଟ୍ରୋଲକୁ ନେଇ ବିବାଦ ତୀବ୍ର ହେବାରେ ଲାଗିଛି। ଗୋଟିଏ ପଟେ, ଲୋକମାନେ ଅଭିଯୋଗ କରୁଛନ୍ତି ଯେ ଇ-୨୦ ପେଟ୍ରୋଲ ଯୋଗୁଁ ଗତ କିଛି ମାସ ମଧ୍ୟରେ ସେମାନଙ୍କ ଗାଡ଼ିର ମାଇଲେଜ୍ ୩୦% ପର୍ଯ୍ୟନ୍ତ ହ୍ରାସ ପାଇଛି। ଏଥିଯୋଗୁ ଇଞ୍ଜିନ୍‌ରେ ସମସ୍ୟର ଏବଂ ଗାଡ଼ିର କାର୍ଯ୍ୟଦକ୍ଷତାରେ ହ୍ରାସ ହେଉଛି। ଏହି ସମସ୍ୟାଗୁଡ଼ିକ ପେଟ୍ରୋଲରେ ଅତ୍ୟଧିକ ଇଥାନଲ୍ ମିଶ୍ରଣ ଯୋଗୁ ହେଉଥିବା ଲୋକେ ଅଭିଯୋଗ କରୁଛନ୍ତି। ଅନ୍ୟପଟେ ସରକାର ଏ ସମସ୍ତ ପ୍ରକାର ଅଭିଯୋଗକୁ ଖଣ୍ଡନ କରିଛନ୍ତି। ମାମଲା କୋର୍ଟରେ ପହଞ୍ଚିବା ସହିତ ଏହି ପ୍ରସଙ୍ଗ ରାଜନୈତିକ ରୂପ ନେଇଛି। ଖୋଦ୍ ପେଟ୍ରୋଲିୟମ୍ ମନ୍ତ୍ରୀ ଏବଂ ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀ ମୁଖ୍ୟ ସ୍ୱୀକାର କରୁଛନ୍ତି ଯେ, ଇ-୨୦ ପେଟ୍ରୋଲ ଯୋଗୁ ଗାଡ଼ିର ମାଇଲେଜ୍ କମୁଛି। ଏଭଳି ଘଟଣା ମଧ୍ୟରେ ଭୁଟାନ୍ ଭାରତଠାରୁ ଇ-୨୦ ପେଟ୍ରୋଲ ନେବାକୁ ମନା କରିଦେଇଛି।




**ଫୁଏଲ୍ ପମ୍ପ ଜାମ୍, ଇଞ୍ଜିନ୍ ଯନ୍ତ୍ରାଂଶରେ ଲାଗୁଛି କଳଙ୍କି**

**ମାଇଲେଜ୍ କମୁଥିବା ନେଇ ପେଟ୍ରୋଲିୟମ୍ ମନ୍ତ୍ରୀ, ତେଲ କମ୍ପାନୀ ମୁଖ୍ୟଙ୍କ ସ୍ୱୀକାରୋକ୍ତି**

କେନ୍ଦ୍ର ସରକାରଙ୍କ ଇ-୨୦ ନୀତି ଅନୁଯାୟୀ, ପେଟ୍ରୋଲରେ ୨୦% ଇଥାନଲ୍ ମିଶ୍ରଣ ବାଧ୍ୟତାମୂଳକ। ହେଲେ ଏହାକୁ ନେଇ ଦେଶରେ ଗାଡ଼ି ମାଲିକଙ୍କ ମଧ୍ୟରେ ଅସନ୍ତୋଷ ତେଜିବାରେ ଲାଗିଛି। ଜନସାଧାରଣଙ୍କ ଅସନ୍ତୋଷର ମୁଖ୍ୟ କାରଣ ହେଉଛି, ଯାନବାହାନ ଦକ୍ଷତା ଏବଂ ଆର୍ଥିକ କ୍ଷତି ଚିନ୍ତା। ଏଥିରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଅଭିଯୋଗ ହେଉଛି ଯେ ଇ-୨୦ ପେଟ୍ରୋଲ ବ୍ୟବହାର କରିବା ଦ୍ୱାରା ଯାନବାହାନର ମାଇଲେଜ୍ ୧୦% ରୁ ୩୦%କୁ ହ୍ରାସ ପାଇଛି, ଯାହା ଫଳରେ ମାସିକ ଇନ୍ଧନ ଖର୍ଚ୍ଚ ବୃଦ୍ଧି ପାଇଛି। ଇ-୨୦ ଇନ୍ଧନ ସହ ସୁସଙ୍ଗତ ନ ଥିବା କାରଗୁଡ଼ିକର ଫୁଏଲ୍ ପମ୍ପ ଜାମ୍ ହେବା ସହ ରବର ହୋସ୍ ଏବଂ ଇଞ୍ଜିନ୍‌ର ଯନ୍ତ୍ରାଂଶଗୁଡିକ କଳଙ୍କି ଲାଗିବା ଭଳି ସମସ୍ୟା ଉପୁଜିଛି। ତଥାପି, ସରକାର ଏପରି ଅଭିଯୋଗକୁ ଖଣ୍ଡନ କରିଛନ୍ତି। ଅପରପକ୍ଷେ ଖୋଦ୍ କେନ୍ଦ୍ର ପେଟ୍ରୋଲିୟମ୍ ମନ୍ତ୍ରୀ ହରଦୀପ୍ ସିଂହ ପୁରୀ ଏହି କଥାକୁ ସ୍ୱୀକାର କରିଛନ୍ତି ଯେ, ଇ-୨୦ ପେଟ୍ରୋଲ ବ୍ୟବହାର ଯୋଗୁ ଗାଡ଼ିର ମାଇଲେଜ୍ ହ୍ରାସ ପାଉଛି। ଏହାଛଡା ଭାରତ ପେଟ୍ରୋଲିୟମ କର୍ପୋରେସନ ଲିମିଟେଡ (ବିପିସିଏଲ୍)ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ଜୈବ ଇନ୍ଧନ) ଅନୁରାଗ ▶ପୃଷ୍ଠା-୭

ସକାଳ
THE SAKALA
www.sakalaepaper.com


## ୟୁରୋପରେ ଥମୁନି ପ୍ରଚଣ୍ଡ ଗ୍ରୀଷ୍ମପ୍ରବାହର ପ୍ରକୋପ

**ଫ୍ରାନ୍ସରେ ଗଲାଣି ୧୦ ହଜାର ଜୀବନ**

ପ୍ୟାରିସ୍,୪।୭(ଏଜେନ୍ସି): ୟୁରୋପରେ ଜାରି ରହିଥିବା ଐତିହାସିକ ଗ୍ରୀଷ୍ମପ୍ରବାହ ମଧ୍ୟରେ ଫ୍ରାନ୍ସରେ ମୃତ୍ୟୁ ସଂଖ୍ୟା ପ୍ରାୟ ୩୦ ପ୍ରତିଶତ ବୃଦ୍ଧି ପାଇଛି। ଜନସ୍ୱାସ୍ଥ୍ୟ କର୍ତ୍ତୃପକ୍ଷଙ୍କ ଆଶଙ୍କା, ଆଗାମୀ ଦିନରେ ଏହି ସଂଖ୍ୟା ଆହୁରି ବଢ଼ିପାରେ। ଜୁନ୍ ମାସର ସବୁଠାରୁ ଉତ୍ତପ୍ତ ସପ୍ତାହରେ ଫ୍ରାନ୍ସରେ ପ୍ରାୟ ୧୦ ହଜାରରୁ ଅଧିକ ମୃତ୍ୟୁ ରେକର୍ଡ କରାଯାଇଛି, ଯାହା ପୂର୍ବ ସପ୍ତାହ ତୁଳନାରେ ପ୍ରାୟ ୩୦ ପ୍ରତିଶତ ଅଧିକ। ୪୫ ବର୍ଷରୁ ଅଧିକ ବୟସ୍କଙ୍କ ମଧ୍ୟରେ ମୃତ୍ୟୁହାର ବେଶି ଥିବାବେଳେ ୬୫ ବର୍ଷରୁ ଅଧିକ ବୟସ୍କମାନେ ସର୍ବାଧିକ ପ୍ରଭାବିତ ହୋଇଛନ୍ତି। ରାଜଧାନୀ ପ୍ୟାରିସରେ ମୃତ୍ୟୁ ସଂଖ୍ୟା ସପ୍ତାହକ ମଧ୍ୟରେ ୬୨ ପ୍ରତିଶତ ବୃଦ୍ଧି ପାଇଥିବାରୁ ଏହା ସବୁଠାରୁ ଅଧିକ ପ୍ରଭାବିତ ଅଞ୍ଚଳ ପାଲଟିଛି। ଏପଟେ ଇଟାଲିରେ ମରୁଡ଼ି ପରିସ୍ଥିତି ଗୁରୁତର ହୋଇଥିବାବେଳେ ସ୍ୱିଜରଲ୍ୟାଣ୍ଡରେ ହିମବାହ ଦ୍ରୁତ ତରଳିବା ଜାରି ରହିଛି। ଜର୍ମାନୀ, ପୋଲାଣ୍ଡ, ସ୍ଲୋଭାକିଆ, ଚେକିଆ ଓ ହଙ୍ଗେରୀରେ ମଧ୍ୟ ନୂଆ ତାପମାତ୍ରା ରେକର୍ଡ ସୃଷ୍ଟି ହୋଇଛି। ୟୁରୋପରେ ବଢ଼ୁଥିବା ତାପପ୍ରବାହ ଜଳବାୟୁ ପରିବର୍ତ୍ତନର ଗମ୍ଭୀର ପ୍ରଭାବକୁ ପୁଣିଥରେ ସ୍ପଷ୍ଟ କରିଛି। ବିଶେଷଜ୍ଞମାନଙ୍କ ମତରେ, ଭବିଷ୍ୟତରେ ଏଭଳି ଚରମ ପାଣିପାଗ ଘଟଣାର ମୁକାବିଲା ପାଇଁ ଦୀର୍ଘମିଆଦି ପ୍ରସ୍ତୁତି ଏବଂ ପ୍ରଭାବଶାଳୀ ଜଳବାୟୁ ନୀତି ଅପରିହାର୍ଯ୍ୟ।



## ବିଭିନ୍ନ ଦେଶରେ ଡ୍ରଗ୍ସ ଦେଇ ମହିଳାଙ୍କୁ ଯୌନ ନିର୍ଯାତନା



**ଗିରଫ ହେଲେଣି ୫୭ ଜଣ**

ନୂଆଦିଲ୍ଲୀ, ୪।୭ (ଏଜେନ୍ସି): ନଅଟି ଦେଶରେ ମହିଳାଙ୍କ ବିରୋଧରେ ସଂଗଠିତ ଭାବେ ମାଦକ ଦ୍ରବ୍ୟ ବ୍ୟବହାର କରି ଯୌନ ନିର୍ଯାତନା ଘଟାଉଥିବା ଏକ ଅନ୍ତର୍ଜାତୀୟ ଅପରାଧୀ ଚକ୍ରର ପର୍ଦ୍ଦାଫାସ ହୋଇଛି। ସାତଟି ଦେଶର ଆଇନ ପ୍ରବର୍ତ୍ତନକାରୀ ସଂସ୍ଥାର ମିଳିତ ତଦନ୍ତରେ ଏହି ଘଟଣା ସାମ୍ନାକୁ ଆସିଛି। 'ପ୍ରକଳ୍ପ ମେଡୁସା' ନାମକ ଏହି ଅଭିଯାନରେ ଜର୍ମାନୀ ଓ ବ୍ରିଟେନ୍‌ର ନେତୃତ୍ୱରେ ଆମେରିକା, ବ୍ରାଜିଲ୍, କାନାଡା, ଫ୍ରାନ୍ସ, ହଙ୍ଗେରୀ, ନେଦରଲ୍ୟାଣ୍ଡ ଓ ସ୍ପେନ୍‌ର ସୁରକ୍ଷା ସଂସ୍ଥା ସହଯୋଗ କରିଥିଲେ। ତଦନ୍ତରୁ ଜଣାପଡ଼ିଛି ଯେ, ସାଙ୍କେତିକ ବାର୍ତ୍ତା ଆଦାନପ୍ରଦାନ ମାଧ୍ୟମ ଓ ବନ୍ଦ ଆଲୋଚନା ଗୋଷ୍ଠୀ ଜରିଆରେ ଅପରାଧୀମାନେ ପରସ୍ପର ସହ ଯୋଗାଯୋଗ ରଖି ଅପରାଧ ଘଟାଇବାର ଉପାୟ, ପ୍ରମାଣ ଲୁଚାଇବାର କୌଶଳ ଓ ଅନ୍ୟାନ୍ୟ ସୂଚନା ବାଣ୍ଟୁଥିଲେ। ଏପର୍ଯ୍ୟନ୍ତ ୧୫୦ରୁ ଅଧିକ ପୀଡ଼ିତ ଓ ସନ୍ଦିଗ୍ଧଙ୍କ ପରିଚୟ ମିଳିଥିବାବେଳେ ୨୭୦ରୁ ଅଧିକ ନୂତନ ତଦନ୍ତ ଆରମ୍ଭ ହୋଇଛି ଏବଂ ୫୭ ଜଣଙ୍କୁ ଗିରଫ କରାଯାଇଛି। ତଦନ୍ତକାରୀ ସଂସ୍ଥାମାନଙ୍କ ମତରେ ପ୍ରକୃତ ପୀଡ଼ିତଙ୍କ ସଂଖ୍ୟା ଏହାଠାରୁ ଅଧିକ ହୋଇପାରେ। ଏହି ଘଟଣା ଡିଜିଟାଲ ମାଧ୍ୟମର ଅପବ୍ୟବହାର କରି ସଂଗଠିତ ଅପରାଧ କିପରି ବିଶ୍ୱସ୍ତରୀୟ ଚ୍ୟାଲେଞ୍ଜରେ ପରିଣତ ହେଉଛି, ତାହା ପୁଣିଥରେ ସ୍ପଷ୍ଟ କରିଛି। ଏଭଳି ଅପରାଧ ରୋକିବା ପାଇଁ ଦେଶଗୁଡ଼ିକ ମଧ୍ୟରେ ସମନ୍ୱୟ, ଆଧୁନିକ ତଦନ୍ତ ବ୍ୟବସ୍ଥା ଏବଂ ପୀଡ଼ିତଙ୍କୁ ନ୍ୟାୟ ଦେବା ପାଇଁ ତ୍ୱରିତ ପଦକ୍ଷେପର ଆବଶ୍ୟକତା ରହିଛି।

# ବିଭିନ୍ନ ରାଜ୍ୟରେ ବର୍ଷା ତାଣ୍ଡବ

## ଗୋଟିଏ ଦିନରେ ୯ ମୃତ: ମୁମ୍ବାଇରେ ରେଡ୍ ଆଲର୍ଟ

ମୁମ୍ବାଇ,୪।୭(ଏଜେନ୍ସି): ସାରା ଦେଶରେ ମୌସୁମୀ ବାୟୁ ସକ୍ରିୟ ହେବା ସହିତ ବିଭିନ୍ନ ରାଜ୍ୟରେ ପ୍ରବଳ ବର୍ଷା ଯୋଗୁଁ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡିଛି। ବିଶେଷ କରି ମହାରାଷ୍ଟ୍ର, ଗୁଜରାଟ, ହିମାଚଳ ଓ କର୍ଣ୍ଣାଟକ ରାଜ୍ୟ ଏଥିରେ ପ୍ରଭାବିତ ହୋଇଛନ୍ତି। ବର୍ଷା ଜନୀତ କ୍ଷୟକ୍ଷତିରେ ମୁମ୍ବାଇରେ ୨, କର୍ଣ୍ଣାଟକରେ ୨ ଓ ହିମାଚଳରେ ୫ ଜଣଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ମହାରାଷ୍ଟ୍ରର ମୁମ୍ବାଇ ଏବଂ ଏହାର ଆଖପାଖ ଅଞ୍ଚଳରେ ଶନିବାର ପ୍ରବଳରୁ ଅତି ପ୍ରବଳ ବର୍ଷା ଲାଗି ରହିଛି। ଆଇଏମ୍‌ଡି ପକ୍ଷରୁ ମୁମ୍ବାଇ ଏବଂ ଥାନେ ପାଇଁ ରେଡ୍ ଆଲର୍ଟ ଜାରି ହୋଇଛି। ଆଗାମୀ ୨୪ ଘଣ୍ଟା ମଧ୍ୟରେ ଅତ୍ୟଧିକ ବର୍ଷା ହେବାର ପୂର୍ବାନୁମାନ ରହିଛି। ଗତ ୨୪ ଘଣ୍ଟା ମଧ୍ୟରେ ମୁମ୍ବାଇର ବିଭିନ୍ନ ଅଞ୍ଚଳରେ ହାରାହାରି ୨୦୦ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। ପ୍ରବଳ ବର୍ଷା ଯୋଗୁଁ ଅନ୍ଧେରୀ ସବୱେ, ମାଟୁଙ୍ଗାର ସେନାପତି ବାପଟ ମାର୍ଗ ଏବଂ ସିୟନ ଭଳି ତଳୁଆ ଅଞ୍ଚଳରେ ଜଳବନ୍ଦୀ ସମସ୍ୟା ଦେଖାଦେଇଛି। ଗୁଜରାଟ ଓ ହିମାଚଳରେ ମଧ୍ୟ ପ୍ରବଳ ବର୍ଷା ଯୋଗୁଁ ସ୍ୱାଭାବିକ ଜୀବନଯାତ୍ରା ବ୍ୟାହତ ହୋଇଛି। କିଛି ଦିନ ତଳେ ବର୍ଷା ପ୍ରଭାବରେ ଚେମ୍ବୁର ଅଞ୍ଚଳରେ ଏକ ଗଛ ସ୍କୁଲ ବସ୍ ଉପରେ ପଡ଼ିଯିବାରୁ ଜଣେ ୧୧ ବର୍ଷର ଛାତ୍ରର ମୃତ୍ୟୁ ଘଟିଛି। ଅନ୍ୟ ଏକ ଘଟଣାରେ, ସାକିନାକା ଅଞ୍ଚଳରେ ଜଣେ ୬୦ ବର୍ଷୀୟ ବ୍ୟକ୍ତି ଖୋଲା ମ୍ୟାନହୋଲରେ ପଡ଼ି ପ୍ରାଣ ହରାଇଛନ୍ତି। ଛାତ୍ରଛାତ୍ରୀଙ୍କ ସୁରକ୍ଷା ଦୃଷ୍ଟିରୁ ସମସ୍ତ ସରକାରୀ ଓ ବେସରକାରୀ ସ୍କୁଲ ଏବଂ କଲେଜଗୁଡ଼ିକୁ ବନ୍ଦ ରଖିବାକୁ ନିର୍ଦ୍ଦେଶ ଦିଆଯାଇଛି। ଅତି ଜରୁରୀ କାମ ନଥିଲେ ଘରୁ ନବାହାରିବାକୁ ଅନୁରୋଧ କରାଯାଇଛି।



## ଖାଲିଦ୍, ସରଜିଲ୍‌ଙ୍କ ଜାମିନ ଆବେଦନ ପୁଣି ଖାରଜ



ନୂଆଦିଲ୍ଲୀ,୪।୭(ଏଜେନ୍ସି): ୨୦୨୦ ଦିଲ୍ଲୀ ଦଙ୍ଗା ଷଡ଼ଯନ୍ତ୍ର ମାମଲାରେ ଦିଲ୍ଲୀର ଏକ ଅଦାଲତ ଆଜି ଛାତ୍ର ନେତା ଉମର ଖାଲିଦ୍ ଏବଂ ସରଜିଲ୍ ଇମାମଙ୍କ ଜାମିନ ଆବେଦନକୁ ପୁଣି ଖାରଜ କରିଛନ୍ତି। କୋର୍ଟ କହିଛନ୍ତି ଯେ ସୁପ୍ରିମ କୋର୍ଟ ହିଁ ସେମାନଙ୍କୁ ଜାମିନ ଦେଇପାରିବେ। ଏହି ମାମଲା ଏବେ ସୁପ୍ରିମ କୋର୍ଟଙ୍କ ଏକ ବୃହତ୍ ବେଞ୍ଚର ବିଚାରାଧୀନ ଥିବାରୁ ଜାମିନ ଦେବାକୁ ମନା କରିଦେଇଛନ୍ତି କୋର୍ଟ। ସୂଚନାଯୋଗ୍ୟ ଯେ ଖାଲିଦ୍ ଏବଂ ଇମାମ ୟୁଏପିଏ ଅଧୀନରେ ପ୍ରାୟ ୬ ବର୍ଷ ଧରି ବିଚାର ବିଭାଗୀୟ ହାଜତରେ ଅଛନ୍ତି। ନିକଟରେ ସୁପ୍ରିମକୋର୍ଟ ଏହି ମାମଲାର ଶୁଣାଣି ବେଳେ "ଜାମିନ ଏକ ନିୟମ' ବୋଲି କହିଥିଲେ। ଏହାକୁ ଖାଲିଦଙ୍କ ପକ୍ଷରୁ କୋର୍ଟରେ ଯୁକ୍ତି ଭାବେ ପ୍ରସ୍ତୁତ କରି ଜାମିନ ଆବେଦନ କରାହୋଇଥିଲା। ସେହିପରି, ଇମାମ ଦର୍ଶାଇଥିଲେ ଯେ ସୁପ୍ରିମକୋର୍ଟ ତାଙ୍କ ଜାମିନ ନାମଞ୍ଜୁର କରିବାର ୬ ମାସ ପରେ ମଧ୍ୟ ମାମଲାରେ କୌଣସି ଉଲ୍ଲେଖନୀୟ ଅଗ୍ରଗତି ହୋଇନାହିଁ। ଜାନୁଆରୀ ୫ରେ ସର୍ବୋଚ୍ଚ ନ୍ୟାୟାଳୟ ଉଭୟଙ୍କୁ ଜାମିନ ନାମଞ୍ଜୁର କରିଥିଲେ। ଏକ ବର୍ଷ ପରେ ଆବେଦନ କରିବାକୁ କହିଥିଲେ ସୁପ୍ରିମକୋର୍ଟ। ଅତିରିକ୍ତ ସେସନ୍ ଜଜ୍ ସମୀର ବାଜପେୟୀ ଉକ୍ତ ଯୁକ୍ତିକୁ ଅଗ୍ରାହ୍ୟ କରି କହିଛନ୍ତି ଯେ ସୁପ୍ରିମ କୋର୍ଟଙ୍କ ୫ ଜାନୁଆରୀ ୨୦୨୬ ରାୟ ପରିପ୍ରେକ୍ଷୀରେ ଏହି ଜାମିନ ଆବେଦନକୁ ବିଚାର କରାଯାଇ ପାରିବ ନାହିଁ।

## ଆତଙ୍କବାଦୀ ତାଲିକାରେ ହାଫିଜ୍ ସୟିଦର ଭ୍ରାଇଁ

ନୂଆଦିଲ୍ଲୀ,୪।୭(ଏଜେନ୍ସି): ଦେଶର ସୁରକ୍ଷା ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବା ପାଇଁ କେନ୍ଦ୍ର ଗୃହ ମନ୍ତ୍ରଣାଳୟ ଶନିବାର ଦିନ ଏକ ବଡ଼ ପଦକ୍ଷେପ ଗ୍ରହଣ କରିଛି। ବେଆଇନ କାର୍ଯ୍ୟକଳାପ ପ୍ରତିରୋଧ ଆଇନ ଅଧୀନରେ ପାକିସ୍ତାନ ଏବଂ ପାକିସ୍ତାନ ଅଧିକୃତ ଜମ୍ମୁ-କାଶ୍ମୀରରୁ ସକ୍ରିୟ ଥିବା ୨୩ ଜଣ ଅପରାଧୀଙ୍କୁ ଆତଙ୍କବାଦୀ ଭାବେ ଘୋଷଣା କରାଯାଇଛି। ଏହି ତାଲିକାରେ ଅଯୋଧ୍ୟାର ରାମ ମନ୍ଦିର ଉପରେ ଗୁପ୍ତଚରୀ କରିଥିବା ଆତଙ୍କବାଦୀ ଏବଂ ଲସ୍କର-ଇ-ତୋଏବାର ମୁଖ୍ୟ ହାଫିଜ୍ ସୟିଦର ଭ୍ରାଇଁ ମଧ୍ୟ ସାମିଲ ଅଛି। ଗୃହ ମନ୍ତ୍ରଣାଳୟ ଦ୍ୱାରା ଜାରି କରାଯାଇଥିବା ଏହି ନୂତନ ତାଲିକାରେ ଲସ୍କର-ଇ-ତୋଏବା ଏବଂ ଜୈଶ-ଇ-ମହମ୍ମଦ ଭଳି ସଂଗଠନର ବଡ଼ ବଡ଼ କମାଣ୍ଡର, ଅର୍ଥ ଯୋଗାଣକାରୀ ଏବଂ ସୀମାପାର ଅନୁପ୍ରବେଶକାରୀ ରହିଛନ୍ତି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହି ୨୩ ଜଣଙ୍କ ମଧ୍ୟରୁ ୬ ଜଣ ଭାରତୀୟ ନାଗରିକ ଯେଉଁମାନେ ଏବେ ପାକିସ୍ତାନରେ ରହି ଭାରତ ବିରୋଧୀ କାର୍ଯ୍ୟକଳାପ ଚଳାଉଛନ୍ତି।

## ରେଳବାଇ ପ୍ରଶ୍ନପତ୍ର ଲିକ୍; ୨ ଗିରଫ

ବେଙ୍ଗାଲୁରୁ,୪।୭(ଏଜେନ୍ସି): ଦକ୍ଷିଣ ପଶ୍ଚିମ ରେଳବାଇର ୨୦୨୨ ଜିଡିସିଇ ବିଭାଗୀୟ ପରୀକ୍ଷା ପ୍ରଶ୍ନପତ୍ର ଲିକ୍ ମାମଲାରେ ସିବିଆଇ ବେଙ୍ଗାଲୁରୁରୁ ୨ ଜଣ ବ୍ୟକ୍ତିଙ୍କୁ ଗିରଫ କରିଛି। ଗୁଡ୍ସ ଟ୍ରେନ୍ ମ୍ୟାନେଜର ପଦବୀ ପାଇଁ ଅନୁଷ୍ଠିତ ପରୀକ୍ଷାରେ ଏହି ୨ ଜଣ ମୁଖ୍ୟ ଷଡ଼ଯନ୍ତ୍ରକାରୀ ବୋଲି ଜଣାପଡିଛି। ସେମାନେ ପରୀକ୍ଷା ପୂର୍ବରୁ କିଛି ମନୋନୀତ ପ୍ରାର୍ଥୀଙ୍କୁ ପ୍ରଶ୍ନପତ୍ର ଯୋଗାଇ ଦେଇଥିବା ଅଭିଯୋଗ ହୋଇଛି। ତଲାସି ସମୟରେ ସିବିଆଇ ସେମାନଙ୍କ ନିକଟରୁ ସ୍କାନର୍, ପ୍ରିଣ୍ଟର୍ ଏବଂ ପରୀକ୍ଷା ସମ୍ବନ୍ଧୀୟ ଗୁରୁତ୍ୱପୂର୍ଣ୍ଣ ଦଲିଲ୍ ଓ ପ୍ରାର୍ଥୀଙ୍କ ବିବରଣୀ ଜବତ କରିଥିଲା। ଏହି ମାମଲାରେ ପୂର୍ବରୁ ୨୩ ଜଣଙ୍କ ବିରୋଧରେ ଦକ୍ଷିଣ ପଶ୍ଚିମ ରେଳବାଇ ପକ୍ଷରୁ ଅଭିଯୋଗ ହୋଇଥିଲା।





ଇରାନର ସର୍ବୋଚ୍ଚ ନେତା ଆୟତୁଲ୍ଲା ଖାମନେଇଙ୍କ ଅନ୍ତ୍ୟେଷ୍ଟି ଶୋଭାଯାତ୍ରାରେ ଭାବପ୍ରବଣ ମୁହୂର୍ତ୍ତ। ଏଥିରେ ଏକ କୋଟିରୁ ଅଧିକ ଲୋକ ସାମିଲ ହେବେ ବୋଲି କୁହାଯାଉଛି। ଭାରତ ସମେତ ବିଭିନ୍ନ ଦେଶରୁ ଅନେକ ସରକାରୀ ପ୍ରତିନିଧି ଦଳ ମଧ୍ୟ ଯୋଗଦେଉଛନ୍ତି।

## ଫିଲ୍ମ ପ୍ରସାରଣ ନେଇ ଟେଲିଗ୍ରାମ୍‌କୁ କେନ୍ଦ୍ରର ନୋଟିସ୍

**୧୫ ଦିନ ମଧ୍ୟରେ କାର୍ଯ୍ୟାନୁଷ୍ଠାନ ରିପୋର୍ଟ ତଲବ ନିର୍ଦ୍ଦେଶ**

ନୂଆଦିଲ୍ଲୀ,୪।୭(ଏଜେନ୍ସି): ପାଇରେଟେଡ୍ ଚଳଚ୍ଚିତ୍ର ଓ ଓଟିଟି ମଞ୍ଚର ବିଷୟବସ୍ତୁ ବେଆଇନ ଭାବେ ପ୍ରସାରଣ ହେଉଥିବା ଅଭିଯୋଗକୁ ନେଇ କେନ୍ଦ୍ର ସରକାର ଟେଲିଗ୍ରାମକୁ ନୋଟିସ ଜାରି କରିଛନ୍ତି। ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ପକ୍ଷରୁ ୧୫ ଦିନ ମଧ୍ୟରେ ସଂଶୋଧନମୂଳକ ପଦକ୍ଷେପ ନେଇ କାର୍ଯ୍ୟାନୁଷ୍ଠାନ ରିପୋର୍ଟ ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ମନ୍ତ୍ରଣାଳୟ ଟେଲିଗ୍ରାମକୁ ପାଇରେଟେଡ୍ ଚଳଚ୍ଚିତ୍ର ଓ ଅନ୍ୟାନ୍ୟ ଦୃଶ୍ୟଶ୍ରାବ୍ୟ ବିଷୟବସ୍ତୁ ଚିହ୍ନଟ, ଅଭିଯୋଗ ଗ୍ରହଣ, ଅପସାରଣ ଏବଂ ପ୍ରବେଶ ବନ୍ଦ କରିବା ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବାକୁ କହିଛି। ଏଥିସହ ବାରମ୍ବାର ଏଭଳି ବେଆଇନ କାର୍ଯ୍ୟରେ ଲିପ୍ତ ଚ୍ୟାନେଲ, ଗୋଷ୍ଠୀ, ସ୍ୱୟଂଚାଳିତ ଖାତା, ପ୍ରଶାସକ ଓ ସମ୍ପୃକ୍ତ ବ୍ୟକ୍ତିଙ୍କ ବିରୋଧରେ କଡ଼ା ପଦକ୍ଷେପ ନେବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ସେହିପରି ଚଳଚ୍ଚିତ୍ର ପ୍ରଯୋଜକ, ଓଟିଟି ମଞ୍ଚ ଓ ଆଇନ ପ୍ରବର୍ତ୍ତନକାରୀ ସଂସ୍ଥାମାନଙ୍କ ଅଭିଯୋଗର ସମାଧାନ ପାଇଁ ଥିବା ବ୍ୟବସ୍ଥାର ବିବରଣୀ ମଧ୍ୟ ମାଗିଛି। ସରକାର ସ୍ପଷ୍ଟ କରିଛନ୍ତି ଯେ କପିରାଇଟ୍ ଉଲ୍ଲଙ୍ଘନ ଭାରତରେ କେବଳ ଦେୱାନୀ ନୁହେଁ, ବରଂ ଏକ ଦଣ୍ଡନୀୟ ଅପରାଧ। ଦେଶର ସୃଜନଶୀଳ କ୍ଷେତ୍ର, ଚଳଚ୍ଚିତ୍ର ଶିଳ୍ପ, ପ୍ରସାରଣ ସଂସ୍ଥା ଏବଂ ଓଟିଟି ମଞ୍ଚର ସ୍ୱାର୍ଥ ସୁରକ୍ଷା ପାଇଁ ସରକାର ଏହି ପଦକ୍ଷେପ ନେଇଛନ୍ତି। ନିର୍ଦ୍ଧାରିତ ସମୟ ମଧ୍ୟରେ ସନ୍ତୋଷଜନକ ପଦକ୍ଷେପ ନ ନେଲେ ପ୍ରଚଳିତ ଆଇନ ଅନୁଯାୟୀ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ବିଚାର କରାଯାଇପାରେ।


## ୫୦ ବାଂଲାଦେଶୀଙ୍କୁ ସ୍ୱଦେଶ ଫେରାଇବ ତାମିଲନାଡୁ

ଚେନ୍ନାଇ, ୪।୭ (ଏଜେନ୍ସି): ତାମିଲନାଡୁର ଏକ ସ୍ୱତନ୍ତ୍ର ଅଟକ ଶିବିରରେ ରହୁଥିବା ୫୦ ଜଣ ବାଂଲାଦେଶୀ ନାଗରିକଙ୍କୁ ସେମାନଙ୍କ ଦେଶକୁ ଫେରାଇ ଦେବା ପ୍ରକ୍ରିୟା ଆରମ୍ଭ ହୋଇଛି। ଏଥିପାଇଁ ସେମାନଙ୍କୁ କଡ଼ା ପୁଲିସ ସୁରକ୍ଷା ମଧ୍ୟରେ ତାମିଲନାଡୁରୁ ପଶ୍ଚିମବଙ୍ଗ ପଠାଯାଇଛି। ସେଠାରେ ସେମାନଙ୍କୁ ସୀମା ସୁରକ୍ଷା ବଳଙ୍କୁ ହସ୍ତାନ୍ତର କରାଯିବ, ଯିଏ କି ସମସ୍ତ ଔପଚାରିକତା ଶେଷ କରି ସେମାନଙ୍କୁ ବାଂଲାଦେଶ କର୍ତ୍ତୃପକ୍ଷଙ୍କ ପାଖକୁ ପଠାଇବେ। ପୁଲିସର ସୂଚନା ଅନୁଯାୟୀ, ଏହି ଦଳରେ ୪୪ ଜଣ ପୁରୁଷ ଏବଂ ୬ ଜଣ ମହିଳା ଅଛନ୍ତି, ଯେଉଁମାନଙ୍କୁ ସେଲମ ଜିଲ୍ଲାର ଆତ୍ତୁର ତାଲୁକ କାର୍ଯ୍ୟାଳୟ ପରିସରରେ ଥିବା ସ୍ୱତନ୍ତ୍ର ଅଟକ ଶିବିରରେ ରଖାଯାଇଥିଲା। ସେମାନଙ୍କୁ ଦେଶରୁ ବାହାର କରିବା ପାଇଁ ନିର୍ଦ୍ଦେଶ ଜାରି କରାଯାଇଛି।

## ଗୃହବନ୍ଦୀ ରହିବେ ପୂର୍ବତନ ବ୍ରାଜିଲ୍ ରାଷ୍ଟ୍ରପତି

ବ୍ରାସିଲିଆ, ୪।୭ (ଏଜେନ୍ସି): ବ୍ରାଜିଲ୍‌ର ପୂର୍ବତନ ରାଷ୍ଟ୍ରପତି ଜାଇର ବୋଲସୋନାରୋଙ୍କ ଘରୋଇ ନଜରବନ୍ଦୀକୁ ଜାରି ରଖିବାକୁ ବ୍ରାଜିଲ୍‌ର ସର୍ବୋଚ୍ଚନ୍ୟାୟାଳୟରାୟଦେଇଛନ୍ତି। ତାଙ୍କ ସ୍ୱାସ୍ଥ୍ୟଗତ ସ୍ଥିତିକୁ ଦୃଷ୍ଟିରେ ରଖି ଏହି ନିଷ୍ପତ୍ତି ନିଆଯାଇଛି। ୨୦୨୨ ମସିହାର ରାଷ୍ଟ୍ରପତି ନିର୍ବାଚନରେ ଲୁଇଜ୍ ଇନାସିଓ ଲୁଲା ଦା ସିଲଭାଙ୍କ ନିକଟରେ ପରାଜିତ ହେବା ପରେ କ୍ଷମତା ଦଖଲ ଷଡ଼ଯନ୍ତ୍ର ମାମଲାରେ ଦୋଷୀ ସାବ୍ୟସ୍ତ ହୋଇ ବୋଲସୋନାରୋ ୨୭ ବର୍ଷର କାରାଦଣ୍ଡ ଭୋଗୁଛନ୍ତି। ତେବେ ସ୍ୱାସ୍ଥ୍ୟ ସମସ୍ୟା ଏବଂ ଘରେ ଉତ୍ତମ ଚିକିତ୍ସା ସୁବିଧା ମିଳିବାର ଯୁକ୍ତିକୁ ଗ୍ରହଣ କରି ବିଚାରପତି ଆଲେକ୍ସାଣ୍ଡ୍ରେ ଦେ ମୋରାଏସ୍ ଘରୋଇ ନଜରବନ୍ଦୀ ଜାରି ରଖିବାକୁ ଅନୁମତି ଦେଇଛନ୍ତି। ଗତ ମାର୍ଚ୍ଚରେ ନିମୋନିଆରେ ଆକ୍ରାନ୍ତ ହୋଇ ଚିକିତ୍ସାଧୀନ ଥିବା ପରେ ତାଙ୍କୁ ଅସ୍ଥାୟୀ ଭାବେ ଘରୋଇ ନଜରବନ୍ଦୀରେ ରହିବାକୁ ଅନୁମତି ମିଳିଥିଲା।

## ସରକାରୀ ପାଠ୍ୟପୁସ୍ତକରେ ଆତଙ୍କବାଦୀଙ୍କୁ ପ୍ରଶଂସା!




**ଜମ୍ମୁ-କାଶ୍ମୀରରେ ତୀବ୍ର ପ୍ରତିକ୍ରିୟା**
**ଉପରାଜ୍ୟପାଳଙ୍କ ତଦନ୍ତ ନିର୍ଦ୍ଦେଶ**

ଶ୍ରୀନଗର,୪।୭(ଏଜେନ୍ସି): ଜମ୍ମୁ-କାଶ୍ମୀରର ସରକାରୀ ବିଦ୍ୟାଳୟ ପୁସ୍ତକାଳୟ ପାଇଁ ଅନୁମୋଦିତ ବୋଲି କୁହାଯାଉଥିବା ଏକ ପୁସ୍ତକକୁ ନେଇ ବଡ଼ ବିବାଦ ସୃଷ୍ଟି ହୋଇଛି। ପୁସ୍ତକରେ ଆତଙ୍କବାଦୀ ଏବଂ ବିଚ୍ଛିନ୍ନତାବାଦୀ ନେତାଙ୍କୁ ପ୍ରଶଂସା କରାଯାଇଥିବା ଏବଂ ଜମ୍ମୁ-କାଶ୍ମୀର ସମ୍ପର୍କରେ ଆପତ୍ତିଜନକ ଶବ୍ଦ ବ୍ୟବହାର କରାଯାଇଥିବା ଅଭିଯୋଗ ହୋଇଛି। 'ଜମ୍ମୁ-କାଶ୍ମୀରର ବ୍ୟକ୍ତିତ୍ୱ ଓ କିମ୍ବଦନ୍ତୀ' ନାମକ ଏହି ପୁସ୍ତକରେ ନିଷିଦ୍ଧ ସଂଗଠନ ସହ ଜଡ଼ିତ କେତେକ ବ୍ୟକ୍ତିଙ୍କୁ ସକାରାତ୍ମକ ଭାବେ ଉପସ୍ଥାପନ କରାଯାଇଥିବା ଏବଂ ଜମ୍ମୁ-କାଶ୍ମୀରକୁ ନେଇ ବିବାଦୀୟ ଶବ୍ଦ ପ୍ରୟୋଗ ହୋଇଥିବା ଅଭିଯୋଗ ଉଠିଛି। ପୁସ୍ତକରେ ସମଗ୍ର ଶିକ୍ଷା ଜମ୍ମୁ-କାଶ୍ମୀରର ପ୍ରତୀକ ଚିହ୍ନ ଥିବାରୁ ଏହା କିପରି ସରକାରୀ ବିଦ୍ୟାଳୟ ପୁସ୍ତକାଳୟ ପାଇଁ ଅନୁମୋଦନ ପାଇଲା, ତାହାକୁ ନେଇ ପ୍ରଶ୍ନ ଉଠିଛି। ବିରୋଧୀ ଦଳ ଏହି ପୁସ୍ତକକୁ ତୁରନ୍ତ ନିଷିଦ୍ଧ କରିବା ସହ ଏହାର ପ୍ରକାଶନ, ଅନୁମୋଦନ ଓ ବିତରଣ ସହ ଜଡ଼ିତ ସମସ୍ତଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଦାବି କରିଛି। ଇତିମଧ୍ୟରେ ଉପରାଜ୍ୟପାଳ ଏହି ପୁସ୍ତକକୁ ବ୍ୟାନ୍ କରିବା ସହିତ ଘଟଣାର ତଦନ୍ତ ପାଇଁ ନିର୍ଦ୍ଦେଶ ଦେଇଛନ୍ତି।

## ହାଇଦରାବାଦ୍‌ରେ ୧୨୨ ଟନ୍ ଭେଜାଲ ଖାଦ୍ୟ ଜବତ



ହାଇଦରାବାଦ୍,୪।୭(ଏଜେନ୍ସି): ହାଇଦରାବାଦ୍ ସହରରେ ଭେଜାଲ ଖାଦ୍ୟ ପ୍ରସ୍ତୁତ ଓ ବିକ୍ରି କରୁଥିବା ବ୍ୟବସାୟୀଙ୍କ ବିରୋଧରେ ପୋଲିସ ଏକ ବଡ଼ ଧରଣର ଅଭିଯାନ ଚଳାଇଛି। ମାତ୍ର ୧୦୦ ଦିନ ମଧ୍ୟରେ ସ୍ୱତନ୍ତ୍ର ପୋଲିସ ଦଳ (ଏଚ୍-ଫାଷ୍ଟ) ବିଭିନ୍ନ ସ୍ଥାନରେ ଚଢ଼ାଉ କରି ୧୮୫ଟି ମାମଲା ରୁଜୁ କରିବା ସହ ପ୍ରାୟ ୧୨୨ ଟନ୍ ଅସୁରକ୍ଷିତ ଓ ନକଲି ଖାଦ୍ୟ ସାମଗ୍ରୀ ଜବତ କରିଛି। ଗତ ମାର୍ଚ୍ଚ ୧୯ ତାରିଖରୁ ଆରମ୍ଭ ହୋଇଥିବା ଏହି ସ୍ୱତନ୍ତ୍ର ପୋଲିସ ଦଳ ମହାନଗର ନିଗମ ଏବଂ ଖାଦ୍ୟ ସୁରକ୍ଷା ବିଭାଗ ସହ ମିଶି ସହରର ବିଭିନ୍ନ ଅଞ୍ଚଳରେ ଚଢ଼ାଉ କରିଥିଲା। ଏହି ଚଢ଼ାଉ ସମୟରେ ଜବତ ହୋଇଥିବା ମୁଖ୍ୟ ସାମଗ୍ରୀଗୁଡ଼ିକ ହେଲା ।୨୭ ଟନ୍ ଭେଜାଲ ଅଦା-ରସୁଣ ବଟା। ୨୫ ଟନ୍‌ରୁ ଅଧିକ କେମିକାଲ ଦ୍ୱାରା ପଚାଯାଇଥିବା ଫଳ। ୩୦ ଟନ୍‌ରୁ ଅଧିକ କୁକୁଡ଼ା ବର୍ଜ୍ୟବସ୍ତୁ ଏବଂ ୧୫ ଟନ୍ ନିମ୍ନମାନର ମାଂସ। ୪ ଟନ୍ ନକଲି ଖୋଆ, ୩.୯ ଟନ୍ ନକଲି ଚାହାର ଗୁଣ୍ଡ ଏବଂ ୧.୫ ଟନ୍ କୃତ୍ରିମ ପନୀର। ଏହା ବ୍ୟତୀତ ପ୍ରାୟ ୨୪୭ଟି ମାମଲାକୁ ଅଧିକ ଆଇନଗତ କାର୍ଯ୍ୟାନୁଷ୍ଠାନ ପାଇଁ ଖାଦ୍ୟ ସୁରକ୍ଷା ଅଧିକାରୀଙ୍କୁ ହସ୍ତାନ୍ତର କରାଯାଇଛି। ହାଇଦରାବାଦ୍ ପୋଲିସ କମିଶନରଙ୍କ କହିବା ଅନୁଯାୟୀ, ଖାଦ୍ୟରେ ଭେଜାଲ ମିଶାଇବା କୌଣସି ସାଧାରଣ ଅପରାଧ ନୁହେଁ, ବରଂ ଏହା ହତ୍ୟା ଉଦ୍ୟମ ସହ ସମାନ।

## ସାହାରା ମରୁଭୂମିକୁ ରୋକିବ ପ୍ରକୃତିର ମହାପ୍ରାଚୀର



**ଆଫ୍ରିକାରେ ୮,୦୦୦ କିଲୋମିଟରର 'ଗଛର କାନ୍ଥ'**
**୨୦ରୁ ଅଧିକ ଦେଶ ଏହି ଅଭିଯାନରେ ସାମିଲ୍**

ନୂଆଦିଲ୍ଲୀ,୪।୭(ଏଜେନ୍ସି): ଜଳବାୟୁ ପରିବର୍ତ୍ତନର ମୁକାବିଲା କରିବା ଏବଂ ମରୁଭୂମିର ସମ୍ପ୍ରସାରଣକୁ ରୋକିବା ପାଇଁ ଆଫ୍ରିକା ମହାଦେଶରେ ଏକ ଅଭୂତପୂର୍ବ ପରିବେଶ ଆନ୍ଦୋଳନ ଆରମ୍ଭ ହୋଇଛି। ଚୀନର ମହାପ୍ରାଚୀର ପରେ ବର୍ତ୍ତମାନ ପୃଥିବୀର ସବୁଠାରୁ ବଡ଼ ସବୁଜ ପ୍ରକଳ୍ପ ଭାବେ ଏକ ୮,୦୦୦ କିଲୋମିଟର ଦୀର୍ଘ 'ଗଛର ପ୍ରାଚୀର' ନିର୍ମାଣ କରାଯାଉଛି। ଆଟଲାଣ୍ଟିକ୍ ମହାସାଗର ଉପକୂଳର ସେନେଗାଲ୍‌ଠାରୁ ଆରମ୍ଭ କରି ଲୋହିତ ସାଗର କୂଳରେ ଥିବା ଜିବୁଟି ପର୍ଯ୍ୟନ୍ତ ବ୍ୟାପିଥିବା ଏହି ଅଭିଯାନର ମୁଖ୍ୟ ଲକ୍ଷ୍ୟ ହେଉଛି ନଷ୍ଟ ହୋଇଯାଇଥିବା ଜମିର ପୁନରୁଦ୍ଧାର କରିବା, ଜୀବିକା ଯୋଗାଇବା ଏବଂ ଲକ୍ଷ ଲକ୍ଷ ଲୋକଙ୍କୁ କ୍ଷୁଧାରୁ ମୁକ୍ତି ଦେବା। ଏହି ଐତିହାସିକ ପ୍ରକଳ୍ପ ଆଫ୍ରିକୀୟ ସଂଘ ଦ୍ୱାରା ୨୦୦୭ ମସିହାରେ ଆରମ୍ଭ କରାଯାଇଥିଲା। ସାହାରା ମରୁଭୂମିର ସୀମାନ୍ତରେ ଥିବା ଅର୍ଦ୍ଧ-ଶୁଷ୍କ ଅଞ୍ଚଳ 'ସାହେଲ୍'କୁ ବଞ୍ଚାଇବା ପାଇଁ ଏହି ଯୋଜନା ପ୍ରସ୍ତୁତ ହୋଇଛି। ଗତ କେତେ ଦଶନ୍ଧି ହେବ ଏହି ଅଞ୍ଚଳ କ୍ରମାଗତ ମରୁଡ଼ି, ଜଳବାୟୁ ପରିବର୍ତ୍ତନ ଏବଂ ଭୂମିର ଉର୍ବରତା ହ୍ରାସ ପାଇବା ଯୋଗୁଁ ସଙ୍କଟ ଦେଇ ଗତି କରୁଥିଲା। ଏହା ଦ୍ୱାରା ସ୍ଥାନୀୟ କୃଷି ଓ ଗୋପାଳନ ଉପରେ ନିର୍ଭର କରୁଥିବା ଲକ୍ଷ ଲକ୍ଷ ଲୋକ ଦାରିଦ୍ର୍ୟ ଏବଂ ଖାଦ୍ୟ ଅଭାବର ସମ୍ମୁଖୀନ ହୋଇଥିଲେ। ପ୍ରାରମ୍ଭିକ ପରିକଳ୍ପନାରେ ଏହା କେବଳ ୧୫ କିଲୋମିଟର ଓସାରର ଏକ ସରଳ ଗଛର ଧାଡ଼ି ହେବାର ଥିଲା। ମାତ୍ର ପରବର୍ତ୍ତୀ ସମୟରେ ବୈଜ୍ଞାନିକ ଓ ପରିବେଶବିତ୍‌ମାନେ ଅନୁଭବ କଲେ ଯେ କେବଳ ଗଛ ଲଗାଇବା ଅପେକ୍ଷା ସମ୍ପୂର୍ଣ୍ଣ ପ୍ରାକୃତିକ ପରିବେଶର ସୁଧାର କରିବା ଅଧିକ ପ୍ରଭାବଶାଳୀ ହେବ। ତେଣୁ ବର୍ତ୍ତମାନ ଏହି ଅଭିଯାନରେ ସ୍ଥାନୀୟ ଜଳବାୟୁ ଅନୁଯାୟୀ ଜଙ୍ଗଲ, ତୃଣଭୂମି, ଆର୍ଦ୍ରଭୂମି ଏବଂ ଚାଷଜମିର ପୁନରୁଦ୍ଧାର କରାଯାଉଛି। ଫଳରେ ମାଟିର ଆର୍ଦ୍ରତା ବୃଦ୍ଧି ପାଉଛି ଏବଂ ଭୂତଳ ଜଳସ୍ତରରେ ସୁଧାର ଆସୁଛି। ଏହି ପ୍ରକଳ୍ପର କେତେକ ପ୍ରମୁଖ ଲକ୍ଷ୍ୟଗୁଡ଼ିକ ହେଉଛି, ୧୦୦ ନିୟୁତ ହେକ୍ଟର ନଷ୍ଟ ହୋଇଯାଇଥିବା ଭୂମିକୁ ପୁଣି ଉର୍ବର କରିବା। ବାୟୁମଣ୍ଡଳରୁ ୨୫୦ ନିୟୁତ ଟନ୍ ବିଷାକ୍ତ ଅଙ୍ଗାରକାମ୍ଳ ଗ୍ୟାସ୍ ଶୋଷଣ କରିବା। ଆଫ୍ରିକାର ସ୍ଥାନୀୟ ଅଞ୍ଚଳରେ ୧୦ ନିୟୁତ ସବୁଜ ରୋଜଗାର ସୃଷ୍ଟି କରିବା। ବର୍ତ୍ତମାନ ସୁଦ୍ଧା ପ୍ରାୟ ୨୦ରୁ ଅଧିକ ଆଫ୍ରିକୀୟ ଦେଶ ଏହି ମହାନ କାର୍ଯ୍ୟରେ ସାମିଲ ହୋଇଛନ୍ତି। ସେନେଗାଲ୍ ଏବଂ ଇଥିଓପିଆ ଭଳି ଦେଶଗୁଡ଼ିକ ଏହି କ୍ଷେତ୍ରରେ ଉଲ୍ଲେଖନୀୟ ସଫଳତା ହାସଲ କରି ପ୍ରାୟ ୩୦ ନିୟୁତ ହେକ୍ଟର ଜମିକୁ ସବୁଜିମାରେ ପରିଣତ କରିସାରିଲେଣି। ଏହି ସବୁଜ ପ୍ରାଚୀର କେବଳ ଏକ ପରିବେଶ ପ୍ରକଳ୍ପ ନୁହେଁ, ବରଂ ଏହା ମାନବ ସମାଜ ଏବଂ ପ୍ରକୃତିର ମିଳନର ଏକ ମହାନ ପ୍ରତୀକ। ବିଭାଜନ ପାଇଁ ତିଆରି ହେଉଥିବା ଅନ୍ୟ ପ୍ରାଚୀରଗୁଡ଼ିକ ତୁଳନାରେ ଏହି ସବୁଜ ପ୍ରାଚୀର ସମାଜକୁ ଯୋଡ଼ିବା ଏବଂ ଜୀବନ ବଞ୍ଚାଇବା ପାଇଁ କାର୍ଯ୍ୟ କରୁଛି। ଆଫ୍ରିକାର ଏହି ସଫଳ ପ୍ରୟାସ ବିଶ୍ୱର ଅନ୍ୟାନ୍ୟ ମରୁଭୂମି ପ୍ରବଣ ଅଞ୍ଚଳ ପାଇଁ ଆଗାମୀ ଦିନରେ ଏକ ଅନନ୍ୟ ଉଦାହରଣ ଏବଂ ପ୍ରେରଣା ସାଜିବ।

**ଅଣସରରେ ଚାଲିଛି ଗୁପ୍ତ ସେବା**

# ଶ୍ରୀଅଙ୍ଗରେ ମାଲିସ୍ ହେଲା ଫୁଲୁରୀ ତେଲ, ଆଜି ଓଷୁଅ ଲାଗି



ପୁରୀ,୪।୭(ସମିସ): ଦେବସ୍ନାନ ପୂର୍ଣ୍ଣିମାରେ ୧୦୮ ଗଡ଼ୁ ସୁବାସିତ ଜଳରେ ଅତ୍ୟଧିକ ସ୍ନାନ ପରେ ଜ୍ୱରରେ ପଡ଼ିଛନ୍ତି ମହାପ୍ରଭୁ। ଅଣସର ଘରେ ଦାରୁବିଗ୍ରହଙ୍କ ଉପଚାର ପାଇଁ ଚାଲିଛି ଗୁପ୍ତ ସେବା। ଶ୍ରୀଅଙ୍ଗଲାଗି ସେବକ ଦଇତାପତିମାନେ ଏହି ସେବା କରୁଛନ୍ତି। ଶନିବାର ଦାରୁଦିଅଁଙ୍କୁ ଲାଗି ହୋଇଛି ଫୁଲୁରୀ ତେଲ। ରବିବାର ଠାକୁରଙ୍କୁ ଓଷୁଅ ଲାଗି କରାଯିବ। ତେବେ ମହାପ୍ରଭୁଙ୍କ ଗୁପ୍ତ ନୀତି ମଧ୍ୟରେ ଫୁଲୁରୀ ତେଲ ଲାଗି ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ। ବଡ଼ ଓଡ଼ିଆ ମଠ ପକ୍ଷରୁ ଚତୁର୍ଦ୍ଧାବିଗ୍ରହଙ୍କ ଲାଗି ଫୁଲୁରୀ ତେଲ ଯୋଗାଇ ଦିଆଯାଇଛି। ପ୍ରତିବର୍ଷ ଅଣସରରେ ମଠ ୬ ସେର ଏବଂ କେବଳ ନବକଳେବର ବର୍ଷରେ ୯ ସେର ଫୁଲୁରୀ ତେଲ ଯୋଗାଇଦେଇଥାଏ।

ବର୍ଷକ ଆଗରୁ ୨୪ ପ୍ରକାର ସାମଗ୍ରୀରେ ଏହାକୁ ପ୍ରସ୍ତୁତି କରାଯାଏ। ହେରାପଞ୍ଚମୀ ଦିନ ଘଣାପେଡ଼ା ରାଶିତେଲରେ କେତକୀ, ମଲ୍ଲୀ, ଚମ୍ପା, ଜୁଇ, ଜାଇ, ହେନା ଭଳି ୧୪ ପ୍ରକାର ଫୁଲ, ବେଣାଚେର, ଗୁଳୁଚି ଭଳି ୭ ପ୍ରକାର ଔଷଧୀୟ ଚେରମୂଳ ଏବଂ ସୁବାସିତ ଦ୍ରବ୍ୟ ପକାଇ ଏକ ପାତ୍ରରେ ରଖି ମାଟିତଳେ ପୋତାଯାଇଥାଏ। ଦେବସ୍ନାନ ପୂର୍ଣ୍ଣିମା ପୂର୍ବଦିନ ମାଟିତଳୁ ତେଲକୁ ବାହାର କରାଯାଇ ରଖାଯାଇଥାଏ। ପଞ୍ଚମୀ ଦିନ ତେଲକୁ ଛଣାଯାଇ ଅମୁଣିଆ ପ୍ରସ୍ତୁତ କରି ମହାପ୍ରଭୁଙ୍କୁ ଲାଗି ପାଇଁ ପଠାଯାଇଥାଏ। ବୋଲି ବଡ଼ ଓଡ଼ିଆ ମଠ ମହନ୍ତ ଅଧିକାରୀ ବଂଶୀଧର ଦାସଗୋସ୍ୱାମୀ କହିଛନ୍ତି। ମହାପ୍ରଭୁଙ୍କ ଏହି ଗୁପ୍ତ ନୀତି ପାଇଁ ଶନିବାର ଅପରାହ୍ନରେ ମଠର ଦୁଇଜଣ କର୍ମଚାରୀ ୨ଟି ହାଣ୍ଡିରେ ୬ ସେର ଫୁଲୁରୀ ତେଲ ନେଇ ଶ୍ରୀମନ୍ଦିର ଗାରଦରେ ପହଞ୍ଚାଇଥିଲେ। ସନ୍ଧ୍ୟାରେ ଦକ୍ଷିଣୀ ଘର ଭୋଗ ସମ୍ପନ୍ନ ହେବା ପରେ ଜୟ ବିଜୟ ଦ୍ୱାର ବନ୍ଦ ହୋଇଥିଲା। ଏହାପରେ ଅଣସର ଘର ଦ୍ୱାର ଖୋଲାଯାଇ ଅଣସର ନୀତି ଆରମ୍ଭ ହୋଇଥିଲା। ଫୁଲୁରୀ ତେଲକୁ ପତିମହାପାତ୍ର ସେବକ ତିନୋଟି ରୁପା ପିଙ୍ଗଣରେ ନେଇ ସଂସ୍କାର କରିବା ପରେ ଦଇତାପତିମାନେ ମହାପ୍ରଭୁଙ୍କ ଶ୍ରୀଅଙ୍ଗରେ ଲାଗି କରାଇଥିଲେ।

ଫୁଲୁରୀ ତେଲ ଲାଗି ପରେ ପ୍ରଭୁଙ୍କୁ ଶୟନ ଅବସ୍ଥାରୁ ବସାଇବା ଉପକ୍ରମ ଆରମ୍ଭ ହୋଇଛି। ଲୌକିକ ମତରେ ଜ୍ୱରଗ୍ରସ୍ତ ଠାକୁରମାନଙ୍କ ଦେହରୁ ମଜରା ଛଡାଇବାକୁ କରାଯାଉଛି ଉପଚାର। ଶ୍ରୀଅଙ୍ଗକୁ ସୁସ୍ଥ କରିବାକୁ ମାଲିସ୍ ହୋଇଛି ଫୁଲୁରୀ ତେଲ। ଆର୍ୟୁବେଦ ଶାସ୍ତ୍ର ମୁତାବକ ଏଥିରେ ମିଶୁଥିବା ସମସ୍ତ ପ୍ରକାର ଫୁଲ ଏବଂ ବେଣା ଚେରରେ ରହିଛି ଦେହକୁ ଉଷ୍ମତା ପ୍ରଦାନ କରିବାର ଶକ୍ତି। ଏଣୁ ଦାରୁଦିଅଁମାନେ ଅତ୍ୟଧିକ ସ୍ନାନ ଯୋଗୁଁ ଅସୁସ୍ଥ ହୋଇପଡିଥିବା କଳ୍ପନା କରାଯାଇ ଏହି ତେଲ ମର୍ଦ୍ଦନ କରାଯାଇଥାଏ।



ବାମପନ୍ଥୀ ଉଗ୍ରବାଦ ଦମନ କ୍ଷେତ୍ରରେ ସଫଳତା ପାଇଁ କେନ୍ଦ୍ର ଗୃହ ମନ୍ତ୍ରୀ ଅମିତ ଶାହା ଓଡ଼ିଶା ପୁଲିସକୁ ଦେଇଥିବା ପ୍ରଶଂସାପତ୍ରକୁ ଡିଜିପି ଯୋଗେଶ ବାହାଦୁର ଖୁରାନିଆ ଶନିବାର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ପ୍ରଦର୍ଶନ କରୁଛନ୍ତି

# ରଘୁବାରୀ ଜଙ୍ଗଲରୁ ମାଓ ଡମ୍ପ୍ ଠାବ

ରାୟଗଡ଼ା, ୪।୭(ସମିସ): ରାୟଗଡ଼ ଜିଲ୍ଲା ଆମ୍ବୋଦଳା ଥାନା ଅଧୀନ ରଘୁବାରୀ ସଂରକ୍ଷିତ ଜଙ୍ଗଲରେ ଥିବା ଏକ ମାଓ ଡମ୍ପରୁ ବନ୍ଧୁକ, ଗୁଳିଗୋଳା ଓ ବିପୁଳ ପରିମାଣର ମାଓ ସାମଗ୍ରୀ ଜବତ କରାଯାଇଛି। ଆଜି ଜିଲ୍ଲା ପୁଲିସ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ରାୟଗଡ ଏସପି ରାଜପ୍ରସାଦ ଏହି ସୂଚନା ଦେଇଛନ୍ତି। ନିକଟ ଅତୀତରେ ଆତ୍ମସମର୍ପଣ କରିଥିବା ମାଓ କ୍ୟାଡରଙ୍କଠାରୁ ମିଳିଥିବା ଗୁଇନ୍ଦା ସୂଚନା ଆଧାରରେ ଗତ ୨ ଜୁଲାଇରେ ଡିଭିଏଫ୍ ଓ ଏସଓଜିର ମିଳିତ ଟିମ୍ ରଘୁବାରୀ ସଂରକ୍ଷିତ ଜଙ୍ଗଲରେ କମ୍ବିଂ ଓ ସର୍ଚ୍ଚ ଅପରେସନ୍ ଚଳାଇଥିଲେ। ଅଭିଯାନ ସମୟରେ ଜଙ୍ଗଲ ମଧ୍ୟରେ ଲୁଚାଇ ରଖାଯାଇଥିବା ଏକ ସନ୍ଦିଗ୍ଧ ମାଓ ଡମ୍ପ ଚିହ୍ନଟ ହୋଇଥିଲା। ସ୍ଥାନରେ ଆଇଇଡି କିମ୍ବା ବିସ୍ଫୋରକ ଥିବା ଆଶଙ୍କାରେ ଜିଲ୍ଲା ବୋମା ନିଷ୍କ୍ରିୟକରଣ ଦଳକୁ ନିୟୋଜିତ କରାଯାଇଥିଲା। ସମ୍ପୂର୍ଣ୍ଣ ଯାଞ୍ଚ ପରେ ସୁରକ୍ଷିତ ଭାବେ ଡମ୍ପରୁ ବିଭିନ୍ନ ଅସ୍ତ୍ରଶସ୍ତ୍ର, ଗୁଳିଗୋଳା ଓ ଅନ୍ୟାନ୍ୟ ମାଓ ସାମଗ୍ରୀ ଜବତ କରାଯାଇଥିଲା। ଜବତ ସାମଗ୍ରୀ ମଧ୍ୟରେ ଏକ .୩୦୩ ରାଇଫଲ, ଷ୍ଟେନ୍ ଗନର ବିଭିନ୍ନ ଅଂଶ, ୩୭ ରାଉଣ୍ଡ .୩୦୩ ଗୁଳି, ୨୫ ରାଉଣ୍ଡ ୯ ଏମ୍ଏମ୍ ଗୁଳି, ଏକ ଦେଶୀ ବନ୍ଧୁକ, ଷ୍ଟେନ୍ ମାଗାଜିନ, ଆର୍‌ବିଜିଏଲ୍, କର୍ଡେକ୍ସ ତାର, ଗନ୍ ପାଉଡର, ମାଓ ସାହିତ୍ୟ ସହ ଦୈନନ୍ଦିନ ବ୍ୟବହାରର ବହୁ ସାମଗ୍ରୀ ରହିଛି।

ଜବତ ହୋଇଥିବା ଅସ୍ତ୍ରଶସ୍ତ୍ର ଓ ଗୁଳିଗୋଳା ନିଷିଦ୍ଧ ସିପିଆଇ (ମାଓବାଦୀ) ସଂଗଠନର ବଂଶଧାରା–ଘୁମୁସର–



ନାଗାବଳୀ (ବିଜିଏନ୍) ଡିଭିଜନର ଥିଲା। ଭବିଷ୍ୟତରେ ମାଓ କ୍ୟାଡରମାନଙ୍କ ବ୍ୟବହାର ପାଇଁ ଏହାକୁ ଜଙ୍ଗଲରେ ଲୁଚାଇ ରଖାଯାଇଥିଲା। ଏସପି ରାଜ ପ୍ରସାଦ କହିଛନ୍ତି ଯେ ରାୟଗଡ଼ ଜିଲ୍ଲା ୩୧ ମାର୍ଚ୍ଚ ୨୦୨୬ ସୁଦ୍ଧା ନକ୍ସଲମୁକ୍ତ ଜିଲ୍ଲା ହୋଇଛି। ଜାନୁଆରୀ ୨୦୨୫ରୁ ମାର୍ଚ୍ଚ ୨୦୨୬ ମଧ୍ୟରେ ମୋଟ ୧୫ ଜଣ ମାଓ କ୍ୟାଡର ପୋଲିସ ସମ୍ମୁଖରେ ଆତ୍ମସମର୍ପଣ କରିଛନ୍ତି। ବର୍ତ୍ତମାନ ଜିଲ୍ଲାରେ ମାଓବାଦୀଙ୍କ କୌଣସି ସକ୍ରିୟ ଗତିବିଧି କିମ୍ବା କାର୍ଯ୍ୟକଳାପ ନାହିଁ ବୋଲି ସେ କହିଛନ୍ତି। ସେ ଆହୁରି କହିଛନ୍ତି, ଚଳିତ ମାସ ଗତ ୧୩ ଜୁନରେ ଢେପାଗୁଡ଼ା ସଂରକ୍ଷିତ ଜଙ୍ଗଲରୁ ଏକ

**ବନ୍ଧୁକ, ଗୁଳି ଓ ବିପୁଳ ସାମଗ୍ରୀ ଜବତ**

ବଡ଼ ମାଓ ଡମ୍ପ ଠାବ କରାଯାଇଥିବା ବେଳେ, ରଘୁବାରୀରୁ ହୋଇଥିବା ଏହି ଜବତ ଗତ ଏକ ମାସ ମଧ୍ୟରେ ଦ୍ୱିତୀୟ ବଡ଼ ସଫଳତା। ରାୟଗଡ ପୁଲିସ, ଏସଓଜି, ଡିଭିଏଫ୍ ଓ ସିଆରପିଏଫ୍‌ର ମିଳିତ ସହଯୋଗରେ ଆଗାମୀ ଦିନରେ ମଧ୍ୟ କମ୍ବିଂ, ସର୍ଚ୍ଚ ଓ ଏରିଆ ଡୋମିନେସନ୍ ଅପରେସନ୍ ଜାରି ରହିବ ବୋଲି ଏସପି କହିଛନ୍ତି।

# ଟ୍ରେନ୍‌ରୁ ଖସି ଦାଦନ ଶ୍ରମିକଙ୍କ ମୃତ୍ୟୁ

ବେଲଗୁଣ୍ଠା,୪।୭(ସମିସ): ଟ୍ରେନ୍‌ରୁ ଖସି ପଡ଼ି ଜଣେ ଦାଦନ ଶ୍ରମିକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଗଞ୍ଜାମ ଜିଲ୍ଲା ବେଲଗୁଣ୍ଠା ବ୍ଲକ୍ ଉଦ୍ଦୁରା ପଞ୍ଚାୟତ ଅନ୍ତର୍ଗତ କୋକଲୁଣ୍ଡା ଗ୍ରାମର ସୁରେନ୍ଦ୍ର ବେହେରାଙ୍କ ପୁଅ ଆଲୋକ ବେହେରା (୨୫)। ସୁରେନ୍ଦ୍ର ଜଣେ ଗରିବ ଶ୍ରେଣୀର ଲୋକ ହୋଇଥିବାରୁ ତାଙ୍କର ସମସ୍ତ ପରିବାର ସଦସ୍ୟ ବାହାରେ ଦାଦନ ଶ୍ରମିକ ଭାବେ କାର୍ଯ୍ୟ କରୁଛନ୍ତି। ସୁରେନ୍ଦ୍ର ବହୁ ବର୍ଷ ହେବ ତାଲଚେରର ଏକ ରୋଟି କମ୍ପାନୀରେ ଦାଦନ ଶ୍ରମିକ ଭାବେ କାର୍ଯ୍ୟକରୁଥିବା କରୁଥିବା ବେଳେ ସୁରେନ୍ଦ୍ରଙ୍କ ସାନ ପୁଅ ଆଲୋକ ଘରର ଦୁର୍ବଳ ଆର୍ଥିକ ଅବସ୍ଥା ଯୋଗୁଁ ପ୍ରାଥମିକ ବିଦ୍ୟାଳୟରୁ ହିଁ ପାଠରେ ଡୋରି ବାନ୍ଧି ୮ ବର୍ଷ ତଳେ ନିଜ ସାଙ୍ଗ ସାଥିଙ୍କ ସହିତ ସୁରତ ଚାଲି ଯାଇଥିଲେ। ସେ ସୁରତରେ ୭ ବର୍ଷ କାମ କରିବା ପରେ ୮ ମାସ ତଳେ ମୁମ୍ବାଇରେ ଆସି କାମ କରୁଥିଲେ। ଗତ ୨୯ ତାରିଖ ଦିନ ସେ ତାଲଚେର ଆସିବା ପାଇଁ ମୁମ୍ବାଇରୁ ଟ୍ରେନ୍ ରେ ଚଢ଼ିଥିଲେ। କିନ୍ତୁ ରାତି ୨ଟା ୩୦ ସମୟରେ ନାସିକ ପଖରେ ଆଲୋକ ଅସାବଧାନତା ବଶତଃ ଟ୍ରେନ୍‌ରୁ ଖସି ପଡ଼ିଥିଲେ। ସ୍ଥାନୀୟ ଲୋକେ ରେଳ



**ଶେଷ ସମୟରେ ମୁହଁ ବି ଦେଖି ପାରିଲେନି ବାପାମାଆ**

ସୁରକ୍ଷା ବାହିନୀକୁ ଜଣାଇବା ପରେ ରେଲୱେ ପୋଲିସ ଆଲୋକଙ୍କୁ ରକ୍ତ ଜୁଡୁବୁଡୁ ଅବସ୍ଥାରେ ଉଦ୍ଧାର କରି ପ୍ରଥମେ ନାସିକର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ପରେ ନାସିକ ସିଟି ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଗତ ଏକ ତାରିଖ ଦିନ ୧୨ ଘଣ୍ଟା ୨୦ ମିନିଟ୍ ସମୟରେ ଆଲୋକ ଶେଷ ନିଃଶ୍ୱାସ ତ୍ୟାଗ କରିଥିଲେ। ଖବର ପାଇ ଆଲୋକଙ୍କ ଭାଇ ଏବଂ ଭିଣୋଇ ନାସିକରେ ପହଞ୍ଚିଥିଲେ। ଏକ ତାରିଖରେ ହିଁ ଆଲିକଙ୍କ ଶବ ବ୍ୟବଚ୍ଛେଦ କରାଯାଇ ତାଙ୍କ ଭାଇଙ୍କୁ ହସ୍ତାନ୍ତର କରାଯାଇଥିଲା। କିନ୍ତୁ ଆଲୋକଙ୍କ ଶବକୁ ଗ୍ରାମକୁ ଆଣିବା ନିମନ୍ତେ ତାଙ୍କ ପରିବାର ଲୋକଙ୍କ ପକ୍ଷେ ଅର୍ଥର ଅଭାବ ଥିବାରୁ ସେମାନେ ନାସିକରେ ହିଁ ଶବ ସତ୍କାର କରିଦେଇଥିଲେ। ଫଳରେ ଆଲୋକଙ୍କ ବାପା, ମା ଏବଂ ଭଉଣୀ ତାଙ୍କର ଶେଷ ଦର୍ଶନ ମଧ୍ୟ କରିପାରି ନ ଥିଲେ। ସେ ଅତ୍ୟନ୍ତ ଗରିବ ଶ୍ରେଣୀର ହୋଇଥିବାରୁ ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇଦେବା ପାଇଁ ଉଦ୍ଦୁରା ସମିତି ସଭ୍ୟ ସୁଧାଂଶୁ ଶେଖର ପୋଲାଇ ପ୍ରଶାସନ ନିକଟରେ ଦାବି କରିଛନ୍ତି।

# ୯ରେ ଓଡ଼ିଶା ଆସିବେ ଉପରାଷ୍ଟ୍ରପତି

ଭୁବନେଶ୍ୱର,୪।୭(ସମିସ): ଭାରତର ଉପରାଷ୍ଟ୍ରପତିଙ୍କ ଚଳିତ ଜୁଲାଇ ୯ ତାରିଖରେ ଓଡ଼ିଶା ଆସୁଛନ୍ତି। ଉପରାଷ୍ଟ୍ରପତିଙ୍କ ଗସ୍ତକୁ ସଫଳ ଓ ସୁଚାରୁ ଭାବେ ସମ୍ପନ୍ନ କରିବା ନିମନ୍ତେ ଆଜି ଲୋକସେବା ଭବନଠାରେ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏକ ରାଜ୍ୟସ୍ତରୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଗସ୍ତ କାର୍ଯ୍ୟସୂଚୀ ଅନୁଯାୟୀ, ଉପରାଷ୍ଟ୍ରପତି

**ମୁଖ୍ୟ ଶାସନ ସଚିବଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ**

୯ ତାରିଖରେ ଭୁବନେଶ୍ୱର କୃଷି ଶିକ୍ଷା ସଦନ ଠାରେ ଗଭୀର ସମୁଦ୍ରରେ ମତ୍ସ୍ୟ ସମ୍ପଦର ସ୍ଥାୟୀ ଉପଯୋଗ ପାଇଁ 'ଲେଟର ଅଫ୍ ଅଥରାଇଜେସନ୍'ର ଜାତୀୟ ଶୁଭାରମ୍ଭ କାର୍ଯ୍ୟକ୍ରମରେ ଯୋଗଦେବେ। ଏହାସହ ଖୋର୍ଦ୍ଧାସ୍ଥିତ ଜାତୀୟ ବିଜ୍ଞାନ ଶିକ୍ଷା ଏବଂ ଗବେଷଣା ସଂସ୍ଥାନ(ନାଇଜର)ର ୧୫ତମ ସମାବର୍ତ୍ତନ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଅଭିଭାଷଣ ପ୍ରଦାନ କରିବେ। ଉପରାଷ୍ଟ୍ରପତିଙ୍କ ଗସ୍ତ ସମୟରେ ସୁରକ୍ଷା, ପ୍ରୋଟୋକଲ, ଯାତାୟତ, ଚିକିତ୍ସା, ମୌଳିକ ସୁବିଧା ଏବଂ ବିଭିନ୍ନ କାର୍ଯ୍ୟକ୍ରମର ସୁପରିଚାଳନା ସମ୍ପର୍କରେ ବିସ୍ତୃତ ସମୀକ୍ଷା କରାଯାଇ ସମ୍ପୃକ୍ତ ବିଭାଗଗୁଡ଼ିକୁ ଆବଶ୍ୟକ ନିର୍ଦ୍ଦେଶ ଦିଆଯାଇଛି।

**୪ ଦିନ ରୋଗୀ ଦହଗଞ୍ଜ ପରେ ଆଲୋଚନାକୁ ଆସିଲେ ରାଜ୍ୟ ସରକାର**

# ଡାକ୍ତର ଆନ୍ଦୋଳନ ସ୍ଥଗିତ

ଭୁବନେଶ୍ୱର, ୪।୭ (ସମିସ): ଚାରି ଦିନ ହେଲା ଆନ୍ଦୋଳନରେ ଥିଲେ ଡାକ୍ତର। ସ୍ୱାସ୍ଥ୍ୟ ସେବାରୁ ବଞ୍ଚିତ ହୋଇ ସାରା ରାଜ୍ୟରେ ରୋଗୀମାନେ ଦହଗଞ୍ଜ ହେଲେ। କେଉଁଠି ବଞ୍ଚିଥିବା ରୋଗୀଙ୍କୁ ଠିକ୍ ଭାବେ ଚିକିତ୍ସା ମିଳିଲାନି ତ କେଉଁଠି ମୃତ୍ୟୁ ପରେ ବ୍ୟବଚ୍ଛେଦ ହୋଇ ନ ପାରି ପଡ଼ି ରହିଲା। ଶବ। ଆଉ କେତେକ ସ୍ଥାନରେ ଭୟରେ ରୋଗୀମାନେ ନ ଆସିବାରୁ ଡାକ୍ତରଖାନା ଶଯ୍ୟା ବି ଖାଲି ହୋଇଗଲା। ଏପଟେ ଡାକ୍ତରମାନଙ୍କୁ ଡରାଇବାକୁ ଯାଇ ସରକାର କାର୍ଯ୍ୟାନୁଷ୍ଠାନର ଧମକ ବି ଦେଲେ। ହେଲେ କିଛି ସୁଫଳ ମିଳିଲା ନାହିଁ, ଓଲଟା ଦିନକୁ ଦିନ ସମସ୍ୟା ବଢ଼ି ସ୍ଥିତି ବିଗିଡ଼ିବାରେ ଲାଗିଲା। ସ୍ୱାସ୍ଥ୍ୟ ସେବା ନ ମିଳିବା ଭଳି ଗୁରୁତର ସମସ୍ୟାରେ ସାରା ରାଜ୍ୟବାସୀ ଘାଣ୍ଟି ହେବା ପରେ ଶେଷରେ ସରକାର ଡାକ୍ତରମାନଙ୍କ ଦାବି ସଂପର୍କରେ ଆଲୋଚନା ପାଇଁ ରାଜି ହେଲେ। ଆଲୋଚନା ପରେ ଗତ ୧ ତାରିଖଠାରୁ ଆରମ୍ଭ ହୋଇଥିବା ଡାକ୍ତର ଆନ୍ଦୋଳନ ଶନିବାର ସ୍ଥଗିତ ହୋଇଛି।

ଶନିବାର ପୂର୍ବାହ୍ନରେ ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗଙ୍କ ସହ ଓଡ଼ିଶା ମେଡିକାଲ ସର୍ଭିସ ଆସୋସିଏସନ(ଓମ୍‌ସା)ର କର୍ମକର୍ତ୍ତା ପ୍ରାୟ ସାଢ଼େ ୩ ଘଣ୍ଟା ଆଲୋଚନା କରିଥିଲେ। ଆଲୋଚନାରେ ଡାକ୍ତରଙ୍କ ଦାବି ପୂରଣ ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯିବା ସହ ଅନ୍ୟାନ୍ୟ କେତେକ ନିଷ୍ପତ୍ତି ପରେ ଡାକ୍ତରମାନେ ଆନ୍ଦୋଳନ ସ୍ଥଗିତ ନିଷ୍ପତ୍ତି ନେଇଛନ୍ତି। ଶନିବାରଠାରୁ ଡାକ୍ତରମାନେ ନିଜ କର୍ମକ୍ଷେତ୍ରରେ ଯୋଗ ଦେଇଥିବା ନେଇ ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ଆଲୋଚନା ପରେ ଗଣମାଧ୍ୟମକୁ ସୂଚନା ଦେଇ ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି ଯେ ଓମ୍‌ସା କାର୍ଯ୍ୟନିର୍ବାହୀ ପରିଷଦର କର୍ମକର୍ତ୍ତାଙ୍କ ସହ ସେମାନଙ୍କର ୧୦ ଦଫା ଦାବି ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଛି। ସେମାନଙ୍କର ଦାବିଗୁଡ଼ିକୁ କେମିତି ଆଗାମୀ ଦିନରେ ସମୟ ଅନୁସାରେ କାର୍ଯ୍ୟକାରୀ କରାଯାଇ ପାରିବ, ସେନେଇ ଏକ ଉଚ୍ଚସ୍ତରୀୟ କମିଟି ଗଠନ ହୋଇଛି। କମିଟିରେ ଅର୍ଥ ବିଭାଗର ସଚିବ ଅଧ୍ୟକ୍ଷ ଥିବାବେଳେ ସ୍ୱାସ୍ଥ୍ୟ, ଜିଏ, ଓ ଆଇନ ବିଭାଗର ସଚିବ ସ୍ଥାନ ପାଇଛନ୍ତି। ଆସନ୍ତା ୨୨ ତାରିଖରେ କମିଟିର ପ୍ରଥମ ବୈଠକ ବସିବ। ଓମ୍‌ସା ପକ୍ଷରୁ କମିଟି ସମ୍ମୁଖରେ ନିଜ ଦାବି ବାବଦରେ ବିସ୍ତୃତ ତଥ୍ୟ ଉପସ୍ଥାପନ କରାଯିବ ବୋଲି ମନ୍ତ୍ରୀ ଡ. ମହାଲିଙ୍ଗ ସୂଚନା ଦେଇଛନ୍ତି।

**ଗଠନ ହେଲା ଉଚ୍ଚସ୍ତରୀୟ କମିଟି**

**ଆସନ୍ତା ୨୨ରେ ବସିବ ବୈଠକ**

ସଂଘର ୧୦ ଦଫା ଦାବି ମଧ୍ୟରେ ଡାକ୍ତରଖାନାରେ ଖାଲିପଡ଼ିଥିବା ଡାକ୍ତର ପଦବୀ ତୁରନ୍ତ ପୂରଣ, କେନ୍ଦ୍ରୀୟ ହାରରେ ବେତନ ପ୍ରଦାନ, କ୍ୟାଡର ପୁନର୍ଗଠନ, ସ୍ୱଚ୍ଛ ବଦଳି ନୀତି, କେବିକେରେ ପାଞ୍ଚ ବର୍ଷରୁ ଅଧିକ ସମୟ କାର୍ଯ୍ୟରତ ଡାକ୍ତରମାନଙ୍କୁ ତୁରନ୍ତ ବଦଳି, ସରକାରୀ କ୍ୱାର୍ଟର୍ସ, ସମସ୍ତ ସ୍ୱାସ୍ଥ୍ୟକର୍ମୀଙ୍କ ପାଇଁ ସ୍ୱାସ୍ଥ୍ୟବୀମା ଆଦି ଅନ୍ତର୍ଭୁକ୍ତ ରହିଛି। ଏହି ପରିପ୍ରେକ୍ଷୀରେ ଓମ୍‌ସାର ରାଜ୍ୟ ସଭାପତି ଡାକ୍ତର କିଶୋର ଚନ୍ଦ୍ର ମିଶ୍ର ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି ଯେ ସରକାରଙ୍କ ସହ ଆଲୋଚନା ଫଳପ୍ରଦ ହେବାରୁ ଆନ୍ଦୋଳନ ସ୍ଥଗିତ ରହିଲା। ସରକାର ଦାବି ପୂରଣ ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରିଥିବା ବେଳେ ଆମେ ନିଜର ଦାବି କମିଟି ସାମ୍ନାରେ ଉପସ୍ଥାପନ କରିବୁ। ରାଜ୍ୟର ଚିକିତ୍ସା ସେବାର ଗୁଣାତ୍ମକ ମାନ ବୃଦ୍ଧି ହେବାର ଆମର ଲକ୍ଷ୍ୟ ଅଟେ। ଆସନ୍ତା ୧ରୁ ୨ ମାସ ମଧ୍ୟରେ ସବୁ ସମସ୍ୟାର ସମାଧାନ ହୋଇଯିବ ବୋଲି ଡାକ୍ତର ମିଶ୍ର ଆଶାବ୍ୟକ୍ତ କରିଛନ୍ତି।

**ନୂତନ ଅନୁଦାନପ୍ରାପ୍ତ ବିଦ୍ୟାଳୟରେ ଶୈକ୍ଷିକ ସଙ୍କଟ**

# ୫୬୦୦ ପଦ ଫାଙ୍କା; ଅତିଥି ଶିକ୍ଷକ ନିଯୁକ୍ତି ହେଉନି

ଭୁବନେଶ୍ୱର, ୪।୭(ସମିସ): ନୂତନ ଅନୁଦାନପ୍ରାପ୍ତ ବିଦ୍ୟାଳୟରେ ବହୁ ଶିକ୍ଷକ ପଦ ଫାଙ୍କା ପଡ଼ିଛି। ଶିକ୍ଷକମାନେ ଅବସର ନେବା ପରେ ନୂତନ ନିଯୁକ୍ତି ହେଉନାହିଁ। ଖାଲି ପଦରେ ଅତିଥି ଶିକ୍ଷକ ମଧ୍ୟ ଏବେଯାଏଁ ନିଯୁକ୍ତ ହୋଇନାହାନ୍ତି। ଶିକ୍ଷାବର୍ଷ ଆରମ୍ଭରୁ ଏପରି ଅବ୍ୟବସ୍ଥା ଲାଗି ରହିଥିବାବେଳେ ଛାତ୍ରଛାତ୍ରୀଙ୍କ ଶିକ୍ଷାଦାନ ପ୍ରଭାବିତ ହେଉଛି। ରାଜ୍ୟରେ ୨୦୦୪ ରୁ ଏବେଯାଏଁ ଅନୁଦାନ ପାଇଥିବା ବିଦ୍ୟାଳୟରେ ଶିକ୍ଷକ ଓ ଶିକ୍ଷାକର୍ମଚାରୀଙ୍କ ସଂଖ୍ୟା ପ୍ରାୟ ଶୂନ୍ୟ ହୋଇଗଲାଣି। ପ୍ରତିମାସରେ ଅବସର ନେଉଥିବା ଶିକ୍ଷକ ଓ କର୍ମଚାରୀଙ୍କ ସ୍ଥାନରେ ନୂତନ ନିଯୁକ୍ତି ବ୍ୟବସ୍ଥା ନାହିଁ। ଖାଲି ହୋଇଥିବା ପଦ ସଂଖ୍ୟା ଇତିମଧ୍ୟରେ ପ୍ରାୟ ୫,୬୦୦ରୁ ଅଧିକ ହେଲାଣି। ଅଧିକାଂଶ ବିଦ୍ୟାଳୟ ଜଣେ ବା ଦୁଇଜଣ ଶିକ୍ଷକରେ ଚାଲୁଛି। ଏସବୁ ବିଦ୍ୟାଳୟରେ ନିୟମିତ ଶିକ୍ଷକ ନିଯୁକ୍ତି ପାଇଁ ମଧ୍ୟ କୌଣସି ସରକାରୀ ବ୍ୟବସ୍ଥା ନାହିଁ। ଏଣୁ ଏସବୁ ବିଦ୍ୟାଳୟରେ ପଢୁଥିବା ରାଜ୍ୟର ମେଧାବୀ ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ଭବିଷ୍ୟତ ଅନିଶ୍ଚିତତା ଭିତରକୁ ଠେଲି ହୋଇଯାଇଛି। ରାଜ୍ୟରେ ନୂତନ ଜାତୀୟ ଶିକ୍ଷା ନୀତି ଲାଗୁ କରିବାକୁ ସରକାର ତତ୍ପରତା ପ୍ରକାଶ କରିଥିଲେ ମଧ୍ୟ ଶିକ୍ଷକ ଅଭାବ ଦୂର କରିବାକୁ କୌଣସି ପଦକ୍ଷେପ ନେଇ ନାହାନ୍ତି। ଅତିଥି ଅଧ୍ୟାପକ ନିଯୁକ୍ତ କରି ପାଠପଢ଼ା ହେଉଥିଲେ ମଧ୍ୟ ଚଳିତବର୍ଷ ଏହା ବିଳମ୍ବ ହୋଇଛି। ଏଣୁ ଏସ୍ଏସ୍‌ବି ମାଧ୍ୟମରେ ସ୍ଥାୟୀ ଶିକ୍ଷକ ନିଯୁକ୍ତିର ବ୍ୟବସ୍ଥା କରିବା ସହ ଚଳିତବର୍ଷ ଅବିଳମ୍ବେ ଅତିଥି ଶିକ୍ଷକ ନିଯୁକ୍ତ କରିବାକୁ ଓଡ଼ିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ(ଓଷ୍ଟା) ଦାବି କରିଛି। ସଂଘର ସାଧାରଣ ସମ୍ପାଦକ ରଞ୍ଜନ କୁମାର ଦାଶ କହିଛନ୍ତି ଯେ ଶିକ୍ଷକ ଅଭାବରୁ ଭାଙ୍ଗିବାକୁ ବସିଥିବା ଏହି ବିଦ୍ୟାଳୟଗୁଡ଼ିକୁ ପୁନଃକ୍ଷମ କରିବାକୁ ସରକାର ଦୂରଦୃଷ୍ଟି ସମ୍ପର୍ଣ୍ଣ ପଦକ୍ଷେପ ନିଅନ୍ତୁ। ସରକାର +୩ ଏବଂ +୨ ରେ ଶିକ୍ଷାବର୍ଷ ଆରମ୍ଭରୁ ଅତିଥି ଅଧ୍ୟାପକ ନିଯୁକ୍ତି ଦେଇ ସାରିଥିବାବେଳେ ମାଧ୍ୟମିକ ବିଦ୍ୟାଳୟ ପ୍ରତି ବୈମାତୃକ ମନୋଭାବ କାହିଁକି ବୋଲି ମଧ୍ୟ ସେ ପ୍ରଶ୍ନ କରିଛନ୍ତି।

# କଙ୍ଗାରୁ କୋର୍ଟରୁ ବାଦ୍ ପଡ଼ିନାହାନ୍ତି ପୂର୍ବ ସାମରିକ କର୍ମଚାରୀ

ବ୍ରହ୍ମପୁର,୪।୭(ସମିସ): ଡିଜିଟାଲ ଯୁଗରେ ବି କୁସଂସ୍କାରରୁ ବାଦ ପଡିନାହାନ୍ତି ପୂର୍ବ ସାମରିକ କର୍ମଚାରୀ ଓ ସେମାନଙ୍କ ପରିବାର। ବ୍ୟକ୍ତିଗତ ତଥା ଗୋଷ୍ଠୀଗତ ସାମାନ୍ୟତମ ମନାନ୍ତରକୁ ନେଇ ସମାଜରେ ନିଆଁ ପାଣକୁ ବନ୍ଦ କରି ସାମାଜିକ ବାସନ୍ଦ କରାଯାଉଛି। ଯାହାଫଳରେ ସମାଜରେ ବଞ୍ଚିବା ଦୁର୍ବିସହ ହୋଇପଡୁଛି। ଯାହା ଜଣେ ବ୍ୟକ୍ତିର ମାନବିକ ଅଧିକାରକୁ ଖୋଲାଖୋଲି ଉଲଂଘନ ମଧ୍ୟ କରୁଛି। ଏଭଳି କଳୁଷିତ ପ୍ରଥାକୁ କେହି ପସନ୍ଦ କରୁନଥିଲେ ହେଁ ସେମାନଙ୍କ ଉପରେ ପ୍ରତିବନ୍ଧକ ଲାଗିବାର ଆଶଙ୍କା କରି ଏହାର ପ୍ରତିବାଦରେ କେହି ମୁହଁ ଖୋଲିବାକୁ କେହି ସାହାସ ମଧ୍ୟ କରୁନାହାନ୍ତି। ଯାହାର ସୁଯୋଗ ନେଇ କିଛି ବ୍ୟକ୍ତିବିଶେଷ ସମାଜରେ ନିଜର ପତିଆରା ଜାହିର କରୁଛନ୍ତି। ଏହା ଏକ ମାନସିକ ନିର୍ଯାତନା ଛଡା ଆଉ କିଛି ନୁହେଁ। ଏଭଳି ନିର୍ଯାତନାରୁ ବାଦ ପଡୁନାହାନ୍ତି ଖୋଦ୍ ଆମ ଦେଶର ସୁରକ୍ଷା ପାଇଁ ବଳିଦାନ ଦେଇଥିବା ତଥା ନିଜ ଜୀବନର ଅନେକ ସମୟ ଉତ୍ସର୍ଗୀକୃତ କରିଥିବା ପୂର୍ବ ସେନା କର୍ମଚାରୀ ଓ ସେମାନଙ୍କ ପରିବାର। ଏଭଳି ଘଟଣା ଦେଖିବାକୁ ମିଳିଛି ଗୋପାଳପୁର ଥାନା ଅନ୍ତର୍ଗତ ନାରାୟଣପୁର ପଞ୍ଚାୟତରେ। ଜଣେ ଜଣେ କରି ପର୍ଯ୍ୟାୟ କ୍ରମେ ୧୪ଟି ପରିବାରକୁ ସାମାଜିକ ବାସନ୍ଦ କରାଯାଇଛି। ବାସନ୍ଦ ହୋଇଥିବା ୧୪ଟି ପରିବାର ମଧ୍ୟରୁ ୭ଜଣ ହେଉଛନ୍ତି ପୂର୍ବ ସେନା କର୍ମଚାରୀ। ନିଜ ଉପରେ ତଥା ସେମାନଙ୍କ ପରିବାର ଉପରେ ହେଉଥିବା ସାମାଜିକ ନିର୍ଯାତନାକୁ ନେଇ ସେମାନେ ପ୍ରତିବାଦ କରିବାରୁ କାହାର ବିଦ୍ୟୁତ୍ ତ କାହାର ପାନୀୟ ଜଳ ଯୋଗାଣକୁ ବିଚ୍ଛିନ୍ନ କରାଯାଇଥିବା ଅଭିଯୋଗ ହୋଇଛି। ଏପରିକି ସେମାନଙ୍କ ଉପରେ ଆର୍ଥିକ ଜରିମାନା ସେପୁଣି ସର୍ବାଧିକ ଏକ ଲକ୍ଷ ପର୍ଯ୍ୟନ୍ତ କରାଯାଇଛି। ସାମାଜିକ ବାସନ୍ଦ ହୋଇଥିବା ପରିବାରର ସଦସ୍ୟଙ୍କ ସହିତ ସମ୍ପର୍କ ରଖିବା ଅଭିଯୋଗରେ ଅନ୍ୟମାନଙ୍କ ଉପରେ ୧୦ହଜାର ପର୍ଯ୍ୟନ୍ତ ଆର୍ଥିକ ଜରିମାନା ମଧ୍ୟ ଜାରି କରାଯାଇଛି। ସାମାଜିକ ବାସନ୍ଦର ଶିକାର ପରିବାର ସଦସ୍ୟଙ୍କୁ ଗ୍ରାମରେ ରହିବାରେ ନାନାଦି ସମସ୍ୟାର ସମ୍ମୁଖୀନ ହେବାକୁ ପଡୁଛି। ଏଭଳି କଳୁଷିତ ପ୍ରଥାର ତଳା ଏକ ନିର୍ଦ୍ଦିଷ୍ଟ ଗୋଷ୍ଠୀର ଏକଛତ୍ରବାଦ ତଥା ତାଲିବାନୀ ଶାସନକୁ ବିରୋଧ କରି ନ୍ୟାୟ ପାଇଁ ଥାନା ଓ ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇଥିଲେ ହେଁ କେଉଁଠାରୁ ମଧ୍ୟ ସେମାନଙ୍କୁ ନ୍ୟାୟ ମିଳିବା ଦୂରେ ଥାଉ ସେମାନଙ୍କ ଅଭିଯୋଗକୁ କେହି ଶୁଣୁନଥିବା ଅଭିଯୋଗ ହୋଇଛି। ଏଭଳି ପରିସ୍ଥିତିରେ ଏକ ସାମ୍ବାଦିକ ସମ୍ମିଳନୀରେ ମୁହଁ ଖୋଲିବା ସହିତ ସେମାନଙ୍କର ମାନବିକ ଅଧିକାର ଉଲ୍ଲଂଘନ ହେଉଥିବା ଅଭିଯୋଗ କରିଛନ୍ତି। ସମସ୍ୟା ନେଇ ସେମାନେ ରାଜ୍ୟ ମାନବାଧିକାର ଆୟୋଗଙ୍କ ଦ୍ୱାରସ୍ଥ ହୋଇଥିବା ବେଳେ ତଦନ୍ତ ଜାରି ରହିଥିବା ସେମାନେ କହିଛନ୍ତି। ଗ୍ରାମରେ ଏକ ନିର୍ଦ୍ଦିଷ୍ଟ ଗୋଷ୍ଠୀର ଲୋକେ ସମାଜର ଅର୍ଥ ଆତ୍ମସାତ ବା ହଡପ କରିବାକୁ ମସୁଧା କରିବା ସହିତ ନିଜର ଆଧିପତ୍ୟ ଜାହିର କରିବାକୁ ଯାଇ ଏଭଳି କରୁଥିବା ସେମାନେ ଅଭିଯୋଗ କରିଛନ୍ତି। ଆଗାମୀ ଦିନରେ ସେମାନଙ୍କ ସମସ୍ୟାର ସ୍ଥାୟୀ ସମାଧାନ ସହିତ ସମାଜୋର ସେମାନଙ୍କୁ ନିଜ ପରିବାର ବର୍ଗଙ୍କ ସହିତ ବଞ୍ଚିବାର ସୁଯୋଗ ଦିଆନଗଲେ ଚରମ ନିଷ୍ପତ୍ତି ନେବାକୁ ସେମାନେ ବାଧ୍ୟ ହେବେ ବୋଲି ଚେତାବନୀ ଦେଇଛନ୍ତି।



■ ସାମାନ୍ୟ ମତାନ୍ତରରୁ ନିଆଁପାଣି ବାସନ୍ଦ ସହିତ ଦେବାକୁ ପଡୁଛି ଆର୍ଥିକ ଜରିମାନା
■ ଭୟରେ ନାରାୟଣପୁର ଗାଁର ୧୪ପରିବାର, ମାନବାଧିକାର ଉଲ୍ଲଂଘନ ଅଭିଯୋଗ

# ଶିମିଳିପାଳ ରିସର୍ଟ ପ୍ରକଳ୍ପରୁ ହଟିଲା ହୋଟେଲ ସୋନାର ବାଂଲା

**ବନ ବିଭାଗ ସତ୍ୟପାଠରେ କହିଲା; ଆମେ କିଛି ଜାଣିନୁ, କୌଣସି ସ୍ଥଳ ପରିଦର୍ଶନରେ ଯୋଗ ଦେଇନାହୁଁ**

ବାରିପଦା,୪।୭(ସମିସ): ଶିମିଳିପାଳ ବ୍ୟାଘ୍ର ପ୍ରକଳ୍ପର ଇକୋ-ସେନସିଟିଭ୍ ଜୋନ୍ (ଇଏସଜେଡ) ଭିତରେ ପ୍ରସ୍ତାବିତ ହୋଟେଲ ଓ ରିସର୍ଟ ପ୍ରକଳ୍ପ ନେଇ ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପୂର୍ବାଞ୍ଚଳ ବେଞ୍ଚରେ ଚାଲୁଥିବା ମାମଲାରେ ଗୁରୁତ୍ୱପୂର୍ଣ୍ଣ ବିକାଶ ଘଟିଛି। ହୋଟେଲ ସୋନାର ବାଙ୍ଗଲା ତାହାର ସତ୍ୟପାଠରେ ପ୍ରକଳ୍ପରୁ ସମ୍ପୂର୍ଣ୍ଣ ହଟିବା ଘୋଷଣା କରିଛି। ସୋନାର ବାଙ୍ଗଲା ପକ୍ଷରୁ ଦାଖଲ ହୋଇଥିବା ସତ୍ୟପାଠରେ କୁହାଯାଇଛି ଯେ, ପ୍ରାରମ୍ଭରେ ଶାମାଖୁଣ୍ଟା ବ୍ଲକ୍ ଲକ୍ଷ୍ମୀପୋଷି ମୌଜାର ପ୍ରାୟ ୧୦୦ ଏକର ଜମିରେ ହସ୍‌ପିଟାଲିଟି ପ୍ରକଳ୍ପ ସ୍ଥାପନ ପାଇଁ ଇଚ୍ଛା ପ୍ରକାଶ କରାଯାଇଥିଲା ଓ କିଛି ପ୍ରାଥମିକ ପଦକ୍ଷେପ ନିଆଯାଇଥିଲା। ସ୍ଥାନ ପରିଦର୍ଶନ ମଧ୍ୟ ହୋଇଥିଲା। କିନ୍ତୁ ପରବର୍ତ୍ତୀ ସମୟରେ ସ୍ଥାନ ପରିଦର୍ଶନ ଓ ବିଭିନ୍ନ ଦିଗର ସମୀକ୍ଷା ପରେ ପ୍ରକଳ୍ପ ଆଗକୁ ନେବାକୁ ନିଷ୍ପତ୍ତି ନିଆଯାଇନାହିଁ। ବର୍ତ୍ତମାନ ଉକ୍ତ ଜମି ସହ କୌଣସି ପ୍ରକାରର ସମ୍ପର୍କ ନାହିଁ ବୋଲି ସ୍ପଷ୍ଟ କରାଯାଇଛି। ଏଥିସହିତ ମାମଲାରୁ ନିଜର ନାମ ବାଦ୍ ଦେବାକୁ ମଧ୍ୟ ଅନୁରୋଧ କରାଯାଇଛି।

ଅନ୍ୟପକ୍ଷରେ ବାରିପଦା ବନଖଣ୍ଡ ଅଧିକାରୀଙ୍କ ପକ୍ଷରୁ ଆଇନଜୀବୀ ସଚିଦାନନ୍ଦ ଆଚାର୍ଯ୍ୟଙ୍କ ସତ୍ୟପାଠରେ ସମ୍ପୂର୍ଣ୍ଣ ଭିନ୍ନ ଚିତ୍ର ଉପସ୍ଥାପିତ ହୋଇଛି। ସେ କହିଛନ୍ତି, ଡିଆଇପିଏ, ଆଇପିଆଇସିଓଏଲ କିମ୍ବା ହୋଟେଲ ସୋନାର ବାଙ୍ଗଲା ପକ୍ଷରୁ କଥିତ ସ୍ଥଳ ପରିଦର୍ଶନ ସମ୍ପର୍କରେ ବନ ବିଭାଗର କୌଣସି ଜ୍ଞାନ ନ ଥିଲା। ବନ ବିଭାଗକୁ ପରାମର୍ଶ କରାଯାଇ ନ ଥିଲା ଓ ଏଥିରେ ବନ ବିଭାଗର କୌଣସି ଭୂମିକା ନ ଥିଲା। ତାଙ୍କ ସତ୍ୟପାଠରେ ଉଲ୍ଲେଖ ଅଛି ଯେ, ଖାତା ନମ୍ବର ୧୨୩, ପ୍ଲଟ ନମ୍ବର ୧୩୮ (ପାହାଡ଼ କିସମ)ର ଜମି ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର ଇକୋ ସେନସିଟିଭ ଜୋନ୍ ସୀମା ଭିତରେ ଅଛି ଓ ବାଲଡିହା ରିଜର୍ଭ ଫରେଷ୍ଟରୁ ମାତ୍ର ୬୮୦ ମିଟର ଦୂରରେ ଅବସ୍ଥିତ। ଏହି ଜମି ପାଇଁ କୌଣସି ପ୍ରକାରର ବାଣିଜ୍ୟିକ ପ୍ରକଳ୍ପ ପାଇଁ କୌଣସି ଅନୁମତି ବା କ୍ଲିୟରାନ୍ସ ଦିଆଯାଇନାହିଁ ବୋଲି ସ୍ପଷ୍ଟ କରାଯାଇଛି। ଏହି ପ୍ରକଳ୍ପ ନେଇ ପରିବେଶବିତଙ୍କ ଅଭିଯୋଗ ପରେ ଏନଜିଟି ଅନ୍ତରୀଣ ଆଦେଶ ଜାରି କରି ସ୍ଥିତାବସ୍ଥା ବଜାୟ ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଡିଆଇପିଏ, ଆଇପିଆଇସିଓଏଲ/ଡିଆଇପିଏ ଓ ହୋଟେଲ ସୋନାର ବାଙ୍ଗଲାକୁ ବିବାଦୀୟ ଜମିରେ କୌଣସି ନିର୍ମାଣ କାର୍ଯ୍ୟ ନ କରିବାକୁ ବାରଣ କରାଯାଇଛି। ମୟୂରଭଞ୍ଜ ଜିଲ୍ଲାପାଳ ଓ ଜିଲ୍ଲା ପୁଲିସ ଆରକ୍ଷୀ ଅଧୀକ୍ଷକଙ୍କୁ ମଧ୍ୟ ଏହା ସୁନିଶ୍ଚିତ କରିବାକୁ କୁହାଯାଇଛି। ଆବେଦନକାରୀଙ୍କ ଆଇନଜୀବୀ ଆକାଶ ଶର୍ମା କହିଛନ୍ତି, ପ୍ରତିପକ୍ଷଙ୍କ ନିଜ ସତ୍ୟପାଠରୁ ସ୍ପଷ୍ଟ ଯେ, ଇକୋ-ସେନସିଟିଭ୍ ଜୋନ୍ ଭିତରେ ବାଣିଜ୍ୟିକ ପ୍ରକଳ୍ପ ପାଇଁ ପ୍ରାରମ୍ଭିକ ପଦକ୍ଷେପ ନିଆଯାଇଥିଲା। ପରିବେଶ ସୁରକ୍ଷା ଦୃଷ୍ଟିରୁ ଏନଜିଟିଙ୍କ ହସ୍ତକ୍ଷେପ ସମ୍ପୂର୍ଣ୍ଣ ନ୍ୟାୟ ସଙ୍ଗତ। ବର୍ତ୍ତମାନ ମାମଲାଟି ଏନଜିଟିରେ ବିଚାରାଧୀନ ରହିଛି। ଏହି ଘଟଣା ଶିମିଳିପାଳ ପରି ସମ୍ବେଦନଶୀଳ ଇକୋ-ସେନସିଟିଭ୍ ଅଞ୍ଚଳରେ ପର୍ଯ୍ୟଟନ ଓ ବାଣିଜ୍ୟିକ ପ୍ରକଳ୍ପ ପାଇଁ ଥିବା କଡ଼ା ନିୟମ ଓ ପରିବେଶ ସୁରକ୍ଷାର ଗୁରୁତ୍ୱକୁ ପୁନଃ ସ୍ମରଣ କରାଇଦେଇଛି।

ବଇଣ୍ଡା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର

# ଡାକ୍ତର ନିଯୁକ୍ତି ସହ କ୍ୱାର୍ଟର୍ସ ନିର୍ମାଣ ଦାବି

କିଶୋରନଗର,୪।୭(ସମିସ):




ରାଜ୍ୟର ସମସ୍ତ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ କାର୍ଯ୍ୟରତ ଡାକ୍ତର ଏବଂ କର୍ମଚାରୀଙ୍କ ପାଇଁ ସରକାରୀ କ୍ୱାର୍ଟର୍ସ ବ୍ୟବସ୍ଥା ପ୍ରାବଧାନ ଥିଲେ ମଧ୍ୟ ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ ବଇଣ୍ଡା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଆଜିପର୍ଯ୍ୟନ୍ତ ଏହି ସୁବିଧା ନ ଥିବାରୁ ଅସନ୍ତୋଷ ପ୍ରକାଶ ପାଇଛି। କ୍ୱାର୍ଟର୍ସ ନ ଥିବାରୁ ଡାକ୍ତର ଏବଂ କର୍ମଚାରୀମାନେ ବାଧ୍ୟ ହୋଇ ଦୂର ସ୍ଥାନରେ ଭଡ଼ାଘର ନେଇ ରହୁଛନ୍ତି। ଫଳରେ ଜରୁରୀ ପରିସ୍ଥିତିରେ ସ୍ୱାସ୍ଥ୍ୟସେବା ପ୍ରଭାବିତ ହେଉଥିବା ଅଭିଯୋଗ ହେଉଛି। ଏଠାରେ ଡାକ୍ତର ନିଯୁକ୍ତି ସହ କ୍ୱାର୍ଟର୍ସ ନିର୍ମାଣ କରିବାକୁ ଦାବି ହେଉଛି।

ବଇଣ୍ଡା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଉପରେ ବଇଣ୍ଡା ସମେତ ଆଖପାଖର ବହୁ ପଞ୍ଚାୟତର ହଜାର ହଜାର ଲୋକ ନିର୍ଭର କରୁଛନ୍ତି। ପ୍ରତିଦିନ ଶତାଧିକ ରୋଗୀ ଏହି ସ୍ୱାସ୍ଥ୍ୟକେନ୍ଦ୍ରକୁ ଆସୁଥିବା ବେଳେ ରାତିରେ ମଧ୍ୟ ଗୁରୁତର ରୋଗୀ ଆସିଥାନ୍ତି। ମାତ୍ର କ୍ୱାର୍ଟର୍ସ ନ ଥିବାରୁ ରାତିରେ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ କୌଣସି ଡାକ୍ତର କିମ୍ବା କର୍ମଚାରୀ ଉପସ୍ଥିତ ରହୁନାହାନ୍ତି। ଏପରି ସ୍ଥିତିରେ ହଠାତ୍ କୌଣସି ଗୁରୁତର ରୋଗୀ ଆସିଲେ ଚିକିତ୍ସା ପାଇବାରେ ବିଳମ୍ବ ହେଉଥିବାରୁ ରୋଗୀ ଓ ସେମାନଙ୍କ ପରିବାର ଲୋକେ ଅନେକ ସମୟରେ ହଇରାଣ ହେଉଛନ୍ତି। ସ୍ଥାନୀୟ ଲୋକଙ୍କ କହିବା ଅନୁସାରେ, ବର୍ଷ ବର୍ଷ ଧରି କ୍ୱାର୍ଟର୍ସ ନିର୍ମାଣ ଦାବି ହୋଇଆସୁଥିଲେ ମଧ୍ୟ ପ୍ରଶାସନ କିମ୍ବା ସ୍ୱାସ୍ଥ୍ୟ ବିଭାଗ ଏହାକୁ ଗୁରୁତ୍ୱ ଦେଉନାହାନ୍ତି। ଫଳରେ ଡାକ୍ତର ଓ କର୍ମଚାରୀମାନେ ଭଡ଼ା ଘର ନେଇ ରହୁଥିବାରୁ ସେମାନଙ୍କ ଉପରେ ଆର୍ଥିକ ବୋଝ ମଧ୍ୟ ବଢ଼ୁଛି। ଏହାସହ ରାତି ସମୟରେ ଜରୁରୀ ଡାକ ଆସିଲେ ତୁରନ୍ତ ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚିବା ସବୁବେଳେ ସମ୍ଭବ ହେଉନାହିଁ। ଫଳରେ ରୋଗୀଙ୍କ ଜୀବନ ପ୍ରତି ବିପଦ ସୃଷ୍ଟି ହେଉଛି। ଅନ୍ୟପକ୍ଷରେ ବଇଣ୍ଡା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ କର୍ମଚାରୀ ଅଭାବ ମଧ୍ୟ ଗୁରୁତର ସମସ୍ୟା ସୃଷ୍ଟି କରିଛି। ବର୍ତ୍ତମାନ କେବଳ ଜଣେ ଆୟୁଷ ଡାକ୍ତର ଓ ଜଣେ ଫାର୍ମାସିଷ୍ଟ ସ୍ୱାସ୍ଥ୍ୟକେନ୍ଦ୍ରର ଦାୟିତ୍ୱ ତୁଲାଉଛନ୍ତି। ହଜାର ହଜାର ଲୋକଙ୍କୁ ସ୍ୱାସ୍ଥ୍ୟସେବା ଯୋଗାଇବା ପାଇଁ ଏହି ଦୁଇଜଣଙ୍କ ପକ୍ଷରେ ଆଦୌ ସମ୍ଭବ ହେଉନାହିଁ। ଫଳରେ ରୋଗୀମାନେ ଅନେକ ସମୟରେ ଅନୁଗୋଳ କିମ୍ବା ଅନ୍ୟ ହସ୍ପିଟାଲ ଯିବାକୁ ବାଧ୍ୟ ହେଉଛନ୍ତି। ଏହାଦ୍ୱାରା ରୋଗୀଙ୍କ ସମୟ ଓ ଅର୍ଥ ଉଭୟ ନଷ୍ଟ ହେବା ସହ ଜରୁରୀ ପରିସ୍ଥିତିରେ ବଡ଼ ବିପଦ ସୃଷ୍ଟି ହେବାର ଆଶଙ୍କା ରହିଛି। ବଇଣ୍ଡା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ତୁରନ୍ତ ଜଣେ ନିୟମିତ ଏମ୍‌ବିବିଏସ୍ ଡାକ୍ତର, ଆବଶ୍ୟକ ସଂଖ୍ୟକ ନର୍ସ, ଫାର୍ମାସିଷ୍ଟ ଓ ଅନ୍ୟ କର୍ମଚାରୀ ନିଯୁକ୍ତି ସହ କ୍ୱାର୍ଟର୍ସ ନିର୍ମାଣ କରିବାକୁ ଦାବି ହେଉଛି। ଦାବି ପୂରଣ ଦିଗରେ ତୁରନ୍ତ ପଦକ୍ଷେପ ଗ୍ରହଣ କରା ନ ଗଲେ ସ୍ଥାନୀୟ ଜନସାଧାରଣ ଓ ବିଭିନ୍ନ ସଂଗଠନ ରାଜରାସ୍ତାକୁ ଓହ୍ଲାଇ ଆନ୍ଦୋଳନକୁ ତୀବ୍ର କରିବେ ବୋଲି ଚେତାବନୀ ଦେଇଛନ୍ତି।

## କୋଶଳା ଓ ଛେଣ୍ଡିପଦାରେ ଉପମୁଖ୍ୟମନ୍ତ୍ରୀଙ୍କ ସ୍ୱାଗତ



**ଛେଣ୍ଡିପଦା,୪।୭(ସମିସ):** ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ, ମିଶନ ଶକ୍ତି ଏବଂ ପର୍ଯ୍ୟଟନ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ଛେଣ୍ଡିପଦା ନିର୍ବାଚନ ମଣ୍ଡଳୀ ଗସ୍ତ ଅବସରରେ କୋଶଳା ଓ ଛେଣ୍ଡିପଦାରେ ତାଙ୍କୁ ଭବ୍ୟ ସ୍ୱାଗତ ଓ ସମ୍ବର୍ଦ୍ଧନା ଦିଆଯାଇଛି। କୋଶଳାଠାରେ ଛେଣ୍ଡିପଦା ବିଧାୟକ ଅଗସ୍ତି ବେହେରାଙ୍କ ନେତୃତ୍ୱରେ ବହୁ ବିଜେପି କାର୍ଯ୍ୟକର୍ତ୍ତା ଓ ସ୍ଥାନୀୟ ଜନସାଧାରଣ ଉପମୁଖ୍ୟମନ୍ତ୍ରୀଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସ୍ୱାଗତ କରିଥିଲେ। ପରେ ସେ କୋଶଳାସ୍ଥିତ ମା' ରାମଚଣ୍ଡୀ ମନ୍ଦିରରେ ପୂଜାର୍ଚ୍ଚନା ଓ ଦର୍ଶନ କରିଥିଲେ। ମନ୍ଦିର ପ୍ରଶାସନ ଓ ଗ୍ରାମ କମିଟି ସଦସ୍ୟଙ୍କ ସହ ମନ୍ଦିରର ଉନ୍ନତୀକରଣ ଓ ପର୍ଯ୍ୟଟନ ବିକାଶ ସମ୍ପର୍କରେ ଆଲୋଚନା କରିଥିଲେ। ସେହିପରି ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମରେ ସାମିଲ ହୋଇ ମନ୍ଦିର ପରିସରରେ ଚାରାରୋପଣ କରିଥିଲେ। ପରେ ଉପମୁଖ୍ୟମନ୍ତ୍ରୀ ଛେଣ୍ଡିପଦା ଜଗନ୍ନାଥ ମନ୍ଦିରରେ ପହଞ୍ଚି ମହାପ୍ରଭୁଙ୍କ ଦର୍ଶନ କରିଥିଲେ। ସେଠାରେ ଜଗନ୍ନାଥ ମନ୍ଦିର କମିଟି, ବିଜେପି କାର୍ଯ୍ୟକର୍ତ୍ତା ଏବଂ ସ୍ଥାନୀୟ ଗ୍ରାମବାସୀଙ୍କ ପକ୍ଷରୁ ତାଙ୍କୁ ସ୍ୱାଗତ କରାଯାଇଥିଲା। ଏହି ଗସ୍ତ ସମୟରେ ଛେଣ୍ଡିପଦା ବିଡିଓ ଅରବିନ୍ଦ ବେହେରା, ତହସିଲଦାର ମାନସ ରାଏ, ବିଜେପି ଜିଲ୍ଲା ଉପସଭାପତି ଚୌଧୁରୀ ପ୍ରଧାନ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ତଥା ସମ୍ବଲପୁର ସାଂସଦଙ୍କ ପ୍ରତିନିଧି ବିଜୟ ମାଝୀ, ଅକ୍ଷୟପାଦ ବେହେରା, ଗୋପବନ୍ଧୁ ଗଡ଼ନାୟକ, ସୁନୀଲ ପ୍ରଧାନ, ଦୀପକ ପ୍ରଧାନ, ସୁଦୀପ୍ତ ପ୍ରଧାନ, ଜଗଦୀଶ ସାହୁ ଏବଂ ଯୁଗଳ କିଶୋର ଦେହୁରୀଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଓ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

## ପ୍ରଧାନଶିକ୍ଷକଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା

**କୁଇଓ,୪।୭(ସମିସ):** ବଣ୍ଡରପାଳ ବ୍ଲକ ଜାମୁନାଳୀ ପଞ୍ଚାୟତ କୁଇଓ ସରକାରୀ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ କବିଚନ୍ଦ୍ର ସାହୁଙ୍କୁ ଶୁକ୍ରବାର ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ଦିଆଯାଇଛି। କୁଇଓ ଗ୍ରାମ ମଙ୍ଗଳ କମିଟି ସଭାପତି ଧ୍ରୁବଚରଣ ଦେହୁରୀ ସଭାପତିତ୍ୱ କରି ପ୍ରଧାନଶିକ୍ଷକ ସାହୁ ଏହି ବିଦ୍ୟାଳୟରେ ୬ ବର୍ଷ ଚାକିରି କାଳରେ ଛାତ୍ରଛାତ୍ରୀ, ଅଭିଭାବକ ଓ ଗ୍ରାମବାସୀଙ୍କ ଅତି ନିଜର ହୋଇପାରିଥିଲେ ବୋଲି ପ୍ରକାଶ କରିଥିଲେ। ପରେ ତାଙ୍କୁ ବିଦ୍ୟାଳୟ ତରଫରୁ ଛାତ୍ରଛାତ୍ରୀ, ଶିକ୍ଷକ, ପରିଚାଳନା କମିଟି ସଦସ୍ୟ, ପୁରାତନ ଛାତ୍ର ଏବଂ ଗ୍ରାମବାସୀ ସମ୍ବର୍ଦ୍ଧିତ କରିଥିଲେ। ଶିକ୍ଷୟିତ୍ରୀ ଅଞ୍ଜଳି ପାଳ, ଆରତି ପ୍ରଧାନ, ମାନିନୀ ବେହେରା, ଝରଣା ଗୁରୁ, ବିନୋଦିନୀ ଗଡ଼ନାୟକ, ଦୀପା ଗଡ଼ନାୟକ, ପୁଷ୍ପଲତା ଗଡ଼ନାୟକ, ଇତି ଦେହୁରୀ ପ୍ରମୁଖ ଉପସ୍ଥିତ ଥିଲେ।



**ଖମାର:** ପାଲଲହଡ଼ା ବ୍ଲକ୍ ପରାଛାଟ ପଞ୍ଚାୟତ କଣ୍ଟିଆପଶି ଉଚ୍ଚ ବିଦ୍ୟାପୀଠର ପ୍ରଧାନଶିକ୍ଷକ ସଦାନନ୍ଦ ମହାନ୍ତିଙ୍କ ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଛି। ଭାରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରଶାନ୍ତ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ



ସଭାରେ ସ୍ଥାନୀୟ ସରପଞ୍ଚ ବବିତା ଘଟୁଆରୀ ମୁଖ୍ୟଅତିଥି, ପରିଚାଳନା କମିଟି ସଭାପତି ଦେବରାଜ ଘଟୁଆରୀ, ଶିକ୍ଷାବିତ୍ ଶିବପ୍ରସାଦ ପ୍ରଧାନ, ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିଜୟ କୁମାର ସାହୁ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଏଥିରେ ବିଭିନ୍ନ ବିଦ୍ୟାଳୟର ଶିକ୍ଷକ, ବୁଦ୍ଧିଜୀବୀ, ଶିକ୍ଷାବିତ୍, ସାମ୍ବାଦିକ, ପୂର୍ବତନ ଓ ବର୍ତ୍ତମାନ ଛାତ୍ରଛାତ୍ରୀ ଯୋଗଦେଇ ବିଦାୟୀ ପ୍ରଧାନଶିକ୍ଷକଙ୍କ ଗୁଣଗାନ କରିଥିଲେ। ବିଦ୍ୟାଳୟର ଶିକ୍ଷକ ଅଭାବକୁ ପୂରଣ କରିବା ତଥା ଛାତ୍ରଛାତ୍ରୀଙ୍କ ହିତ ଦୃଷ୍ଟିରୁ ବିଦ୍ୟାଳୟକୁ ଆସି ପୂର୍ବବତ୍ ଶିକ୍ଷାଦାନ କରିବା ପାଇଁ ଭାରପ୍ରାପ୍ତ ପ୍ରଧାନଶିକ୍ଷକ ମହାନ୍ତି ବିଦାୟୀ ପ୍ରଧାନଶିକ୍ଷକଙ୍କୁ ଅନୁରୋଧ କରିଥିଲେ। ଶିକ୍ଷକ ରାମନାଥ ରାଉଳ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଶିକ୍ଷକ ଦେବେନ୍ଦ୍ର ଗଡ଼ନାୟକ ଧନ୍ୟବାଦ ଦେଇଥିଲେ। କିରାଣି ଦେବେନ୍ଦ୍ର ସାହୁ ମାନପତ୍ର ପାଠ କରିଥିଲେ। ଶେଷରେ ଛାତ୍ରଛାତ୍ରୀ, ଅଭିଭାବକ, ଶିକ୍ଷକ ବିଦାୟୀ ପ୍ରଧାନଶିକ୍ଷକଙ୍କୁ ତାଙ୍କ ବାସସ୍ଥାନ ସିପୁର ଗାଁ ପର୍ଯ୍ୟନ୍ତ ଶୋଭାଯାତ୍ରାରେ ନେଇଥିଲେ।

## ୭୭ତମ ବନ ମହୋତ୍ସବ ସପ୍ତାହ ପାଳିତ

**ଅନୁଗୋଳ,୪।୭(ସମିସ):** ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ସ୍ଥାନୀୟ କେନ୍ଦ୍ରୀୟ ବିଦ୍ୟାଳୟ-୨ଠାରେ ୭୭ତମ ବନ ମୋହତ୍ସବ ସପ୍ତାହ ପାଳନ କରାଯାଇଛି। କାର୍ଯ୍ୟକ୍ରମରେ ଜିଲ୍ଲା ଓ ଦୌରା ଜଜ ତଥା ଜିଲ୍ଲା ଆଇନସେବା ପ୍ରାଧିକରଣ ଅଧ୍ୟକ୍ଷ ନିରଞ୍ଜନ ପଣ୍ଡା, ଅତିରିକ୍ତ ଜିଲ୍ଲା ଓ ଦୌରା ଜଜ ତଥା ଭିଜିଲାନ୍ସ ଜଜ୍ ମମିତା ଦାସ, ଅତିରିକ୍ତ ଜିଲ୍ଲା ଓ ଦୌରା ଜଜ ହୃଷୀକେଶ ଆଚାର୍ଯ୍ୟ, ମୁଖ୍ୟ ବିଚାର ବିଭାଗୀୟ ଦଣ୍ଡାଧିକାରୀ ଶରତ କୁମାର ଜେନା, ସିଭିଲ୍ କୋର୍ଟ ରେଜିଷ୍ଟ୍ରାର ରୋଜି ତ୍ରିପାଠୀ, ଜିଲ୍ଲା ଆଇନସେବା ପ୍ରାଧିକରଣ ସଚିବ ବିଶ୍ୱକଲ୍ୟାଣୀ ମିଶ୍ର, ଉପବିଭାଗୀୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ବନିଲ କୁମାର ଖଟାଇ, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି (ଏଲ୍‌ଆରଏଲଟିଭି) ଆର୍ଯ୍ୟ ଐଶ୍ୱର୍ଯ୍ୟା ଆଚାର୍ଯ୍ୟ, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି ଡ. ସରିତା ମହାରଣା, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ



ବିଚାରପତି (ଏଲ୍‌ଆରଏଲଟିଭି) ଋତୁଶ୍ରୀ ମହାରଣା, ଅନୁଗୋଳ ବାର ଆସୋସିଏସନ ସଭାପତି ଦିଲୀପ କୁମାର ସାହୁ, ଜିଲ୍ଲା ଆଇନସେବା ପ୍ରାଧିକରଣର ସଭ୍ୟ ସୁବାସ ଚନ୍ଦ୍ର ସାହୁ, ଅନୁଗୋଳ ବନଖଣ୍ଡ ଅଧିକାରୀ ନୀତୀଶ କୁମାର, ଅନୁଗୋଳ ବାର ଆସୋସିଏସନ ସହସମ୍ପାଦକ ପ୍ରଭୁପ୍ରସାଦ ପ୍ରଧାନ, କେନ୍ଦ୍ରୀୟ ବିଦ୍ୟାଳୟ ଅଧ୍ୟକ୍ଷ ଡ. ପଙ୍କଜ କୁମାର, ଜିଲ୍ଲା ଆଇନସେବା ପ୍ରାଧିକରଣର ଫ୍ରଣ୍ଟ ଅଫିସ ରିଟେନର ପ୍ରଦୀପ୍ତ କୁମାର ଭୁତିଆ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ବିଦ୍ୟାଳୟ ପରିସରରେ ପିଜୁଳି, ଆମ୍ବ, ଜାମୁ, କରଞ୍ଜ, ଲିମ୍ବ, ଅଁଳା ଆଦି ଚାରାରୋପଣ କରାଯାଇଥଲା। କାର୍ଯ୍ୟକ୍ରମରେ ଜିଲ୍ଲା ଆଇନସେବା ପ୍ରାଧିକରଣର କର୍ମଚାରୀ, ପାରା ଲିଗାଲ ଭଲ୍ୟୁଣ୍ଟର, ଶିକ୍ଷକ, ଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ ଓ ବନ କର୍ମଚାରୀ ଅଂଶଗ୍ରହଣ କରିଥିଲେ।

## ତାଳଚେରର ସମସ୍ୟା ନେଇ ଉପମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର

ତାଳଚେର,୪।୭(ସମିସ): ତାଳଚେରର ସାମଗ୍ରୀକ ବିକାଶ ଓ ବିଭିନ୍ନ ସମସ୍ୟା ନେଇ ତାଳଚେର ପୌରାଧ୍ୟକ୍ଷ ପବିତ୍ର ଭୂତିଆ, ଅନୁଗୋଳ ଜିଲ୍ଲା ବିଜେପି ସଭାପତି ଯଯାତି ପଟ୍ଟନାୟକ, ଢେଙ୍କାନାଳ ସାଂସଦଙ୍କ ପ୍ରତିନିଧି ଜିତେନ୍ଦ୍ର କୁମାର ଦାସ ପ୍ରମୁଖ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ଅନୁଗୋଳ ଗସ୍ତ ସମୟରେ ତାଙ୍କୁ ସର୍କିଟ ହାଉସରେ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି। ବିଶେଷ କରି ତାଳଚେରର ଅନେକ



ପୁରାତନ ତଥା ରାଜାରାଜୁଡ଼ା ଅମଳରୁ ପ୍ରତିଷ୍ଠା ଲାଭ କରିଥିବା ମନ୍ଦିରଗୁଡ଼ିକ ଜରାଜୀର୍ଣ୍ଣ ଅବସ୍ଥାରେ ରହିଛି। ତନ୍ମଧ୍ୟରୁ ପୁରାତନ ପଶ୍ଚିମେଶ୍ୱର ଶୈବପୀଠ ଅନ୍ୟତମ। ଏହାକୁ କିପରି ନୂତନ ରୂପ ଦିଆଯିବା ସହ ଏକ ପର୍ଯ୍ୟଟନସ୍ଥଳୀରେ ପରିଣତ କରାଯିବ ସେ ନେଇ ଉପମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ଏଥି ସହିତ କଳା ସଂସ୍କୃତିର ସହର ଭାବେ ତାଳଚେର ଜଣାଶୁଣା ହୋଇଥିବା ବେଳେ ଏଠାରେ ଅନେକ ମନ୍ଦିର ଓ ପୁରତାନ କୀର୍ତ୍ତିରାଜି ରହିଛି। ସେଗୁଡ଼ିକର ରକ୍ଷଣାବେକ୍ଷଣ ସହ ଉନ୍ନତୀକରଣ ପାଇଁ ପଦକ୍ଷେପ ଗ୍ରହଣ କରିବାକୁ ଦାବିପତ୍ରରେ ଉଲ୍ଲେଖ କରାଯାଇଛି। ଦାବିଗୁଡ଼ିକୁ ସମ୍ପର୍କରେ ଅବଗତ ଉପମୁଖ୍ୟମନ୍ତ୍ରୀ ଏହାର କାର୍ଯ୍ୟକାରିତା ପାଇଁ ପଦକ୍ଷେପ ଗ୍ରହଣ କରିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

## ମାଟି ସ୍ପର୍ଶ ନ କରି ସୌଖିନ ମ୍ୟାଟ୍ ଉପରେ ଚାରାରୋପଣ କଲେ ଅଧିକାରୀ

**ଅନୁଗୋଳ,୪।୭(ସମିସ):** ଜଙ୍ଗଲ ସୃଷ୍ଟି ଓ ପରିବେଶ ସୁରକ୍ଷା ପାଇଁ ସରକାର କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିବା ବେଳେ ଅନୁଗୋଳ ବନ ମଣ୍ଡଳ କାର୍ଯ୍ୟାଳୟରେ ଦେଖିବାକୁ ମିଳିଛି ଏକ ଅଦ୍ଭୁତ ଦୃଶ୍ୟ। ଶୁକ୍ରବାର ଆୟୋଜିତ ବନ ମହୋତ୍ସବ କାର୍ଯ୍ୟକ୍ରମରେ ଜଙ୍ଗଲ ବିଭାଗର ଜଣେ ବରିଷ୍ଠ ଅଧିକାରୀ ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। ଚାରାରୋପଣ ସମୟରେ ତାଙ୍କର ଏହି 'ଭିନ୍ନ ଢଙ୍ଗ' ଏବେ ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଛି। ସାଧାରଣତଃ ବନ ମହୋତ୍ସବରେ ମାଟିରେ ଠିଆ ହୋଇ ଗଛ



ଲଗାଯାଇଥାଏ। ମାତ୍ର ବନ ବିଭାଗର ଏହି ଅଧିକାରୀ ଜଣଙ୍କ ଚାରାରୋପଣ ସମୟରେ ତଳେ ଏକ ସୌଖିନ ମ୍ୟାଟ୍ ବିଛାଇ ତା' ଉପରେ ଛିଡ଼ା ହୋଇଥିଲେ। ପାଣିକାଦୁଅରେ ପାଦ ପଡ଼ିଲେ କାଳେ ମଇଳା ହୋଇଯିବ, ସେହି ଆଶଙ୍କାରେ ସେ ମାଟିକୁ ସ୍ପର୍ଶ କରିବାକୁ ପସନ୍ଦ କରି ନ ଥିଲେ। ଜଙ୍ଗଲ ସୁରକ୍ଷା ଓ ସବୁଜ ବଳୟ ସୃଷ୍ଟି ପାଇଁ ସରକାର ଯେଉଁ ବିଭାଗ ଉପରେ ଭରସା କରିଛନ୍ତି, ସେହି ବିଭାଗର ମୁଖିଆଙ୍କର ଗଛ ଓ ମାଟି ପ୍ରତି ଏଭଳି ଉଦାସୀନତା ନେଇ ପ୍ରଶ୍ନ ଉଠିଛି। ଯେଉଁ ଅଧିକାରୀଙ୍କ ହାତରେ ଜଙ୍ଗଲର ସୁରକ୍ଷାଭାର, ସେ ଯଦି ପ୍ରକୃତି ସହ ମିଶି କାମ କରିବାକୁ ପଛଘୁଞ୍ଚା ଦିଅନ୍ତି, ତେବେ ସାଧାରଣ ଲୋକଙ୍କ ପାଇଁ ଏହା କେଉଁ ପ୍ରକାର ବାର୍ତ୍ତା ବହନ କରୁଛି, ତାହାକୁ ନେଇ ବୁଦ୍ଧିଜୀବୀ ମହଲରେ ଚର୍ଚ୍ଚା ଚାଲିଛି।

## ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନାରେ ଏସ୍‌ସି ଓ ଏସଟିଙ୍କୁ ସାମିଲ୍ ଦାବି



ତାଳଚେର,୪।୭(ସମିସ): ନିକଟରେ ସରକାର ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନା ପ୍ରଣୟନ କରିଥିବା ବେଳେ ଏଥିରେ ରାଜ୍ୟର ସମସ୍ତ ଅନୁସୂଚିତ ଜାତି (ଏସ୍‌ସି) ଓ ଜନଜାତି (ଏସ୍‌ଟି) ବର୍ଗର ବ୍ୟକ୍ତି ଓ ପରିବାରକୁ ଅନ୍ତର୍ଭୁକ୍ତ କରିବା ପାଇଁ ବିଜେଡି ନେତା ତଥା ପୂର୍ବତନ ଢେଙ୍କାନାଳ ସାଂସଦ ମହେଶ ସାହୁ ଦାବି କରିଛନ୍ତି। ସରକାର ଅନୁସୂଚିତ ଜାତି ଓ ଜନଜାତି ପରିବାର ପ୍ରତି ସମ୍ବେଦନଶୀଳ ହୋଇ ଏହି ଦାବିକୁ ଗ୍ରହଣ କରିବାକୁ ସାହୁ ପ୍ରେସ ବିବୃତିରେ ପ୍ରକାଶ କରିଛନ୍ତି।

## ଅଜଗର ସାପ ଉଦ୍ଧାର

**ଅନୁଗୋଳ,୪।୭(ସମିସ):** ଅନୁଗୋଳ ବନଖଣ୍ଡ ତାଳଚେର ରେଞ୍ଜ୍ ଏଫ୍‌ସିଆଇ ସେକ୍ସନ ଗଣ୍ଡିଗାଡ଼ିଆ ବିଟ୍ ଅନ୍ତର୍ଗତ ଚୌରିଡିହା ଗ୍ରାମରୁ ଏକ ଅଜଗର ସାପ ଉଦ୍ଧାର କରାଯାଇଛି। ଶ୍ରୀତମ ଅମାନ୍ତ ଏବଂ ଶିବ ବେହେରାଙ୍କ ନେତୃତ୍ୱରେ ସ୍ନେକ୍ ହେଲ୍ପଲାଇନ ଟିମ୍ ଦ୍ୱାରା ସାପକୁ ସୁରକ୍ଷିତ ଭାବେ ଉଦ୍ଧାର କରାଯାଇଥିଲା। ପରେ ସାପର ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ସାପଟି ସମ୍ପୂର୍ଣ୍ଣ ସୁସ୍ଥ ଥିବା ଜଣାପଡ଼ିବା ପରେ ବନ ବିଭାଗ ଅଧିକାରୀଙ୍କ ତତ୍ତ୍ୱାବଧାନରେ ତାକୁ କଂସରା ସଂରକ୍ଷିତ ଜଙ୍ଗଲରେ ଛଡ଼ାଯାଇଛି। ଉଦ୍ଧାରକାରୀ ଦଳରେ ଫରେଷ୍ଟର ବଶିଷ୍ଠ ଦେହୁରୀ, ପ୍ଲାଣ୍ଟେସନ ୱାଚର ସତ୍ୟଜିତ ସାହୁ ସାମିଲ ଥିଲେ।



● ଅନୁଗୋଳ ଜିଲ୍ଲା ଶିକ୍ଷା ଅଧିକାରୀ ପଦ ଖାଲି

## ପଦୋନ୍ନତିରୁ ବଞ୍ଚିତ ହେବେ ଶତାଧିକ ଶିକ୍ଷକ !

ଅନୁଗୋଳ,୪।୭(ସମିସ): ଅନୁଗୋଳ ଜିଲ୍ଲାରେ ପ୍ରାଥମିକ ଶିକ୍ଷକମାନଙ୍କ ପଦୋନ୍ନତି ନିମନ୍ତେ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପତ୍ରସଂଖ୍ୟା ୯୬୬୩, ତା ୧୮-୦୫-୨୦୨୬ ଅନୁଯାୟୀ ନିର୍ଦ୍ଦେଶ ଥିଲେ ମଧ୍ୟ ନିକଟରେ ଅବସର ନେଇଥିବା ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାଳକ୍ଷେପଣ ନୀତି ଯୋଗୁଁ ଏହା ସମ୍ଭବ ହୋଇପାରି ନାହିଁ। ଏହି ନିର୍ଦ୍ଦେଶନାମାରେ ପ୍ରାଥମିକ ଶିକ୍ଷକମାନେ ଲେଭେଲ-ଭି(ଏ)ରୁ ଲେଭେଲ-ଭି(ବି), ଲେଭେଲ-ଭି(ବି)ରୁ ଲେଭେଲ-ଆଇଭି ଓ ଲେଭେଲ-ଆଇଭିରୁ ଲେଭେଲ-ଆଇଆଇଆଇକୁ ପଦୋନ୍ନତି ପାଇବା କଥା। ଏବେ ଜିଲ୍ଲା ଶିକ୍ଷା ଅଧିକାରୀ ପଦ ଖାଲି ଥିବାରୁ ଦାୟିତ୍ୱରେ ଥିବା ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ତରଫରୁ ଆବଶ୍ୟକ କ୍ଷମତା ତୁରନ୍ତ ପ୍ରଦାନ କରା ନ ଗଲେ ଜିଲ୍ଲାରେ ଶହ ଶହ ଶିକ୍ଷକ/ଶିକ୍ଷୟିତ୍ରୀ ପଦୋନ୍ନତିରୁ ପୁନର୍ବାର ବଞ୍ଚିତ ହେବେ। ପ୍ରକାଶ ଥାଉକି ୨୦୨୩ରେ ଓଡ଼ିଶାର ୧୭ ଜିଲ୍ଲାରେ ଶିକ୍ଷକମାନଙ୍କ ପଦୋନ୍ନତି ହୋଇଥିବା ସତ୍ତ୍ୱେ ଅବସର ନେଇଥିବା ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ପ୍ରାଥମିକ ଶିକ୍ଷକମାନଙ୍କ ପ୍ରତି ବୈମାତୃକ ମନୋଭାବ ଯୋଗୁଁ ଅନୁଗୋଳ ଜିଲ୍ଲାର ବିଭିନ୍ନ ବର୍ଗର ଶହ ଶହ ଶିକ୍ଷକ ଏଥିରୁ ବଞ୍ଚିତ ହୋଇଥିଲେ। ସରକାର ଏଥିରେ ହସ୍ତକ୍ଷେପ କରି ପଦୋନ୍ନତି ସମ୍ବନ୍ଧରେ ଆବଶ୍ୟକ ପଦକ୍ଷେପ ନେବା ପାଇଁ ପ୍ରାଥମିକ ଶିକ୍ଷକ ମହାସଂଘ, ଅନୁଗୋଳ ଜିଲ୍ଲା ଶାଖା ପକ୍ଷରୁ ଅନୁରୋଧ କରାଯାଇଛି।

## ହରିଣ ମାଂସ ଖାଉଥିବା ବେଳେ ୪ ଗିରଫ



ଅନୁଗୋଳ,୪।୭(ସମିସ): ସାତକୋଶିଆ ଅଭୟାରଣ୍ୟରେ ହରିଣ ମାରି ମାଂସ ଖାଉଥିବା ବେଳେ ଧରାପଡ଼ିଛନ୍ତି ଦୁଇ ୱାଚର ସହ ଦୁଇ ଶିକାରୀ। ୪ ଅଭିଯୁକ୍ତଙ୍କୁ ଗିରଫ କରିଛି ସାତକୋଶିଆ ବନ୍ୟପ୍ରାଣୀ ବନଖଣ୍ଡର ବନବାହିନୀ। ଗିରଫ ଅଭିଯୁକ୍ତ ହେଲେ ଟିକରପଡ଼ା ରେଞ୍ଜର ୱାଚର କୁଳମଣି ନାୟକ, ପ୍ରତାପ ଦେହୁରୀ ଓ ଶିକାରୀ ଶିବପ୍ରସାଦ ନାୟକ ଏବଂ ଯୋଗେନ୍ଦ୍ର ପାଇକରା। ଟିକରପଡ଼ା ରେଞ୍ଜ ମଝିପଡ଼ା ସେକ୍ସନରେ ହରିଣ ଶିକାର କରି ମାଂସ ରୋଷେଇ କରି ଖାଉଥିବା ନେଇ ଖବର ପାଇଥିଲେ ରେଞ୍ଜ ଅଫିସର ସୁମନ୍ତ ମହାକୁଡ଼। ତୁରନ୍ତ ଟିମ୍ ସହ ଘଟଣାସ୍ଥଳରେ ପହଞ୍ଚି ଦୁଇ ୱାଚର ସମେତ ୪ ଜଣଙ୍କୁ ଧରିଥିବା ବେଳେ ଜଣେ ଫେରାର ହୋଇଯାଇଛନ୍ତି। ଅଭଇଯୁକ୍ତଙ୍କଠାରୁ ହରିଣ ମୁଣ୍ଡ ସହ ରନ୍ଧା ମାଂସ ଜବତ କରାଯାଇଛି। ସମସ୍ତଙ୍କୁ ଶନିବାର କୋର୍ଟ ଚାଲାଣ କରାଯାଇଛି।

## ପାଣି ମିଟର ଲୁଟିନେଲେ ଦୁର୍ବୃତ୍ତ

ତାଳଚେର,୪।୭(ସମିସ): ତାଳଚେର ପୌରାଞ୍ଚଳରେ ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଘରକୁ ଘର ପାଣି ପାଇପ୍ ସଂଯୋଗ କରାଯାଇଛି। ଏଥିସହ ପାଇପ୍‌ରେ ମିଟର ଲଗାଯାଇଛି। ତେବେ ଶୁକ୍ରବାର ରାତିରେ ଦୁର୍ବୃତ୍ତମାନେ ପାଇପରୁ ମିଟରଗୁଡ଼ିକୁ କାଟି ନେଇଥିବା ଜଣାପଡ଼ିଛି। ୱାର୍ଡ ନଂ- ୫, ୭, ୮କୁ ସଂଯୋଗ କରାଯାଇଥିବା ପାଣି ପାଇପ ଲାଇନରେ କର ଆଦାୟ ପାଇଁ ମିଟର ଲଗାଯାଇଥିଲା। ଏହି ମିଟରରେ ପିତଳ ସାମଗ୍ରୀ ରହିଥିବାରୁ ଦୁର୍ବୃତ୍ତମାନେ ଏହାକୁ କାଟି ନେଇଛନ୍ତି। ପ୍ରାୟ ଦୁଇଶହ ମିଟର ଚୋରି ହୋଇଥିବା ଅଭିଯୋଗ ହୋଇଛି।

# ୪ ମାସ ନ ପୂରୁଣୁ ଷ୍ଟ୍ରିଟ୍‌ଲାଇଟ୍ ଅକାମୀ

ତାଳଚେର,୪।୭(ସମିସ):

ତାଳଚେର ବାଇପାସରୁ ଘଣ୍ଟପଡ଼ା ଦେଇ ଅନୁଗୋଳ ଜାତୀୟ ରାଜପଥକୁ ସଂଯୋଗ କରୁଥିବା ରାସ୍ତାର ଘଣ୍ଟପଡ଼ାଠାରେ ନବନିର୍ମିତ ଓଭରବ୍ରିଜରେ ଆଲୋକୀକରଣ କରାଯାଇଥିଲା। ତେବେ ମାତ୍ର ୪ ମାସ ମଧ୍ୟରେ ଏହି ଷ୍ଟ୍ରିଟ ଲାଇଟ ଆଜକୁ ଏକ ସପ୍ତାହ ହେବ ଅକାମୀ ହୋଇଯାଇଛି। ଫଳରେ ପଥଚାରୀ ବିଶେଷକରି ମହିଳାମାନେ ରାତିରେ ଯାତାୟାତ କରିବାକୁ ଭୟ କରୁଛନ୍ତି। ତାଳଚେର ଅଞ୍ଚଳରୁ ଜିଲ୍ଲା ଖଣିଜ ପାଣ୍ଠିକୁ କୋଟିକୋଟି ଟଙ୍କା ରାଜସ୍ୱ ଯାଉଥିଲେ ମଧ୍ୟ ସାମାନ୍ୟ ଏକ କିମି ଓଭରବ୍ରିଜରେ ଲାଗିଥିବା ଷ୍ଟ୍ରିଟ ଲାଇଟ ଅଚଳ ପରିତାପର ବିଷୟ ବୋଲି ମତ ପ୍ରକାଶ ପାଇଛି। ଜିଲ୍ଲାର ବିଭିନ୍ନ ରାସ୍ତା ଆଲୋକୀକରଣ ହୋଇଥିବା ବେଳେ ଆହୁରି ଅନେକ ରାସ୍ତାରେ ଷ୍ଟ୍ରିଟ ଲାଇଟ ଲାଗିବା ପାଇଁ




ଟେଣ୍ଡର ଆହ୍ୱାନ କରାଯାଇଛି। କିନ୍ତୁ ତାଳଚେରର ଏହି ପ୍ରମୁଖ ରାସ୍ତା ପ୍ରତି ଅବହେଳା କରାଯାଉଥିବାରୁ ଅଞ୍ଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ସେହିପରି ବାରମ୍ବାର ଦାବି ସତ୍ତ୍ୱେ ଆଜିପର୍ଯ୍ୟନ୍ତ ହାଣ୍ଡିଧୂଆଁଠାରୁ ବଳରାମ ପ୍ରସାଦ ରାସ୍ତା ଆଲୋକୀକରଣ ହୋଇପାରିଲା ନାହିଁ। ଯେଉଁଠି ଖଣି ନାହିଁ, ସେଠି ରାତିରେ ରାସ୍ତାସବୁ ଝଲସି ଉଠୁଥିବା ବେଳେ ଜିଲ୍ଲା ଖଣିଜପାଣ୍ଠିରେ ତାଳଚେରର ସିଂହଭାଗ ଅବଦାନ ରହିଥିବା ବେଳେ ଅଞ୍ଚଳବାସୀ ଅନ୍ଧାର ଭିତରେ ରହିବା କେତେ ଯୁକ୍ତିଯୁକ୍ତ ବୋଲି ପ୍ରଶ୍ନ ଉଠିଛି। ଜିଲ୍ଲାପାଳ ତୁରନ୍ତ ଏଥିପ୍ରତି ଦୃଷ୍ଟି ଦେବାକୁ ଦାବି ହୋଇଛି।

## ମା'ଙ୍କ ବିୟୋଗର କିଛିଦିନ ପରେ ପୁଅର ମୃତ୍ୟୁ

**କଣିହାଁ,୪।୭(ସମିସ):** କଣିହାଁ ବ୍ଲକ ଜରଡ଼ା ପଞ୍ଚାୟତ ଗୁଣ୍ଡୁରିନାଳୀ ଗ୍ରାମର ବିଶିଷ୍ଟ ଉଦ୍ୟୋଗୀ ସମାଜସେବୀ ଗଗନ ବିହାରୀ ସାମଲ (୪୪)ଙ୍କ ଅକାଳ ବିୟୋଗ ଘଟିଛି। ତାଙ୍କ ଦେହାନ୍ତ ଖବର ପ୍ରଚାର ହେବା ପରେ ସମଗ୍ର ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ସୂଚନା ଅନୁଯାୟୀ, ଶୁକ୍ରବାର ହଠାତ୍ ତାଙ୍କ ଛାତିରେ ପ୍ରବଳ ଯନ୍ତ୍ରଣା ହେବାରୁ ପରିବାର ଲୋକେ ତୁରନ୍ତ ତାଙ୍କୁ ତାଳଚେର ସେଣ୍ଟ୍ରାଲ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲ ସ୍ଥାନାନ୍ତର କରାଯାଉଥିବା ବେଳେ କଟକ ଧବଳେଶ୍ୱର ସେତୁ ନିକଟରେ ତାଙ୍କ ମୃତ୍ୟୁ ହୋଇଥିଲା। ଶନିବାର ମଧ୍ୟାହ୍ନରେ ତାଙ୍କ ପାର୍ଥିବ ଶରୀର ପୈତୃକ ଗ୍ରାମ ଗୁଣ୍ଡୁରିନାଳୀରେ ପହଞ୍ଚିବା ପରେ



ଶେଷଦର୍ଶନ ପାଇଁ ବହୁ ଲୋକଙ୍କ ସମାଗମ ହୋଇଥିଲା। ପରେ ଏକ ବିରାଟ ଶୋଭାଯାତ୍ରାରେ ଗ୍ରାମ ଶ୍ମଶାନକୁ ମରଶରୀର ନିଆଯାଇ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ସୂଚନାଯୋଗ୍ୟ ଗଗନଙ୍କ ପରିବାରରେ ତାଙ୍କ ସ୍ତ୍ରୀ, ପୁଅ, ଝିଅ, ବଡ଼ଭାଇ ଜୟକୃଷ୍ଣ ସାମଲଙ୍କ ସମେତ ଅନ୍ୟମାନେ ରହିଛନ୍ତି। ଗଗନ ଜଣେ ମିଷ୍ଟଭାଷୀ, ମେଳାପୀ, ପରୋପକାରୀ ବ୍ୟକ୍ତି ଭାବେ ଅଞ୍ଚଳରେ ପରିଚିତ ଥିଲେ। ଅନୁଗୋଳ ଜିଲ୍ଲା ବିଜେଡି ସଭାପତି ତଥା ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ ଗଗନଙ୍କ ଶେଷଦର୍ଶନ କରିବା ସହ ପରିବାରକୁ ସମବେଦନା ଜଣାଇଥିଲେ। ଏଥିସହ ବହୁ ବିଶିଷ୍ଟ ବ୍ୟକ୍ତି ଓ ଗ୍ରାମବାସୀ ଉପସ୍ଥିତ ଥିଲେ। ଉଲ୍ଲେଖଯୋଗ୍ୟ, ଗତ ସୋମବାର ଗଗନଙ୍କ ମା'ଙ୍କର ମଧ୍ୟ ପରଲୋକ ହୋଇଥିଲା। ମାତ୍ର ୬ ଦିନ ବ୍ୟବଧାନରେ ମା' ଓ ପୁଅଙ୍କ ବିୟୋଗ ଗୁଣ୍ଡୁରିନାଳୀ ଗ୍ରାମ ସମେତ ସମଗ୍ର କଣିହାଁ ଅଞ୍ଚଳକୁ ସ୍ତବ୍ଧ କରିଦେଇଛି।

ତୁଳସୀକ୍ଷେତ୍ର ରଥଯାତ୍ରା ପାଇଁ ପ୍ରଶାସନର ପ୍ରସ୍ତୁତି ବୈଠକ

# ୪ ଦିନ ମଦ ଦୋକାନ, ପରିବା ଓ ଆମିଷ ବିକ୍ରି ବନ୍ଦ

କେନ୍ଦ୍ରାପଡ଼ା,୪।୭ (ସମିସ)



କେନ୍ଦ୍ରାପଡ଼ାର ଆରାଧ୍ୟ ଦେବତା ଶ୍ରୀଶ୍ରୀ ବଳଦେବଜୀଉଙ୍କ ରଥଯାତ୍ରାକୁ ଚଳିତବର୍ଷ ଅଧିକ ଶୃଙ୍ଖଳିତ, ସୁରକ୍ଷିତ ଓ ଭକ୍ତଙ୍କ ପାଇଁ ସୁବିଧାଜନକ କରିବାକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ୟାପକ ପ୍ରସ୍ତୁତି ଆରମ୍ଭ ହୋଇଛି। ଏ ନେଇ ଶନିବାର ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ରଘୁରାମ ଆର. ଆୟରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ପ୍ରସ୍ତୁତି ବୈଠକରେ ରଥଯାତ୍ରାର ପ୍ରତ୍ୟେକ ବ୍ୟବସ୍ଥାକୁ ନେଇ ବିସ୍ତୃତ ସମୀକ୍ଷା କରାଯାଇଥିଲା। ଆସନ୍ତା ୧୬ ତାରିଖରେ ରଥଯାତ୍ରା ଓ ୨୪ ତାରିଖରେ ବାହୁଡ଼ା ଯାତ୍ରା ଅନୁଷ୍ଠିତ ହେବ। ଏ ଅବସରରେ ଲକ୍ଷାଧିକ ଭକ୍ତଙ୍କ ସମାଗମକୁ ଦୃଷ୍ଟିରେ ରଖି ରଥ ନିର୍ମାଣଠାରୁ ଆରମ୍ଭ କରି ଟ୍ରାଫିକ ପରିଚାଳନା, ସୁରକ୍ଷା, ସ୍ୱାସ୍ଥ୍ୟସେବା, ପରିମଳ, ବିଦ୍ୟୁତ, ପାନୀୟଜଳ ଓ ଅଗ୍ନି ନିରାପତ୍ତା ପର୍ଯ୍ୟନ୍ତ ସମସ୍ତ ବିଭାଗକୁ ପୂର୍ବ ପ୍ରସ୍ତୁତି ସମ୍ପୂର୍ଣ୍ଣ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ବୈଠକରେ ରଥଦାଣ୍ଡ ଓ ଆପ୍ରୋଚ୍ ରାସ୍ତାର ମରାମତି, ସଫେଇ ବ୍ୟବସ୍ଥା, ଅଚଳ ଷ୍ଟ୍ରିଟ୍‌ଲାଇଟ୍ ସଚଳ କରିବା, ହାଇମାଷ୍ଟ ଲାଇଟ୍ ବ୍ୟବସ୍ଥା, ଅସ୍ଥାୟୀ ସିସିଟିଭି ସ୍ଥାପନ, ଆମ୍ବୁଲାନ୍ସ ଓ ଜରୁରିକାଳୀନ ସ୍ୱାସ୍ଥ୍ୟସେବା, ନିଶା ନିବାରଣ ଓ ସୂଚନା କେନ୍ଦ୍ର ସ୍ଥାପନ ଉପରେ ଗୁରୁତ୍ୱ ଦିଆଯାଇଥିଲା। ଶୃଙ୍ଖଳିତ ରଥଯାତ୍ରା ପାଇଁ କିଛି କଡ଼ା ପଦକ୍ଷେପ ମଧ୍ୟ ଗ୍ରହଣ କରାଯାଇଛି। ରଥଯାତ୍ରାଠାରୁ ବାହୁଡ଼ା ଯାତ୍ରା ପର୍ଯ୍ୟନ୍ତ ବଡଦାଣ୍ଡରେ ପରିବା ବିକ୍ରି ଉପରେ କଟକଣା ରହିବ। ସେହିପରି ସମଗ୍ର ବଡଦାଣ୍ଡ ଅଞ୍ଚଳରେ ଆମିଷ ବିକ୍ରି ସମ୍ପୂର୍ଣ୍ଣ ବନ୍ଦ ରହିବ। ଠାକୁରଙ୍କ ସମ୍ମୁଖରେ ସେବାୟତମାନେ ଅନାବଶ୍ୟକ ଭିଡ଼ ନ କରିବାକୁ ମଧ୍ୟ ଆଲୋଚନାରେ ଗୁରୁତ୍ୱ ଦିଆଯାଇଥିଲା।

ଗତବର୍ଷ ଭଳି ଏବର୍ଷ ମଧ୍ୟ ବିଭିନ୍ନ ସରକାରୀ ବିଭାଗ ପକ୍ଷରୁ ୧୨ଟି ସଚେତନତା ଓ ସେବାମୂଳକ ଷ୍ଟଲ ଖୋଲାଯିବ। ସେହିପରି ରଥଯାତ୍ରାର ପ୍ରଥମ ଓ ଦ୍ୱିତୀୟ ଦିନ ସହ ବାହୁଡ଼ା ଯାତ୍ରାର ପ୍ରଥମ ଓ ଦ୍ୱିତୀୟ ଦିନକୁ ମିଶାଇ ମୋଟ ୪ ଦିନ ମଦ ଦୋକାନ ବନ୍ଦ ରଖିବାକୁ ନିଷ୍ପତ୍ତି ନିଆଯାଇଛି। ଜିଲ୍ଲାପାଳ ରଘୁରାମ ଆର. ଆୟର ରଥଯାତ୍ରାକୁ ସଫଳ ଓ ଶାନ୍ତିଶୃଙ୍ଖଳାର ସହ ସମ୍ପନ୍ନ କରିବା ପାଇଁ ସମସ୍ତ ବିଭାଗ, ସେବାୟତ ଓ ସାଧାରଣ ଜନତାଙ୍କ ସହଯୋଗ କାମନା କରିଥିଲେ। ଉକ୍ତ ବୈଠକରେ ଅତିରିକ୍ତ ଜିଲ୍ଲାପାଳ ତଥା ଟ୍ରଷ୍ଟ ବୋର୍ଡ ଅଧ୍ୟକ୍ଷ ନବକୃଷ୍ଣ ଜେନା ସ୍ୱାଗତ ଭାଷଣ ଦେଇଥିବାବେଳେ

### ୧୨ଟି ସରକାରୀ ଷ୍ଟଲ୍ ଖୋଲିବ

କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା, ମହାକାଳପଡ଼ା ବିଧାୟକ ଡ. ଦୁର୍ଗାପ୍ରସନ୍ନ ନାୟକ, ସାଂସଦ ପ୍ରତିନିଧି ଅମିତାଭ ସୁଆର, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଲିଳିତା ଦାସ, ପୌରାଧ୍ୟକ୍ଷା ସରିତା ସାହୁ, ଆରକ୍ଷୀ ଅଧୀକ୍ଷକ ସିଦ୍ଧାର୍ଥ କଟାରିଆ, ବିଭିନ୍ନ ବିଭାଗୀୟ ଅଧିକାରୀ, ସେବାୟତ, ବୁଦ୍ଧିଜୀବୀ ଓ ସାମ୍ବାଦିକମାନେ ଯୋଗଦେଇ ବିଭିନ୍ନ ଗଠନମୂଳକ ପ୍ରସ୍ତାବ ରଖିଥିଲେ। ଏବର୍ଷ ମଧ୍ୟ ବଳଦେବଜୀଉଙ୍କ ରଥଯାତ୍ରାରେ ବିପୁଳ ସଂଖ୍ୟାରେ ଶ୍ରଦ୍ଧାଳୁଙ୍କ ସମାଗମ ହେବାର ଆକଳନ କରାଯାଇଥିବାରୁ ସମସ୍ତ ବ୍ୟବସ୍ଥା ସମୟ ପୂର୍ବରୁ ସମ୍ପୂର୍ଣ୍ଣ କରିବାକୁ ପ୍ରଶାସନ ତତ୍ପରତା ପ୍ରକାଶ କରିଛି।

## ଇଣ୍ଡିଆ ବୁକ୍ ଅଫ୍ ରେକର୍ଡ୍ସରେ ୧୮ ମାସର ଝିଅ

ଗୋବିନ୍ଦପୁର,୪।୭ (ସମିସ): ଆଳି ବ୍ଲକ ଅନ୍ତର୍ଗତ ଦେସାହି ଗ୍ରାମର ସମ୍ବିତ କୁମାର ରାଉତ ଓ କବିତା ମଲ୍ଲିକଙ୍କ ଝିଅ ସାଇ ସମ୍ପୂର୍ଣ୍ଣା ରାଉତ ମାତ୍ର ୧୮ ମାସରେ ଅସାଧାରଣ ସ୍ମରଣ ଶକ୍ତି ଓ ପ୍ରତିଭା ପ୍ରଦର୍ଶନ କରି ଇଣ୍ଡିଆ ବୁକ୍ ଅଫ୍ ରେକର୍ଡସ୍ ସ୍ଥାନ ଅଧିକାର କରିବା ସହିତ ଆଇବିଆର ଆଚିଭର ସମ୍ମାନରେ ସମ୍ମାନିତ ହୋଇଛି। ଏହି କୃତିତ୍ୱ ହାସଲ କରି ସେ ନିଜ ଗ୍ରାମ ଦେସାହି, ଆଳି ବ୍ଲକ ଓ କେନ୍ଦ୍ରାପଡ଼ା ଜିଲ୍ଲା ପାଇଁ ଗୌରବ ଆଣିଛନ୍ତି। ୨୦୨୪ ଅକ୍ଟୋବର ୮ ତାରିଖରେ ଜନ୍ମଗ୍ରହଣ କରିଥିବା ସାଇ ସମ୍ପୂର୍ଣ୍ଣା ମାତ୍ର ୧ ବର୍ଷ ୮ ମାସ ବୟସରେ ୧୦ଟି ପଶୁ, ୫ଟି ରଙ୍ଗ, ଶରୀରର ୧୯ଟି ଅଙ୍ଗ, ୧ରୁ ୧୦ ପର୍ଯ୍ୟନ୍ତ ସଂଖ୍ୟା, ବର୍ଷର ୧୨ ମାସ, ସପ୍ତାହର ସାତ ଦିନ, ଇଂରାଜୀର ୨୬ଟି ବର୍ଣ୍ଣମାଳା ଓ ନର୍ସରୀ ରାଇମ ସଫଳତାର କହି ଏତେ କମ୍ ବୟସରେ ଏଭଳି କୃତିତ୍ୱ ହାସଲ



କରିଛନ୍ତି। ସାଇଙ୍କ ବାପା ଏବେ ଭାରତୀୟ ସେନାରେ କାର୍ଯ୍ୟରତ। ମାତା କବିତା ମଲ୍ଲିକ ଝିଅର ପ୍ରତିଭା ବିକାଶରେ ନିରନ୍ତର ସହଯୋଗ ଓ ପ୍ରେରଣା ଦେଇଆସୁଛନ୍ତି। ସାଇର ଏହି ସଫଳତା ଓ ପୁରସ୍କୃତ ପରେ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟିଛି।

## ଲଗାଣ ବର୍ଷା, ଉବୁଟୁବୁ ଓଳାଭର କାଳୀ ପଡ଼ିଆ

ରାଜକନିକା,୪।୭ (ସମିସ): ଏବେ ବର୍ଷା ଜାରି ରହିଛି। ଏହି ଲଗାଣ ବର୍ଷାରେ ଓଳାଭର କାଳୀ ପଡ଼ିଆ ବେହାଲ ହୋଇପଡ଼ିଛି। ଲୋକମୁଖରେ ଓଳାଭର ଡିଗ୍ରୀ କଲେଜର ଏହି ପଡ଼ିଆକୁ କାଳୀ ପଡିଆ କୁହାଯାଉଥିବାବେଳେ ଏହାର ସୁରକ୍ଷା ଓ ପାଣି ନିଷ୍କାସନ ପାଇଁ ଅନବରତ ଉଦ୍ୟମ ହେଉଥିଲେ ବି ଏଠାରୁ ପାଣି ନିଷ୍କାସନ ନ ହେବା ଏକ ସାଧାରଣ ଘଟଣା ହୋଇଯାଇଛି। କେନ୍ଦ୍ରାପଡ଼ା ଜିଲ୍ଲାର ରାଜକନିକା ବ୍ଲକ ଅଧୀନରେ ଥିବା ଅନ୍ୟତମ ପୁରୁଣା କଲେଜ ଭାବେ ପରିଚିତ ଏହି କଲେଜ ଆଗରେ ଥିବା ଖେଳ ପଡ଼ିଆ ବଜାର ସହ ଲାଗି ରହିଛି। ଅବିଭକ୍ତ ଓଳାଭର ଓ ପାଖାପାଖି ପଞ୍ଚାୟତର ଲୋକଙ୍କ ସହ ଏହି ପଡ଼ିଆ ଏକ ଭାବନାତ୍ମକ ଭାବେ ଜଡ଼ିତ ରହିଛି। ଦୀର୍ଘଦିନ ଧରି ଏହି ପଡ଼ିଆ ଅବହେଳିତ ଅବସ୍ଥାରେ ପଡ଼ିରହିବା ଓ ପୂର୍ବରୁ ଏହି ପଡ଼ିଆରେ ଫୁଟବଲ କ୍ୟାମ୍ପ ଓ ଅନ୍ୟ ଖେଳର କେନ୍ଦ୍ରସ୍ଥଳ ଥିଲା। କିନ୍ତୁ କଲେଜର ଦୁର୍ବଳ ପରିଚାଳନା ଓ ଅଧ୍ୟକ୍ଷଙ୍କ ଅଦକ୍ଷତା ଯୋଗୁଁ ଏବେ ପଡ଼ିଆର ଅବସ୍ଥା ଅତ୍ୟନ୍ତ ଶୋଚନୀୟ। ଏହି ପଡ଼ିଆରୁ ପାଣି ନିଷ୍କାସନ ସହ ଉନ୍ନତିକରଣ ପାଇଁ ପୂର୍ବତନ ଅଧ୍ୟକ୍ଷ ସୁରେଶ ମିଶ୍ରଙ୍କ କାର୍ଯ୍ୟକାଳରେ ପଡ଼ିଆକୁ ରକ୍ଷା କରିବା ପାଇଁ ନିର୍ଦ୍ଦେଶକ ଓ ପିଡବ୍ଲ୍ୟୁଡିକୁ ଚିଠି ଦିଆଯାଇଥିଲା।



ପିଡବ୍ଲୁଡି ପକ୍ଷରୁ ଏଥିରେ ସହ ପଥର ପ୍ୟାକିଂ କରିଥିଲେ। ଯାହା ଯୋଗୁଁ କଲେଜ ନାକ ମାନ୍ୟତା ପାଇବାରେ ସାହାଯ୍ୟ କରୁଥିଲା। ପୁନଶ୍ଚ ୨୦୧୫ରେ ଦେବେନ୍ଦ୍ର ଶର୍ମା ବିଧାୟକ ଥିବାବେଳେ ଜଳସେଚନ ବିଭାଗର ଅନୁମୋଦନରେ ୧୫ ଲକ୍ଷ ଟଙ୍କାରେ ଏଠାରେ ଏକ ସ୍ଲୁଇସ ନିର୍ମାଣ କରାଯାଇଥିଲେ ମଧ୍ୟ ଜବରଦଖଲ ଯୋଗୁ ତାହା ଅକାମୀ ହୋଇପଡିଛି। ପଡ଼ିଆର କିଛି ଅଂଶରେ ବେଆଇନ ସବଲିଜ ଓ ବେଆଇନ ଅତିକ୍ରମଣ ଯୋଗୁଁ ସ୍ଲୁଇସ କାର୍ଯ୍ୟକ୍ଷମ ହୋଇପାରୁନାହିଁ। ପ୍ରତିବର୍ଷ ବର୍ଷାରେ ଉବୁଟୁବୁ ହେଉଥିବା ଏହି ପଡ଼ିଆରୁ ବର୍ଷାଜଳ ନିଷ୍କାସନ ପାଇଁ ସାଧାରଣ ଜନତା ଓ ବହୁ ପୁରୁଣା ଛାତ୍ର ଦାବି କରିଛନ୍ତି।

● ଅଧିକାରୀଙ୍କ ବେପରୁଆ ମନୋଭାବ

## ତହସିଲ କାର୍ଯ୍ୟାଳୟର ସୌନ୍ଦର୍ଯ୍ୟ ନଷ୍ଟ

ରାଜକନିକା,୪।୭ (ସମିସ): ଏକଦା କନିକା ରାଜଶାସନର ପ୍ରାଣକେନ୍ଦ୍ର ଥିବା କନିକା ତହସିଲ ତା'ର ଅବସ୍ଥିତି ଓ ପ୍ରାକୃତିକ ପରିବେଶ ପାଇଁ ଆକର୍ଷଣ ପାଲଟିଥିଲା। ସୁଉଚ୍ଚ



ଦେବଦାରୁ ଗଛ ସହ ରାଜକୀୟ ଢାଞ୍ଚାର କଚେରୀ ଗୃହ ଏହାର ଗାରିମା ବଢ଼ାଇଥିଲା। ସମୟ ବଦଳିବା ସହ ସାରା ଓଡ଼ିଶାର ତହସିଲକୁ ଗୋଟିଏ ମଡେଲରେ ତିଆରି କରିବାକୁ ଐତିହ୍ୟପୂର୍ଣ୍ଣ ଏହି ତହସିଲ କୋଠାକୁ ଭାଙ୍ଗି ନୂଆ ବିଲଡିଂ ଠିଆ କରାଯାଇଛି। ଦୁଃଖର ବିଷୟ କନିକା ତହସିଲର ଏହି ନବନିର୍ମିତ କୋଠା ଉଦଘାଟନ ଦିନ ଏହାକୁ ସୁନ୍ଦର ଭାବେ ସଜାଇବାକୁ ପ୍ରୟାସ ହୋଇ ଏହାର ସାମ୍ନା ବାରଣ୍ଡା, ପୋର୍ଟିକରେ କିଛି କୁଣ୍ଡରେ ଫୁଲ ଗଛ ଲଗାଯାଇ ରଖାଯାଇଥିଲା। ମାତ୍ର ଉଦଘାଟନ ପରେ ତହସିଲଦାର, କର୍ମଚାରୀ ନିଜ ନିଜ ପ୍ରକୋଷ୍ଠ ବାଛି ନେଇ ଡ୍ୟୁଟି କରୁଥିବାବେଳେ ବାରଣ୍ଡାରେ ଥିବା ସେସବୁ ଫୁଲ କୁଣ୍ଡ ଗଛ ଟୋପାଏ ପାଣି ନ ପାଇ ମରିଯାଇଛି। ଯଦି ଗୋଟିଏ ଅଫିସର ସୌନ୍ଦର୍ଯ୍ୟ ବଢ଼ାଇବାକୁ କୁଣ୍ଡର ଫୁଲ ଗଛ ଏତେ ଦରକାରୀ ହେଲା, ସେସବୁକୁ ବଞ୍ଚାଇ ରଖିବାକୁ କେହି ବି ସାମାନ୍ୟ ଉଦ୍ୟମ ନ କରିବା, ସମସ୍ତଙ୍କ ଆଖି ସାମ୍ନାରେ ଗଛ ପାଣି ବିନା ମରିଯିବା ଘଟଣା ବେଶ ସମ୍ବେଦନ ସାବ୍ୟସ୍ତ ହୋଇଛି। ଏହି ଅଫିସରୁ ନିଜର ଚାକିରି ଜୀବନ ଅତିବାହିତ କରୁଥିବା ଅଫିସର ଓ କର୍ମଚାରୀଙ୍କ ମନରେ କେମିତି ଏହି ଗଛ ବଞ୍ଚାଇବାକୁ ତିଳେ ହେଲେ ବି ଦୟା ଆସିଲାନି, ତାହା ଆମର ମାନସିକତାକୁ ପ୍ରମାଣ କରିଛି।

## ଢୋଲମାରା ବିଦ୍ୟାଳୟରେ ବନ ମହୋତ୍ସବ

ରାଜନଗର,୪।୭ (ସମିସ): ରାଜନଗର ବନ ବିଭାଗ ପକ୍ଷରୁ ଚାନ୍ଦିବାଉଁଶମୂଳ ପଞ୍ଚାୟତ ଢୋଲମରା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଛାତ୍ରୀଛାତ୍ରଙ୍କ ଦ୍ୱାରା ୭୭ତମ ବନ ମହୋତ୍ସବ ପାଳନ କରାଯାଇଛି। ଛାତ୍ରଛାତ୍ରୀ ଆଗାମୀ ଉତ୍ତର ପିଢ଼ି ପାଇଁ ଗଛଟିଏ ଲଗାଇ ତାର ଯତ୍ନ ନେବାକୁ ସଂକଳ୍ପ ନେଇ ନିଆରା ବାର୍ତ୍ତା ବାଣ୍ଟିଛନ୍ତି। ଆୟୋଜିତ କାର୍ଯ୍ୟକ୍ରମରେ ବରିଷ୍ଠ ବନପାଳ ବିଜୟ ପାତ୍ର, ସରପଞ୍ଚ ଚିତ୍ତରଞ୍ଜନ ପଣ୍ଡା, ପରିବେଶ କର୍ମୀ ସରୋଜ ରାଉତ, ପ୍ରଧାନ ଶିକ୍ଷୟିତ୍ରୀ ପ୍ରତୀମା ବରାଳ ପ୍ରମୁଖ ଯୋଗଦେଇ ଗଛ ଲଗାଇବା ସହିତ ବୃକ୍ଷ ରୋପଣର ଉପକାରିତା ଉପରେ ଛାତ୍ରୀଛାତ୍ରଙ୍କୁ ବୁଝାଇଥିଲେ। ବିଦ୍ୟାଳୟର ସମସ୍ତ ଶିକ୍ଷକ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ବନରକ୍ଷୀ ତ୍ରିଦେବ ପ୍ରଧାନ ଧନ୍ୟବାଦ ଦେଇଥିଲେ।

## ମାରୁତି ଉଚ୍ଚବିଦ୍ୟାପୀଠରେ ବନମହୋତ୍ସବ

ଡେରାବିଶ,୪।୭ (ସମିସ): ଡେରାବିଶ ବ୍ଲକ୍ କାଉପଡ଼ା ପଞ୍ଚାୟତ ଅନ୍ତର୍ଗତ ବାଘିଲୋବାବନପୁରସ୍ଥ ମାରୁତି ଉଚ୍ଚ ବିଦ୍ୟାପୀଠ ପରିସରରେ ଆଜି ବନ ମହୋତ୍ସବ ପାଳିତ ହୋଇଯାଇଛି। ବନ ମହୋତ୍ସବ ସପ୍ତାହ ପାଳନ ଅବସରରେ ବିଦ୍ୟାଳୟର ଇକୋ କ୍ଲବ ପକ୍ଷରୁ ଆଜି ଛାତ୍ରଛାତ୍ରୀ ପ୍ଲାକାଡର୍ ଧରି ସ୍ଥାନୀୟ ଗ୍ରାମ ପରିକ୍ରମା କରି ବୃକ୍ଷରୋପଣର ଉପକାରିତା ସମ୍ପର୍କରେ ଲୋକଙ୍କୁ ବୁଝାଇଥିଲେ। ପରେ ଛାତ୍ରଛାତ୍ରୀ ବିଦ୍ୟାଳୟର ଶିକ୍ଷକଙ୍କ ସହାୟତାରେ ସ୍ଥାନୀୟ ଅଞ୍ଚଳ ସମେତ ସ୍କୁଲ ପରିସରରେ ବହୁ ପରିମାଣରେ ଫୁଲ, ଫଳ ଓ ଔଷଧୀୟ ବୃକ୍ଷ ରୋପଣ କରିଥିଲେ। ଏ ଅବସରରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପରିବେଶ ସୁରକ୍ଷା ସମ୍ପର୍କିତ ବକ୍ତୃତା, ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ବକ୍ତୃତାରେ ଶ୍ରୀକାନ୍ତ ଜେନା, କ୍ରିଷ୍ଣାପ୍ରିୟାସୀ ହୋତା ଓ ଝାନସୀରାଣୀ ସ୍ୱାଇଁ, ଚିତ୍ରାଙ୍କନରେ ସୁଚିତ୍ରା ସାହୁ, ରାଜକିଶୋର ବାରିକ ଓ ଦୀପଙ୍କର ମଲିକ, ପ୍ରବନ୍ଧରେ ନିରୁପମା ବେହେରା, ଶୁଭପ୍ରିୟା ବେହେରା ଓ ଲକ୍ଷ୍ମୀପ୍ରିୟା ବେହୁରା ଯଥାକ୍ରମେ ଏହି ପ୍ରତିଯୋଗିତାରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଏ ଅବସରରେ ପ୍ରଧାନ ଶିକ୍ଷକ ବିଚିତ୍ର କୁମାର ବିଶ୍ୱାଳଙ୍କ ସଭାପତିତ୍ୱରେ ଅନୁଷ୍ଠିତ ପୁରସ୍କାର ବିତରଣୀ ସଭାରେ ଅତିଥି ଭାବେ ଶିକ୍ଷାବିତ୍ ମନୋରଞ୍ଜନ ସାମଲ, କରୁଣାକର ସ୍ୱାଇଁ, ନରହରି ନାଥଶର୍ମା, ଅମରଜ୍ୟୋତି ବେହେରା, ହୃଷିକେଶ ସ୍ୱାଇଁ, କ୍ଷେତ୍ରମୋହନ ସାହୁ ଓ ବୈକୁଣ୍ଠ ବିହାରୀ ସ୍ୱାଇଁ ଯୋଗଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ବିତରଣ କରିଥିଲେ।

## ପୂର୍ବତନ ସରପଞ୍ଚ ବ୍ରଜେନ୍ଦ୍ର ଜେନାଙ୍କ ଶ୍ରଦ୍ଧାଞ୍ଜଳି ସଭା

ମହାକାଳପଡ଼ା, ୪।୭ (ସମିସ): ମହାକାଳପଡ଼ା ପଞ୍ଚାୟତର ପୂର୍ବତନ ସରପଞ୍ଚ ବ୍ରଜେନ୍ଦ୍ର ଜେନାଙ୍କ ଦ୍ୱିତୀୟବାର୍ଷିକ ଶ୍ରଦ୍ଧାଞ୍ଜଳି



ସଭା କେୟାରବାଙ୍କ ହାଇସ୍କୁଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏ ଅବସରରେ ତାଙ୍କର ସାମାଜିକ, ଶିକ୍ଷା ଓ ଗ୍ରାମ୍ୟ ଉନ୍ନୟନ କ୍ଷେତ୍ରରେ ଥିବା ଉଲ୍ଲେଖନୀୟ ଅବଦାନକୁ ଅତିଥିମାନେ ସ୍ମରଣ କରିଥିଲେ। ପୂର୍ବତନ ସରପଞ୍ଚ ତଥା ଆଇନଜୀବୀ ବାବାଜୀ ଚରଣ ସେଠୀ ସଭାପତିତ୍ୱ କରିଥିଲେ। ଶ୍ରଦ୍ଧାଞ୍ଜଳି ପରିଷଦର ସମ୍ପାଦକ କାର୍ତ୍ତିକ ଖୁଣ୍ଟିଆଙ୍କ ସଂଯୋଜନାରେ ଆୟୋଜିତ ସଭାରେ ଶିକ୍ଷା ବିଭାଗର ପୂର୍ବତନ ନିର୍ଦ୍ଦେଶକ ରଞ୍ଜିତ ପ୍ରଧାନ ମୁଖ୍ୟଅତିଥି, ଶରତ ନାୟକ ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ। ସମାଜସେବୀ ସାରଦା ପ୍ରସାଦ ଚୌଧୁରୀ, ଅବସରପ୍ରାପ୍ତ ଶିକ୍ଷକ ପୀତାମ୍ବର ମଲ୍ଲ, ଶିକ୍ଷୟିତ୍ରୀ କବିତା ବେହେରା ପ୍ରମୁଖ ଉପସ୍ଥିତ ଥିଲେ। ବକ୍ତାମାନେ କହିଥିଲେ, ସ୍ୱର୍ଗତ ବ୍ରଜେନ୍ଦ୍ର ଜେନା ସରପଞ୍ଚ ଥିବା ସମୟରେ ବାୟାବାବା କଲେଜ, ହାଇସ୍କୁଲ ସମେତ ବିଭିନ୍ନ ଶିକ୍ଷାନୁଷ୍ଠାନ ଓ ସାମାଜିକ ସଂଗଠନର ବିକାଶରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇଥିଲେ। ଶିକ୍ଷା, ସ୍ୱାସ୍ଥ୍ୟ ଓ ଗ୍ରାମ୍ୟ ଉନ୍ନୟନ କ୍ଷେତ୍ରରେ ତାଙ୍କ ଅବଦାନ ସର୍ବଦା ସ୍ମରଣୀୟ ହୋଇ ରହିବ। ଶେଷରେ ବୋର୍ଡ ପରୀକ୍ଷାରେ କୃତିତ୍ୱ ହାସଲ କରିଥିବା ତିନିଜଣ ମେଧାବୀ ଛାତ୍ରଛାତ୍ରୀ ପ୍ରିୟଦର୍ଶିନୀ ଖୁଣ୍ଟିଆ, ପ୍ରୀତିପ୍ରଦର୍ଶିନୀ କର ଓ ସୌମ୍ୟରଞ୍ଜନ ପଣ୍ଡାଙ୍କୁ ଉତ୍ତରୀୟ, ମାନପତ୍ର ଓ ସ୍ମାରକ ପ୍ରଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଶ୍ରଦ୍ଧାଞ୍ଜଳି ସଭାରେ ଅଞ୍ଚଳର ବହୁ ବୁଦ୍ଧିଜୀବୀ, ଶିକ୍ଷକ, ଛାତ୍ରଛାତ୍ରୀ ଓ ସାଧାରଣ ଜନସାଧାରଣ ଉପସ୍ଥିତ ରହି ସ୍ୱର୍ଗତ ବ୍ରଜେନ୍ଦ୍ର ଜେନାଙ୍କ ପ୍ରତି ଭାବପୂର୍ଣ୍ଣ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

## କେରଡ଼ାଗଡ଼ ରଥଯାତ୍ରା ପାଇଁ ପ୍ରସ୍ତୁତି ବୈଠକ



ରାଜନଗର,୪।୭ (ସମିସ): ପୁରାଣ ପ୍ରସିଦ୍ଧ ରାଜନଗର ବ୍ଲକ କେରଡ଼ାଗଡ଼ର ଶ୍ରୀଶ୍ରୀ ଜଗନ୍ନାଥଜୀଉଙ୍କ ରଥଯାତ୍ରା ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଶନିବାର ପୂର୍ବାହ୍ନରେ ମନ୍ଦିର ପରିସରରେ ଆୟୋଜିତ ପ୍ରାକ୍ ପ୍ରସ୍ତୁତି ବୈଠକରେ ରାଜନଗର ତହସିଲଦାର ଯୀଶୁକୃଷ୍ଣ ଦାସ ପୌରୋହିତ୍ୟ କରିବା ସହିତ ଚଳିତ ବର୍ଷ ପୂର୍ବବର୍ଷ ଭଳି ଶାନ୍ତିଶୃଙ୍ଖଳା ସହିତ ସମାପନ ପାଇଁ ପ୍ରସ୍ତାବ ରଖିଥିଲେ। ଏହି ଆଲୋଚନାରେ ଭାଗ ନେଇ ରାଜନଗର ବିଧାୟକ ଧ୍ରୁବ ସାହୁ ଆମ ଅଞ୍ଚଳର ସର୍ବପ୍ରାଚୀନ ଜଗନ୍ନାଥ ଧାମର ଆରାଧ୍ୟ ଦେବତା ଶ୍ରୀଜୀଉଙ୍କ ପବିତ୍ର ଶ୍ରୀଗୁଣ୍ଡିଚା ଯାତ୍ରା ଆମ ସଂସ୍କୃତିର ଅନନ୍ୟ ଗୌରବମୟ ଅଧ୍ୟାୟ। ଏଠାରେ ପ୍ରତିବର୍ଷ ହଜାର ହଜାର ଶ୍ରଦ୍ଧାଳୁ ଯୋଗ ଦେଉଥିବାରୁ ଯେପରି ସୁରୁଖୁରୁରେ ରଥଯାତ୍ରା ହୋଇପାରିବ, ଏଥିପାଇଁ ସମସ୍ତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ। ରଥ ଦାଣ୍ଡ, କେରଡ଼ାଗଡ଼କୁ ସଂଯୋଗ କରୁଥିବା ମୁଖ୍ୟ ରାସ୍ତାର ମରାମତି ଯୁଦ୍ଧକାଳୀନ ଭିତ୍ତିରେ ଶେଷ କରିବାକୁ ସମ୍ପୃକ୍ତ ଅଧିକାରୀଙ୍କୁ କହିଥିଲେ। ଏହି ପ୍ରସ୍ତୁତି ବୈଠକରେ ପଞ୍ଚାୟତ ସମିତି ଅଧ୍ୟକ୍ଷା ପ୍ରତିଭା ପାତ୍ର, ବିଡିଓ ଅଶୋକ କୁମାର ମହାନ୍ତି, ଆଇଆଇସି ନରେଶ କୁମାର ସାହୁ, ଅରୁଣ କୁମାର ସାହୁ, କୈଳାସ ଚନ୍ଦ୍ର ପରିଡା, ଦିଲ୍ଲୀପ କୁମାର ପାତ୍ର, ନବକିଶୋର ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ବୈଠକକୁ କେରଡ଼ାଗଡ଼ ଶ୍ରୀଜଗନ୍ନାଥ ମନ୍ଦିରର ବିଶୋଇ ପ୍ରଫୁଲ କୁମାର ନାୟକ ପରିଚାଳନା କରିଥିଲେ। ଏଥିରେ ଆର ଆଣ୍ଡ ବି, ବିଦ୍ୟୁତ ବିଭାଗ, ପାନୀୟ ଜଳଯୋଗାଣ ବିଭାଗ, ଅଗ୍ନିଶମ ବିଭାଗ, ରାଜସ୍ୱ ବିଭାଗ, ସ୍ୱାସ୍ଥ୍ୟ ବିଭାଗ ଅଧିକାରୀ ଉପସ୍ଥିତ ଥିଲେ।

## ବଡ଼ମୋହନପୁର ଉପ୍ରା ବିଦ୍ୟାଳୟରେ ଅବସରକାଳୀନ ସମ୍ବର୍ଦ୍ଧନା

ପଟ୍ଟାମୁଣ୍ଡାଇ,୪।୭ (ସମିସ): ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ବଡ଼ମୋହନପୁର ଉପ୍ରା ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରଦୀପ୍ତ କୁମାର ସାମଲ ଚାକିରିରୁ ଅବସର ଗ୍ରହଣ କରିଥିବାରୁ ତାଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଜ୍ଞାପନ କରିବା ପାଇଁ ଏକ ସମ୍ବର୍ଦ୍ଧନା ସଭା ଉକ୍ରଳମଣି ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ କ୍ଲଷ୍ଟର ପକ୍ଷରୁ ଚିଦାନନ୍ଦ ଉଚ୍ଚବିଦ୍ୟାଳୟଠାରେ ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ରାପଡ଼ା ଜିଲ୍ଲା ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ ସଭାପତି କରୁଣାକର ଭଳଙ୍କ ପୌରୋହିତ୍ୟରେ ଆୟୋଜିତ ସଭାରେ ପ୍ରାକ୍ତନ ସ୍କୁଲ ଶିକ୍ଷା ନିରୀକ୍ଷକ ବ୍ରହ୍ମାନନ୍ଦ ସାମନ୍ତରାୟ ମୁଖ୍ୟଅତିଥି, ପଟ୍ଟାମୁଣ୍ଡାଇ କଲେଜର ପ୍ରାକ୍ତନ ପ୍ରାଧ୍ୟାପକ ଡ. ଶ୍ରୀକାନ୍ତ ନାରାୟଣ ଦାଶ ମୁଖ୍ୟବକ୍ତା, ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ ରାଜ୍ୟ ସଭାପତି ସୁଶାନ୍ତ ପ୍ରଧାନ, ପୂର୍ବତନ ସିଆରସିସି ବିଧୁଭୂଷଣ ମହାନ୍ତି, ବଡ଼ମୋହନପୁର



ସରପଞ୍ଚ ଯଶୋମତୀ ରାଉତ, ଚିଦାନନ୍ଦ ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ଦୁର୍ଗେଶ ନନ୍ଦିନୀ ସାମନ୍ତରାୟ, ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ ପଟ୍ଟାମୁଣ୍ଡାଇ ବ୍ଲକ ସଭାପତି ପ୍ରଦୀପ ସାହୁ, ସିଆରସିସି ରଞ୍ଜନ ବେହେରା, ଶିକ୍ଷକ ନେତା କବି ଅନ୍ତର୍ଯ୍ୟାମୀ ବେଜ, ଶିକ୍ଷକନେତା ସନାତନ ପୃଷ୍ଟି ଓ ପରମାନନ୍ଦ ବେହେରା ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ବିଦାୟୀ ପ୍ରଧାନଶିକ୍ଷକ ପ୍ରଦୀପ୍ତ ସାହୁଙ୍କ କର୍ମମୟ ଜୀବନ ଓ ବଡ଼ମୋହନପୁର ଉପ୍ରା ବିଦ୍ୟାଳୟ ବିକାଶ କ୍ଷେତ୍ରରେ ଅବଦାନ ସମ୍ପର୍କରେ ଆଲୋକପାତ କରିବା ସହିତ ମାନପତ୍ର, ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥିଲେ। ସହକାରୀ ଶିକ୍ଷୟିତ୍ରୀ ଅନୁସୂୟା ପୂଜାରୀ ସ୍ୱାଗତ ଭାଷଣ ଓ ଅନନ୍ୟା ବାରିକ ଅତିଥି ପରିଚୟ ପ୍ରଦାନ କରିଥିଲେ। କବୟିତ୍ରୀ ଚାରୁଲତା ଭୂୟାଁ ମାନପତ୍ର ପାଠ କରିଥିଲେ। ଶେଷରେ ସଂଜୀବ ତରାଇ ଧନ୍ୟବାଦ ଦେଇଥିଲେ। ଏହି କାର୍ଯ୍ୟକ୍ରମକୁ ବିନାୟକ ନନ୍ଦ, ଜ୍ୟୋତିରଞ୍ଜନ ମଣ୍ଡଳ, କଳ୍ପନା ନାଥ ଓ ବର୍ଷାରାଣୀ ନାୟକ ପ୍ରମୁଖ ପରିଚାଳନା କରିଥିଲେ।

● ମାନବିକତା ଦେଖାଇଲେ ବସ୍‌ଷ୍ଟାଣ୍ଡ କର୍ମଚାରୀ

## ବସ୍ ମଧ୍ୟରୁ ପାଇଥିବା ଭ୍ୟାନିଟ୍ ଫେରାଇଲେ

ରାଜକନିକା, ୪।୭ (ସମିସ): କିଏ କହୁଛି ମଣିଷପଣିଆ ହଜିଗଲାଣି। ଏବେ ବି ଲୋଭ କି ମୋହ ଛୁଇଁ ପାରିନି। କିଏ ବାଟରେ ପାଇଥିବା ଜିନିଷକୁ ଗୋଟେଇ ନେଇ ଅଣ୍ଟିରେ ପୂରାଇ ଖୁସି ବି ହେଉଛନ୍ତି। ସାମାନ୍ୟ ନଜର ଆଡୁଆଳ ହେଲେ ଆଖି ଆଗରେ ଥିବା ଜିନିଷ ଓ ଟଙ୍କା ଆଖି ପିଛୁଳାକେ ଉଠାଇ ନେଉଛନ୍ତି। ତେବେ ବସ୍‌ଷ୍ଟାଣ୍ଡରେ ହାଉସକିପିଂ ଭଳି ଛୋଟ ଚାକିରି କରି ନିଜର ବଡ଼ ହୃଦୟର ପରିଚୟ ଦେଇଛନ୍ତି ରାଜକନିକା ବସ୍‌ଷ୍ଟାଣ୍ଡର ହାଉସକିପିଂ ଷ୍ଟାଫ ଚନ୍ଦନ ଲେଙ୍କା। ଗତକାଲି ସକାଳ ୯.୧୫ଟା ସମୟରେ ରାଜକନିକାରୁ ହାଟସାହିକୁ ଯାଇ ଫେରିଥିବା ମୋ' ବସକୁ ଷ୍ଟାଣ୍ଡରେ ଚେକ କରୁଥିବାବେଳେ ଚନ୍ଦନ ଏକ ଭ୍ୟାନିଟ୍ ବ୍ୟାଗ ପାଇ ସଙ୍ଗେ ସଙ୍ଗେ ବସ୍ ସୁପରଭାଇଜର ସମୀର ବିଶ୍ୱାଳ ଓ ଷ୍ଟାଣ୍ଡ ସୁପରଭାଇଜର ସୂର୍ଯ୍ୟକାନ୍ତ ବାରିକଙ୍କୁ ଜଣାଇଥିଲେ। ଦୁଇ ସୁପରଭାଇଜର ଏକଥା ବିଭିନ୍ନ ଆଡ଼େ କହିବା ପରେ ଆଜି ସକାଳେ ଭ୍ୟାନିଟ ଛାଡିଥିବା ହାଟସାହି ଗ୍ରାମର ପ୍ରଭାତୀ ପଡିହାରୀ ରାଜକନିକା ଷ୍ଟାଣ୍ଡରେ ପହଞ୍ଚି ଉପଯୁକ୍ତ ପ୍ରମାଣ ଦେଇ ଚନ୍ଦନଙ୍କ ହାତରୁ ତାଙ୍କର ଗୋଲାପୀ ରଙ୍ଗର ଭ୍ୟାନିଟ ବ୍ୟାଗ ସହ ୨ ହଜାର ଟଙ୍କା ଓ



ଅନ୍ୟାନ୍ୟ କାଗଜପତ୍ର ଫେରିପାଇବା ପରେ ଚନ୍ଦନଙ୍କୁ ତାଙ୍କର ଏଭଳି କାର୍ଯ୍ୟ ପାଇଁ କୃତଜ୍ଞତା ପ୍ରଦାନ କରିଛନ୍ତି। ଚନ୍ଦନଙ୍କ ଘର ଆଳି ଥାନା ଅନ୍ତର୍ଗତ ମାଳପାଟଣା ଗ୍ରାମରେ ହୋଇଥିବାବେଳେ ସେ ଏହି ବସଷ୍ଟାଣ୍ଡରେ ୩ ବର୍ଷ ହେବ ଯୋଗ ଦେଇଛନ୍ତି। ବସ୍ ଓ ଟ୍ରେନ ଯାତ୍ରା ସମୟରେ ଲୋକେ ଛିନତାଇ ଓ ଡକାୟତିର ସମ୍ମୁଖୀନ ହୋଇ ଏକ ନକରାତ୍ମକ ଭାବନା ଆଣୁଥିବାବେଳେ ଚନ୍ଦନଙ୍କ କାର୍ଯ୍ୟ ଅନ୍ୟ ସମସ୍ତଙ୍କ ପାଇଁ ଉଦାହରଣ ସୃଷ୍ଟି କରିଛି।

## ପଟ୍ଟାମୁଣ୍ଡାଇ ଆଦର୍ଶ ଥାନା ପକ୍ଷରୁ ନିଶାମୁକ୍ତ ଅଭିଯାନ

ପଟ୍ଟାମୁଣ୍ଡାଇ,୪।୭ (ସମିସ): ପଟ୍ଟାମୁଣ୍ଡାଇ ଆଦର୍ଶ ଥାନା ପକ୍ଷରୁ ନିଶାମୁକ୍ତ ଓଡ଼ିଶା ଅଭିଯାନ କାର୍ଯ୍ୟକ୍ରମ ଆୟୋଜିତ ହୋଇଛି। ଏଥିରେ ଥାନା ଆଇଆଇସି ବନ୍ଦନା ପାତ୍ର ଯୋଗଦେଇ ସମାଜ ନିଶାମୁକ୍ତ ହେଲେ ଏକ ସୁସ୍ଥ ସୁନ୍ଦର ଶାନ୍ତିପୂର୍ଣ୍ଣ ସମାଜ ଗଠନ ହୋଇପାରିବ ବୋଲି ମତ ପ୍ରକାଶ କରିବା ସହ ସମ୍ପ୍ରତ ନିଶା ଯୁବ ସମାଜକୁ ବିପଥଗାମୀ କରିବା ସହିତ ସାମାଜିକ ଓ ପାରିବାରିକ ଅଶାନ୍ତି ଓ ଗଣ୍ଡଗୋଳ ସୃଷ୍ଟି କରୁଛି। ଏବେଠାରୁ ଆମେ ଏକାଠି ହୋଇ ନିଶା ବିରୋଧରେ



ଲଢେଇ ନ କଲେ, ଆଗାମୀ ଦିନରେ ଯୁବ ସମାଜ ନିଶାଗ୍ରସ୍ତ ହୋଇ ସାମାଜିକ ଶାନ୍ତି ସଦଭାବ ନଷ୍ଟ କରି ସମାଜକୁ ବିକଳାଙ୍ଗ କରିଦେବେ ବୋଲି ସତର୍କ କରାଇ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ପଟ୍ଟାମୁଣ୍ଡାଇ ଆଦର୍ଶ ଥାନା ଏସଆଇ ସୁମନ୍ତ ସେଠୀ ଓ କୈଳାସ ଚନ୍ଦ୍ର ପରିଡ଼ା ଯୋଗଦେଇ ନିଶାମୁକ୍ତ ଅଭିଯାନ ସଫଳ କରିବା ଉପରେ ନିଜର ମତାମତ ଉପସ୍ଥାପନ କରିଥିଲେ। ଉପସ୍ଥିତ ଜନସାଧାରଣ, ବୁଦ୍ଧିଜୀବୀ ଓ ସାମ୍ବାଦିକ ନିଶାରୁ ନିବୃତ୍ତ ରହିବା ପାଇଁ ଶପଥ ପାଠ କରିଥିଲେ।

## ଆଜି ପ୍ରକାଶ ପାଇବ ଚିଠା ଭୋଟର ତାଲିକା | ଅଗଷ୍ଟ ୪ ପର୍ଯ୍ୟନ୍ତ ଦାବି ଓ ଆପତ୍ତି ଗ୍ରହଣ

କେନ୍ଦ୍ରାପଡ଼ା,୪।୭ (ସମିସ)

ସ୍ୱତନ୍ତ୍ର ସଘନ ସଂଶୋଧନ (ଏସ୍‌ଆଇଆର)-୨୦୨୬ କାର୍ଯ୍ୟକ୍ରମ ଅନ୍ତର୍ଗତ କେନ୍ଦ୍ରାପଡ଼ା ଜିଲ୍ଲାର ପାଞ୍ଚଟି ବିଧାନସଭା ନିର୍ବାଚନମଣ୍ଡଳୀର ଚିଠା ଭୋଟର ତାଲିକା ଆସନ୍ତାକାଲି ପ୍ରକାଶ ପାଇବ। ଏହାପରେ ଏକମାସ ଧରି ମତଦାତାଙ୍କଠାରୁ ଦାବି ଓ ଆପତ୍ତି ଗ୍ରହଣ କରାଯିବ। ଯାଞ୍ଚ ପ୍ରକ୍ରିୟା ଶେଷ ପରେ ସେପ୍ଟେମ୍ବର ୬ ତାରିଖରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ କରାଯିବ। ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ନିର୍ଦ୍ଦେଶ ଅନୁଯାୟୀ ଗତ ମେ ୩୦ରୁ ଜୁନ ପର୍ଯ୍ୟନ୍ତ କେନ୍ଦ୍ରାପଡ଼ା ଜିଲ୍ଲାର ସମସ୍ତ ପାଞ୍ଚଟି ବିଧାନସଭା ନିର୍ବାଚନମଣ୍ଡଳୀରେ ଭୋଟର ତାଲିକାର ସ୍ୱତନ୍ତ୍ର ସଘନ ସଂଶୋଧନ କାର୍ଯ୍ୟକ୍ରମ ଅନ୍ତର୍ଗତ ଫର୍ମ ସଂଗ୍ରହ

**ସେପ୍ଟେମ୍ବର ୬ରେ ଚୂଡ଼ାନ୍ତ ତାଲିକା।**

ଓ ଡିଜିଟାଇଜେସନ କାର୍ଯ୍ୟ ସଫଳତାର ସହ ସମ୍ପନ୍ନ ହୋଇଛି। ଏହା ଆଧାରରେ ୯୬-ପାଟକୁରା, ୯୭-କେନ୍ଦ୍ରାପଡ଼ା, ୯୮-ଆଳି, ୯୯-ରାଜନଗର ଓ ୧୦୦-ମହାକାଳପଡ଼ା ବିଧାନସଭା ନିର୍ବାଚନମଣ୍ଡଳୀର ଖସଡ଼ା ଭୋଟର ତାଲିକା ପ୍ରକାଶ ପାଇବ। ପ୍ରକାଶିତ ଚିଠା ତାଲିକାରେ ଯଦି କୌଣସି ମତଦାତାଙ୍କ ନାମ ଛାଡ଼ି ଯାଇଥାଏ କିମ୍ବା ଭୁଲ ତଥ୍ୟ ରହିଥାଏ, ତେବେ ସେମାନେ ଜୁଲାଇ ୫ରୁ ଅଗଷ୍ଟ ୪ ତାରିଖ ମଧ୍ୟରେ ଦାବି ଓ ଆପତ୍ତି ଦାଖଲ କରିପାରିବେ। ଏହି ସମସ୍ତ ଆବେଦନର ଯାଞ୍ଚ ଓ ଫଇସଲା ଅଗଷ୍ଟ ୪ରୁ ସେପ୍ଟେମ୍ବର ୨ ତାରିଖ ମଧ୍ୟରେ ସମ୍ପନ୍ନ ହେବ। ସମସ୍ତ ପ୍ରକ୍ରିୟା ଶେଷ ପରେ ସେପ୍ଟେମ୍ବର ୬ରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ କରାଯିବ।

ଜିଲ୍ଲାପାଳ ରଘୁରାମ ଆର. ଆୟର ପୂର୍ବରୁ ସମସ୍ତ ନିର୍ବାଚନ ପଞ୍ଜୀକରଣ ଅଧିକାରୀ (ଇଆରଓ) ଓ ସହକାରୀ ନିର୍ବାଚନ ପଞ୍ଜୀକରଣ ଅଧିକାରୀ (ଏଇଆରଓ)ଙ୍କୁ ଦାବି ଓ ଆପତ୍ତି ଗ୍ରହଣ, ଯାଞ୍ଚ ଓ ଫଇସଲା ପ୍ରକ୍ରିୟାକୁ ସମ୍ପୂର୍ଣ୍ଣ ସ୍ୱଚ୍ଛ, ନିରପେକ୍ଷ ଓ ସମୟବଦ୍ଧ ଭାବେ ସମ୍ପାଦନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ବିଶେଷକରି କୌଣସି ଯୋଗ୍ୟ ମତଦାତା ଯେପରି ଭୋଟର ତାଲିକାରୁ ବାଦ୍ ନ ପଡ଼ନ୍ତି, ସେଥିପ୍ରତି ସତର୍କ ରହିବାକୁ କୁହାଯାଇଛି। ଜିଲ୍ଲାପାଳଙ୍କ କହିବାନୁସାରେ, କେନ୍ଦ୍ରାପଡ଼ା ଜିଲ୍ଲାରେ ସ୍ୱତନ୍ତ୍ର ସଘନ ସଂଶୋଧନ (ଏସ୍‌ଆଇଆର)-୨୦୨୬ କାର୍ଯ୍ୟକ୍ରମ ସଫଳତାର ସହ ସମ୍ପନ୍ନ ହୋଇଥିବାବେଳେ ଚିଠା ଭୋଟର ତାଲିକା ପ୍ରକାଶ ପରେ ସାଧାରଣ ଜନତା ନିଜ ନାମ ଓ ବିବରଣୀ ଯାଞ୍ଚ କରି ଆବଶ୍ୟକ ହେଲେ ନିର୍ଦ୍ଧାରିତ ସମୟ ମଧ୍ୟରେ ଦାବି କିମ୍ବା ଆପତ୍ତି ଦାଖଲ କରିବାକୁ ଆହ୍ୱାନ ଦିଆଯାଇଛି।



ଡ. ସ୍ମୃତି ପଟ୍ଟନାୟକ



# ଉଡ଼ାଣ

ନିରୋଦ ବାବୁ ରବିବାର ଦିନ ସଂଧ୍ୟାରେ ମହାନଦୀ ବିହାରର ଜଗନ୍ନାଥ ଉଦ୍ୟାନରେ ବୁଲୁଥାନ୍ତି, ସୋହମ୍ ତା' ସାଙ୍ଗ ରବିନ୍ ସହ ସିମେଣ୍ଟ ବେଞ୍ଚ ଉପରେ ବସି ଗପସପ କରୁଥାଏ। ନିରୋଦ ବାବୁଙ୍କୁ ଦେଖି ଅଙ୍କଲ୍ ନମସ୍କାର କହି ପୁଣି ଗପସପରେ ମନ ଦେଲା। କିଛି ସମୟ ପାର୍କରେ ଚାଲିବା ପରେ ନିରୋଦ ବାବୁ ଜଗନ୍ନାଥ ମନ୍ଦିର ଗଲେ। ମନ୍ଦିରରେ ଆଳତି ହେଉଥାଏ। ଲୋକଗହଳି ଥାଏ। ନିରୋଦ ବାବୁ ଗୋଟାଏ କୋଣକୁ ଛିଡ଼ା ହୋଇଥିଲେ।

ଆଳତି ସରିଲା ପରେ ଠାକୁରଙ୍କ ଚନ୍ଦନ ତୁଳସୀ ପାଇ ଆସିଲା ବେଳକୁ ଗେଟ୍ ସାମ୍ନାରେ ଚାହା ଦୋକାନୀ ରାମୁ କହିଲା "ସାର୍ ନମସ୍କାର, ଆପଣଙ୍କୁ ଦେଖି ଅଦା ପକା ଚା' କରିଛି।" ରାମୁର ଚା' ସ୍ୱାଦ ନିଆରା, ଯିଏ ଥରେ ପିଇଛି ସେ ତା' ଚା' ପ୍ରେମରେ ପଡ଼ିବା ଥୟ। ସୋହମ୍ କେତେବେଳେ ଏକୁଟିଆ ଆସି ତାଙ୍କ ପାଖରେ ଛିଡ଼ା ହୋଇ ସବୁ କଥା ଶୁଣୁଥିଲା,ରାମୁ ଖୁସିରେ କହୁଥାଏ "ସାର୍ ଜାଣିଛନ୍ତି ଗୋଟିଏ ଭଲ ଖବର ଆପଣ ଶୁଣିଲେ ବହୁତ ଖୁସି ହେବେ। ଆପଣ ତ ଆସୁନଥିଲେ କିଛିଦିନ ହେଲାଣି, ମୁଁ ଆପଣଙ୍କୁ ବହୁତ ମନେ ପକାଉଥିଲି।"

ନିରୋଦ ବାବୁ କହିଲେ "ଚାକିରିରୁ ଅବସର ନେଲା ପରେ ମୁଁ ଏଠି ନଥିଲି କିଛିଦିନ ହେଲାଣି ଗାଁକୁ ଯାଇଥିଲି ମାସେ ରହିକି ଆସିଲି। ଗାଁରୁ ଆସିବାକୁ ଇଚ୍ଛା ହଉନଥିଲା। ବହୁତ ଭଲ ଲାଗୁଥିଲା ଗାଁର ପରିବେଶ ତା' ସହ ଗାଁ ଲୋକଙ୍କ ଅକୁଣ୍ଠିତ ସ୍ନେହ ଶ୍ରଦ୍ଧା, କିନ୍ତୁ ତମମାନଙ୍କ କଥା ସବୁ ମନେ ପଡ଼ିବାରୁ ଆସିଲି, ପୁଣି ଫେରିଯିବି, ଗାଁରେ ଗୋଟିଏ ବୈଷୟିକ ବିଦ୍ୟାଳୟ ଖୋଲିଛି। ତାଲିମପ୍ରାପ୍ତ ଶିକ୍ଷକମାନଙ୍କୁ ନିଯୁକ୍ତି ଦେଇଛି। କିଛି ଗୋଟାଏ ନୂଆ କାମ କଲେ ଭଲ ଲାଗିବ।" ନିରୋଦ ବାବୁ ଖୁବ୍ ପ୍ରଗଳ୍ଭ ହୋଇ ପଡୁଥିଲେ।

ପ୍ରକୃତିସ୍ଥ ହେଲା ପରେ ପଚାରିଲେ "ଆରେ ରାମୁ କ'ଣ ଖୁସି ଖବର କହିବ କହୁଥିଲ, ଏବେ କୁହ।" ରାମୁ କହିଲା "ସାର୍ ମୋ ସାନ ଭାଇ ଏଥର କ୍ଲାଟ୍ ପରୀକ୍ଷାରେ କୃତକାର୍ଯ୍ୟ ହେଇଛି। ଏବେ ସେ ନ୍ୟାସନାଲ୍ ଲ' ବିଶ୍ୱବିଦ୍ୟାଳୟରେ ଆଡ୍‌ମିସନ ନେଇପାରିବ।"

"ଆରେ ବାଃ ବହୁତ ଖୁସି ଖବର।"

ରାମୁ କହିଲା "ସାର୍! କରୋନାରେ ଆକ୍ରାନ୍ତ ହୋଇ ବାପା ଓ ବୋଉ ଦୁହେଁ ଆଗ ପଛ ହୋଇ ଚାଲିଗଲେ, ରହିଗଲୁ ସାନ ଭାଇ ଓ ମୁଁ।"

"ତମର ପରିଶ୍ରମ ଓ ସଚ୍ଚୋଟପଣିଆ ଯୋଗୁଁ ସବୁ ସମ୍ଭବ ହେଇପାରିଲା।"

ରାମୁ କହିଲା "ସାର୍ ମୋର ଗୋଟିଏ ଛୋଟିଆ ଅନୁରୋଧ ରଖିବେ। ଦୁଇ ବର୍ଷ ହେବ ମୋ' ବାହାଘର ହେଇଛି ବେଟର୍ ହାପ୍ ଲିଲିମାର ଭାରି ଇଚ୍ଛା, ଏଇ ଖୁସିରେ ଆମର ଶୁଭାକାଂକ୍ଷୀମାନଙ୍କୁ ଘରକୁ ଡାକି ଏକ ଟି' ପାର୍ଟି ଦେବା ପାଇଁ। ଆପଣ ଯଦି କିଛି ନ ଭାବନ୍ତି ଆସନ୍ତାକାଲି ସଂଧ୍ୟାବେଳେ ମ୍ୟାଡାମ୍‌ଙ୍କୁ ନେଇ ଆମ ଘରକୁ ନିଶ୍ଚୟ ଆସିବେ। ସାନଭାଇକୁ ଆଶୀର୍ବାଦ କରିବେ।" ରାମୁ ଇମୋସନାଲ୍ ହେଇଯାଉଥିଲା। ଆଖିରୁ ଆନନ୍ଦାଶ୍ରୁ ବୋହି ଯାଉଥିଲା।

ନିରୋଦ ବାବୁ କହିଲେ "ଏତେ ବଡ଼ ଖୁସି କଥା, ମୁଁ ମ୍ୟାଡାମ୍‌ଙ୍କ ସହ ଆସିବି, କଥା ଦେଲି ତମକୁ।"

ସୋହମ୍ ନୀରବ ହୋଇ ସେମାନଙ୍କ କଥୋପକଥନ ଶୁଣୁଥିଲା, ସେ କହିଲା "ଅଙ୍କଲ୍ ମୋର କ'ଣ ଇଚ୍ଛା ଅଛି ଜାଣନ୍ତି? ମୁଁ ଚାହୁଁଛି ପରିବେଶ ବିଜ୍ଞାନ ବିଷୟ ନେଇ ପଢ଼ିବି, ଭବିଷ୍ୟତରେ ଗବେଷଣା କରି ଲୋକମାନଙ୍କ ମନ ଭିତରେ ପରିବେଶ ପ୍ରତି ସଚେତନତା ଭାବ ସୃଷ୍ଟି କରିବି।"

"ବହୁତ ଭଲ କଥା।"

"ହେଲେ ଅଙ୍କଲ୍ ମୋ ମମି ଓ ପାପାଙ୍କର ଲକ୍ଷ୍ୟ ମୁଁ ନିଟ୍ ପରୀକ୍ଷାରେ କେମିତି ଭଲ ନମ୍ବର ରଖି ସରକାରୀ ମେଡିକାଲ୍ କଲେଜରେ ସିଟ୍‌ଟିଏ ପାଇବି। ବୋର୍ ହେଇଗଲିଣି, ଆଉ ପାରିବିନି, ଏଥର ମୋର ସେକେଣ୍ଡ ଚାନ୍‌ସ ଥିଲା। ହେଲେ ପ୍ରଶ୍ନ ପତ୍ର ଲିକ୍ ହେବା କାରଣରୁ ଆଉ ଥରେ ପରୀକ୍ଷା ହେବ। ମୋର ଆଉ ଥରେ ଦେବାକୁ ଜମାରୁ ଇଚ୍ଛା ନାହିଁ, ହେଜିଟେସନ୍ ଆସୁଛି, ମେଣ୍ଟାଲ୍ ଡିପ୍ରେସନ୍‌ରେ ରହୁଛି, କ'ଣ କରିବି ଜାଣି ପାରୁନି?"

ନିରୋଦ ବାବୁ କହିଲେ, "ଆଚ୍ଛା ଯାହା ତୋର ଲକ୍ଷ୍ୟ ତୁ ସେଇଆ କରିବୁ।"

"ଅଙ୍କଲ୍ ଆପଣ ବହୁତ ଭଲ, ଆପଣ ଆମ ଘରକୁ ନିଶ୍ଚିତ ଆସିବେ।"

ନିରୋଦ ବାବୁ ତାକୁ ପ୍ରତିଶ୍ରୁତି ଦେଲେ, ଗୋଟିଏ ଗଳିରେ ଦୁହିଁଙ୍କ ଘର। ତାପରେ ସୋହମ୍ ତାଙ୍କ ଘରକୁ ଗଲା। ରାତି ନଅଟା ହେଇଯାଇଥିଲା। ପତ୍ନୀ ବୀଣାଙ୍କୁ ଡିନର୍ ବେଳେ ସବୁ କହିଲେ। ରାତିରେ ଭଲ ନିଦ ହେଇନଥିଲା ନିରୋଦ ବାବୁଙ୍କୁ ସୋହମ୍ କଥା ଭାବୁଥିଲେ, ଆଜିକାଲି ବାପାମାଆମାନେ ନିଜପିଲାର ଇଚ୍ଛା ଅନିଚ୍ଛାକୁ ଚିନ୍ତା ନକରି ହାଇଲି ଆମ୍ବିସିଅସ୍ ହେଉଛନ୍ତି। ତା'ର ଫଳାଫଳ ପ୍ରତିଦିନ ଦେଖିବାକୁ ପଡୁଛି। ସକାଳୁ ଟିକିଏ ନିଦ ଲାଗିଯାଇଥିଲା,ବୀଣାଙ୍କ ପାଟିରେ ଉଠି ବସିଲେ। "କ'ଣ ହେଲା ?" ବ୍ୟସ୍ତ ହେଇ ପଚାରୁ ଥିଲେ ନିରୋଦ ବାବୁ।

"ସୋହମ୍ କାଲି ରାତିରେ ଅଧିକ ସ୍ଲିପିଂ ଟାବ୍‌ଲେଟ୍ ଖାଇ ଶୋଇ ପଡ଼ିଥିଲା। ତା'ର ପାପା ଜାଣିଲା ପରେ ତାକୁ ଆମ୍ବୁଲାନ୍ସରେ ଏବେ ହସ୍‌ପିଟାଲ୍ ନେଇକି ଗଲେ।

"କୋଉ ହସ୍‌ପିଟାଲ୍?"

"ଶକ୍ତି ହସ୍‌ପିଟାଲ୍।"

ନିରୋଦ ବାବୁ ମୁହଁ ଧୋଇ ପ୍ୟାଣ୍ଟ ସାର୍ଟ ଗଳାଇ ସ୍କୁଟିରେ ଯାଇ ପହଞ୍ଚିଲେ ହସ୍‌ପିଟାଲ୍‌ରେ। ସେତେବେଳକୁ ସୋହମ୍‌ର ଚେତା ଆସି ଯାଇଥିଲା, ଡାକ୍ତରଙ୍କ ଅକ୍ଳାନ୍ତ ଚେଷ୍ଟା ଯୋଗୁଁ ବିପଦ ସମୟ ଟଳି ଯାଇଥିଲା। ସାଲାଇନ୍ ଓ ଇଞ୍ଜେକ୍ସନ୍ ଚାଲିଥାଏ। ସୋହମ୍ ଜୁଳୁଜୁଳୁ କରି ଅନାଇଲା। କଥା କହି ପାରୁନଥାଏ। ନିରୋଦ ବାବୁ ତା' ପାଖରେ ବସିଲେ ତା' ମୁଣ୍ଡ ଉପରେ ହାତ ରଖିଲେ। ଧୀର ସ୍ୱରରେ କହିଲେ "ତୋର ଯାହା ଲକ୍ଷ୍ୟ ଅଛି ତାହା ନିଶ୍ଚୟ ପୂରଣ ହେବ। ଏଥିରେ କେହି ବାଧା ଦେବେନି। ମୁଁ ତୋତେ କଥା ଦେଉଛି।"

ସୋହମ୍ ମୁହଁରେ ହସର ରେଖାଚିତ୍ର ଫୁଟି ଉଠୁଥିଲା। ଦିନସାରା ବିତି ଯାଇଥିଲା ନିରୋଦ ବାବୁ ସୋହମ୍ ପାଖରେ ଥିଲେ। ସଂଧ୍ୟା ସାତଟାରେ ମୋବାଇଲ୍‌ରେ ରାମୁର ମେସେଜ୍ "ସାର୍ ଆସନ୍ତୁ ପ୍ଲିଜ୍। ସମସ୍ତେ ଆସିଗଲେଣି। ଆପଣଙ୍କ ଅପେକ୍ଷାରେ।" ନିରୋଦ ବାବୁ ଉତ୍ତର ରଖିଲେ "ରାମୁ ତୁମେ ଆରମ୍ଭ କର ପାର୍ଟି, ମୋର ଶୁଭେଚ୍ଛା ଓ ଶୁଭକାମନା ରହିଲା, ଉଡ଼ାଣ ଜାରି ରହୁ ଦେଖା କରି ସବୁ ଘଟଣା କହିବି।"

ସୋହମ୍ କଥା କହୁଥିଲା। ପାଣି ପିଇବ ବୋଲି କହୁଥିଲା। ନିରୋଦ ବାବୁ ତା' ମୁଣ୍ଡ ଆଉଁଷି ଦେଉଥିଲେ। କହିଲେ ସୋହମ୍ "Whatever you are, be a good one"। ପାଖ ମନ୍ଦିରର ଘଣ୍ଟ ଧ୍ୱନି ଶୁଭୁଥିଲା। ତା'ର ମମି, ପାପା ଈଶ୍ୱରଙ୍କ ଉଦ୍ଦେଶ୍ୟରେ ପ୍ରଣାମ କରୁଥିଲେ...। ■

ମହାନଦୀ ବିହାର, କଟକ
ମୋ: ୯୯୩୮୪୪୦୯୪୯

## ପୁସ୍ତକ ପରିଚୟ

### କୀର୍ତ୍ତିକଥା

ଶ୍ରୁତକୀର୍ତ୍ତି ତ୍ରିପାଠୀ





ଶବ୍ଦସ୍ୱର୍ଣ୍ଣ
ଆଇ.ଆର୍.ସି. ଭିଲେଜ୍
ନୟାପଲ୍ଲୀ, ଭୁବନେଶ୍ୱର
ପ୍ରଥମ ସଂସ୍କରଣ: ୨୦୨୫
ମୂଲ୍ୟ: ୩୫୦ ଟଙ୍କା

ସାଂପ୍ରତିକ ସମାଜର ବିଭିନ୍ନ ସମସ୍ୟା ଓ ପ୍ରସଙ୍ଗକୁ ନେଇ ପ୍ରକାଶ ପାଇଛି ଶ୍ରୁତକୀର୍ତ୍ତି ତ୍ରିପାଠୀଙ୍କ 'କୀର୍ତ୍ତିକଥା' ପୁସ୍ତକ। ଏହି ପୁସ୍ତକରେ ସଂକଳିତ 'କ୍ଷୁଧା ଓ ଖାଦ୍ୟ ଅପଚୟ', 'ମହତ୍ତ୍ୱ ହରାଉଛି ପର୍ବପର୍ବାଣି', 'ଜହର ଜାଲରେ ଯୁବପିଢ଼ି', 'ବଢୁଛି ଅସମାନତାର ଗ୍ରାଫ୍', 'ନିଜ ଅଧିକାର ପ୍ରତି ସଚେତନତା', 'ସ୍ୱାଧୀନତା ପ୍ରାପ୍ତିର ସ୍ୱପ୍ନ ଏବେ ବି ଅପୂରଣୀୟ', 'ପୁରୁଷ ଭଳି ହେବ କାହିଁକି?', 'କାହିଁକି ବଢୁଛି ବିଦ୍ୟାର୍ଥୀଙ୍କ ଆତ୍ମହତ୍ୟା?' ଆଦି ପ୍ରବନ୍ଧଗୁଡ଼ିକ ଉଚ୍ଚକୋଟୀର, ତଥ୍ୟ ଭିତ୍ତିକ ଓ ସଚେତନତାଧର୍ମୀ ହୋଇଛି। ମାନବିକତାର ଅବକ୍ଷୟ, ଲିଙ୍ଗଗତ ବୈଷମ୍ୟ, ଶିକ୍ଷା, ସ୍ୱାସ୍ଥ୍ୟ, ଖାଦ୍ୟପେୟ, ଆଧୁନିକ ଜୀବନ ଶୈଳୀ, ଭାଷା,ସାହିତ୍ୟ, ସଂସ୍କୃତି ଆଦି ପ୍ରସଙ୍ଗକୁ ଭିତ୍ତି କରି ଶ୍ରୁତକୀର୍ତ୍ତିଙ୍କ ପ୍ରବନ୍ଧଗୁଡ଼ିକ ରଚିତ। ପ୍ରତିଟି ପ୍ରବନ୍ଧରେ ରହିଛି ଏକ ସାମାଜିକ ବାର୍ତ୍ତା। ବିଭିନ୍ନ ସାମାଜିକ ପ୍ରସଙ୍ଗ, ଦୈନନ୍ଦିନ ଜୀବନର ସମସ୍ୟା ଓ ସମାଧାନକୁ ନେଇ ରଚିତ 'କୀର୍ତ୍ତିକଥା'ର ପ୍ରବନ୍ଧଗୁଡ଼ିକ ପାଠକମାନଙ୍କୁ ଭଲ ବୋଲି ଆଶା କରାଯାଏ। ■

### ଜୀବନ ସଞ୍ଜ

ଡକ୍ଟର ମାନସୀ କର




ଅପୂର୍ବା
ୟୁନିଟ୍ -୩, ଖାରବେଳ ନଗର
ଭୁବନେଶ୍ୱର-୭୫୧୦୦୧
ପ୍ରଥମ ସଂସ୍କରଣ: ୨୦୨୬
ମୂଲ୍ୟ: ୨୦୦ ଟଙ୍କା

ନିକଟରେ ପ୍ରକାଶ ପାଇଛି ଡକ୍ଟର ମାନସୀ କରଙ୍କ 'ଜୀବନ ସଞ୍ଜ' କବିତା ପୁସ୍ତକ। ଏହି ପୁସ୍ତକରେ ସଂକଳିତ 'ପିତୃତ୍ୱ', 'ହଜି ଯାଇଛି ମାଆ', 'ଗାଁ ମାଟି ମାଆ', 'ଏକାକୀତ୍ୱ', 'ଏକଲାପଣ', 'ଅବ୍ୟକ୍ତ', 'ଜୀବନ ସଞ୍ଜ', 'ଜଗନ୍ନାଥ ପ୍ରାଣ', 'ବାର୍ଦ୍ଧକ୍ୟର ବେଦନା', 'ସମର୍ପିତା ନାରୀ', 'ସ୍ମୃତିରେ ଅତୀତ', 'ବର୍ଷା', 'ଶୀତ', 'ପିତା ଈଶ୍ୱର', 'ଘର', 'ଠିକଣା', 'ମାଟିର ବାସ୍ନା', ମାଟି ମାଆର ଠିକଣା', 'ଆବେଗ', 'ବାପା' 'ଆଦି କବିତା ମନଛୁଆଁ ହୋଇଛି। 'ଜୀବନ ସଞ୍ଜ' ପୁସ୍ତକର କବିତାଗୁଡ଼ିକରେ ଜୀବନର ନାନା ଦୁଃଖ, ଯନ୍ତ୍ରଣା, ଆଶା, ନିରାଶା, ଈଶ୍ୱର ବିଶ୍ୱାସ, ପ୍ରକୃତି ପ୍ରୀତି, ମାନବୀୟ ଭାବାବେଗ, ସାମାଜିକ ବାସ୍ତବତା ଅତି ମାର୍ମିକ ଭାବେ ପ୍ରସ୍ଫୁଟିତ ହୋଇଉଠିଛି। ସେହିପରି ନାରୀ ଜୀବନର ଅନେକ ଅକୁହା କଥା, ବ୍ୟଥା ଓ ଆବେଗ କେତେକ କବିତାରେ ହୃଦୟସ୍ପର୍ଶୀ ଭାବେ ପ୍ରତିଫଳିତ ହୋଇଛି। କବିତାଗୁଡ଼ିକର ଛଳ ଛଳ ଭାବ, ସରଳ ଓ ବୋଧଗମ୍ୟ ଭାଷା, ଉପସ୍ଥାପନା ଶୈଳୀ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ। ■

## ପୁଅ ଫେରିଚି



ପ୍ରେମାନନ୍ଦ ଖଣ୍ଡୁଆଳ

କିଛି ପଚାରନି ପୁଅକୁ
ଧାନଉଁଷା ହାଣ୍ଡି ପରି ଏଡ଼େ ମୁହଁକରି
ବସିଥାଉ ବାରିପିଣ୍ଡାରେ
ଯା ଯେଝା କାମରେ ଯିଏ।

କିଏ କହୁଥିଲାକି ହରିଣ ଧରିବାକୁ
ଧାଁ ବଡ଼ ଖରା
ନିଦ ଖର୍ଚ୍ଚ କରି ଗଢ଼ ଇନ୍ଦ୍ରପୁରୀକୁ ରାସ୍ତା
ଡେଇଁ ଛିଣ୍ଡେଇ ଅଣ୍ଟି ଭର୍ତ୍ତି କର
ଆକାଶ କଇଁଆ!
ଏବେ କହିବୁ ଭାଗ୍ୟ ଦୋଷ
କାହିଁକି କଷ୍ଟ ଦଉଚ ଜଗନ୍ନାଥ
ଗଲା ଜନ୍ମରେ ବାପ, ମା'ଙ୍କ ନାଇଁ କର୍ମଫଳ
ଏ ଜନ୍ମରେ ଜୀବନ ଯାବତ ଜଞ୍ଜାଳ।

ଏବେ ମନକୁ ବୁଝା ବୁଝା ନୁର ବୋଉ
ବାରଣା ପଛକେ ଚାରଣା ହଉ
ପୁଅ ତ ଫେରିଚି ଘରକୁ,
ବିଲ୍ ପଇସା ନପାଇ ବିଜୁଳି କାଟିଚି
ଇଲେକ୍ଟ୍ରି ବାଲା କାଟୁ
ଛ' ମାସ ହେଲା ରାସନ କାର୍ଡ
ବନ୍ଧା ପଡ଼ିଚି ରତନା ଗୁଡ଼ିଆ ଘରେ ପଡ଼ିଥାଉ
ଦଶଥର ଦୁଆରକୁ ଆସି
ଧାର୍ ଟଙ୍କା ମାଗିଲାଣି ବିଶିଆ ରାଉତ

କୋଉ ଗୁଣିଆ ଫୁଙ୍କାରେ
ଗାଈ ଦୁଧ ବଦଳରେ ଦଉଚି ନହୁ
ମାଈ ବାଛୁରୀଟା ଝଡ଼ି ହେଲାଣି କଣ୍ଟା,
କବାଟକୁ ଆଉଜି ବସିଚି ପାଚିଲା ତାଳ
ବାପା ଗଲାଦିନରୁ ଆମ ମୁଣ୍ଡରେ ପାହାଡ଼।

ଯା' ନୁର ଉଠ୍
ଭଲ ବୋଲି ଯା' ସାଙ୍ଗରେ ଗଲୁ ସୁରଟ
ସିଏ ନିଗାଡ଼ି ପିଇଲା ତୋ ଝାଳ
ଛାଡ଼ ଛାଡ଼,
ଏବେ ହିଡ଼କୁ ଛୁଇଁ ନାଚୁଛି ପାଣି
ହାଣ୍ଡି ଫଟେଇ ସପ୍ନ ମାରିବ ଗଜା
କମରରେ ଗାମୁଛା କଷିଲେ
ଲାଉ ହେବେ ଲକ୍ଷ୍ମୀ ସା'ନ୍ତାଣୀ
ବାଦଲ ଫାଙ୍କରୁ ତୋ ଆଡ଼େ
କଣେଇ ଚାହିଁଲାଣି ସୂର୍ଯ୍ୟ ଦେବତା। ■

ବାର୍ହାପୁର, ରାଜନଗର, କେନ୍ଦ୍ରାପଡ଼ା
ମୋ: ୯୩୩୭୩୧୩୭୬୫

## ମୁଁ ଡେରି କରେନା



ଅୟସ୍‌କାନ୍ତ

ମୁଁ ଡେରି କରେନା
ଡେରି ହୋଇଯାଏ
ମୋତେ ସତେ ରୋକେ କିଏ?
କମା, ଆଶ୍ଚର୍ଯ୍ୟଜନକ ଚିହ୍ନ କିଏ?
ମୁଁ ଯେ ଘାୟଲ କମା
କି ପଙ୍ଗୁ ପୂର୍ଣ୍ଣଚ୍ଛେଦକୁ ଡରେନା
ସ୍ୱୟଂ ସମ୍ପୂର୍ଣ୍ଣ ବାକ୍ୟ ହେବାକୁ
ଚେଷ୍ଟା କରୁଥାଏ
ସମୟର ତାଳ ମାନ ଲୟ ସହ
ତାଳ ମିଳେଇବାକୁ ମୋର ସାମର୍ଥ୍ୟ କାହିଁ!
ତମେ ବ୍ୟସ୍ତ
ଅନ୍ୟମାନେ ବି
ହେଲେ ମୋ ପାଇଁ ଅପେକ୍ଷା କରନା
ମୁଁ ନିଶ୍ଚିତ ପହଞ୍ଚିଯିବି
କେହି ହୁଏତ ନଥିବେ
କୁଆ କୋଇଲି କେହିବି
ତଥାପି ପହଞ୍ଚିବି
ତମେ ଦୋଷ ଦବନି ମୋତେ
ଏମିତି ହିଁ ହୁଏ
ମୁଁ ଡେରି କରେନା ମ'
ଡେରି ହୋଇଯାଏ

ମୋତେ ଛକିଥିବ ଡୁଙ୍ଗଡୁଙ୍ଗ ଗୁଣ୍ଡୁଚି
କୁନି କଉତୁକିଆ ବାଛୁରୀ
ଆମ୍ବଗଛରୁ ଖତେଇ ହେଉଥିବା
ପୋଡ଼ା ମୁହାଁ ହନୁ
ହଠାତ୍ ସାଇକେଲରୁ ଖସି ପଡ଼ିଥିବା
କୁନି ପିଲା
ହଁ ସେ ସବୁ ଛାଡ଼ି ଯିବି କେମିତି
ଏଣେ ଖରା ସହ ତାଳଦେଇ
ଧାଇଁ ପାରୁନି ମେଘର ଛାଇ
ବରଗଛ ତଳେ ବିଶ୍ରାମ କରୁଛି
ଅନେକ ଜୀବର ହାଇ
ମୁଁ କେମିତି ଯିବି ଏ ସବୁ ଏଡ଼େଇଯାଇ
ମୋ ଛାଇ ସହ ଏ ସବୁ ବିଷୟରେ
ଆଳାପ ଚାଲୁଥାଏ
ମୁଁ ଡେରି କରେନା, ଡେରି ହୋଇଯାଏ


ଆସ୍ତେ ଚାଲେ
ପାଦ ତଳେ ମକଚି ହୁଏ କଣ୍ଟା ଝଟା
ଫୁଲ ପାଖୁଡ଼ା ପ୍ରଜାପତି ପର
କିଛି ଫିକା ପଡ଼ିଥିବା ଦସ୍ତଖତ
ଏ ସବୁ ଥରେ ନିରେଖି ନିଏ

ତମେ ଭାବନା ମୁଁ ଭୁଲିଗଲି
ନା ଭୁଲିବି କେମିତି
ଜୀବନର ଶ୍ରେଷ୍ଠ ଭୁଲ୍‌କୁ
ଭଲ ପାଇବାର ଭୁଲ୍
ଯୁଗ ଯୁଗ ପାଇଁ ମଣିଷ ଏ
ଭୁଲ୍ କରେ ଓ କରୁଥାଏ
ବିଶ୍ୱାସ କର
ମୁଁ ଡେରି କରେନା ମ'
ଡେରି ହୋଇଯାଏ! ■

ମୋ: ୮୭୬୩୩୯୩୧୧୬

ମୁଁ କାହିଁକି ଲେଖେ

# "ତରଙ୍ଗାୟିତ ଜୀବନର ପରିଣତି ମୋ କବିତାର କାନ୍‌ଭାସ୍"



ସୁଶାନ୍ତ କୁମାର ନାୟକ

ଅନେକ ପ୍ରଶ୍ନର ଉତ୍ତର ଅମୀମାଂସିତ। ଜୀବନ ପାଇଁ ଜୀବନର ପ୍ରଶ୍ନ ଯେତିକି ଦୁରୂହ, ପ୍ରେମ ପାଇଁ ପ୍ରେମର ପ୍ରଶ୍ନ ସେତିକି ଗୋଲକଧନ୍ଦାର ବିଷୟ। କାହିଁକି ନିଦାଘରେ କୃଷ୍ଣଚୂଡ଼ା ଫୁଟେ, ଗହୀର ମଝିରେ ଏକଲା ତାଳଗଛରେ କାହିଁକି ବାଇ ଚଢ଼େଇ ତା' ବସାରେ ଦୋଳି ଖେଳେ, ବଣ ପାରିହେଲେ ବେଣାପାଟ ସେପାଖେ କାହିଁକି ସବୁଜିମା ଦେଖାଯାଏ, ନିରନ୍ତର ଚଞ୍ଚଳ ଗତିରେ ତଟିନୀ ସମୁଦ୍ରକୁ ଛୁଇଁବାକୁ ପ୍ରୟାସ କରେ, କାହିଁକି ଫୁଲଟି ବୃନ୍ତରୁ ଝଡ଼ି ମାଟିରେ ମିଶିଯାଏ, କାହିଁକି ମେଘକୋଳରେ ବିଜୁଳିର ସ୍ଫୁରଣ ହୁଏ, କାହିଁକି ଶୂନ୍ୟ ପାଇଁ ପୂର୍ଣ୍ଣଟିଏ ଝୁରିହୁଏ, ବିଦେଶରେ ରହିଥିବା ପୁଅ ପାଇଁ ମାଆଟିଏ କାହିଁକି ଘାରିହୁଏ; ଏହି ଘାରିହେବା ଏବଂ ଝୁରିବା ମୋ ଭିତରେ ଆନ୍ଦୋଳିତ ସୃଜନ ଶକ୍ତିର ଆଧାର।

ବିଧବା ଆଖିର ଲୁହରେ ମୁଁ ଦେଖେ ସାତ ଦରିଆର କୋହ, ଅନୁଢ଼ା କିଶୋରୀର ମୁହଁରେ ମୁଁ ଦେଖେ ଭସା ମେଘରେ ଲୁଚକାଳି ଖେଳୁଥିବା ଜହ୍ନକୁ, 'ନାଆ ବାହି ସେ ପାଖକୁ ବଜାରି ନେଇ ଯାଉଥିବା ଡଙ୍ଗାକୁ ମୁଁ ପଚାରେ ସମୁଦ୍ରର ଠିକଣା। ମାଛ କାତିଆ ଆକାଶ ତଳେ ଲୁଚକାଳି ଖେଳୁଥିବା ପବନକୁ ମୁଁ ପଚାରେ ଖଣ୍ଡିଉଡ଼ା ପକ୍ଷୀର ଠିକଣା। ବାଟବଣା ବାଟୋଇର ଆଖିରେ ମୁଁ ଦେଖେ ନିଦାଘର ମରୀଚିକା। ଗାଁ ମଝି ମନ୍ଦିରରେ ଯେତେବେଳେ ଘଣ୍ଟଘଣ୍ଟା ଆଳତିର ଶବ୍ଦ ଶୁଭେ, ସେତେବେଳେ ମନେପଡ଼େ ବୋଉ। କ୍ଷେତରୁ ଫସଲ ଉଠିଲା ଦିନ ପେଟେ ଖାଇ ଘରକୁ ଫେରିଲା ପରେ ମନେ ପଡ଼ନ୍ତି ବାପା। କାର୍ତ୍ତିକର କାକର ଭିଜା ସକାଳେ ମୁରୁଜ ପକାରେ ମନେ ପଡ଼େ ବୁଢ଼ୀମାଆ। ଭୋକର ଭୂଗୋଳ ଭିତରେ ଲୁଚକାଳି ଖେଳିବା ଭିତରେ ଯୌବନର ଯବକାଚରେ ନିଜକୁ ଦେଖିଲାବେଳେ କେହିଜଣେ ପଛରୁ ଆସି ମୁଦିଦିଏ ଆଖି। ସେତେବେଳେ ମନେପଡ଼େ ପ୍ରେମିକା।

କାଉ କୋଇଲିର ଶବ୍ଦରେ ରାତି ନିଦ ଭାଙ୍ଗେ, ଆଖି ମଳିମଳି ଉଠିଲାବେଳକୁ ଜୀବନ ମତେ ଅଲେଖା କାଗଜ ଖଣ୍ଡେ ଧରାଇ ଦିଏ; ସେଥିରେ ବଣି, ବାଣୁଆ ଆଉ ବାଣର ଚିତ୍ର ଆଙ୍କେ। ଚିତ୍ର ଆଙ୍କିଲା ବେଳେ ମୁଁ ମୋତେ ଭୁଲିଯାଏ। ସେଇଠୁ ଆରମ୍ଭ ହୁଏ ମୋର କବିତା। ସେ ମୋର କଳ୍ପନାର ଚିତା।

ବୁଦୁବୁଦୁକିଆ ପତ୍ର ଗହଳରେ ମଳା ମଲ୍ଲିଫୁଲକୁ ଦେଖି ମୁଁ ହୁଏ ଆତ୍ମବିଭୋର। ଖରାବେଳେ ଗଛଛାଇରେ ଧକଉଥିବା କୁକୁର ମୁହଁକୁ ଦେଖି ମୁଁ ଯେତିକି ବିଷଣ୍ଣ, ଅଚିହ୍ନା ଯୋଗୀର କେନ୍ଦରାରେ ମୁଁ ସେତିକି ଆଚ୍ଛନ୍ନ। ସୃଜନର ନଈଟିଏ ଅନବରତ ବୋହି ଚାଲିଥାଏ। ମୋ ଭିତରେ ତା'ର ଖିଅ ଖୋଜିଲା ବେଳକୁ ମୁଁ ଭୁଲିଯାଏ ମୋର ପରିଚୟ ଓ ମୋର ପରିବାର। ବେଳେବେଳେ ଭୁଲ୍ ଠିକଣାରେ ଚିଠିଟିଏ ଉପଯୁକ୍ତ ପ୍ରାପକକୁ ନ ପାଇ ଯେମିତି ଫେରିଆସେ ପ୍ରେରକ ପାଖକୁ, ଠିକ୍ ସେହିପରି ମୋ ଠିକଣା ଖୋଜିଖୋଜି ବାଟବଣା ହୋଇ ଫେରିଆସେ ଅଚିହ୍ନା ଯାଗାକୁ। ପ୍ରିୟ ପରିଜନ, ଆତ୍ମୀୟସ୍ୱଜନ ସବୁବେଳେ ଅଭିନୟ ପରିଧି ଭିତରେ ବ୍ୟସ୍ତ ଓ ବିବ୍ରତ। ବୃତ୍ତ ଭିତରେ ବିନ୍ଦୁର ଠିକଣା ପରି ମୁଁ ନିଜକୁ ବାରମ୍ବାର ଆବିଷ୍କାର କରେ- ମୁଁ କିଏ? କେଉଁଠି ମୋର ଘର? ଆଉ ଯିବାକୁ ଅଛି କେତେ ଦୂର? ମାଟିର ମଲାଟ ଉପରେ ମଳିଚିଆ ହାତକୁ ଦେଖିଲେ ଖାଙ୍କଡ଼ା ପେଟର କଥା ମନେପଡ଼େ। ଭାତ ପାଇଁ ଭାଇର ବେକରେ ଭଗାରି ଛୁରୀ ମାରିଲାବେଳେ ହାଡ଼ର ହିଡ଼ ଉପରେ ଠିଆ ହୋଇ ଭାଇଭାଗର ଭାଗ ବଣ୍ଟନ ବେଳେ ମୋ ଲେଖନୀ ଅଟକିଯାଏ। ଆଖିରେ ଆସେ ଲୁହ, ମୁଁ ଲେଖେ କବିତା।

ଶୁଖି ଯାଇଥିବା ନଈରେ ତରଙ୍ଗ, ଫୁଟା ଡଙ୍ଗାର ମଙ୍ଗ, ଅନ୍ଧ ନାଉରୀର କାତ, ବେଣାପାଟର କଣ୍ଢେଇକୋଳି, ସୋରିଷ କ୍ଷେତରେ ସୁନାର ଫସଲ, ନିରବତା ଭିତରେ ହଜିଯାଇଥିବା ଗାଈଆଳର ଗୀତ, ସଦ୍ୟ ବିଧବା କପାଳରେ ଲେଖାଯାଇଥିବା ନିୟତି, ଦୃଶ୍ୟଅଦୃଶ୍ୟ ଭିତରେ ତରଙ୍ଗାୟିତ ଜୀବନର ପରିଣତି ମୋ କବିତାର କାନ୍‌ଭାସ୍। ଶିଉଳି ଲଗା ପଥରରେ ଅଚିହ୍ନା ନାରୀ ପାଦର ପାହୁଡ଼, ଅବାଟରେ ପଡ଼ିଚି ଅଚିହ୍ନା ଶବର ହାଡ଼, ଗାଆଁ ଶେଷ ମଶାଣିରେ କୁଢ଼କୁଢ଼ ମଢ଼, ଆସ ଶୀଘ୍ର ଯିବା ପଡ଼ିଯିବ ମନ୍ଦିର ପହଡ଼, ଭଙ୍ଗା ଦେଉଳର ଦିଅଁ, ଅକ୍ଷର ଅରଣ୍ୟ ଭିତରେ ଲୁଚିଥିବା କବିତାର ଧାଡ଼ିଟିଏ, ତାକୁ ଆବିଷ୍କାର କଲାବେଳକୁ ଦିନସବୁ ସରିଯାଏ।

ସାଧବବୋହୂକୁ ଦିନେ ପଚାରିଲି- ମାଟିର ରଙ୍ଗରେ ଏତେ ରଙ୍ଗାୟିତ କାହିଁକି? ନିରବରେ ଉତ୍ତର ଦେଲା- ଅଦୃଶ୍ୟ ଯେମିତି ମତେ ସଜେଇଲା ସେମିତି ମୁଁ ମାଟିର କୋଳରେ ଉଭା ହେଲି। ଆକଟର ଫାଟକ ପାଖରେ ଠିଆ ହେଇଥିବା ମଣିଷଟି ପରିଧି ବାହାରକୁ ଯାଇପାରେନା, ଯିବାକୁ ଚେଷ୍ଟା କଲେବି ଅଦୃଶ୍ୟ ବନ୍ଧନରେ ବାନ୍ଧି ହୋଇଯାଏ। ପ୍ରତ୍ୟେକ ବ୍ୟକ୍ତି ଅଦୃଶ୍ୟ ବନ୍ଧନରେ ବନ୍ଧା। ମନମୁକ୍ତ ଆକାଶର ବିହଙ୍ଗର ଦେହ, ଗୋଟିଏ ଜାଗାରେ ଥିଲାବେଳେ ମନ ଆଉ ଗୋଟିଏ ଜାଗାରେ ଥାଏ। ମନର ମାନସିକତା ଓ ଦେହର ଦୈହିକତା ଏକାକଥା ନୁହେଁ। ମନକୁ ଜାଲେ ମାନସୀ। ମାନସୀର ପେଡ଼ିରେ ପୂଜା ପାଉଥିବା ମଇନା ଦିନେ ପେଡ଼ି ଭାଙ୍ଗି ଅଜାଣତରେ ଚାଲିଯିବ, ଏକଥା ମନର ମାନସୀ ଜାଣେନା, ବିଶ୍ୱାସ ଥାଏ ନିଃଶ୍ୱାସ ନଥାଏ। ନିଆଁର ନଈ ଭିତରେ ନାବିକ ନାଆ ଧରି ଚାଲିଥାଏ। କେଉଁଠି କାହାକୁ ଭେଟିବ ସେ ଜାଣେନା। ହେଣ୍ଟାଳ ବନରେ ବାଘ, ଅଗାଧ ଜଳରେ କୁମ୍ଭୀର, ପରିବେଶ ଭୟଙ୍କର, ତଥାପି କାବ୍ୟନାୟକକୁ ବାହିବାକୁ ହେବ ନାଆ। ନାଆ ଟଳମଳ, ଅଗାଧ ଜଳ। ଜଣାପଡୁ ନାହିଁ ଥଳକୂଳ। ସେ ପାଖରେ ଘର, ଏ ପାଖରେ ମନ୍ଦିର, ମଝିରେ ଶ୍ମଶାନ ସୁନ୍ଦର। ମଶାଣି ଫେରା ମଣିଷମାନଙ୍କୁ ପଚାର ଜୀବନ ଜୀଇଁବାର ଉତ୍ତର।

ଶବ୍ଦ ଖେଳର ସବୁଜ ସନ୍ନ୍ୟାସୀଟି ମୁଁ। ଭାବକୁ ନେଇ ଶବ୍ଦ ଖୋଜୁଖୋଜୁ ଭୋକକୁ ଭୋକରେ ମାରି ଲୁହ ବଉଁରା ଆକାଶରେ ମୁଁ ଶ୍ରାବଣକୁ ଦେଖେ। କେଉଁଠି ଚିଲ, କେଉଁଠି ଛଞ୍ଚାଣ ସବୁକଥା ଭୁଲିଯାଏ। ନିରୀହ ଚାତକର ଶୋଷକଥା ମନେପଡ଼େ। କବିତା ଲେଖିବସେ। ସେ ଆସିଲାବେଳେ ମୋ ଭିତରେ ମୁଁ ନଥାଏ। ଆକାଶକୁ ପାଦଟେକି ବାଉଳା ପବନରେ ଗୀତ ବୋଲୁଥାଏ। ଘୂର୍ଣ୍ଣିଟିଏ ଝଡ଼ର ରୂପନେଲା ପରି ଭାବଟିଏ କବିତାରେ ରୂପନିଏ। କବିତା ମୋ ପ୍ରେୟସୀ, କବିତା ମୋ ମାନସୀ। ଯାହା ପାଇଁ ମୁଁ ଭୁଲିଯାଏ, ଦିନରାତି ଦୁଃଖରାଶି। ସେ ମୋ ହାତରେ ଧରେଇଦିଏ ବଂଶୀ, ବଂଶୀରେ ଧୂନ୍ ଦେଲାବେଳକୁ ସେ ନ ଥାଏ ମୋ ପାଖରେ। ମୁଁ ସତର୍କ ହେଲାବେଳକୁ କେହି ଜଣେ ଆସିଥିଲା, ବଂଶୀଟିଏ ନେଇଗଲା ମୁଁ ଜାଣେନା- ସେ ନ ଜାଣିବା ସୂତ୍ରଟି ମୋର କବିତା।

ତାରା ଭର୍ତ୍ତି ଆକାଶ ଭିତରେ ସଞ୍ଜୁଆ ତାରାକୁ ଖୋଜିବାକୁ ଚେଷ୍ଟା କରେ। ସଞ୍ଜୁଆ ତାରାଟି ଗୋଠ ବାହୁଡ଼ା ଗାଈ ପଛେପଛେ ଆସିଥାଏ। ଗାଈ ଖୁରାରୁ ଛିଟିକି ପଡ଼ିଥିବା ଧୂଳିରେ ମୋ ପୃଥିବୀକୁ ମୁଁ ଆବିଷ୍କାର କରେ। ଘାସଫୁଲର ଲୁହ ଭିତରେ ଅଗଣିତ ଜନତାର ଦୁଃଖକୁ ମୁଁ ଚିହ୍ନେ, ରଫ୍‌ଖାତାରେ ଲୁଚିଯାଇଥିବା ପେନ୍‌ସିଲ୍‌ର ଗାର ମୋର ଅତୀତ। ଭଙ୍ଗାକାଚ ବିଛା ରାସ୍ତାରେ ଚାଲୁଥିବା ଜୀବନ ବର୍ତ୍ତମାନ। ପରିତ୍ୟକ୍ତ କୂଅର ଅନ୍ଧାର ପରି ମୋର ଭବିଷ୍ୟତ। ଯୁଦ୍ଧର ଘନଘଟା ବିଭୀଷିକା ଭିତରେ ଛିଣ୍ଡା ଦଉଡ଼ିରେ ଦୋଳି ଖେଳୁଥିବା ଜୀବନ, ଶୂନ୍‌ଶାନ ମଶାଣିରେ ଜଳୁଥିବା ଜୁଇକୁ ପଚାରେ ଜୀବନ କ'ଣ ସୁନ୍ଦର? ସବୁବେଳେ ପଢ଼ିପାରେନା ମୋ ନିଜ ହାତଲେଖା ଅକ୍ଷର। କବିତାରେ ସମୟର ସ୍ୱାକ୍ଷର।

ନିରବଚ୍ଛିନ୍ନ ଅବସୋସ ମୋର ଭାବକୁ ଶବ୍ଦରେ ପ୍ରକାଶ କରେ। ଶବ୍ଦ ସବୁ ହୋଇଯାଏ ଅଦୃଶ୍ୟ ଈଶ୍ୱରୀ। ଦେହ ଭୁଲିଯାଏ ପାଟ ପୀତାମ୍ବରୀ। ଲେଖନୀ ହୃଦୟରେ ସଂଚାର କରେ ଚେତାବନୀ। ମୋର ଧମନୀରେ ସ୍ପନ୍ଦିତ ହୁଏ ସୃଜନର ସଞ୍ଜୀବନୀ। ■

ପଞ୍ଚବଟୀ ନଗର, ୨ୟ ଲେନ୍
ରାୟଗଡ଼-୭୬୫୦୦୧
ମୋ: ୭୬୦୮୦୨୫୬୧୬

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ଆଜି ୯ ଜିଲ୍ଲାରେ...

ସୋନପୁରରେ ୫୨ ମିଲିମିଟର, ଭଦ୍ରକରେ ୪୦.୨ ମିଲିମିଟର ବର୍ଷା ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତାକାଲି ଅର୍ଥାତ୍ ରବିବାର ବରଗଡ଼, ସମ୍ବଲପୁର ଓ ନୂଆପଡ଼ାରେ ପ୍ରବଳରୁ ଅତିପ୍ରବଳ ସ୍ଥଳବିଶେଷରେ ମାତ୍ରାଧିକ ପ୍ରବଳ ବର୍ଷା ହେବ। ସେଥିପାଇଁ ସଂପୃକ୍ତ ଜିଲ୍ଲାଗୁଡ଼ିକୁ ରେଡ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ସୁନ୍ଦରଗଡ଼, ଝାରସୁଗୁଡ଼ା, ଦେବଗଡ଼, ସୋନପୁର, ବଲାଙ୍ଗୀର, କଳାହାଣ୍ଡିରେ ପ୍ରବଳରୁ ଅତିପ୍ରବଳ ବର୍ଷା ସମ୍ଭାବନା ରହିଥିବା ବେଳେ ଏହି ଜିଲ୍ଲାଗୁଡ଼ିକୁ ଅରେଞ୍ଜ ୱାର୍ଣ୍ଣିଂ ଜାରି କରାଯାଇଛି। ଏତଦବ୍ୟତୀତ ବାଲେଶ୍ୱର, ଅନୁଗୋଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ବୌଦ୍ଧ, କନ୍ଧମାଳ, ନବରଙ୍ଗପୁର, ରାୟଗଡ଼ା, କୋରାପୁଟ ଓ ମାଲକାନଗିରିରେ ପ୍ରବଳ ବର୍ଷା ସମ୍ଭାବନା ଥିବାବେଳେ ଉପରୋକ୍ତ ଜିଲ୍ଲାଗୁଡ଼ିକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

ବର୍ଷାର ପ୍ରଭାବରୁ ବିଭିନ୍ନ ନଦୀଗୁଡ଼ିକରେ ଜଳସ୍ତର ସାମାନ୍ୟ ବୃଦ୍ଧି ପାଇଥିବା ବେଳେ ପାଣିପାଗ ବିଜ୍ଞାନୀମାନେ ସ୍ଥିତି ପ୍ରତି ଦୃଷ୍ଟି ରଖିଛନ୍ତି। ପାଣିପାଗ ବିଜ୍ଞାନୀ ଡ. ଉମାଶଙ୍କର ଦାସଙ୍କ ଅନୁଯାୟୀ ଗତ ୪ ଦିନର ବର୍ଷା ଫଳରେ ରାଜ୍ୟରେ ନିଅଣ୍ଟିଆ ବର୍ଷାର ୨୯ ପ୍ରତିଶତ ପୂରଣ ହୋଇଛି। ଗତ ଜୁନ ୧ ତାରିଖରୁ ୩୦ ତାରିଖ ମଧ୍ୟରେ ରାଜ୍ୟରେ ମୋଟ ୧୧୦.୩ ମିଲିମିଟର ବର୍ଷା ହୋଇଥିବା ବେଳେ ଏହା ସ୍ୱାଭାବିକଠାରୁ ୪୭ ପ୍ରତିଶତ କମ୍ ଅଟେ।

## ମୁକାବିଲା ପାଇଁ...

୬ଟି ବ୍ଲକରେ ୧୦୦ ମିଲିମିଟରରୁ ଅଧିକ ଏବଂ ୩୮ ଟି ବ୍ଲକ ସହ ୩ଟି ସହରାଞ୍ଚଳର ୪ଟି କେନ୍ଦ୍ରରେ ୫୦ରୁ ୧୦୦ ମିଲିମିଟର ମଧ୍ୟରେ ବର୍ଷା ରେକର୍ଡ ହୋଇଛି। ଜୁଲାଇ ୧ରୁ ୪ ତାରିଖ ମଧ୍ୟରେ ରାଜ୍ୟରେ ମୋଟ ୯୪.୨ ମିଲିମିଟର ବର୍ଷା ରେକର୍ଡ ହୋଇଥିବା ବେଳେ ଏହା ସ୍ୱାଭାବିକ ହାର ୪୩.୭ ମିଲିମିଟର ତୁଳନାରେ ୧୧୫.୮ ପ୍ରତିଶତ ଅଧିକ ରହିଛି। ରାଜ୍ୟର ସମସ୍ତ ପ୍ରମୁଖ ନଦୀ ବର୍ତ୍ତମାନ ସତର୍କ ସ୍ତରରୁ ତଳେ ପ୍ରବାହିତ ହେଉଛନ୍ତି ଏବଂ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇନାହିଁ। ରେଡ୍, ଅରେଞ୍ଜ ଏବଂ ୟେଲୋ ୱାର୍ଣ୍ଣିଂ ଜାରି ହୋଇଥିବା ସମସ୍ତ ଜିଲ୍ଲାରେ ସମ୍ଭାବ୍ୟ ପରିସ୍ଥିତିର ମୁକାବିଲା ପାଇଁ ପ୍ରଶାସନିକ ବ୍ୟବସ୍ଥାକୁ ସମ୍ପୂର୍ଣ୍ଣ ସଜାଗ ରଖିବାକୁ ରାଜ୍ୟ ସରକାର ନିର୍ଦ୍ଦେଶ ଦେଇଛନ୍ତି। ସ୍ଥାନୀୟ ଭାବେ ଜଳବନ୍ଦୀ, ତଳିଆ ଅଞ୍ଚଳରେ ଜଳଜମା, ସହରାଞ୍ଚଳର ଅଣ୍ଡରପାସ୍ ବନ୍ଦ, କଚ୍ଚା ରାସ୍ତା ଓ ଦୁର୍ବଳ ସଂରଚନାର କ୍ଷୟକ୍ଷତି, ଫସଲର ସମ୍ଭାବ୍ୟ କ୍ଷତିକୁ ଦୃଷ୍ଟିରେ ରଖି ଆବଶ୍ୟକ ପ୍ରତିଷେଧକ ପଦକ୍ଷେପ ଗ୍ରହଣ କରିବାକୁ ଜିଲ୍ଲା ପ୍ରଶାସନକୁ କୁହାଯାଇଛି। ସେହିପରି ବଜ୍ରପାତ ସମୟରେ ସୁରକ୍ଷିତ ସ୍ଥାନରେ ରହିବା, ପାଣିପାଗ ସମ୍ବନ୍ଧୀୟ ସରକାରୀ ସୂଚନା ଉପରେ ନଜର ରଖିବା ଏବଂ ସମସ୍ତ ପରାମର୍ଶକୁ ପାଳନ କରିବା ପାଇଁ ଲୋକମାନଙ୍କୁ ଅନୁରୋଧ କରାଯାଇଛି। ଜୁଲାଇ ୪ରୁ ୭ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ଏବଂ ସମୁଦ୍ର ମଧ୍ୟକୁ ମତ୍ସ୍ୟଜୀବୀମାନଙ୍କୁ ମାଛ ଧରିବା ପାଇଁ ନଯିବାକୁ ପରାମର୍ଶ ଦିଆଯାଇଛି। ଷ୍ଟେଟ୍ ଇମର୍ଜେନ୍ସି ଅପରେସନ୍ ସେଣ୍ଟର୍ ସମସ୍ତ ଜିଲ୍ଲା ପ୍ରଶାସନ ଓ ସମ୍ପୃକ୍ତ ବିଭାଗ ସହ ସମନ୍ୱୟ ରକ୍ଷା କରି ପରିସ୍ଥିତି ଉପରେ ସତତ ନଜର ରଖିଛି। ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ସାମଗ୍ରିକ ପରିସ୍ଥିତି ସ୍ୱାଭାବିକ ରହିଛି ଏବଂ ଯେକୌଣସି ଜରୁରୀ ପରିସ୍ଥିତିର ମୁକାବିଲା ପାଇଁ ସରକାର ପ୍ରସ୍ତୁତ ରହିଛନ୍ତି ବୋଲି କୁହାଯାଇଛି।

## ଜୁଲାଇ ୨୦ରୁ...

ଅଭାବ ରହିଛି। ସଂସଦକୁ ସରଗରମ କରିବାକୁ ଥିବା ଦ୍ୱିତୀୟ ପ୍ରସଙ୍ଗଟି ହେଉଛି ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହଙ୍କ ବିରୋଧରେ ସ୍ୱାଧିକାର ଭଙ୍ଗ ପ୍ରସ୍ତାବ। ସଂସଦରେ ସେ କହିଥିଲେ ଯେ ଅପରେସନ ସିନ୍ଦୂରରେ ଭାରତର କୌଣସି ଯବାନ ପ୍ରାଣ ହରାଇ ନାହାନ୍ତି। କିନ୍ତୁ ସରକାର ଏବେ ୬ ଯବାନ ସହିଦ ହୋଇଥିବା ସ୍ୱୀକାର କରିଛନ୍ତି। ରାଜନାଥ ସଂସଦକୁ ବିଭ୍ରାନ୍ତ କରିଥିବାରୁ ତାଙ୍କୁ ବହିଷ୍କାର କରିବା ଲାଗି ବିରୋଧୀ ଦଳ ନୋଟିସ ଦେଇଛନ୍ତି। ଏହାସହିତ ମମତାଙ୍କ ଟିଏମସି ସମେତ ବିଭିନ୍ନ ଦଳରେ ଚାଲିଥିବା ବିଭାଜନ ଓ ଦଳବଦଳ ଘଟଣାକୁ ନେଇ ମଧ୍ୟ ବିରୋଧୀ ଦଳ ସରକାରଙ୍କୁ ଟାର୍ଗେଟ କରିପାରନ୍ତି। ଏଥିପାଇଁ ସେମାନେ ସ୍ୱତନ୍ତ୍ର ରଣନୀତି ପ୍ରସ୍ତୁତ କରୁଥିବା ଜଣାପଡ଼ିଛି।

## ରାଜଧାନୀ ଡ୍ରେନ୍‌ରେ...

ଯାଇଛନ୍ତି। ଡ୍ରେନରେ ଥିବା ଅଳିଆରେ ଯୁବକ ଜଣକ ପୋତି ହୋଇଯାଇଥିବା ଆଶଙ୍କା କରାଯାଉଛି ବୋଲି ରାଜ୍ୟ ଫାୟାର ଆଣ୍ଡ ଏମର୍ଜେନ୍ସି ସର୍ଭିସେସ କମାଣ୍ଡ ସେଣ୍ଟର ପକ୍ଷରୁ ସୂଚନା ଦିଆଯାଇଛି। । ସ୍ଥିତି ଅନୁଧ୍ୟାନ କରିବାକୁ ଭୁବନେଶ୍ୱର ମେୟର ସୁଲୋଚନା ଦାସ, ବିଏମ୍‌ସି କମିସନର ଚଞ୍ଚଳ ରଣା ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚିଥିଲେ। ଭୁବନେଶ୍ୱର ମେୟର ସୁଲୋଚନା କହିଛନ୍ତି, ଖବର ପାଇ କର୍ପୋରେଟର, ଅଧିକାରୀଙ୍କ ସମେତ ଆମେ ଘଟଣାସ୍ଥଳରେ ପହଞ୍ଚିଛୁ। ଏହି ଡ୍ରେନ ସଫା ମଧ୍ୟ ହୋଇଥିଲା। ବର୍ଷା ଯୋଗୁ ଡ୍ରେନ-୪ର ସବୁ ଅଳିଆ ଘଟଣାସ୍ଥଳରେ ହିଁ ଜମିଯାଇଛି।

ସୂଚନାଯୋଗ୍ୟ ଯେ ଏହି ଡ୍ରେନ୍‌ରେ ୩ବର୍ଷ ହେବ ଲେକ୍ ନ୍ୟୁଟ୍ରାଲ ପ୍ରୋଜେକ୍ଟ କାମ ଚାଲିଛି। ପ୍ରକଳ୍ପ କାର୍ଯ୍ୟ ଶେଷ ହେବାର ନାମ ଧରୁନି। ରାଜନୈତିକ ଇଚ୍ଛାଶକ୍ତିର ଅଭାବ ଯୋଗୁଁ ପ୍ରକଳ୍ପ କାର୍ଯ୍ୟ ଆଗକୁ ବଢ଼ି ପାରୁନାହିଁ। ନିର୍ମାଣାଧୀନ ପ୍ରକଳ୍ପ ସ୍ଥାନରେ ପୂର୍ବରୁ ସୁରକ୍ଷାକର୍ମୀ ମୁତୟନ ହୋଇଥିଲେ। ଏହି ବିପଦସଙ୍କୁଳ ସ୍ଥାନକୁ କାହାରିକୁ ଯିବାକୁ ଅନୁମତି ଦିଆଯାଉ ନଥିଲା। ହେଲେ ଏବେ ଡ୍ରେନ୍ ମୁକୁଳା ଏବଂ ବିଶାଳ ବିପଦଜନକ ସ୍ଥାନରେ ସୁରକ୍ଷାକର୍ମୀଙ୍କ ଅଭାବ ଲୋକଙ୍କୁ ବିପଦ ମୁହଁକୁ ଠେଲି ଦେଇଛି। ମୁକୁଳା ଡ୍ରେନ୍‌ରେ କେତେ ମୁଣ୍ଡ ଗଲେ ପ୍ରଶାସନ ଏବଂ ସରକାର ଚେତିବେ ବୋଲି ପ୍ରଶ୍ନ କରାଯାଉଛି।

## ଥାନା କ୍ୱାର୍ଟର୍ସରେ...

ସମ୍ପର୍କରେ ଜୋନ୍ ଏସିପି ସୁଧାଂଶୁ ଜେନାଙ୍କୁ ସୂଚନା ଦିଆଯାଇଥିଲା। ପରେ ଏସିପିଙ୍କ ଉପସ୍ଥିତିରେ କବାଟ ଭଙ୍ଗା ଯିବାରୁ ବିୟୁଟିଙ୍କ ମୃତଦେହ ଝୁଲନ୍ତା ଅବସ୍ଥାରେ ମିଳିଥିଲା। ପୁଲିସ ପକ୍ଷରୁ ଉକ୍ତ ରୁମକୁ ସିଲ୍ କରାଯାଇଛି। ପୁଲିସ କମିସନର ଦେବଦତ୍ତ ସିଂ ଏବଂ କଟକ ଡିସିପି ଖିଲାରୀ ଋଷିକେଶଙ୍କ ସମେତ ମୃତ ଆଇଆଇସିଙ୍କ ସ୍ୱାମୀ ଓ ପରିବାର ଲୋକେ ଏସସିବିରେ ପହଞ୍ଚିଥିଲେ। ସାଇଣ୍ଟିଫିକ ଟିମ୍ ସାହାଯ୍ୟରେ ଘଟଣାସ୍ଥଳରୁ ତଥ୍ୟ ପ୍ରମାଣ ସଂଗ୍ରହ କରାଯାଇଛି। ଗତ କିଛି ମାସ ତଳେ ଇନ୍ସପେକ୍ଟର ବିଉଟି ମହାନ୍ତି ଚାଉଳିଆଗଞ୍ଜ ଥାନାରେ ଦାୟିତ୍ୱ ନେଇଥିଲେ। ଏହା ପୂର୍ବରୁ ସେ କଟକ ମହିଳା ଥାନା, ଭୁବନେଶ୍ୱର ପାହାଳ ଥାନା, କଟକ ମର୍କତନଗର ଥାନାରେ ଇନ୍ସପେକ୍ଟର ଭାବେ ଦାୟିତ୍ୱ ତୁଲାଇଥିଲେ। ତାଙ୍କର ଗୋଟିଏ ପୁଅ ଅଛି। କଟକ ସଦର ଥାନା ଅଞ୍ଚଳରେ ଥିବା ବାପ ଘରେ ନିକଟରେ ସେ ପୁଅର ଜନ୍ମଦିନ ପାଳନ କରିଥିଲେ। ବେସରକାରୀ କ୍ଷେତ୍ରରେ କାର୍ଯ୍ୟ କରୁଥିବା ଶ୍ରୀମତୀ ମହାନ୍ତିଙ୍କ ସ୍ୱାମୀ ମୁମ୍ବଇରେ ରହନ୍ତି। ତେବେ ଆତ୍ମହତ୍ୟା ପଛର ସଠିକ କାରଣ ଜଣାପଡିନାହିଁ। ଇନ୍ସପେକ୍ଟର ବିଉଟି ମହାନ୍ତି ମୁଣ୍ଡ ବିନ୍ଧା ରୋଗରେ ପୀଡ଼ିତ ଥିଲେ ବୋଲି କିଛି ସହକର୍ମୀ କହିଛନ୍ତି। ପ୍ରାୟ ସମୟ ସେ ମୁଣ୍ଡ ବିନ୍ଧା ଔଷଧ ମଧ୍ୟ ଖାଉଥିଲେ। ମୁଣ୍ଡ ବିନ୍ଧା ଉପରେ ଅତ୍ୟଧିକ କାମ ଚାପ ଯୋଗୁଁ ସେ ବ୍ୟତିବ୍ୟସ୍ତ ହୋଇପଡୁଥିଲେ। ଏମିତିକି ନିଜର ଶାରୀରିକ ଅସୁସ୍ଥତା ପାଇଁ ସେ ଚାଉଳିଆଗଞ୍ଜ ଥାନାରୁ ଅନ୍ୟତ୍ର ବଦଳି ପାଇଁ ଡିସିପିଙ୍କୁ ଆବେଦନ ମଧ୍ୟ କରିଥିଲେ ବୋଲି ସୂଚନା ମିଳିଛି। ଅନ୍ୟପଟେ, ପାରିବାରିକ ବିବାଦ ଉପରେ ମଧ୍ୟ ସନ୍ଦେହ ସୃଷ୍ଟି ହୋଇଛି।

## ଦୁର୍ଘଟଣାରେ ୩...

ଦୁର୍ଘଟଣାର ଶିକାର ହୋଇଥିବା ଜଣାପଡ଼ିଛି। ଏକ ଅଜଣା ଗାଡି ଧକ୍କା ଦେଇ ଘଟଣାସ୍ଥଳରୁ ଫେରାର ହୋଇଯାଇଥିବା ବେଳେ ଏହା ଏକ ଘରୋଇ ବସ ବୋଲି ଆନୁମାନ କରାଯାଉଛି। ତେବେ କେଉଁ ପରିସ୍ଥିତିରେ ଏଭଳି ଘଟଣା ଘଟିଲା ତାହା ବାଲିଗୁଡ଼ା ପୋଲିସ ତଦନ୍ତ କରୁଥିବା ଜଣାପଡିଛି। ମୃତକ ଶୁଭମଙ୍କ ପରିବାର ଲୋକ ବାଲିଗୁଡ଼ା ଉପଖଣ୍ଡ ଚିକିତ୍ସାଳୟକୁ ଆସି ଶବ ଚିହ୍ନଟ କରିଥିବା ବେଳେ ବ୍ୟବଚ୍ଛେଦ ପରେ ପରିବାର ବର୍ଗଙ୍କୁ ଶବ ହସ୍ତାନ୍ତର କରାଯିବ ବୋଲି ସୂଚନା ରହିଛି।

## "ଅଟକାଇବାକୁ ହେଲେ...

ତାଙ୍କ ଦଳର କର୍ମୀ ଓ ନିର୍ବାଚିତ ପ୍ରତିନିଧିଙ୍କୁ ପ୍ରଶାସନ ଧମକଚମକ ଦେବା ସହିତ ମିଥ୍ୟା ମାମଲାରେ ଫସାଉଛି। ଏହା ଆଦୌ ଗ୍ରହଣୀୟ ନୁହେଁ ଏବଂ ଏହା ବିରୋଧରେ ସେ ଆନ୍ଦୋଳନ କରିବାକୁ ଚେତାବନୀ ଦେଇଛନ୍ତି। ଆସନ୍ତା ୨୧ ତାରିଖରେ ଟିଏମ୍‌ସି ସମାବେଶ ହେବ ବୋଲି ସେ କହିଛନ୍ତି।

ସୂଚନାଯୋଗ୍ୟ ଯେ ନିର୍ବାଚନ ପରେ ଟିଏମ୍‌ସିର ନବନିର୍ବାଚିତ ୮୦ ଜଣ ବିଧାୟକଙ୍କ ମଧ୍ୟରୁ ୬୦ ଜଣ ବିଧାୟକ ଦଳରୁ ଅଲଗା ହୋଇଯାଇଥିବା ବେଳେ ୨୦ ଜଣ ଦଳୀୟ ସାଂସଦ ଅନ୍ୟ ଏକ ଛୋଟ ଦଳରେ ସାମିଲ ହୋଇ ଏନ୍‌ଡିଏକୁ ସମର୍ଥନ ଘୋଷଣା କରିଛନ୍ତି। ଏହାକୁ ନେଇ ମମତା ଭୀଷଣ କ୍ଷୁବ୍ଧ ହୋଇଛନ୍ତି।

## ଦାନ ସୁନାକୁ...

ପାଖରୁ ସବୁଠାରୁ ଅଧିକ ନଗଦ ଟଙ୍କା ଜବତ କରାଯାଇଛି। ବର୍ତ୍ତମାନ ସୁଦ୍ଧା ୮ ଜଣଙ୍କୁ ଗିରଫ କରାଯାଇସାରିଲାଣି। ଶ୍ରୀରାମ ଜନ୍ମଭୂମି ତୀର୍ଥ କ୍ଷେତ୍ର ଟ୍ରଷ୍ଟର ଗତ ୫ ବର୍ଷର ଆକାଉଣ୍ଟ ଏବଂ ନିର୍ମାଣ ଖର୍ଚ୍ଚର ପୁନଃ ଅଡିଟ୍ କରାଯିବ। ପୂର୍ବରୁ ଟ୍ରଷ୍ଟ ବୈଠକରେ କେବଳ ନଗଦ ଟଙ୍କାର ସମୀକ୍ଷା ହେଉଥିଲା, ସୁନା-ରୁପାର ଷ୍ଟକ୍ ଉପରେ ନିୟମିତ ଆଲୋଚନା ହେଉନଥିଲା।

ଭକ୍ତମାନଙ୍କଠାରୁ ମିଳିଥିବା ମୂଲ୍ୟବାନ ଧାତୁର ଗୁଣବତ୍ତା ପରୀକ୍ଷା ପାଇଁ ପ୍ରଥମ ପର୍ଯ୍ୟାୟରେ ୯୪୪ କିଲୋଗ୍ରାମ ରୁପା ସରକାରୀ ଟଙ୍କଶାଳକୁ ପଠାଯାଇଥିଲା। ଏହି କାରବାରର ସମସ୍ତ ସରକାରୀ ରେକର୍ଡକୁ ମଧ୍ୟ ଏସଆଇଟି ଯାଞ୍ଚ କରୁଛି। କଂଗ୍ରେସ ଏହି ମାମଲାରେ ସୁପ୍ରିମକୋର୍ଟଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ତଦନ୍ତ କରିବାକୁ ଦାବି କରିବାରୁ ଏହାକୁ ନେଇ ଏବେ ରାଜନୀତି ମଧ୍ୟ ସରଗରମ ହୋଇଛି। ଗିରଫଦାରୀ ଏବଂ ଇସ୍ତଫା ପରେ ଆସନ୍ତା ଜୁଲାଇ ୬ ତାରିଖ ବୈଠକରେ ଟ୍ରଷ୍ଟ ଏକ ବଡ଼ ନିଷ୍ପତ୍ତି ନେଇପାରେ।

## ବଦ୍ରିନାଥରେ ବି...

ଆଣିବା ସହ ନିରପେକ୍ଷ ତଦନ୍ତ ଦାବି କରିଥିଲା। ଏହି ଘଟଣା ଉପରେ ସ୍ପଷ୍ଟୀକରଣ ଦେଇ ମନ୍ଦିର ସମିତିର ଅଧ୍ୟକ୍ଷ ହେମନ୍ତ ଦ୍ୱିବେଦୀ କହିଛନ୍ତି ଯେ, ଅଭିଯୋଗ ଆସିଥିବା ସଂପୃକ୍ତ କର୍ମଚାରୀମାନଙ୍କୁ କାରଣ ଦର୍ଶାଅ ନୋଟିସ୍ ଜାରି କରାଯାଇଛି। ଏକ ଆଭ୍ୟନ୍ତରୀଣ ତଦନ୍ତ କମିଟି ଗଠନ କରାଯାଇଛି ଏବଂ ଦୋଷୀ ସାବ୍ୟସ୍ତ ହେଲେ କଠୋର ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ମନ୍ଦିରର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ସୋହନ ସିଂହ ରଙ୍ଗାଡ଼ କହିଛନ୍ତି ଯେ ଅଭିଯୋଗ ପରେ ମନ୍ଦିର ପରିସରର ସୁରକ୍ଷା କାମେରା (ସିସିଟିଭି) ଯାଞ୍ଚ କରାଯାଇଛି। କିନ୍ତୁ ସେହି ଭିଡିଓ ସେତେଟା ସ୍ପଷ୍ଟ ନଥିବାରୁ ସମସ୍ତ ତଥ୍ୟ, ପ୍ରମାଣ ଏବଂ ପକ୍ଷମାନଙ୍କ ବୟାନ ଆଧାରରେ ଏକ ବିସ୍ତୃତ ରିପୋର୍ଟ ପ୍ରସ୍ତୁତ କରାଯିବ।

## ଇ-୨୦ ପେଟ୍ରୋଲକୁ...

ସାରୋଗୀ ଭାରତର ଜୈବ ଇନ୍ଧନ କାର୍ଯ୍ୟକ୍ରମ ଏବଂ ଇ-୨୦ ପେଟ୍ରୋଲ ପ୍ରସଙ୍ଗରେ ବିସ୍ତୃତ ଭାବରେ ଆଲୋଚନା କରି କହିଛନ୍ତି ଯେ, ପେଟ୍ରୋଲ ରେ ଇଥାନଲ୍ ମିଶ୍ରଣ ହେବା ଫଳରେ ଗାଡ଼ିର ମାଇଲେଜ୍ ହ୍ରାସ ପାଉଛି।

ଏକ ରିପୋର୍ଟରେ ଏହା ମଧ୍ୟ ପ୍ରକାଶ ପାଇଛି ଯେ କିଛି ବୀମା କମ୍ପାନୀ ଇଥାନଲ୍-ମିଶ୍ରିତ ଇନ୍ଧନ ଦ୍ୱାରା ହୋଇଥିବା ଇଞ୍ଜିନ୍ କ୍ଷତି କ୍ଷେତ୍ରରେ କ୍ଷତିପୂରଣ ଦେବାକୁ ମନା କରିଦେଇଛନ୍ତି। ତଥାପି, ସରକାର ପରେ ସ୍ପଷ୍ଟ କରିଥିଲେ ଯେ ଏହା ସତ୍ୟ ନୁହେଁ। ମନ୍ତ୍ରଣାଳୟ ସ୍ପଷ୍ଟ ଭାବରେ କହିଛି ଯେ ଇ-୨୦ ପେଟ୍ରୋଲ ସମ୍ପୂର୍ଣ୍ଣ ସୁରକ୍ଷିତ ଏବଂ ଏହାର ବ୍ୟବହାର ମୋଟର ବୀମା କ୍ଲେମ୍ ଉପରେ ନକାରାତ୍ମକ ପ୍ରଭାବ ପକାଇବ ନାହିଁ। ଏଭଳି ପ୍ରସଙ୍ଗ ଏବେ ଗାଡ଼ି ମାଲିକଙ୍କ ଚିନ୍ତାକୁ ଆହୁରି ବଢ଼ାଇଦେଇଛି। ଯାହାଫଳରେ ଇ-୨୦ ପେଟ୍ରୋଲ ସମ୍ପର୍କରେ ଜନସାଧାରଣଙ୍କ ମଧ୍ୟରେ ବର୍ତ୍ତମାନ ଅନିଶ୍ଚିତତା ଜାରି ରହିଛି।

ଏସବୁ ବ୍ୟତୀତ ଇ-୨୦ ଇନ୍ଧନକୁ ନେଇ ସାରା ଦେଶରେ ବିତର୍କ ଚାଲିଛି। ମୁଖ୍ୟ ବିରୋଧୀ ଦଳ କଂଗ୍ରେସର ଯୁକ୍ତି ହେଉଛି ଇ-୨୦ ଇନ୍ଧନ ପର୍ଯ୍ୟାପ୍ତ ପରୀକ୍ଷଣ ବିନା କୋଟି କୋଟି ନାଗରିକଙ୍କ ଉପରେ ଲାଗୁ କରାଯାଇଥିବା ଏକ ପରୀକ୍ଷଣ। ମାମଲା ସୁପ୍ରିମକୋର୍ଟରେ ପହଞ୍ଚିଥିଲା, ଯେଉଁଠାରେ ସରକାର କହିଥିଲେ ଯେ ଏହି ନୀତିକୁ ବୈଜ୍ଞାନିକ ଭାବରେ ଯାଞ୍ଚ କରାଯାଇଛି ଏବଂ ଜାତୀୟ ଶକ୍ତି ସୁରକ୍ଷା ପାଇଁ ଏହା ଗୁରୁତ୍ୱପୂର୍ଣ୍ଣ। ଅପରପକ୍ଷେ ଆମ ଆଦମୀ ପାର୍ଟି (ଆପ୍)ର ରାଷ୍ଟ୍ରୀୟ ସଂଯୋଜକ ଅରବିନ୍ଦ କେଜରିୱାଲ୍ ଲୋକଙ୍କ ଉପରେ ଇ-୨୦ ପେଟ୍ରୋଲ୍ ବାଧ୍ୟତାମୂଳକ ଭାବେ ଲାଗୁ କରାଯିବାକୁ କଡ଼ା ବିରୋଧ କରିଛନ୍ତି। ସେ କହିଛନ୍ତି ଯେ ସମଗ୍ର ଦେଶ ମୋଦି ସରକାରଙ୍କ ପାଇଁ ଏକ ପ୍ରୟୋଗଶାଳା। ଏବେ, ସରକାର ଜୋରଜବରଦସ୍ତି ୨୦ ପ୍ରତିଶତ ଇଥାନଲ୍ ମିଶ୍ରିତ ପେଟ୍ରୋଲକୁ ଜନସାଧାରଣଙ୍କ ଉପରେ ଲଦି ଦେଉଛନ୍ତି। ଏଥିରେ ଗାଡ଼ିର ମାଇଲେଜ୍ ୩୦% ହ୍ରାସ ପାଉଛି। ମଧ୍ୟ ପ୍ରାଚ୍ୟ ସଙ୍କଟ ମଧ୍ୟରେ ଯେତେବେଳେ ଭାରତ ଏହାର ନିକଟତମ ଏବଂ ସବୁଠାରୁ ବିଶ୍ୱସ୍ତ ବନ୍ଧୁ ଭୁଟାନକୁ ଏହି ନୂତନ, ସବୁଜ ଇନ୍ଧନ ଇ-୨୦ ପେଟ୍ରୋଲ ଅଫର କଲା, ସେତେବେଳେ ଭୁଟାନର ବାଣିଜ୍ୟ ବିଭାଗ ଏହାକୁ ନବୋକୁ ରୋକ୍‌ଠୋକ୍ ମନା କରିଦେଇଛି। ଭୁଟାନ ଜୋର ଦେଇ କହିଛି, ଯେ ପର୍ଯ୍ୟନ୍ତ ସମ୍ଭବ ସେ କେବଳ ପୁରୁଣା ଏବଂ ସାଧାରଣ ପେଟ୍ରୋଲ ଭାରତଠାରୁ ନେବ।


### ପଶ୍ଚିମ ରେଳବାଇ - ରତଲାମ ମଣ୍ଡଳ

**ଇ-ଟେଣ୍ଡର ବିଜ୍ଞପ୍ତି**

ଟେଣ୍ଡର ନଂ.: GEM/2026/B/7741538 • ଟେଣ୍ଡର ବନ୍ଦ ହେବାର ତାରିଖ ଓ ସମୟ: 30.07.2026, ଅପରାହ୍ନ 3.00 ଘଣ୍ଟା, କାର୍ଯ୍ୟର ନାମ ଓ ସ୍ଥାନ: କୋଟି ଡିପୋ, ଇନ୍ଦୋର ଏବଂ DADN ସହିତ ରତଲାମ ମଣ୍ଡଳର ଅନ୍ୟାନ୍ୟ ଡିପୋରୁ ବିଭିନ୍ନ ୱର୍କସପ, ଡିପୋ ଓ ଷ୍ଟୋରକୁ ଭାରତୀୟ ରେଳବାଇ ନେଟୱର୍କ ମାଧ୍ୟମରେ ବୋଗି, ହ୍ୱିଲ୍ ସେଟ୍ ଏବଂ ଅନ୍ୟାନ୍ୟ ରେଳ ସାମଗ୍ରୀର ସଡ଼କ ପରିବହନ କାର୍ଯ୍ୟ, ଏବଂ ଏହାର ବିପରୀତ ଦିଗରେ କିମ୍ବା ଯେକୌଣସି ସ୍ଥାନରୁ ଯେକୌଣସି ସ୍ଥାନକୁ 3 ବର୍ଷ ପାଇଁ ପରିବହନ। କାର୍ଯ୍ୟର ଆନୁମାନିକ ମୂଲ୍ୟ: ଟ.73,891,243.22/-। ଜମା କରିବାକୁ ଥିବା ଅମାନତ ଜମା: ଟ.519,460/-। କାର୍ଯ୍ୟ ସମାପ୍ତି ଅବଧି: କାର୍ଯ୍ୟାଦେଶ (LOA) ଜାରି ତାରିଖଠାରୁ 03 ବର୍ଷ। ଟେଣ୍ଡର ଖୋଲାଯିବା କାର୍ଯ୍ୟାଳୟର ଠିକଣା: ବରିଷ୍ଠ CDO/INDଙ୍କ କାର୍ଯ୍ୟାଳୟ, ପଶ୍ଚିମ ରେଳବାଇ, ରତଲାମ ମଣ୍ଡଳ। ଟେଣ୍ଡର ଦାଖଲ କରିବାର ଶେଷ ତାରିଖ ଓ ସମୟ: 30.07.2026 ତାରିଖ ଅପରାହ୍ନ 3.00 ଘଣ୍ଟା। ୱେବସାଇଟ୍ ଓ ନୋଟିସ୍ ବୋର୍ଡ ସମ୍ବନ୍ଧୀୟ ସୂଚନା: ଟେଣ୍ଡର ଦସ୍ତାବିଜଗୁଡ଼ିକ GEM ୱେବସାଇଟ୍ (www.gem.gov.in) ରୁ ଡାଉନଲୋଡ୍ କରାଯାଇପାରିବ। ଟେଣ୍ଡରଦାତାଙ୍କୁ ଆବଶ୍ୟକ ହେଉଥିବା ଅନ୍ୟାନ୍ୟ ସୂଚନା କାର୍ଯ୍ୟ ସମୟ ମଧ୍ୟରେ ବରିଷ୍ଠ CDO/INDଙ୍କ କାର୍ଯ୍ୟାଳୟରୁ ପ୍ରାପ୍ତ କରାଯାଇପାରିବ। CRY/06/129

Like us on: facebook.com/WesternRly

### DISTRICT WELFARE OFFICE, RAYAGADA

Notice No.: 3556, Date: 24.06.26

**QUOTATION CALL NOTICE** 26001/28/2627

Sealed Quotations are invited with following term & conditions from interested reputed Private Manpower Service Provider for providing services of Manpower on contractual (Outsourced) Basis to District Welfare Office, Rayagada.

For details visit: **www.rayagada.odisha.nic.in**

Sd/-
District Welfare Officer,
Rayagada

OIPR-26001/26045/1/26-27/0002

### Government of Odisha "e" procurement Notice 34001/443/2627

**Bid Identification No. PWDK- 10/2026-27**

No. G2/6243, Dt. 30.06.2026
e-mail : eepwdkeonjhar@yahoo.com

GOVT. OF ODISHA

| | | |
|---|---|---|
| 1 | No. of the work :- | 01 No. Road & 01 No. Building Work |
| 2 | Estimated cost :- | From 33.84 Lakhs to ₹. 61.57 Lakh |
| 3 | Period of completion :- | From 02 (Two) to 03 (Three) Calendar Months. |
| 4 | Date and Time of availability of Bid document in the portal:- | From 10.00 Hr 08.07.2026 to 17.00 HR of 23.07.2026 |
| 5 | Last date / Time for receipt of bids in the portal :- | 17.00 Hr of 23.07.2026. |
| 6 | Date of opening of Bid from Portal :- | 10.30 Hr of 24.07.2026. |
| 7 | Name and address of the officer inviting Bid :- | Superintending Engineer, Keonjhar (R&B) Division, Keonjhar |

Further details can be seen from the e-procurement portal "http://tendersodisha.gov.in"

Superintending Engineer
Keonjhar (R&B) Division

OIPR-34001/34004/1/26-27/0005

### GOVERNMENT OF ORISSA 25001/642/2627

OFFICE OF THE SUPERINTENDING ENGINEER
RURAL WORKS DIVISION KARANJIA (MAYURBHANJ)
E-mail ID: - eerwkaranjia@yahoo.com
Letter No.4377 / WE // Date:-.29.06.2026

"E-Procurement Noticefor Special Repair of Building works for year 2026-27.
Bid Identification No – RWDKNJ– 06 / 2026-27.

1. Name of the work : Building Works (As per Annexure)
2. Estimated Cost : Rs. 1.09 toRs.5.08 LakhsApproximately (As per Annexure).
3. Class of Contractor : 'D' &'C' Class, (As per Annexure)
4. Period of Completion : As per Annexure
5. Tender Paper Cost : Rs.4,000/-&Rs.2, 000/-towards cost of bid as mentioned in Annexure of Building Works.

Further details can be seen from the website www.tendersodisha.gov.in

| Procurement Officer | Bid Identification No. | Availability of tender On-line for bidding | | Last Date & Time of seeking Tender Clarification. | Date & Time of Opening of Tender in O/O S.E. R.W. Division, Karanjia Technical & Financial Bid Financial Bid |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Superintending Engineer, Rural Works Division, Karanjia | Online RWDKNJ-06/ 2026-27 | Dt. 07.07.26 at 11.00 A.M | Dt.15.07.26 up to 5.00 P.M | Dt.14.07.26 up to 1.00 P.M. | Dt.17.07.26 at 11.00 P.M |

Executive Engineer
R.W. Division, Karanjia

OIPR-:25001/25086/1/26-27/0008

### GOVERNMENT OF ODISHA 32001/489/2627

DEPARTMENT OF WATER RESOURCE
OFFICE OF THE SUPERINTENDING ENGINEER
NABARANGPUR IRRIGATION DIVISION
NABARANGPUR, DIST-NABARANGPUR (ODISHA)
Email ID: senidivision@gmail.com

Lr. No.: 1100, Dated: 02.07.2026

**E-PROCUREMENT NOTICE**
**BID IDENTIFICATION NO. SE-NID-01/2026-27 (01-02)**

1. **Nature of the work:** Bank Protection Work.
2. **Total No. of works:** 02 (Two) Nos.
3. **Tender cost of the works:** ₹43.41 Lakhs to ₹31.51 Lakhs (excluding GST).
4. **Class of Contractor:** 'C' & 'B' Class.
5. **Period of completion:** 02 (Two) Months.
6. **Other details as follows:**

| Procurement Officer | Bid Identification No. | Availability of Bid Online | | Last Date & Time of Seeking Tender Clarification | Date, Time & Place of Opening of Tender |
|---|---|---|---|---|---|
| | | From | To | | |
| Superintending Engineer, Nabarangpur Irrigation Division, Nabarangpur | SE-NID-01/2026-27 (01-02) | 08.07.2026 (10.00 AM) | 22.07.2026 (up to 05.00 PM) | 10.07.2026 up to 5.00 PM | 23.07.2026 at 11.00 AM in the Office of the Superintending Engineer, Nabarangpur Irrigation Division, Nabarangpur |

Further details can be seen from the Government website: www.tendersodisha.gov.in
**Addendum/Corrigendum/Cancellation**, if any, will be published on the Government website only.

Sd/- Superintending Engineer
Nabarangpur Irrigation Division
Nabarangpur

OIPR-32001/32361/1/26-27/0001

### GOVERNMENT OF ODISHA 25001/639/2627

OFFICE OF THE SUPERINTENDINGENGINEER
RURAL WORKS DIVISION: GUNUPUR

Lr.No.3219, Dated.30.06.2026 e-mail id: eerwgunupur@gmail.com

**GEPNIC e-Procurement Notice**
**(Bid Identification No.-SERWGNP-Online-08/2026-27)**

| | | |
|---|---|---|
| 1 | Name of the Work | : Construction & Maintenance of Road Works |
| 2 | Total No. of Works | : 63Nos (Percentage rate tender) |
| 3 | Estimated Cost | : As mentioned in Col. 3 of TCN Annexure |
| 4 | Class of Contractor | : As mentioned in Col. 5 of TCN Annexure |
| 5 | Period of Completion | : As mentioned in Col. 4 of TCN Annexure |
| 6 | EMD | : As mentioned in Col. 6 of TCN Annexure |
| 7 | Paper Cost | : As mentioned in Col. 7 of TCN Annexure |
| 8 | Other details: | |

| Procurement Officer | Bid Identification No. | Availability of Tender online for Bidding | | Date & Time of opening of tender |
|---|---|---|---|---|
| | | From | To | |
| 1 | 2 | 3 | 4 | 5 |
| Executive Engineer, Rural Works Division, Gunupur | SERWGNP-Online-08/2026-27 | 06.07.2026 at 11.00 A.M. | 15.07.2026 up to 5.00 P.M. | 17.07.2026 at 11.00 A.M |

9. The amount put to tender is exclusive of 18% GST. The intending bidder should offer their rates which shall be exclusive of GST applicable as per norms. GST as applicable on works contract shall be paid over the bill amount at the time of payment of bill.

Other details can be seen in the bidding documents, which is available in website www.tendersodisha.gov.in Any subsequent addendum or corrigendum will be made available in the above website.

Superintending Engineer,
Rural Works Division, Gunupur

OIPR-25001/25170/1/26-27/0006

### GOVERNMENT OF ODISHA 19001/134/2627

PANCHAYAT SAMITI, PADMAPUR
E-Mail: ori-rpadmapur@nic.in
**INVITATION FOR BIDS (IFB)**
**e-Procurement Notice**
IDENTIFICATION NO. 03/2025-26 OF PANCHAYAT SAMITI, PADMAPUR
No. 2256/IX-74/2026 (S&ME, Tender) Dev Dated: 01.07.2026

1. The Panchayat Samiti, Padmapur invites **Percentage Rate Bids in Single Cover System** in **ONLINE MODE** for construction of **Building Works (Civil + Electrification)** as detailed in the **Detailed Tender Call Notice (D.T.C.N.)** from eligible class of contractors.
2. **No. of Works:** 03 (Three) Nos.
3. **Cost of Tender Paper:** Rs. 6,000/- (Rupees Six Thousand) only.
4. **Class of Contractor: "D" & "C" Class.**
5. **Date & Time of availability in website & receipt online:** 11:30 Hrs. of **06.07.2026 to** 17:00 Hrs. of **21.07.2026**
6. **Date of Opening of Technical Bid: 24.07.2026 at 11:30 Hrs.**
7. The bidder has to participate in **ONLINE** bidding only. Further details can be seen from the State Government Portal website: https://tendersodisha.gov.in
8. Any **Corrigendum/Addendum** will be displayed on the website https://tendersodisha.gov.in only.

Sd/- Kuresh Chandra Jani, OAS-A (JB)
Block Development Officer, Padmapur

OIPR-19001/19430/1/26-27/0001

### ୟୁନିଅନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

यूनियन बैंक ऑफ इंडिया Union Bank of India

**ଆଞ୍ଚଳିକ କାର୍ଯ୍ୟାଳୟ:ଭୁବନେଶ୍ୱର**
୩/୧ଏ, ସିଭିକ୍ ସେଣ୍ଟର, ଆଇଆର୍‌ସି ଭିଲେଜ, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୫

**ଗାଡ଼ି ନିଲାମ ନୋଟିସ୍**

ଏତଦ୍ଦ୍ୱାରା ଜଣାଇ ଦିଆଯାଉଅଛି କି, ୟୁନିଅନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଦ୍ୱାରା ଦଖଲ ନିଆଯାଇଥିବା ନିମ୍ନଲିଖିତ ଗାଡ଼ିଗୁଡ଼ିକୁ ଆମର ସମ୍ପୃକ୍ତ ଶାଖା ପରିସରରେ ତା.୨୧.୦୭.୨୦୨୬ରିଖ ପୂର୍ବାହ୍ନ ୧୧.୦୦ ଘଟିକା ସମୟରେ ସର୍ବସାଧାରଣରେ ନିଲାମ କରାଯିବ।

| କ୍ର. ନଂ. | ଶାଖାର ନାମ | ଋଣଗ୍ରହୀତାମାନଙ୍କ ନାମ | ଗାଡ଼ିଗୁଡ଼ିକର ବିବରଣୀ | ସଂରକ୍ଷିତ ମୂଲ୍ୟ / ଅମାନତ ଜମା |
|---|---|---|---|---|
| ୧. | ଆଚାର୍ଯ୍ୟ ବିହାର ଶାଖା | ପ୍ରୀତିମୟୀ ଷଡଙ୍ଗୀ | HYUNDAI GRAND i10 NIOS, Regd. No.: 23BH5684H | ଟ.୩,୦୦,୦୦୦/- (ଜିଏସ୍‌ଟି ବ୍ୟତୀତ) /ଟ.୩୦,୦୦୦/- |
| ୨. | ବୁଦ୍ଧେଶ୍ୱରୀ କଲୋନୀ ଶାଖା | ପରମଜିତ୍ ସିଂ | JCB NEW 3 DX 2WD/ BACKHOE LOADER, Regd. No.: OD33AJ3471 | ଟ.୧୯,୧୨,୦୦୦/- (ଜିଏସ୍‌ଟି ବ୍ୟତୀତ) / ଟ.୧,୯୧,୨୦୦/- |

ଗାଡ଼ିଗୁଡ଼ିକୁ ଯାଞ୍ଚ କରିବାର ତାରିଖ ଓ ସମୟ: ତା.୨୦.୦୭.୨୦୨୬ରିଖ ସୁଦ୍ଧା ପୂର୍ବାହ୍ନ ୧୦.୦୦ ଘଟିକାରୁ ଅପରାହ୍ନ ୫.୦୦ ଘଟିକା ସମୟ ମଧ୍ୟରେ

ଗାଡିର ଯାଞ୍ଚ ଏବଂ ଅନ୍ୟ କୌଣସି ସୂଚନା ପାଇଁ ଇଚ୍ଛୁକ ନିଲାମଧାରୀମାନେ ସମ୍ପୃକ୍ତ ଶାଖା ମୁଖ୍ୟ (ଆଚାର୍ଯ୍ୟ ବିହାର ଶାଖା, ମୋ.: ୯୦୦୨୯୨୪୦୮ ଏବଂ ବୁଦ୍ଧେଶ୍ୱରୀ କଲୋନୀ ଶାଖା, ମୋ.: ୯୮୩୬୬୩୮୯୪୩)ଙ୍କ ସହ ଯୋଗାଯୋଗ କରନ୍ତୁ।

**ନିୟମ ଏବଂ ସର୍ତ୍ତାବଳୀ:**

୧. ଗାଡ଼ିଗୁଡ଼ିକ "ଯେଉଁଠାରେ ଯେପରି ଅଛି", "ସେଠାରେ ଯାହା ଅଛି" ଏବଂ "ବିନା ଆଇନଗତ ସହାୟତା" ଭିତ୍ତିରେ ୱାରେଣ୍ଟି ଏବଂ ଇଣ୍ଡେମିନିଟିଜ୍ ବିନା ବିକ୍ରୟ କରାଯିବ।
୨. ବିକ୍ରୟ ମୂଲ୍ୟ ନିମିତ୍ତ ପ୍ରଯୁଜ୍ୟ ଜିଏସ୍‌ଟି ସଫଳ ନିଲାମଧାରୀଙ୍କ ଦ୍ୱାରା ବହନ କରାଯିବ।
୩. ଆଗ୍ରହୀ କ୍ରେତାମାନେ ସେମାନଙ୍କର ପ୍ରସ୍ତାବ ମୁଦ ଲଫାପାରେ ରଖି ଲଫାପା ଉପରେ "ଗାଡି ନଂ............ କ୍ରୟ ନିମନ୍ତେ କୋଟେସନ୍" ଉଲ୍ଲେଖ କରି ତତ୍‌ସହିତ **ସଂରକ୍ଷିତ ମୂଲ୍ୟର ୧୦% ଅମାନତ ରାଶି ଡିମାଣ୍ଡ ଡ୍ରାଫ୍ଟ ପୃଥକ୍ ଲଟ୍‌ରେ "ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ" ସପକ୍ଷରେ ତୁ କରାଯାଇ ଏବଂ ଭୁବନେଶ୍ୱରକୁ ପେଠ ଦର୍ଶାଇ** ନିମ୍ନସ୍ୱାକ୍ଷରକାରୀଙ୍କ ଠାରେ ତା.୨୦.୦୭.୨୦୨୬ରିଖ ଅପରାହ୍ନ ୫.୦୦ ଘଟିକା ସୁଦ୍ଧା ଦାଖଲ କରିବା ଆବଶ୍ୟକ।
୪. ନିର୍ଦ୍ଦିଷ୍ଟ ଗାଡ଼ିର ଟେଣ୍ଡରଗୁଡ଼ିକ ସମସ୍ତ ଟେଣ୍ଡରଦାତାଙ୍କ ଉପସ୍ଥିତିରେ ଖୋଲାଯିବ ଏବଂ ନିଲାମ ପାଇଁ ସର୍ବୋଚ୍ଚ ବିଡ୍‌କୁ ଫ୍ଲୋର୍ ପ୍ରାଇସ୍ ଭାବେ ବିବେଚନା କରାଯିବ।
୫. ସଂରକ୍ଷିତ ମୂଲ୍ୟ ଠାରୁ କମ୍ ମୂଲ୍ୟର ପ୍ରସ୍ତାବର ଟେଣ୍ଡରକୁ ଗ୍ରହଣ କରାଯିବ ନାହିଁ।
୬. ସଫଳ ନିଲାମଧାରୀଙ୍କୁ ନିଲାମ ପ୍ରକ୍ରିୟା ସମ୍ପୂର୍ଣ୍ଣ କରିବା ପାଇଁ ଚୂଡ଼ାନ୍ତ ନିଲାମ ରାଶିର ୨୫% ସଙ୍ଗେ ସଙ୍ଗେ ଜମା କରିବାକୁ ପଡ଼ିବ ଏବଂ ଅବଶିଷ୍ଟ ରାଶି ନିଲାମ ତାରିଖ ଠାରୁ **୭ଦିନ ମଧ୍ୟରେ** ଜମା କରିବାକୁ ପଡ଼ିବ।
୭. ଯଦି ବିଡ୍ ରାଶିର ୨୫% (ଅମାନତ ରାଶି ବାଦ୍ ଦେଇ) ନିଲାମ ତାରିଖ ଦିନ ଏବଂ/କିମ୍ବା ଧାର୍ଯ୍ୟ ସମୟସୀମା ମଧ୍ୟରେ ଅବଶିଷ୍ଟ ୭୫% ବିଡ୍ ରାଶି ପୈଠ କରିବାକୁ ବିଫଳ ହୁଅନ୍ତି, ତେବେ ନିମ୍ନସ୍ୱାକ୍ଷରକାରୀଙ୍କ ସ୍ୱତନ୍ତ୍ର କ୍ଷମତା ବଳରେ ପୂର୍ବରୁ ଜମା ହୋଇଥିବା ସମ୍ପୂର୍ଣ୍ଣ କିମ୍ବା ଆଂଶିକ ରାଶିକୁ ବାଜ୍ୟାପ୍ତ କରାଯିବ।
୮. ଟେଣ୍ଡର ଥରେ ଦାଖଲ ହେବା ପରେ ନିଲାମ ସମ୍ପୂର୍ଣ୍ଣ ନହେବା ଯାଏଁ କୌଣସି ପ୍ରକାରେ ଫେରସ୍ତ କରାଯିବ ନାହିଁ।
୯. ବ୍ୟାଙ୍କ କୌଣସି କାରଣ ନଦର୍ଶାଇ ପ୍ରସ୍ତାବଗୁଡ଼ିକୁ ଗ୍ରହଣ/ପ୍ରତ୍ୟାଖ୍ୟାନ/ପରିବର୍ତ୍ତନ କରିବାର ଅଧିକାର ସଂରକ୍ଷିତ ରଖିଅଛି। ସମସ୍ତ ପ୍ରସଙ୍ଗରେ ବ୍ୟାଙ୍କର ନିଷ୍ପତ୍ତି ଚୂଡ଼ାନ୍ତ ଅଟେ।
୧୦. ଯେଉଁମାନେ କେବଳ ଅମାନତ ରାଶି ଦାଖଲ କରିଛନ୍ତି ସେମାନଙ୍କୁ ଟେଣ୍ଡର ତଥା ନିଲାମ ବିକ୍ରୟରେ ଅଂଶଗ୍ରହଣ କରିବାକୁ ଅନୁମତି ଦିଆଯିବ।
୧୧. ଋଣଗ୍ରହୀତା/ଗ୍ୟାରେଣ୍ଟିଦାତାଙ୍କ ନିମନ୍ତେ ଏହା ଏକ ନୋଟିସ୍ ଭାବେ ବିବେଚନା କରାଯିବ।
୧୨. ଗାଡି ସମ୍ବନ୍ଧୀୟ ସମସ୍ତ ବୈଧାନିକ ଦେୟ / ଅଣ-ବୈଧାନିକ ଦେୟ / ବକେୟା ଦେୟ ଯଦି କିଛି ଥାଏ, ତାହା ସଫଳ ନିଲାମଧାରୀଙ୍କ ଦ୍ୱାରା ବହନ କରାଯିବ।
୧୩. ବିକ୍ରୟର ନିୟମ ଓ ସର୍ତ୍ତାବଳୀର ସବିଶେଷ ବିବରଣୀ ନିମନ୍ତେ ୱେବ୍‌ସାଇଟ୍ **www.unionbankofindia.bank.in** ଦେଖନ୍ତୁ।

ସ୍ଥାନ: ଭୁବନେଶ୍ୱର, ତାରିଖ: ୦୪.୦୭.୨୦୨୬ — କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

### AFFIDAVIT

I, LAXMIKANTA PANIGRAHI, S/O - JAYA KRUSHNA PANIGRAHI resident of At - Shastri Nagar, Ranikona, PO/PS - Semiliguda, Dist - Koraput - 764036, Odisha declare by this Affidavit No.2975, Dated 03/07/2026, that now onwards I shall be known as **LAKSHMI KANTA PANIGRAHI** for all future purposes.

### AFFIDAVIT

I Barsharani Swain D/o- Susanta Swain residing, At-Abdalpur, Po-Baidyarajpur Ps-Jajpur Dist-Jajpur, Odisha, Pin-755007, declare by Court Affidavit vide no 9665 Dt-03/07/2026 that my father real name susanta swain in my adhhar-804760405467 but my father name spelling is sushanta Swain recorded in my HSC certificate. That I hereby declare Susanta Swain and Sushanta Swain is one and same person.

Barsharani Swain

### AFFIDAVIT

By virtue of an affidavit sworn before Executive Magistrate, Soumya Ranjan Pradhan, (O.R.S.) Puri dated-04/07/2026. I, Deepti Ranjan Maharana (new name), At/P.O.- Chhaitana, P.S.- Puri Sadar, Dist. Puri, Pin-752004 declare that I have changed my name from Diptiranjan Ojha (old name) to Deepti Ranjan Maharana (new name). Henceforth, I shall be known as **Deepti Ranjan Maharana** (new name) for all purposes.

### AFFIDAVIT

By virtue of an affidavit no. 3398 before the Executive Magistrate, Sambalpur, Dtd 29-06-2026, I, Jayaram Kisan, S/o Gopa Kisan, resident of Sargipali, P.O. Jhankarpali, P.S. Katarbaga, Dist. Sambalpur, Odisha, do hereby declare that my minor daughter's name has been changed from Sanjukta Dhurua to Ankita Kisan. Henceforth, she shall be known and identified as **Ankita Kisan** for all purposes.

Jayaram Kisan

### AFFIDAVIT

By virtue of an affidavit No. 1502, dtd- 25/06/2026 sworn before The Executive Magistrate, Khordha. I, **Bhagirathi Biswal**, S/o- Jagannath Biswal, permanent resident of At: Ogalapur, Po: Olasingh, Ps: Begunia, Dist: Khordha, PIN-752020, Odisha declare that I have changed my minor daughter's name from **Prabhashi Bhagirathi Biswal** to **Pravasini Biswal.** Henceforth, she shall be known as **Pravasini Biswal** (new name) for all purposes.

**Bhagirathi Biswal**

### AFFIDAVIT

By virtue of an affidavit sworn before the Executive Magistrate Koksara on Dated 23 March 2026, I, **Mr. Balaram Satanami**, Address: Village-Chikili, Post Office- Chikili, Police Station- Kokasara, Block- Kokasara, Dist - Kalahandi, State- Odisha, Pin-766019, Odisha have changed my name from **"Laxmikant"** to **"Balaram Satanami"**. Henceforth, I shall be known as **"Balaram Satanami"** for all purposes.

**Balaram Satanami**

### ପୂର୍ବ ତଟ ରେଳପଥ

ଇ-ଟେଣ୍ଡର ବିଜ୍ଞପ୍ତି ନଂ. e-Tender-Elect-G-29-26

**କାର୍ଯ୍ୟର ବିବରଣୀ :** ପୂର୍ବ ତଟ ରେଳପଥର ରାଜଆଠଗଡ଼-ଡାଳଖେଲ ସେକ୍ସନରେ ମଲ୍ଟି ସେକ୍ସନ ଡିଜିଟାଲ ଏକ୍ସେଲ କାଉଣ୍ଟର ବ୍ୟବସ୍ଥା ସମ୍ବନ୍ଧୀୟ ଅବଶିଷ୍ଟ ବିଦ୍ୟୁତୀକରଣ କାର୍ଯ୍ୟ (ରାଜଆଠଗଡ଼, ହିନ୍ଦୋଳ ରୋଡ୍, ମେରାମଣ୍ଡଳୀ, ବୁଢ଼ାପଙ୍କ ଏବଂ ଡାଳଖେଲ)।

**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 1,45,88,352.81, EMD : ₹ 2,91,800/-, ଶେଷ ହେବା ଅବଧି : 06 ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ:** ତା.24.07.2026ରିଖ 1500 ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ହାତଲେଖା/ଡାକଯୋଗେ ମାଧ୍ୟମରେ କିମ୍ବା ବାକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ। ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର କାଗଜପତ୍ର ସହିତ ୱେବ୍‌ସାଇଟ୍ **www.ireps.gov.in** ରେ ଉପଲବ୍ଧ ଅଛି।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 10 (ଦଶ) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଛି। ଟେଣ୍ଡରଦାତା ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା / ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ।

ବରିଷ୍ଠ ମଣ୍ଡଳ ବିଦ୍ୟୁତ ଯନ୍ତ୍ରୀ (ସାମାନ୍ୟ)/ ଖୋର୍ଦ୍ଧା ରୋଡ୍

PR-280/R/26-27

## ଭତ୍ତା ବଣ୍ଟନରେ ଅନିୟମିତତା

# ବୃଦ୍ଧାଙ୍କ ବର୍ଦ୍ଧିତ ଭତ୍ତା ଲୁଟିନେଲେ ଅଧିକାରୀ

**ଅଭିଯୋଗ ପରେ ଫେରେଇଲେ**

ବାଲିକୁଦା,୪।୭(ସମିସ)

ଜଗତସିଂହପୁର ଜିଲ୍ଲା ବାଲିକୁଦା ବ୍ଲକ ଅନ୍ତର୍ଗତ ଇଚ୍ଛାପୁର ପଞ୍ଚାୟତରେ ପୁଣିଥରେ ବାର୍ଦ୍ଧକ୍ୟ ଭତ୍ତା ବଣ୍ଟନକୁ ନେଇ ଗୁରୁତର ଅନିୟମିତତା ଅଭିଯୋଗ ସାମ୍ନାକୁ ଆସିଛି। ଇଚ୍ଛାପୁର ଗ୍ରାମର ୮୮ ବର୍ଷୀୟା ଦୃଷ୍ଟିବାଧିତ ବିଧବା ବସନ୍ତ ମଞ୍ଜରୀ ସାମନ୍ତରାୟଙ୍କୁ ମିଳିବାକୁ ଥିବା ଭତ୍ତା ପ୍ରଦାନରେ ଅନିୟମିତତା ଏବଂ ତାଙ୍କୁ ହଇରାଣ କରାଯାଇଥିବା ଅଭିଯୋଗ ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଛି। ଅଭିଯୋଗ ଅନୁଯାୟୀ, ୮୦ ବର୍ଷରୁ ଅଧିକ ବୟସ୍କ ହୋଇଥିବାରୁ ବୃଦ୍ଧାଙ୍କୁ ମେ' ମାସରୁ ବର୍ଦ୍ଧିତ ହାରରେ ପ୍ରତିମାସ ୩,୫୦୦ ଟଙ୍କା ଭତ୍ତା ମିଳିବା କଥା। ସେ ଏପ୍ରିଲ ମାସର ୧,୦୦୦ ଟଙ୍କା ଭତ୍ତା ମଧ୍ୟ ପାଇନଥିବାରୁ ଏପ୍ରିଲ, ମେ' ଓ ଜୁନ ମାସର ମୋଟ ୮,୦୦୦ ଟଙ୍କା ପ୍ରାପ୍ୟ ଥିଲା। କିନ୍ତୁ ତାଙ୍କ ଭତ୍ତା ରେଜିଷ୍ଟରରେ କୌଣସି ରାଶି ଉଲ୍ଲେଖ ନକରି କେବଳ ସ୍ୱାକ୍ଷର ନିଆଯାଇ ୫,୫୦୦ ଟଙ୍କା ପ୍ରଦାନ କରାଯାଇଥିବା ଅଭିଯୋଗ ହୋଇଛି। ବୃଦ୍ଧାଙ୍କ ଦ୍ୱାରା ବ୍ଲକ ସାମାଜିକ ସୁରକ୍ଷା କାର୍ଯ୍ୟାଳୟରେ ଯୋଗାଯୋଗ କରିବା ପରେ ବସନ୍ତ ମଞ୍ଜରୀଙ୍କର ୮,୦୦୦ ଟଙ୍କା ପ୍ରାପ୍ୟ ଥିବା ସ୍ପଷ୍ଟ ହୋଇଥିଲା। ଏହାପରେ ସରପଞ୍ଚ ଓ ସମ୍ପୃକ୍ତ ଏଡିଇଓଙ୍କୁ ଅବଗତ କରାଯାଇଥିଲେ ମଧ୍ୟ ପ୍ରାୟ ୧୫ ଦିନ ଧରି ଅବଶିଷ୍ଟ ଟଙ୍କା ପ୍ରଦାନ କରାଯାଇନଥିବା ଅଭିଯୋଗ ରହିଛି। ପରେ ବ୍ଲକ ଅତିରିକ୍ତ ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀନିବାସ ବେହେରାଙ୍କ ହସ୍ତକ୍ଷେପ ପରେ ଶୁକ୍ରବାର ଅପରାହ୍ନରେ ବୃଦ୍ଧାଙ୍କ ଘରକୁ ଯାଇ ଅବଶିଷ୍ଟ ଟଙ୍କା ପ୍ରଦାନ କରାଯାଇଥିବା ଜଣାପଡ଼ିଛି।

ସରକାରୀ ନିୟମ ଅନୁଯାୟୀ ଦୃଷ୍ଟିବାଧିତ, ଚାଲିବାକୁ ଅକ୍ଷମ ଓ ଅସହାୟ ବୃଦ୍ଧବୃଦ୍ଧାଙ୍କ ଘରେ ପହଞ୍ଚି ଭତ୍ତା ପ୍ରଦାନ କରିବାର ବ୍ୟବସ୍ଥା ଥିବାବେଳେ ଏଭଳି ଜଣେ ବୃଦ୍ଧାଙ୍କୁ ତାଙ୍କ ପ୍ରାପ୍ୟରୁ ବଞ୍ଚିତ କରାଯିବା ଏବଂ ଭତ୍ତା ରେଜିଷ୍ଟରରେ ରାଶି ଉଲ୍ଲେଖ ନକରି ସ୍ୱାକ୍ଷର ନେବା ଘଟଣା ସ୍ୱଚ୍ଛତା ଉପରେ ପ୍ରଶ୍ନ ସୃଷ୍ଟି କରିଛି। ବସନ୍ତ ମଞ୍ଜରୀ ସାମନ୍ତରାୟ ଦୃଷ୍ଟିବାଧିତ ହେବା ସହ ଉଚ୍ଚ ରକ୍ତଚାପରେ ପୀଡ଼ିତ। ତାଙ୍କର ଏକମାତ୍ର ପୁଅ ପକ୍ଷାଘାତରେ ଆକ୍ରାନ୍ତ ହୋଇ ଚିକିତ୍ସାଧୀନ ଥିବାରୁ ପରିବାରର ଏକମାତ୍ର ଭରସା ବାର୍ଦ୍ଧକ୍ୟ ଭତ୍ତା। ଏପରି ପରିସ୍ଥିତିରେ ଭତ୍ତା ପ୍ରଦାନରେ ଅନିୟମିତତା ମାନବିକତା ଉପରେ ମଧ୍ୟ ପ୍ରଶ୍ନ ଉଠାଇଛି। ଏନେଇ ବ୍ଲକ ଅତିରିକ୍ତ ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀନିବାସ ବେହେରା କହିଛନ୍ତି, ଅଭିଯୋଗ ପାଇବା ପରେ ସେ ତୁରନ୍ତ ବକେୟା ଭତ୍ତା ପ୍ରଦାନ ପାଇଁ ନିର୍ଦ୍ଦେଶ ଦେଇଥିଲେ। ସମ୍ପୃକ୍ତ ଏଡିଇଓଙ୍କ ପକ୍ଷରୁ ଭୁଲବଶତଃ ଗୋଟିଏ ମାସର ବର୍ଦ୍ଧିତ ଭତ୍ତା ଧରି ୫,୫୦୦ ଟଙ୍କା ପ୍ରଦାନ କରାଯାଇଥିବା କୁହାଯାଇଛି। ସୋମବାର ବିଡିଓଙ୍କ ଉପସ୍ଥିତିରେ ପିଇଓ ଓ ଏଡିଇଓଙ୍କୁ ଡାକି ଘଟଣାର ସମୀକ୍ଷା କରାଯିବ ବୋଲି ସେ ସୂଚନା ଦେଇଛନ୍ତି। ଅନ୍ୟପକ୍ଷରେ, ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ଅରୁଣ କୁମାର ମହାନ୍ତି କହିଛନ୍ତି ଯେ ଭତ୍ତା ବଣ୍ଟନ ତାଙ୍କ ଦାୟିତ୍ୱ ନୁହେଁ ଏବଂ ଅଭିଯୋଗ ଆସିଲେ ତଦନ୍ତ କରିବେ। ଖବର ଲେଖାଯିବା ପର୍ଯ୍ୟନ୍ତ ସମ୍ପୃକ୍ତ ଏଡିଇଓ ସୁଜାତା ଜେନାଙ୍କ ପ୍ରତିକ୍ରିୟା ମିଳିପାରିନଥିଲା।

ଇଚ୍ଛାପୁର ପଞ୍ଚାୟତରେ ପୂର୍ବରୁ ମଧ୍ୟ ୧୫ ଜଣ ଭେଣ୍ଡିଆଙ୍କୁ ଦିବ୍ୟାଙ୍ଗ ଦର୍ଶାଇ ଭତ୍ତା ଘୋଟାଲା କରାଯାଇଥିଲା ଯାହା ତଦନ୍ତ ପରେ ଫେରସ୍ତ ହୋଇଥିଲା। ଭତ୍ତା ବଣ୍ଟନକୁ ନେଇ ବିଭିନ୍ନ ଅଭିଯୋଗ ଆସିଥିବାରୁ ଏହି ଘଟଣାକୁ ସାଧାରଣ ଭୁଲ ନା ବ୍ୟବସ୍ଥିତ ଅନିୟମିତତା ଭାବେ ଦେଖାଯିବ, ତାହା ଏବେ ପ୍ରଶ୍ନର ବିଷୟ।

## ଫଳକରେ ସୀମିତ ବିଶ୍ରାମସ୍ଥଳୀ ନିର୍ମାଣ



ବାଲିକୁଦା,୪।୭(ସମିସ): ବାଲିକୁଦା ବଜାରର ହାଟଗଡ଼ା ନିକଟରେ ସାଧାରଣ ଲୋକଙ୍କ ସୁବିଧା ପାଇଁ ନିର୍ମାଣ ହେବାକୁ ଥିବା ବିଶ୍ରାମସ୍ଥଳୀ ଆଜି ପର୍ଯ୍ୟନ୍ତ କେବଳ ଫଳକରେ ସୀମିତ ରହିଛି। ପୂର୍ବତନ ବିଧାୟକ ତଥା ପୂର୍ବତନ ଜଳସମ୍ପଦ ମନ୍ତ୍ରୀ ରଘୁନନ୍ଦନ ଦାସଙ୍କ ବିଧାୟକ ପାଣ୍ଠିରୁ ପ୍ରାୟ ୨ ଲକ୍ଷ ଟଙ୍କା ମଞ୍ଜୁର ହୋଇଥିଲେ ମଧ୍ୟ ୨୦୨୨ ମସିହାରୁ କାମ ଆରମ୍ଭ ହୋଇପାରିନାହିଁ। ସୂଚନା ଅନୁଯାୟୀ, ନିର୍ମାଣ ପାଇଁ ଚିହ୍ନଟ ହୋଇଥିବା ସ୍ଥାନ ଜଳସମ୍ପଦ ବିଭାଗ ଅଧୀନରେ ଥିବାରୁ ବିଭାଗୀୟ ଅନୁମତି ମିଳିନଥିବା କାରଣ ଦର୍ଶାଇ କାମକୁ ଅଟକାଇ ରଖାଯାଇଛି। ଫଳରେ ତିନି ବର୍ଷ ବିତିଯାଇଥିଲେ ମଧ୍ୟ କେବଳ ଉଦ୍‌ଘାଟନ ଫଳକ ଛଡ଼ା ସେଠାରେ କୌଣସି ନିର୍ମାଣ ହୋଇନାହିଁ। ବାଲିକୁଦା ବଜାର ଜିଲ୍ଲାର ଅନ୍ୟତମ ବ୍ୟସ୍ତବହୁଳ ବଜାର ହୋଇଥିବାରୁ ପ୍ରତିଦିନ ଶହ ଶହ ଲୋକ ଏଠାକୁ ଆସିଥାନ୍ତି। ବିଶେଷକରି ବୃଦ୍ଧ, ମହିଳା, ରୋଗୀ ଓ ଦୂରଦୂରାନ୍ତରୁ ଆସୁଥିବା ଲୋକମାନେ ଖରା ଓ ବର୍ଷା ସମୟରେ ବିଶ୍ରାମ ନେବା ପାଇଁ କୌଣସି ଉପଯୁକ୍ତ ସ୍ଥାନ ପାଉନଥିବାରୁ ହଇରାଣ ହେଉଛନ୍ତି। ସ୍ଥାନୀୟ ବାସିନ୍ଦାମାନେ ଦୀର୍ଘଦିନ ଧରି ବିଶ୍ରାମସ୍ଥଳୀ ନିର୍ମାଣ ଦାବି କରୁଥିଲେ ମଧ୍ୟ ପ୍ରଶାସନିକ ଜଟିଳତା ଯୋଗୁଁ ପ୍ରକଳ୍ପ ଆଗକୁ ବଢ଼ିପାରୁନାହିଁ। ଏ ସମ୍ପର୍କରେ ପୂର୍ବତନ ଜଳସମ୍ପଦ ମନ୍ତ୍ରୀ ରଘୁନନ୍ଦନ ଦାସ କହିଛନ୍ତି ଯେ, ଜନସାଧାରଣଙ୍କ ସୁବିଧାକୁ ଦୃଷ୍ଟିରେ ରଖି ସେ ନିଜ ବିଧାୟକ ପାଣ୍ଠିରୁ ଅର୍ଥ ମଞ୍ଜୁର କରିଥିଲେ। କିନ୍ତୁ ସମ୍ପୃକ୍ତ ବିଭାଗର ଇଚ୍ଛାଶକ୍ତିର ଅଭାବ ଓ ଅନୁମତି ପ୍ରକ୍ରିୟାର ବିଳମ୍ବ ଯୋଗୁଁ କାମ ଆରମ୍ଭ ହୋଇପାରିନାହିଁ। ତେବେ ଏହା ବିଧାୟକ ପାଣ୍ଠିର ପ୍ରକଳ୍ପ ହୋଇଥିବାରୁ ଅନୁଦାନ ଲାପ୍ସ ହେବ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି। ସ୍ଥାନୀୟ ଲୋକଙ୍କ ମତରେ, ବିଧାୟକ, ଜିଲ୍ଲା ପ୍ରଶାସନ ଓ ଜଳସମ୍ପଦ ବିଭାଗ ସମନ୍ୱୟ ରକ୍ଷା କରି ଆବଶ୍ୟକ ଅନୁମତି ପ୍ରଦାନ କଲେ ବହୁ ପ୍ରତୀକ୍ଷିତ ବିଶ୍ରାମ ସ୍ଥଳୀ ନିର୍ମାଣ ସମ୍ଭବ ହୋଇପାରିବ। ଜନସ୍ୱାର୍ଥ ସହ ଜଡ଼ିତ ଏହି ପ୍ରକଳ୍ପକୁ ଶୀଘ୍ର କାର୍ଯ୍ୟକାରୀ କରିବାକୁ ସ୍ଥାନୀୟ ଅଞ୍ଚଳରେ ଦାବି ଜୋର ଧରିଛି।

## ପାରାଦୀପ ବନ୍ଦରରେ ଜାପାନ ପ୍ରତିନିଧି ଦଳ

# ନିବେଶ ହେବ ୬୭ ହଜାର କୋଟି ଟଙ୍କା

## ଗ୍ରୀନ୍ ଟ୍ରାଞ୍ଜିସନ ନିମନ୍ତେ ଉଚ୍ଚସ୍ତରୀୟ ବୈଠକ



ପାରାଦୀପ,୪।୭(ସମିସ): ପାରାଦୀପ ବନ୍ଦରରେ ଗ୍ରୀନ୍ ହାଇଡ୍ରୋଜେନ୍, ଗ୍ରୀନ୍ ଆମୋନିୟା, ଗ୍ରୀନ୍ ମିଥାନଲର ହବ୍ ହେବାକୁ ଯାଉଛି। ଏହି ଅବସରରେ ପାରାଦୀପ ବନ୍ଦର ପ୍ରଶାସନିକ ଭବନ ବୋର୍ଡ ରୁମରେ ଏକ ଉଚ୍ଚସ୍ତରୀୟ ପ୍ରତିନିଧି ଦଳଙ୍କ ଉପସ୍ଥିତରେ ବୈଠକ ଆୟୋଜିତ ହୋଇଯାଇଛି। ଏହି ବୈଠକରେ ଜାପାନ ମିଟସୁବିସି ଗ୍ୟାସ କେମିକାଲ୍ କମ୍ପାନୀର ବରିଷ୍ଠ ଅଧିକାରୀଙ୍କ ସମେତ ଏସିଏମ୍‌ଇ ଗ୍ରୁପର ଅଧିକାରୀମାନେ ଯୋଗ ଦେଇ ପାରାଦୀପ ବନ୍ଦରରେ ଏହାର କାର୍ଯ୍ୟକାରିତା ସମ୍ପର୍କରେ ବିସ୍ତୃତ ଆଲୋଚନା କରିଥିଲେ। ପାରାଦୀପ ବନ୍ଦର ପକ୍ଷରୁ ଅଧ୍ୟକ୍ଷ ପିଏଲ୍ ହରନାଦ, ଉପାଧ୍ୟକ୍ଷ ଟି.ଭେନୁଗୋପାଲ ଯୋଗ ଦେଇଥିବା ବେଳେ ଜାପାନ ପ୍ରତିନିଧି ମଣ୍ଡଳୀ ପକ୍ଷରୁ କାର୍ଯ୍ୟନିର୍ବାହୀ ପରିଚାଳକ ହିଡେଆକି ଆକାଶେ, ମିଟସିବିସି ନିର୍ବାହୀ ଅଧିକାରୀ ମାସାହିକୋ ନାଇଟୋ ଯୋଗ ଦେଇଥିଲେ। ପାରାଦୀପରେ ବିଶ୍ୱସ୍ତରୀୟ ଗ୍ରୀନ୍ ଫୁଏଲ୍ ଆମଦାନୀ ନିମନ୍ତେ ଏକ ପ୍ରଶସ୍ତ କ୍ଷେତ୍ର ବୋଲି ବନ୍ଦର ଅଧ୍ୟକ୍ଷ ଶ୍ରୀ ହରନାଦ କହିବା ସହିତ ଆଗାମୀ ୧୦ ବର୍ଷ ନିମନ୍ତେ ଏସିଏମଇ ଗ୍ରୁପ୍ ୧୦୦,୦୦୦ଟନ୍ ଗ୍ରୀନ ମିଥାନେଲ୍ ବାର୍ଷିକ ମିଟସୁବିସି ଗ୍ୟାସ କେମିକାଲ୍ ଯୋଗାଇ ଦେବା ନିମନ୍ତେ ଚୁକ୍ତିନାମା ହୋଇଛି। ଏହି ପ୍ରକଳ୍ପ ନିମନ୍ତେ ୬୭ହଜାର କୋଟି ଟଙ୍କାର ପୁଞ୍ଜି ନିବୋଶ ହେବ। ପ୍ରକଳ୍ପ ଶେଷ ହେବା ପରେ ପାରାଦୀପ ବିଶ୍ୱର ସର୍ବବୃହତ୍ କ୍ଲିନ୍ ଏନର୍ଜି ହବ୍ ହେବ। ଭାରତ ବର୍ଷର ଆଗାମୀ ଦିନରେ ଲକ୍ଷ୍ୟ ପୂରଣ ହେବା ଦିଗରେ ଏହି ପ୍ରକଳ୍ପ ସହାୟକ ହେବ। ପାରାଦୀପ ବନ୍ଦର, ମିଟସୁବିସି ଗ୍ୟାସ୍ କେମିକାଲ୍ ଏବଂ ଏସିଏମଇ ଗ୍ରୁପ୍ ମିଳିତ ଭାବେ ଏହି ପ୍ରକଳ୍ପ କାର୍ଯ୍ୟକାରିତାରେ ଏକ ବିଶ୍ୱସ୍ତରୀୟ ଗ୍ରୀନ୍ ହବ୍ ହେବାକୁ ଯାଉଛି। ଏହା ଓଡିଶାର ନୌବାଣିଜ୍ୟ କ୍ଷେତ୍ରରେ ଏକ ଯୁଗାନ୍ତକାରୀ ପଦକ୍ଷେପ ବୋଲି ପାରାଦୀପ ବନ୍ଦର ପକ୍ଷରୁ ପ୍ରକାଶିତ ପ୍ରେସ୍ ଇସ୍ତାହାରରୁ ସୂଚନା ମିଳିଛି।

## ■ ଅବ୍ୟବସ୍ଥାରେ ଅଳାଭର ଉଚ୍ଚ ବିଦ୍ୟାଳୟ

# ଦେଢ଼ ଶହ ପିଲାଙ୍କୁ ଜଣେ ଶିକ୍ଷକ




ବାଲିକୁଦା,୪।୭(ସମିସ): ବାଲିକୁଦା ବ୍ଲକ ଅନ୍ତର୍ଗତ ଅଳାଭର ପଞ୍ଚାୟତ ଶାସନ ଅଳାଭର ଉଚ୍ଚ ବିଦ୍ୟାଳୟରେ ଶିକ୍ଷକ ଅଭାବ ଏବେ ଉଦ୍‌ବେଗଜନକ ସ୍ଥିତିରେ ପହଞ୍ଚିଛି। ଦୀର୍ଘଦିନ ଧରି ଶିକ୍ଷକ ପଦ ପୂରଣ ନ ହେବାରୁ ବର୍ତ୍ତମାନ ୧୫୦ରୁ ଅଧିକ ଛାତ୍ରଛାତ୍ରୀଙ୍କ ପାଠପଢ଼ା ମାତ୍ର ଜଣେ ଶିକ୍ଷକଙ୍କ ଉପରେ ନିର୍ଭରଶୀଳ ହୋଇପଡ଼ିଛି। ଏଭଳି ସ୍ଥିତିରେ ଛାତ୍ରଛାତ୍ରୀଙ୍କ ଶିକ୍ଷା, ମାଟ୍ରିକ ପରୀକ୍ଷା ପ୍ରସ୍ତୁତି ଓ ବିଦ୍ୟାଳୟର ଭବିଷ୍ୟତକୁ ନେଇ ଅଭିଭାବକ ଏବଂ ବୁଦ୍ଧିଜୀବୀ ଗଭୀର ଚିନ୍ତା ପ୍ରକାଶ କରିଛନ୍ତି।

୧୯୮୭ ମସିହାରେ ସ୍ଥାପିତ ଏହି ବିଦ୍ୟାଳୟ ରାଜ୍ୟ ସରକାରଙ୍କ ନୂତନ ଅନୁଦାନପ୍ରାପ୍ତ ଯୋଜନାରେ ସାମିଲ ହେବା ପରେ ଅଞ୍ଚଳବାସୀଙ୍କ ମନରେ ଆଶା ସୃଷ୍ଟି ହୋଇଥିଲା। ଏହି ବିଦ୍ୟାଳୟରୁ ଅନେକ ଛାତ୍ରଛାତ୍ରୀ ଉଚ୍ଚଶିକ୍ଷା ଗ୍ରହଣ କରି ରାଜ୍ୟ ଓ ରାଜ୍ୟ ବାହାରେ ବିଭିନ୍ନ ଉଚ୍ଚ ପଦବୀରେ କାର୍ଯ୍ୟରତ ଅଛନ୍ତି। କିନ୍ତୁ ଅବସର ନେଉଥିବା ଶିକ୍ଷକଙ୍କ ସ୍ଥାନରେ ନୂତନ ନିଯୁକ୍ତି ନ ହେବାରୁ ବିଦ୍ୟାଳୟର ଶିକ୍ଷା ବ୍ୟବସ୍ଥା ଧୀରେ ଧୀରେ ଭୁଶୁଡ଼ି ପଡୁଛି। ପୂର୍ବରୁ ବିଦ୍ୟାଳୟରେ ତିନିଜଣ ଶିକ୍ଷକ ରହିଥିବା ବେଳେ ଅବସର ପରେ ବର୍ତ୍ତମାନ ଜଣେ ମାତ୍ର ଶିକ୍ଷକଙ୍କ ଦ୍ୱାରା ତିନୋଟି ଶ୍ରେଣୀର ୧୫୦ରୁ ଅଧିକ ଛାତ୍ରଛାତ୍ରୀଙ୍କୁ ପାଠ ପଢ଼ାଯାଉଛି। ବିଜ୍ଞାନ, ଗଣିତ, ଇଂରାଜୀ, ସାମାଜିକ ବିଜ୍ଞାନ ପରି ବିଷୟରେ ସ୍ୱତନ୍ତ୍ର ଶିକ୍ଷକ ନ ଥିବାରୁ ପାଠଦାନ ପ୍ରାୟ ଅସମ୍ଭବ ହୋଇପଡ଼ିଛି। ଚଳିତ ଶିକ୍ଷାବର୍ଷର ମାଟ୍ରିକ ପରୀକ୍ଷାର୍ଥୀଙ୍କ ପ୍ରସ୍ତୁତି ମଧ୍ୟ ଗୁରୁତର ଭାବେ ପ୍ରଭାବିତ ହେଉଥିବା ଅଭିଭାବକମାନେ କହିଛନ୍ତି। ଅଳାଭର ପଞ୍ଚାୟତ ସରପଞ୍ଚ ମଧୁଛନ୍ଦା ସ୍ୱାଇଁ ପୂର୍ବରୁ ଗଣଶିକ୍ଷା ବିଭାଗ ମନ୍ତ୍ରୀଙ୍କୁ ଲିଖିତ ଭାବେ ଅବଗତ କରାଇଥିଲେ। ତେବେ ସମସ୍ୟାର ସମାଧାନ ନ ହେବାରୁ ସେ ବର୍ତ୍ତମାନ ସିଧାସଳଖ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖି ବିଦ୍ୟାଳୟର ସମସ୍ତ ଶିକ୍ଷକ ପଦବୀ ତୁରନ୍ତ ପୂରଣ କରିବାକୁ ଦାବି କରିଛନ୍ତି। ସମସ୍ୟାର ସ୍ଥାୟୀ ସମାଧାନ ନ ହେଲେ ପଞ୍ଚାୟତବାସୀଙ୍କ ସହ ଆମରଣ ଅନଶନରେ ବସିବେ ବୋଲି ମଧ୍ୟ ସେ ଚେତାବନୀ ଦେଇଛନ୍ତି।

# ପ୍ରଧାନଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ଜଗତସିଂହପୁର,୪।୭(ସମିସ): ଜଗତସିଂହପୁର ସଦର ବ୍ଲକ ଅନ୍ତର୍ଗତ କାଦୁଅପଡା ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଭାରତୀ ସିଂଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ସଭା ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ବରିଷ୍ଠ ଶିକ୍ଷୟିତ୍ରୀ ଅପର୍ଣ୍ଣା ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ଉତ୍ସବରେ ଅବସରପ୍ରାପ୍ତ ଜିଲ୍ଲା ଶାରିରୀକ ଶିକ୍ଷା ଅଧିକାରୀ ଦିଲ୍ଲିପ କୁମାର ଦାସ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବା ବେଳେ ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷୟତ୍ରୀ ଆଶ୍ରମବାଳା ଦୁବେ ଯୋଗ ଦେଇ ବିଦାୟୀ ପ୍ରଧାନ ଶିକ୍ଷୟତ୍ରୀ କାର୍ଯ୍ୟଦକ୍ଷତା ଓ କର୍ତ୍ତବ୍ୟନିଷ୍ଠା ଉପରେ ଆଲୋକପାତ କରିଥିଲେ। ସମ୍ମାନିତ ଅତିଥି ଭାବେ ପ୍ରଧାନ ଶିକ୍ଷୟିତ୍ରୀ ମନୋରମା ରଥ, ପ୍ରଧାନ ଶିକ୍ଷୟତ୍ରୀ ହରପ୍ରିୟା ତ୍ରିପାଠୀ, ପ୍ରଧାନ ଶିକ୍ଷୟତ୍ରୀ ପ୍ରଭାସିନୀ ସାହୁ, ଅବସରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ତୃପ୍ତି ଦାଶ, ଅବସରପ୍ରାପ୍ତ ଶିକ୍ଷକ ପ୍ରଦୀପ୍ତ କିଶୋର ଦାସ, ଅବସରପ୍ରାପ୍ତ ଶିକ୍ଷୟତ୍ରୀ ଗାୟତ୍ରୀ ଦେବୀ, ସିଆର୍‌ସିସି ସୁଶାନ୍ତ କୁମାର ବେହେରା, ପଞ୍ଚସଖା ଶିକ୍ଷା ସେତୁ ସଭାପତି ସଂଯୁକ୍ତା ସ୍ୱାଇଁ, ସଭ୍ୟା ପ୍ରଣତି ଦାସ ପ୍ରମୁଖ ଯୋଗ ଦେଇ ବକ୍ତବ୍ୟ ରଖିଥିଲେ। ଶିକ୍ଷୟତ୍ରୀ ରଶ୍ମିତା ସେନାପତି ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଶିକ୍ଷୟିତ୍ରୀ ସୋନାଲୀ ଖୁଣ୍ଟିଆ, ରୁବିନା ବିଶ୍ୱାଳ, ସଂଘମିତ୍ରା ସେଠୀ, ସୌମ୍ୟାସୁଚରିତା ପଣ୍ଡା, ମମତା ପରିଜା, ମିନର୍ଭା ମଲ୍ଲିକ, ରାଜଶ୍ରୀ ମହାନ୍ତି, ବୈଦେହୀ ସାମଲଙ୍କ ସହିତ ସ୍ଥାନୀୟ ଗାଦିବ୍ରହ୍ମ ବିଦ୍ୟାପୀଠର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ମଧ୍ୟ ସମ୍ବର୍ଦ୍ଧନା ଜ୍ଞାପନ କରିଥିଲେ। କାର୍ଯ୍ୟକ୍ରମରେ କର୍ମଚାରୀ ଦେବଦତ୍ତ ମହାନ୍ତି ଓ ରମେଶ ବାରିକ ସହଯୋଗ କରିଥିଲେ। ଏହି ଅବସରରେ ବିଦାୟୀ ପ୍ରଧାନ ଶିକ୍ଷୟତ୍ରୀ ଭାରତୀ ସିଂଙ୍କୁ ବିଦ୍ୟାଳୟ ତଥା ଛାତ୍ରୀ ମାନଙ୍କ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। ପରିଶେଷରେ ଶିକ୍ଷୟତ୍ରୀ ପ୍ରିୟଦର୍ଶିନୀ ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ।

## ■ ରେଲୱେ କର୍ମଚାରୀଙ୍କ ମନମାନି

# ବ୍ୟବହାର କରୁନାହାନ୍ତି ସୁରକ୍ଷା ଉପକରଣ



ପାରାଦୀପ,୪।୭(ସମିସ): ପାରାଦୀପ ବନ୍ଦର ରେଲୱେ କର୍ମଚାରୀଙ୍କ ମନମାନି ଏବେ ଚରମ ସୀମାରେ ପହଞ୍ଚିଛି। ନାହିଁ ସୁରକ୍ଷା ବ୍ୟବସ୍ଥା, କି ନାହିଁ ସୁରକ୍ଷା ପାଇଁ ବ୍ୟବହାର ଉପକରଣ। ପାରାଦୀପ ବନ୍ଦର ଅଧୀନରେ କାର୍ଯ୍ୟ କରୁଥିବା ରେଲୱେ କର୍ମଚାରୀଙ୍କ ଅବ୍ୟବସ୍ଥା ଓ ବେପରୁଆ ମନୋଭାବର ଏକ ଚିତ୍ର ଯାହା ସାମ୍ନାକୁ ଆସିଛି। ଏକ ବଡ଼ ବରଗଛ କାଟିବା ସମୟରେ ସାମ୍ନାକୁ ଆସିଥିଲା ଏହି ଚିତ୍ର। ଗଛ କାଟୁଥିବା କର୍ମଚାରୀଙ୍କୁ କୌଣସି ସୁରକ୍ଷା ଉପକରଣ ଦିଆଯାଇନଥିଲା। ଗୋଟିଏ ପଟେ ପାରାଦୀପ ବନ୍ଦର ସୁରକ୍ଷା ଓ ସେଫଟିକୁ ଗୁରୁତ୍ୱର ସହିତ ଗ୍ରହଣ କରିଥିବା ସମୟରେ କିଛି ବିଶୃଙ୍ଖଳିତ କର୍ମଚାରୀମାନଙ୍କ ପାଇଁ ଆଜି ପାରାଦୀପ ବନ୍ଦର ନିନ୍ଦିତ ହେଉଛି। ଯଥାଶୀଘ୍ର ଏହିଭଳି ବିଶୃଙ୍ଖଳିତ କର୍ମଚାରୀ ମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସାଧାରଣରେ ଦାବି ଜୋର ଧରିଛି।

# ଦୁଇ ଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ନାଉଗାଁ,୪।୭(ସମିସ): ନାଉଗାଁ ବ୍ଲକ ଅନ୍ତର୍ଗତ ଘୋଡାଂଶ ପଞ୍ଚାୟତ ସ୍ଥିତ ବାସୁଦେବ ସରକାରୀ ଉଚ୍ଚ ବିଦ୍ୟାଳୟର ସହକାରୀ ଶିକ୍ଷୟିତ୍ରୀ ପ୍ରତିମା ନାୟକ ଏବଂ ସହକାରୀ ଶିକ୍ଷୟିତ୍ରୀ ସ୍ନେହଲତା ରାୟ ଅବସର ଗ୍ରହଣ କରିଛନ୍ତି। ଏହି ଦୁଇ ଶିକ୍ଷୟିତ୍ରୀଙ୍କ ପାଇଁ ବିଦ୍ୟାଳୟ ପରିସରରେ ଅବସରକାଳୀନ ସମ୍ବର୍ଦ୍ଧନା ପ୍ରଧାନ ଶିକ୍ଷକ ଜୀବନ କୁମାର ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ଜଗତସିଂହପୁର ଜିଲ୍ଲା ଶିକ୍ଷା ଅଧିକାରୀ କେଶବ ମେହେର, ମୁଖ୍ୟବକ୍ତା ଭାବେ ଜିଲ୍ଲା ଅତିରିକ୍ତ ଶିକ୍ଷା ଅଧିକାରୀ ଡ. ଶୁଶାନ୍ତ ମହାନ୍ତି, ସମ୍ମାନୀୟ ଅତିଥି ଭାବେ ଲକ୍ଷେହୀରା ଲାବଣ୍ୟବତି ବେହେରା, ନାଉଗାଁ ମଣ୍ଡଳ ଶିକ୍ଷା ଅଧିକାରୀ ଦିଲ୍ଲୀପ କୁମାର ବଡ଼ପଣ୍ଡା, ଓଡ଼ିଶା ପ୍ରାକ୍ତନ ଯୁଗ୍ମ ନିର୍ଦ୍ଦେଶକ ଡ. ଅଭୟ କୁମାର ମଲ୍ଲିକ, ସରପଞ୍ଚ ନିହାର ରଞ୍ଜନ ବସ୍ତିଆ, ନାଉଗାଁ ବ୍ଲକ ଅବସରପ୍ରାପ୍ତ ଅତିରିକ୍ତ ମଣ୍ଡଳ ଶିକ୍ଷା ଅଧିକାରୀ ବାମଦେବ ସ୍ୱାଇଁ, ଅବସରପ୍ରାପ୍ତ ପ୍ରଶାସକ ରବୀନ୍ଦ୍ର କୁମାର ପଟ୍ଟନାୟକ, ବାସୁଦେବ ଉଚ୍ଚ ବିଦ୍ୟାଳୟର ପ୍ରତିଷ୍ଠାତା ସମ୍ପାଦକ କ୍ଷେତ୍ରମୋହନ ପଟ୍ଟନାୟକ ଯୋଗଦେଇଥିଲେ। ଅବସର ଗ୍ରହଣ କରୁଥିବା ସହକାରୀ ଶିକ୍ଷୟିତ୍ରୀ ପ୍ରତିମା ନାୟକ ଏବଂ ସ୍ନେହଲତା ରାୟଙ୍କ ଶିକ୍ଷକତା ଜୀବନ କଥା ଛାତ୍ରଛାତ୍ରୀ ଓ ଅଭିଭାବକ ତଥା ଅତିଥିମାନେ ଆଲୋଚନା କରିଥିଲେ।

# ମାନସିକ ଭିନ୍ନକ୍ଷମ ବୃଦ୍ଧାଙ୍କୁ ସହାୟତା



ପାରାଦୀପ,୪।୭(ସମିସ): ଜଣେ ଅସହାୟ ମାନସିକ ଭିନ୍ନକ୍ଷମ ମହିଳାଙ୍କୁ ସହଯୋଗର ହାତ ବଢାଇଛନ୍ତି ସାମ୍ବାଦିକ ରଶ୍ମିରଞ୍ଜନ ପରିଡ଼ା। ବନ୍ଦର ସହରର ବଡ଼ପଡ଼ିଆ ଅଞ୍ଚଳରେ କିଛିଦିନ ହେବ ଜଣେ ଅସହାୟ ଭାବେ ବୁଲୁଥିବା ମାନସିକ ଭିନ୍ନକ୍ଷମ ଅଣଓଡ଼ିଆ ବୃଦ୍ଧାଙ୍କୁ ସାମ୍ବାଦିକ ଶ୍ରୀ ପରିଡ଼ା ସମାଜସେବୀ ସ୍ନେହମୟୀ ଆଚାର୍ଯ୍ୟଙ୍କୁ ଡକାଇ ଉଦ୍ଧାର କରିଥିଲେ। ଜଣେ ଭଲ ଘରର ଜଣାପଡୁଥିବା ଏହି ବୃଦ୍ଧା ଅଖିଆ ଅପିଆ ଏବଂ ବର୍ଷାରେ ଭିଜି ବୁଲୁଥିବା ଦେଖି ସାମ୍ବାଦିକ ଶ୍ରୀ ପରିଡା ସ୍ନେହମୟୀଙ୍କୁ ଯୋଗାଯୋଗ କରିଥିଲେ। ତେବେ ଖବର ପାଇ ଆଜି ଶ୍ରୀମତୀ ଆଚାର୍ଯ୍ୟ ପହଞ୍ଚି ସେହି ବୃଦ୍ଧାଙ୍କୁ ଉଦ୍ଧାର କରି ତାଙ୍କୁ ପୁରୀ ଜିଲ୍ଲାର କଣାସ ଠାରେ ଥିବା ନୀଳାଚଳ ସେବାଶ୍ରମରେ ଅବସ୍ଥାପିତ କରିଥିଲେ। ତେବେ ଉଦ୍ଧାର ହୋଇଥିବା ବୃଦ୍ଧା ନିଜର ନାମ ଗୀତା ସିଂହ ଓ ଘର ବାରଣାସୀ ବୋଲି କହୁଛି। ତେବେ ଚିକିତ୍ସା ପରେ ସୁସ୍ଥ ହେବା ପରେ ତାର ପରିବାରକୁ ଯୋଗାଯୋଗ କରାଯାଇ ସମ୍ପୃକ୍ତ ବୃଦ୍ଧାଙ୍କୁ ହସ୍ତାନ୍ତର କରାଯିବ ବୋଲି ଶ୍ରୀମତୀ ଆଚାର୍ଯ୍ୟ ସୂଚନା ଦେଇଛନ୍ତି।

# ନଦୀ କୂଳରେ ଚିଙ୍ଗୁଡ଼ି ଚାଷ, ବ୍ୟାପୁଛି ଚର୍ମ ରୋଗ

ରାଜକନିକା,୪।୭(ସମିସ)

ଘରେ ଘରେ ଏବେ ଚର୍ମ ରୋଗୀ, ବ୍ୟବସାୟିକ ସ୍ୱାର୍ଥ ପାଇଁ ନଦୀକୂଳରେ ବଢୁଛି ଲୁଣିପାଣି ଚିଙ୍ଗୁଡ଼ି ଚାଷ। କ୍ଷତିଗ୍ରସ୍ତ ହେଉଛନ୍ତି ସାଧାରଣ ଲୋକ। ରାଜକନିକା ଅଞ୍ଚଳରେ ବଢୁଥିବା ଲୁଣିପାଣି ଚିଙ୍ଗୁଡ଼ି ଚାଷ ଯୋଗୁ ଏହାର ପ୍ରଭାବରେ ବଢୁଛି ଚର୍ମରୋଗ। ଚିଙ୍ଗୁଡ଼ି ଫାର୍ମର ବର୍ଜ୍ୟ ଓ ପାଣିକୁ ସିଧା ନଦୀକୁ ଛଡା ଯାଉଥିବା ପାଣି ଦ୍ୱାରା ବଢୁଛି ଏହି ରୋଗ। ନଦୀ ଧାର ସହ ସଂଯୋଗ ହୋଇଥିବା ଜୋରରେ ଚାଷ ପାଇଁ ଯିବାଆସିବା ହେଉ କି ଚାଷ ପାଇଁ ପାଣି କାରବାର ବେଳେ ବଢୁଛି ଏହି ସମସ୍ୟା। ବିଷାକ୍ତ ପାଣି ଓ ବ୍ୟବହୃତ ରସାୟନ ସାମଗ୍ରୀ ଯୋଗୁ ଆଗରୁ ଏଥିରେ ଗୋରୁଗାଈ ସଂକ୍ରମିତ ହେଉଥିବା ବେଳେ ଏବେ ଏଥିରେ ଶୀକାର ହେଲେଣି ଲୋକେ। ନଦୀ ପାଣି ଓ ପରିବେଶକୁ ବିଷାକ୍ତ କରି ବହୁଳ ମାତ୍ରାରେ ରାସାୟନିକ ଔଷଧ ବ୍ୟବହାର କରି ଫାର୍ମକୁ ସୁରକ୍ଷା ଦେବା ପରେ ଚାଷ ସରିଲେ ଏହି ପାଣିକୁ ବିନା ବିଶୋଧନରେ ନଦୀକୁ ଛାଡି ଘେରି ମାଲିକ ଲାଭ ସାଉଁଟି ଥିବା ବେଳେ ଏଥିରେ ବିଷାକ୍ତ ହେଉଛି ନଦୀ ପାଣି ଓ ପରିବେଶ। ନଦୀ କୂଳର ଜନଜୀବନରେ ଏହି ପାଣି ରୋଗ ସୃଷ୍ଟି କରୁଥିବା ବେଳେ ଜଳଚର ଜୀବ ମଧ୍ୟ ପ୍ରଭାବିତ ହେଉଛନ୍ତି।



ରାଜକନିକାର ଏହି ନଦୀକୁଳିଆ ଅଞ୍ଚଳର ଚିଙ୍ଗୁଡ଼ି ଚାଷ ଏକ ଲାଭଜନକ ବ୍ୟବସାୟ ହୋଇଥିବାରୁ ଏଥିରେ କଟକ, ଭୁବନେଶ୍ୱର, ଦୀଘା, ବାଲେଶ୍ୱର, ଭଦ୍ରକ ଅଞ୍ଚଳ ସହ ଆନ୍ଧ୍ର ଓ ତାମିଲନାଡୁର ଚିଙ୍ଗୁଡ଼ି ବ୍ୟବସାୟୀ ନିଜର ବ୍ୟବସାୟିକ ପାଇଁ ରାଜକନିକା ଉପରେ ନିଜର ତାକତ ଲଗାଇ ମାଲାମାଲ ହେଉଛନ୍ତି। ପ୍ରାକୃତିକ ପରିବେଶରେ ବଞ୍ଚିଥିବା ଏହି ଅଞ୍ଚଳର ଜନଜୀବନ ଓ ଭିତରକନିକା ଜୈବ ବିବିଧତାକୁ ନଷ୍ଟ କରି ଲୁଣିପାଣି ଚିଙ୍ଗୁଡ଼ି ଚାଷ ପାଇଁ ଏବେ ପରିବେଶ ଓ ଜଳବାୟୁରେ ତାର ସିଧା ପ୍ରଭାବ ପଡିଛି। ନଦୀ ଅବବାହିକାର କାଟଣାବଣିଆ, କୋଇଲିପୁର, ବରାଡ଼ିଆ, ଜୟନଗର ଭଳି ପଞ୍ଚାୟତର ଚାଷ ଜମିରେ ହେଇଥିବା ଏହି ଚାଷ ଏବେ ତରାସ, ବାଘବୁଦା, ହାଟସାହି, ପେଗରପଡା, ନହୁଣୀ ଆଦି ପଞ୍ଚାୟତକୁ କାୟା ମେଲାଇ ଥିବାରୁ କନିକାର ପରିବେଶ ଏବେ ଅସ୍ୱାସ୍ଥ୍ୟକର ହେବାରେ ଲାଗିଛି। ଆଗରୁ ବ୍ରାହ୍ମଣୀ, ଖରସ୍ରୋତା ନଦୀ କୂଳରେ ହେଉଥିବା ଚାଷ ଏବେ ବୈତରଣୀ ନଦୀ କୂଳରେ ମଧ୍ୟ ଆରମ୍ଭ ହୋଇଛି। ଏବେ ତରାସ, ଗୁଆଲି ଗାଁ, ବାଙ୍ଗରକୁଆଁ ଭଳି ଗାଁର ଜମିରେ ଶହ ଶହ ଚିଙ୍ଗୁଡ଼ିଘେରି ମାଡିବାରୁ ବୁରୁଡିଆ, ଗୁଆଲିଗାଁ ଲୋକଙ୍କ ଠାରେ ଭୟଙ୍କର ଚର୍ମ ରୋଗ ଦେଖିବାକୁ ମିଳିଛି। ସାଧାରଣ ଔଷଧ ଖାଇଲେ ମଧ୍ୟ ଏହି ସବୁ ଚର୍ମ ରୋଗ ଭଲ ହେଉନାହିଁ। ପ୍ରଥମେ ଦେହ ହାତ କୁଣ୍ଡେଇ ହେବା ପରେ ଘିମିରି ଭଳି ବିରି ବିରି ହୋଇ ଘା' ଆରମ୍ଭ ହେଉଛି। ପରେ ଏସବୁରୁ ଲସି ବାହାରି ଦେହ ସାରା ବହୁ ମାତ୍ରାରେ ବାହାରୁଛି। ଏମିତି ଦିନକୁ ଦିନ ବହୁ ମାତ୍ରାରେ ଚର୍ମ ରୋଗୀଙ୍କ ସଂଖ୍ୟା ବଢ଼ିଥିବାରୁ ଏସବୁ ପାଇଁ ଚିଙ୍ଗୁଡ଼ି ଫାର୍ମକୁ ଦାୟ କରିଛନ୍ତି ଆକ୍ରାନ୍ତ। ଦଶନ୍ଧି ଦଶନ୍ଧି ଧରି କନିକା ତହସିଲର ସବୁ ନଦୀକୂଳିଆ ଅଞ୍ଚଳରେ ବେଆଇନ ଚିଙ୍ଗୁଡ଼ି ଘେରି ବଢ଼ି ଲୋକଙ୍କ ସାଧାରଣ ଜନଜୀବନ ଦୁର୍ବିସହ ହେବରେ ଲାଗିଛି। ଶହ ଶହ ସଂଖ୍ୟାରେ ଲୁଣିପାଣି ଚିଙ୍ଗୁଡି ଚାଷ ରାଜକନିକା ଅଞ୍ଚଳର ଜନଜୀବନରେ ବେଶ ସଂଘାତ ଆଣିଥିବାରୁ ସ୍ୱାସ୍ଥ୍ୟ ବିଶେଷଜ୍ଞ ଦ୍ୱାରା ଏ ଅଞ୍ଚଳର ଚର୍ମରୋଗ ଚିହ୍ନଟ ପାଇଁ ଉଦ୍ୟମ କରିବା ଏବଂ ଏଭଳି ରୋଗର କାରଣ ଖୋଜି ଜିଲ୍ଲାପାଳ ତ୍ୱରିତ ପଦକ୍ଷେପ ନେବାକୁ ଦାବି ହୋଇଛି।

## ଦୃଷ୍ଟିହୀନ ଓ ବଧିର ବିଦ୍ୟାଳୟ ପରିଚାଳନା ଦାୟିତ୍ୱରୁ ଅକ୍ଷମ କଲ୍ୟାଣ ସମିତି ନିଲମ୍ବିତ

ଢେଙ୍କାନାଳ,୪।୭(ସମିସ): ଦିବ୍ୟାଙ୍ଗ ଶିଶୁମାନଙ୍କ ଶିକ୍ଷାନୁଷ୍ଠାନ ସ୍ଥାପନ, ସ୍ୱୀକୃତି ଓ ଅନୁଦାନ ସମ୍ବନ୍ଧୀୟ ଏସ୍ଏସ୍ଇପିଡି ବିଭାଗର ନିର୍ଦ୍ଦେଶାବଳୀର ବାରମ୍ବାର ଉଲ୍ଲଂଘନ ଏବଂ ବିଭିନ୍ନ ଗୁରୁତର ଅନିୟମିତତାକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ଅକ୍ଷମ କଲ୍ୟାଣ ସମିତିକୁ ଦୃଷ୍ଟିହୀନ ଓ ବଧିର ବିଦ୍ୟାଳୟର ପରିଚାଳନା ଦାୟିତ୍ୱରୁ ନିଲମ୍ବିତ କରାଯାଇଛି। ସମିତିକୁ ୭ ଫେବୃଆରୀ ୨୦୨୬ରେ କାରଣ ଦର୍ଶାଅ ନୋଟିସ୍ ଜାରି କରାଯାଇଥିଲା। ମାତ୍ର ସମିତି ପକ୍ଷରୁ ଦାଖଲ କରାଯାଇଥିବା ଉତର ସନ୍ତୋଷଜନକ ନ ହେବା ସହ ତଦନ୍ତରେ ଅଭିଯୋଗଗୁଡ଼ିକ ସତ୍ୟ ବୋଲି ପ୍ରମାଣିତ ହୋଇଥିଲା। ତଦନ୍ତ ରିପୋର୍ଟ ଆଧାରରେ ବଧିର ବିଦ୍ୟାଳୟର ଅନୁମୋଦିତ ଆସନ ସଂଖ୍ୟା ୯୦ ଏବଂ ଦୃଷ୍ଟିହୀନ ବିଦ୍ୟାଳୟର ୬୦ ଥିବାବେଳେ ପ୍ରକୃତରେ ଯଥାକ୍ରମେ ମାତ୍ର ୨୭ ଓ ୧୫ ଜଣ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

ବାରମ୍ବାର ନିର୍ଦ୍ଦେଶ ସତ୍ତ୍ୱେ ମଧ୍ୟ ଛାତ୍ର ସଂଖ୍ୟା ବୃଦ୍ଧି ପାଇଁ ସମିତି କୌଣସି ଫଳପ୍ରଦ ପଦକ୍ଷେପ ଗ୍ରହଣ କରିନଥିଲା। ଏହାବ୍ୟତୀତ ଅନୁଦାନ ପ୍ରାପ୍ତ ଖାଦ୍ୟ ବ୍ୟବହାରରେ ଅନିୟମିତତା, ୨୦୨୩-୨୪ ଆର୍ଥିକ ବର୍ଷରୁ ନଗଦ ବହି ବା କ୍ୟାସ ବୁକ୍ ସଂରକ୍ଷଣ ନ କରିବା, ନିର୍ଦ୍ଧାରିତ ହିସାବ ପ୍ରଣାଳୀ ଅନୁସରଣ ନ କରିବା ଭଳି ଆର୍ଥିକ ଅନିୟମିତତା ମଧ୍ୟ ଧରାପଡ଼ିଥିଲା। ସମିତି ପାଖରେ ଦିବ୍ୟାଙ୍ଗ ଅଧିକାର ଅଧିନିୟମ, ୨୦୧୬ ଅନୁଯାୟୀ ଆବଶ୍ୟକ ବୈଧ ପଞ୍ଜୀକରଣ ନ ଥିବା ମଧ୍ୟ ତଦନ୍ତରେ ଜଣାପଡ଼ିଥିଲା, ଯାହା ଏଭଳି ଶିକ୍ଷାନୁଷ୍ଠାନ ପରିଚାଳନା ପାଇଁ ବାଧ୍ୟତାମୂଳକ। ତଦନ୍ତରେ ଛାତ୍ରଛାତ୍ରୀଙ୍କ ପ୍ରତି ଶାରୀରିକ ଓ ମାନସିକ ନିର୍ଯାତନା, ପୁଷ୍ଟିକର ଖାଦ୍ୟ ଯୋଗାଣରେ ଅବହେଳା, ଶିକ୍ଷାର ମାନ ନେଇ ଅଭିଯୋଗ, ଅନୁଦାନ ମିଳିଥିଲେ ମଧ୍ୟ ସ୍କୁଲ ୟୁନିଫର୍ମ ବଣ୍ଟନ ନ କରିବା, ଶିକ୍ଷା ସାମଗ୍ରୀର ସଠିକ୍ ରେକର୍ଡ ନ ରଖିବା, ଶିକ୍ଷକଙ୍କ ଅଭାବ ଏବଂ ନିର୍ଦ୍ଦେଶାବଳୀ ଅନୁଯାୟୀ ଆବଶ୍ୟକ ଭିତିଭୂମି ଓ ସୁବିଧା ଯୋଗାଇବାରେ ବିଫଳତା ଭଳି ଗୁରୁତର ତ୍ରୁଟି ମଧ୍ୟ ସାମ୍ନାକୁ ଆସିଥିଲା। ଏଥିସହିତ ରକ୍ଷଣାବେକ୍ଷଣ, ୟୁନିଫର୍ମ ଏବଂ ଶୀତବସ୍ତ୍ର ପାଇଁ ମିଳିଥିବା ସରକାରୀ ଅନୁଦାନର ସଠିକ୍ ବ୍ୟବହାର କରାଯାଇନଥିଲା। ଉପଯୋଗ ପ୍ରମାଣପତ୍ର ଦାଖଲ କରାଯାଇନଥିବା ସହ ଅବ୍ୟବହୃତ ଅର୍ଥ ମଧ୍ୟ ଫେରସ୍ତ କରାଯାଇନଥିଲା। ଏହାଛଡ଼ା ଅନୁଷ୍ଠାନର ବିଭିନ୍ନ ବାଧ୍ୟତାମୂଳକ ରେଜିଷ୍ଟର ଓ ରେକର୍ଡ ସଂରକ୍ଷଣ କରାଯାଇନଥିଲା ଏବଂ ସରକାରଙ୍କୁ ଆବଶ୍ୟକୀୟ ରିପୋର୍ଟ ମଧ୍ୟ ପ୍ରଦାନ କରାଯାଇନଥିଲା। ଉପରୋକ୍ତ ଗୁରୁତର ଅନିୟମିତତା, ନିର୍ଦ୍ଦେଶାବଳୀର ଉଲ୍ଲଂଘନ ଏବଂ କାରଣ ଦର୍ଶାଅ ନୋଟିସର ଅସନ୍ତୋଷଜନକ ଉତରକୁ ବିଚାରକୁ ନେଇ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ ଅକ୍ଷମ କଲ୍ୟାଣ ସମିତିକୁ ଉଭୟ ବିଦ୍ୟାଳୟର ପରିଚାଳନା ଦାୟିତ୍ୱରୁ ନିଲମ୍ବିତ କରିଛନ୍ତି।

ଛାତ୍ରଛାତ୍ରୀଙ୍କ ଶିକ୍ଷା ଓ ଦୈନନ୍ଦିନ ପରିଚାଳନାରେ କୌଣସି ବାଧା ସୃଷ୍ଟି ନ ହେବା ପାଇଁ ଉକ୍ତ ଦୁଇଟି ବିଦ୍ୟାଳୟର ପରିଚାଳନା ଦାୟିତ୍ୱ ପରବର୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ଜିଲ୍ଲା ରେଡକ୍ରସ ଶାଖା, ଢେଙ୍କାନାଳକୁ ପ୍ରଦାନ କରାଯାଇଛି। ଅକ୍ଷମ କଲ୍ୟାଣ ସମିତିକୁ ତୁରନ୍ତ ସମସ୍ତ ଦାୟିତ୍ୱ ଓ ରେକର୍ଡ ଜିଲ୍ଲା ରେଡକ୍ରସ ଶାଖାର ସମ୍ପାଦକଙ୍କୁ ହସ୍ତାନ୍ତର କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ସେହିପରି ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀଙ୍କୁ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରିବାକୁ ଏବଂ ଏସ୍ଏସ୍ଇପିଡି ବିଭାଗର ନିର୍ଦ୍ଦେଶକଙ୍କୁ ପରବର୍ତୀ ଆବଶ୍ୟକ କାର୍ଯ୍ୟାନୁଷ୍ଠାନ ପାଇଁ ଅବଗତ କରାଯାଇଛି।

# ଲଗାଣ ବର୍ଷାରେ ସହରର ବିଭିନ୍ନ ଅଞ୍ଚଳ ଜଳାର୍ଣ୍ଣବ

ଢେଙ୍କାନାଳ,୪।୭(ସମିସ)



ଢେଙ୍କାନାଳ ସହରରେ ଡ୍ରେନେଜ୍ ବ୍ୟବସ୍ଥା ସମ୍ପୂର୍ଣ୍ଣ ହୋଇନଥିବା ଯୋଗୁଁ ସହରର ବିଭିନ୍ନ ୱାର୍ଡରେ ଜଳାର୍ଣ୍ଣବ ହୋଇ ବାସିନ୍ଦାମାନେ ଅକଥନୀୟ ଦୁର୍ଦ୍ଦଶାର ସମ୍ମୁଖୀନ ହେଉଥିବା ଜଣାପଡିଛି। ଅସରାଏ ବର୍ଷାରେ ସହର ମୁଖ୍ୟ ରାସ୍ତାରେ ଆଣ୍ଠୁଏ ଉଚ୍ଚର ପାଣି ଲହଡ଼ି ଭାଙ୍ଗିଛି। ଢେଙ୍କାନାଳ ସହରର ପ୍ରବେଶ ପଥ ଗୁଡ଼ିକରେ ଜଳ ନିଷ୍କାସନ ବ୍ୟବସ୍ଥାର ବିଜଳ ଚିତ୍ର ସାମ୍ନାକୁ ଆସିଛି। ମହିଷାପଟ ଛକ ନିକଟରେ ଆଣ୍ଠୁଏ ଉଚ୍ଚର ପାଣି ରହିଥିବା ବେଳେ କୋରିଆଁ ଓଭର ବ୍ରିଜ ତଳେ ପାଣି ଜମି ପୋଖରୀର ଭ୍ରମ ସୃଷ୍ଟି କରୁଛି। କଲେଜ ବାଇପାସ୍ ଛକ ପ୍ରବେଶ ପଥରେ ସବୁ ସମୟରେ ପାଣି ଜମିରହୁଥିବା ବେଳେ ବର୍ଷରେ ସ୍ଥିତି ଆହୁରି ସଂଘାତିକ ହେଇଛି। ବିଭିନ୍ନ ସାହିରେ ଡ୍ରେନ ଉଚ୍ଛୁଳି ରାସ୍ତାରେ ନର୍ଦ୍ଦମା ପାଣି ଜମି ରହିଥିବାରୁ ସହରବସୀ ସମସ୍ୟା ଭୋଗୁଛନ୍ତି ବର୍ଷା ଆରମ୍ଭରୁ ଏଭଳି ସ୍ଥିତି ଦେଖାଦେଇଥିବା ବେଳେ ଶ୍ରାବଣ ଝଡ଼ି ବର୍ଷାରେ ଏହା ବଡ଼ ସମସ୍ୟା ସୃଷ୍ଟି କରିବାର ଆଶଙ୍କା ପ୍ରକାଶ ପାଇଛି। ପ୍ରବଳ ବର୍ଷା ଯୋଗୁଁ ମହିଷାପାଟରେ ଲହଡ଼ି ଭାଙ୍ଗିଲା ପାଣି କୋରିଆଁ ଓଭରବ୍ରିଜ୍ ତଳେ ଯାତାୟାତ ଠପ୍ ସାହି ଗଳିରେ ଉଚ୍ଛୁଳିଲା ଡ୍ରେନ। ବର୍ଷା ଛାଡ଼ିବା ପରେ ସହରର ବିଭିନ୍ନ ସ୍ଥାନରେ ଜଳତାଣ୍ଡବ ସ୍ଥିତି ସୃଷ୍ଟି ହୋଇସାରିଥିଲା। ଜଳ ନିଷ୍କାସନ ହୋଇନପାରି ବିଭିନ୍ନ ରାସ୍ତାରେ ପାଣି ଜମି ରହିଥିଲା। ମହିଷାପାଟ ବାଇପାସ୍‌ରେ ଢେଙ୍କାନାଳ ସହରକୁ ପ୍ରବେଶ ପାଇଁ ରହିଥିବା ତୋରଣ ନିକଟରେ ଆଣ୍ଠୁଏ ଉଚ୍ଚର ବର୍ଷା ପାଣି ଜମି ରହିଥିଲା। ସ୍କୁଲ,କଲେଜ ଛୁଟି ହେବା ସହ ଲୋକେ ଖାଇବା ସମୟରେ ଘରକୁ ଫେରୁଥିବାରୁ ପାଣି ଭିତରେ ଗାଡ଼ି ନେଉଥିବା ଦୃଶ୍ୟ ଦେଖିବାକୁ ମିଳିଥିଲା। ସେହିଭଳି ଜୋରିଆଁ ଓଭର ବ୍ରିଜ ତଳେ ବର୍ଷା ପାଣି ଜମି ରହି ପୋଖରୀର ଭ୍ରମ ସୃଷ୍ଟି କରୁଛି। ଜଳ ନିଷ୍କାସନ ବ୍ୟବସ୍ଥା ନଥିବା ବେଳେ ବର୍ଷା ହେଲେ ସେଠାରେ ଆଣ୍ଠୁଏ ଉଚ୍ଚର ପାଣି ଜମି ରହୁଛି। ବାରମ୍ବାର ଅଭିଯୋଗ ପରେ ଜାତୀୟ ରାଜପଥ କର୍ତ୍ତୃପକ୍ଷ ଦୃଷ୍ଟି ଦେଉନଥିବାରୁ ଅସନ୍ତୋଷ ବଢ଼ିବାରେ ଲାଗିଛି। କଲେକ ବାଇପାସରେ ବି ସମାନ ସ୍ଥିତି ଦେଖିବାକୁ ମିଳିଛି। ଏଥିସହ କୁମ୍ଭାରସାହି,କଇଁଥପୋଳିଆ, ଗାୟତ୍ରୀ ନଗର,ଟାଉନ୍ ପ୍ଲାନିଙ୍ଗ, କୋରିଆଁ ଅଞ୍ଚଳ ସହ ବିଭିନ୍ନ ୱାର୍ଡରେ ଡ୍ରେନ ପାଣି ଉଚ୍ଛୁଳି ରାସ୍ତାରେ ଜମା ହୋଇ ରହିଥିବା ଯୋଗୁଁ ଯାତାୟତରେ ଘୋର ବାଧା ସୃଷ୍ଟି ହୋଇଛି।

## ନବକଳେବର ପରି ହେବ ଭୁବନ ରଥଯାତ୍ରା

ଭୁବନ,୪।୭(ସମିସ): ଭୁବନର ତୃତୀୟାଦେବଜୀଉ ଭାବେ ପରିଚିତ ଜଗନ୍ନାଥଙ୍କ ଚଳିତ ବର୍ଷ ରଥଯାତ୍ରାକୁ ନେଇ ଭୁବନ ଏନ୍ଏସି କାର୍ଯ୍ୟାଳୟ ସଭାଗୃହରେ ଶୁକ୍ରବାର ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ବିଗତ ବର୍ଷରେ ରଥଯାତ୍ରା ସମୟରେ ହେଉଥିବା ବିଭିନ୍ନ ସମସ୍ୟା ଉପରେ ଆଲୋଚନା ହୋଇଥିଲା। ଅଣଓସାରିଆ ରାସ୍ତା ଯୋଗୁଁ ରଥ ଗଡ଼ିବା ସମୟରେ ଅନେକ ଶ୍ରଦ୍ଧାଳୁ ଦୁର୍ଘଟଣାର ଶିକାର ହେଉଥିବା ବେଳେ ବିଦ୍ୟୁତ ବିଭାଗର ଅସହଯୋଗ କାରଣରୁ ପ୍ରାୟ ପ୍ରତିବର୍ଷ ବିଦ୍ୟୁତ ତାର ଲାଗି ମଧ୍ୟ ରଥ ଭାଙ୍ଗିଥାଏ। ଆର୍ଥିକ ସମସ୍ୟା ଯୋଗୁଁ ଦୁଇବର୍ଷରୁ ଅଧିକ ସମୟ ହେବ ମନ୍ଦିର ରଙ୍ଗ ହେଉ ନ ଥିବା ନେଇ ଆଲୋଚନା ହୋଇଥିଲା। ସନ୍ଧ୍ୟା ପୂର୍ବରୁ ରଥ ଯେପରି ଗନ୍ତବ୍ୟସ୍ଥାନରେ ପହଞ୍ଚିବ ସେ ନେଇ ମଧ୍ୟ ଆଲୋଚନା ହୋଇଥିଲା। ଚଳିତ ବର୍ଷ ଏନେଇ ଜିଲ୍ଲା ଦେବୋତ୍ତର ବିଭାଗକୁ ସହାୟତା ଲୋଡ଼ାଯାଇଥିବା କହିଛନ୍ତି ମନ୍ଦିର ପରିଚାଳନା କମିଟି ସଭାପତି ଶୁଭେନ୍ଦୁ ସାହୁ। ଜନସ୍ୱାସ୍ଥ୍ୟ ବିଭାଗ, ବିଦ୍ୟୁତ ବିଭାଗ, ପୁଲିସ, ନିର୍ବାହୀ ଅଧିକାରୀ ଏବଂ ଅଞ୍ଚଳବାସୀଙ୍କ ସହଯୋଗରେ ଚଳିତ ବର୍ଷ କୌଣସି ବ୍ୟତିକ୍ରମ ବିନା ଘୋଷଯାତ୍ରା ସମାପନ ହେବା ନେଇ ବୁଦ୍ଧିଜୀବୀ ମାତୃପ୍ରସାଦ ମିଶ୍ର, ନରହରି ସାହୁ, ଦଶରା ଶାନ୍ତି କମିଟି ସଭାପତି ଦିଲୀପ ଦାସ, କୁଞ୍ଜବିହାରୀ ଚିନରା, ପ୍ରଭାତ ସେନାପତି ମତ ଦେଇଥିଲେ। ସମ୍ପାଦକ ନିରଞ୍ଜନ ଗୁରୁ ଧନ୍ୟବାଦ ଅର୍ପଣ କରିଥିଲେ। ସାମ୍ବାଦିକ ପୂର୍ଣ୍ଣଚନ୍ଦ୍ର ସାହୁ, ପ୍ରଦୀପ ସାହୁ ଜିଲ୍ଲା ଦେବୋତ୍ତର ଅଧିକାରୀଙ୍କୁ ଭେଟି ସହଯୋଗ ଲୋଡ଼ିବେ ବୋଲି ନିଷ୍ପତ୍ତି ହୋଇଛି।

## ସାରାସିଙ୍ଗି ଦେବାହାଳୀ ବିଦ୍ୟାଳୟ ପାଚେରି ଭାଙ୍ଗିଲା

ହିନ୍ଦୋଳ,୪।୭(ସମିସ): ଶନିବାର ସନ୍ଧ୍ୟାରେ ହିନ୍ଦୋଳ ବ୍ଲକ ନୂଆବଗ ପଞ୍ଚାୟତ ଅନ୍ତର୍ଗତ ସାରାସିଙ୍ଗି ଦେବାହାଳୀ ବିଦ୍ୟାଳୟର ପାଚେରି ଭାଙ୍ଗିଯାଇଛି। ମାତ୍ର ୧୦ ଦିନ ପୂର୍ବରୁ ଏହି ପାଚେରି କାମ ଶେଷ ହୋଇଥିଲା। ଏତେ କମ୍ ଦିନରେ ପାଚେରି ଭାଙ୍ଗିଯାଇଥିବାରୁ ଅତ୍ୟନ୍ତ ନିମ୍ନମାନର କାମ ହୋଇଥିବା ଅଭିଯୋଗ ହୋଇଛି। ଅନ୍ୟପଟେ ବିଦ୍ୟାଳୟ ଚାଲୁଥିବା ସମୟରେ ଯଦି ପାଚେରି ଭାଙ୍ଗିଥାନ୍ତା ତେବେ କେତେ ଯେ ଛାତ୍ରଛାତ୍ରୀଙ୍କ ଜୀବନ ବିପଦରେ ପଡ଼ିଥାନ୍ତା ସେ ନେଇ ଆଲୋଚନା ହେଉଛି। ଗ୍ରାମବାସୀଙ୍କ କହିବା ଅନୁଯାୟୀ, ବିକଶିତ ଓଡ଼ିଶା ଯୋଜନାରେ ୪ ଲକ୍ଷ ଟଙ୍କା ବ୍ୟୟରେ ଏହି ପାଚେରି ନିର୍ମାଣ ହୋଇଥିଲା। ବିଭାଗୀୟ ଯନ୍ତ୍ରୀଙ୍କ ନାମରେ କାର୍ଯ୍ୟ ରହିଥିବା ବେଳେ ପଞ୍ଚାୟତର ଜଣେ ବ୍ୟକ୍ତିଙ୍କ ଦ୍ୱାରା କାର୍ଯ୍ୟ ସମ୍ପାଦିତ ହେଉଥିଲା। କାର୍ଯ୍ୟ ଚାଲିଥିବା ସମୟରେ କାର୍ଯ୍ୟସ୍ଥଳରେ ବିଭାଗୀୟ ଯନ୍ତ୍ରୀ ଉପସ୍ଥିତ ରହୁ ନ ଥିଲେ। ଖୁବ କମ୍ ସିମେଣ୍ଟ ଦେଇ କେବଳ କ୍ରସର ଗୁଣ୍ଡ, ବାଲି ଦ୍ୱାରା ଇଟା ବସାଯାଉଥିଲା। ପାଚେରିର ଉଚ୍ଚତା ୧୦ ଫୁଟରୁ ଉର୍ଦ୍ଧ୍ୱ ରହିଥିବା ବେଳେ ମଝିରେ କୌଣସି ବିମ ପକାଯାଇ ନ ଥିଲା। ଏପରିକି ବିଭାଗର କୌଣସି ଅଧିକାରୀ କାର୍ଯ୍ୟସ୍ଥଳକୁ ଆସୁ ନ ଥିବା ଗ୍ରାମବାସୀ ଅଭିଯୋଗ କରିଥିଲେ। ନିମ୍ନମାନର କାମ ଯୋଗୁଁ ସାମାନ୍ୟ ବର୍ଷାରେ ପାଚେରି ଭାଙ୍ଗିଯାଇଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ପ୍ରଶାସନ ଏହାର ଉପଯୁକ୍ତ ତଦନ୍ତ କରି କଠୋର କାର୍ଯ୍ୟାନୁଷ୍ଠାନ ନେବାକୁ ଗ୍ରାମବାସୀ ଦାବି କରିଛନ୍ତି।

## ଓଡ଼ାପଡ଼ା ୟୁକୋ ବ୍ୟାଙ୍କରେ କର୍ମଚାରୀ ଅଭାବ

■ ଗ୍ରାହକ ସେବା ବାଧାପ୍ରାପ୍ତ

ଖଜୁରିଆକଟା,୪।୭(ସମିସ): ଓଡ଼ାପଡ଼ା ବ୍ଲକ ନିକଟସ୍ଥ ହିନ୍ଦୋଳ ରୋଡ ବଜାରରେ ଥିବା ଓଡ଼ାପଡ଼ା ୟୁକୋ ବ୍ୟାଙ୍କ ଶାଖାରେ ଗ୍ରାହକମାନେ ସେବା ପାଉ ନ ଥିବା ଅଭିଯୋଗ ହୋଇଛି। ଆଜି ସକାଳ ସାଢ଼େ ୧୧ଟାରେ ପ୍ରଭାଞ୍ଜଳି ଲାକ୍ରା ନାମକ ଜଣେ ମାତ୍ର କର୍ମଚାରୀ ବ୍ୟାଙ୍କରେ ଉପସ୍ଥିତ ଥିଲେ। ସେ କେବଳ ଟଙ୍କା ଜମା ନେଇପାରିବେ, ଅନ୍ୟ କୌଣସି କାର୍ଯ୍ୟ କରିପାରିବେ ନାହିଁ ଏପରିକି ଟଙ୍କା ଜମା କରିବା ପାଇଁ ଡିପୋଜିଟ୍ ଫର୍ମ ଦେବାକୁ ରୋକ୍ ଠୋକ୍ ମନା କରିଦେଇଥିବା ଗ୍ରାହକ ନୃସିଂହ ଚରଣ ବରାଳ, କମଳାକାନ୍ତ ମହାପାତ୍ର, ସଞ୍ଜୟ କୁମାର ବାରିକ, ଅଲେଖ ମହାପାତ୍ର, ବାପି ସାହୁ ପ୍ରମୁଖ ଅଭିଯୋଗ କରିଛନ୍ତି। ସେହିପରି ବ୍ୟାଙ୍କ କର୍ମଚାରୀ ଗ୍ରାହକଙ୍କୁ ଖରାପ ବ୍ୟବହାର ଦେଖାଉଥିବା ଅଭିଯୋଗ କରିଛନ୍ତି। ବ୍ୟାଙ୍କର ଏଟିଏମ୍ ଅନେକ ସମୟରେ ଅଚଳ ରହୁଥିବାରୁ ଗ୍ରାହକଙ୍କ ସେବାରେ ଆସୁ ନ ଥିବା ଅଭିଯୋଗ ହେଉଛି। ଏ ସମ୍ପର୍କରେ ଉପସ୍ଥିତ କର୍ମଚାରୀ ପ୍ରଭାଞ୍ଜଳି ଲାକ୍ରାଙ୍କୁ ପଚାରିବାରୁ ସେ କୌଣସି ପ୍ରତିକ୍ରିୟା ଦେବାକୁ ମନା କରିଦେଇଥିଲେ। ଏହାର ତଦନ୍ତ କରି ଆବଶ୍ୟକ ପଦକ୍ଷେପ ନେବାକୁ ଗ୍ରାହକମାନେ ଦାବି କରିଛନ୍ତି।




## ବସ୍ତି ଭିତରେ ପଶିଲା ବର୍ଷାଜଳ

● ପ୍ରତିବାଦରେ ରାସ୍ତା ଅବରୋଧ

ହିନ୍ଦୋଳ,୪।୭(ସମିସ): ଓଡ଼ାପଡ଼ା ବ୍ଲକ ହିନ୍ଦୋଳ ରୋଡଠାରୁ ଗୁଡ଼ିଆକାଟେଣି ଗ୍ରାମ ପର୍ଯ୍ୟନ୍ତ ୫୫ନଂ ଜାତୀୟ ରାଜପଥରେ ବର୍ଷାଜଳ ନିଷ୍କାସନ ହୋଇ ନ ପାରି ରାସ୍ତା କଡ଼ରେ ଥିବା ଗୁଡ଼ିଆକାଟେଣି ବସ୍ତି ଭିତରେ ପଶି ଲୋକଙ୍କୁ ଜଳବନ୍ଦୀ କରି ରଖିବା ସହ ଯାତାୟାତରେ ସମସ୍ୟା ସୃଷ୍ଟି କରିଛି। ଏହାର ପ୍ରତିବାଦରେ ସ୍ଥାନୀୟ ଲୋକେ ୫୫ନଂ ଜାତୀୟ ରାଜପଥ ଅବରୋଧ କରିଥିଲେ। ଖବରପାଇ ମୋଟଙ୍ଗା ଥାନା ଆଇଆଇସି ଦୀପକ କୁମାର ଲେଙ୍କା, ହିନ୍ଦୋଳ ରୋଡ ଫାଣ୍ଡି ଅଧିକାରୀ ପ୍ରଶାନ୍ତ କୁମାର ସାହୁ ଘଟଣାସ୍ଥଳରେ ପହଞ୍ଚି ଲୋକଙ୍କୁ ବୁଝାସୁଝା କରିବା ପରେ ରାସ୍ତା ଅବରୋଧ ହଟିଥିଲା। ସେହିପରି ହିନ୍ଦୋଳରୋଡ ବଜାର ମଧ୍ୟରେ ବର୍ଷାଜଳ ନିଷ୍କାସନ ହୋଇ ନ ପାରି ହିନ୍ଦୋଳ ରୋଡ ଫାଣ୍ଡି ଏବଂ ଲୋକଙ୍କ ଘରେ ପଶି ସମସ୍ୟା ସୃଷ୍ଟି କରୁଛି। ରାଜପଥ ନିର୍ମାଣରେ ତ୍ରୁଟି ଯୋଗୁଁ ବର୍ଷାଜଳ ନିଷ୍କାସନ ହୋଇପାରୁ ନ ଥିବା ଅଭିଯୋଗ ହୋଇଛି। ଏହି ସମସ୍ୟା ସମାଧାନ ପାଇଁ ସାଂସଦ ରୁଦ୍ରନାରାୟଣ ପାଣିଙ୍କ ନିର୍ଦ୍ଦେଶରେ ଶୁକ୍ରବାର ଜାତୀୟ ରାଜପଥ ପ୍ରକଳ୍ପ ନିର୍ଦ୍ଦେଶକ କୁଳଦୀପ ସୋଙ୍ଗାରା ଏଠାକୁ ଆସି ସ୍ଥିତି ନିରୀକ୍ଷଣ କରିଥିଲେ। ମାସକ ମଧ୍ୟରେ ସମସ୍ୟା ସମାଧାନ କରିବା ପାଇଁ ସେ ପ୍ରତିଶ୍ରୁତି ଦେଇଛନ୍ତି।




## ଏଆଇଜେ ଓଡ଼ିଶା ଶାଖା ସଭାପତି ହେଲେ ପ୍ରଦୀପ

ଢେଙ୍କାନାଳ,୪।୭(ସମିସ): ଭାରତୀୟ ପତ୍ରକାର ସଂଘ ବା ଆସୋସିଏସନ୍ ଅଫ୍ ଇଣ୍ଡିଆନ୍ ଜର୍ଣ୍ଣାଲିଷ୍ଟ (ଏଆଇଜେ)ର ଓଡ଼ିଶା ଶାଖା ଗଠିତ ହୋଇଛି। ଓଡ଼ିଶା ଶାଖା ସଭାପତି ଭାବେ ଦୈନିକ 'ପ୍ରଶାନ୍ତ'ର ସମ୍ପାଦକ ପ୍ରଦୀପ କୁମାର ଦାଶଙ୍କୁ ନିଯୁକ୍ତି ଦିଆଯାଇଛି। ସଂଘର ଜାତୀୟ କାର୍ଯ୍ୟକାରୀ ସଭାପତି କିରଣ କୁମାର ଗୋଗୋଇ ଦାଶଙ୍କ ନିଯୁକ୍ତପତ୍ର ଜାରି କରିଛନ୍ତି। ସଂଘ ମୁଖ୍ୟତଃ ସାମ୍ବାଦିକମାନଙ୍କ ଭିତରେ ସମନ୍ୱୟ ରକ୍ଷା ସହ ଆବଶ୍ୟକ ସରକାରୀ ଓ ବେସରକାରୀ ସୁବିଧା ସୁଯୋଗ ପ୍ରଦାନରେ ପ୍ରମୁଖ ଭୂମିକା ଗ୍ରହଣ କରିବ। ଦାଶ ଗତ ୪୦ରୁ ଉର୍ଦ୍ଧ୍ୱ ବର୍ଷ କାଳ ଓଡ଼ିଆ ଏବଂ ଇଂରାଜୀ ସମ୍ବାଦପତ୍ରରେ ସାମ୍ବାଦିକତା କରି ସାମ୍ବାଦିକମାନଙ୍କ ସମସ୍ୟାଗୁଡ଼ିକୁ ସବୁବେଳେ ସରକାରଙ୍କ ପାଖରେ ଉପସ୍ଥାପିତ କରି ଆସୁଛନ୍ତି। ରାଜ୍ୟ ସଂଘ ସଭାପତି ଭାବେ ସେ ନିଯୁକ୍ତି ପାଇବା ପରେ ସାମ୍ବାଦିକଙ୍କ ମହଲରେ ସନ୍ତୋଷ ବ୍ୟକ୍ତ କରାଯାଇଛି।



## ● ବିଦ୍ୟୁତ ସେବା ବ୍ୟାହତ


## ସେକ୍ସନ ଅଫିସ ଘେରିଲେ କୀର୍ତ୍ତନପୁରବାସୀ



ଭୁବନ,୪।୭(ସମିସ): ଭୁବନ ବିଦ୍ୟୁତ ସେକ୍ସନ ଭୂଷଳ ପଞ୍ଚାୟତ କୀର୍ତ୍ତନପୁର ଗ୍ରାମରେ ଗତ ୫ ଦିନ ହେଲା ବିଦ୍ୟୁତ ସରବରାହ ବନ୍ଦ ଥିବାରୁ ଶତାଧିକ ଗ୍ରାମବାସୀ ସେକ୍ସନ ଅଫିସ ଘେରଉ କରିଛନ୍ତି। ଜୁନ ୩୦ରେ କାଳବୈଶାଖୀ ପରଠାରୁ ଗ୍ରାମବାସୀ ଅନ୍ଧାରରେ ରହିଛନ୍ତି। ବିଦ୍ୟୁତ୍ ସରବରାହ ସ୍ୱାଭାବିକ କରାଯାଉ ନ ଥିବାରୁ ୩୦୦ରୁ ଉର୍ଦ୍ଧ୍ୱ ଉପଭୋକ୍ତା ହଇରାଣ ହେଉଛନ୍ତି। ପିଲାମାନେ ସନ୍ଧ୍ୟା ପରେ ପାଠ ପଢ଼ିପାରୁନାହାନ୍ତି। ଅନ୍ଧାର ହେଲେ ଘର ଭିତରକୁ ସାପବେଙ୍ଗ ପଶି ଆସୁଛନ୍ତି। ଅଭିଯୋଗ କଲେ ମଧ୍ୟ ସଜାଡ଼ିବାକୁ ଚେଷ୍ଟା ଜାରି ରହିଥିବା କନିଷ୍ଠ ଯନ୍ତ୍ରୀ କହୁଛନ୍ତି। ଲଗାଣ ବର୍ଷା ବାଧକ ସାଜୁଛି ବୋଲି ସେ ସଫେଇ ଦେଇଛନ୍ତି। ସେକ୍ସନ କାର୍ଯ୍ୟାଳୟରେ ଦୀର୍ଘ ସମୟ ଅପେକ୍ଷା କରିବା ପରେ ମଧ୍ୟ କନିଷ୍ଠ ଯନ୍ତ୍ରୀ ପହଞ୍ଚି ନ ଥିବା ବେଳେ ରବିବାର ସୁଦ୍ଧା ବିଦ୍ୟୁତ ସରବରାହ ସ୍ୱାଭାବିକ କରା ନ ଗଲେ ଆନ୍ଦୋଳନକୁ ତୀବ୍ର କରାଯିବ ବୋଲି ଗ୍ରାମବାସୀ ଚେତାବନୀ ଦେଇଛନ୍ତି। ଘେରଉ ସମୟରେ ଅନ୍ତର୍ଯ୍ୟାମୀ ବେହେରା, ରମେଶ ମଳିକ, ସର୍ବେଶ୍ୱର ମଳିକ, ରବୀନ୍ଦ୍ର ଖଟୁଆ, ସନାତନ ଖଟୁଆ, ଖିରେନ୍ଦ୍ର ଖଟୁଆ, ପ୍ରଶାନ୍ତ ବେହେରା, ବିଶ୍ୱନାଥ ମଲ୍ଲିକ ପ୍ରମୁଖ ନେତୃତ୍ୱ ନେଇଥିଲେ।

## ରାସ୍ତା ଖୋଳିଦେଲେ ଏମ୍‌ଜିଏମ୍ କର୍ତ୍ତୃପକ୍ଷ

ହିନ୍ଦୋଳ,୪।୭(ସମିସ): ହିନ୍ଦୋଳ ନିର୍ବାଚନ ମଣ୍ଡଳୀରେ ଏମଜିଏମ କମ୍ପାନୀର ଦାଦାଗିରି ଚରମସୀମାରେ ପହଞ୍ଚିଛି। ମୋଟଙ୍ଗା ଥାନା ଅନ୍ତର୍ଗତ ୫୫ନଂ ଜାତୀୟ ରାଜପଥ ହଳଦିଆବାହାଳ ଛକରୁ ବିଡ଼ୋକୁ ଯାଇଥିବା ପ୍ରଧାନମନ୍ତ୍ରୀ ଗ୍ରାମ ସଡ଼କର ରେଙ୍ଗାଳି ଦକ୍ଷିଣ ପାର୍ଶ୍ୱ କେନାଲ ନିକଟରେ ଏମ୍‌ଜିଏମ୍ ଷ୍ଟିଲ୍ କାରଖାନା ରାସ୍ତାର ଏକ ଅଂଶକୁ ମେସିନରେ କାଟି ଦେଇଛି। ଫଳରେ ଯାତାୟାତରେ ଲୋକେ ବହୁ ଅସୁବିଧା ଭୋଗୁଛନ୍ତି। କେତେବେଳେ ଯେ ଦୁର୍ଘଟଣା ନ ଘଟିବ ତାହା କହିବା ଅସମ୍ଭବ। ଏ ସମ୍ପର୍କରେ ଫୋନ୍ ଯୋଗେ ଢେଙ୍କାନାଳ ଗ୍ରାମ୍ୟ ଉନ୍ନୟନ ବିଭାଗକୁ ଅବଗତ କରାଇଥିଲେ ମଧ୍ୟ କୌଣସି ସୁଫଳ ମିଳୁନାହିଁ। ଉକ୍ତ ରାସ୍ତାରେ ପୂର୍ବରୁ ସରକାରଙ୍କ ବିନା ଅନୁମତିରେ ବେଆଇନ ଭାବରେ ଉକ୍ତ କାରଖାନା ପାଣି ପାଇପ୍ ଲାଇନ୍ ନେଇଛି। ଏହା ଉପରେ ଜିଲ୍ଲାପ୍ରଶାସନ ଓ ସମ୍ପୃକ୍ତ ବିଭାଗ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।



### ବାଉଁଶପୋଖରୀ-ମହିଧରପଡ଼ା ରାସ୍ତା କାର୍ଯ୍ୟରେ ବ୍ୟାପକ ଅନିୟମିତତା

# ବିନା ସୂଚନା ଫଳକରେ ହେଉଛି କୋଟିକୋଟି ଟଙ୍କାର କାର୍ଯ୍ୟ

କାର୍ଯ୍ୟସ୍ଥଳରେ ଠିକାଦାରଙ୍କ ଦେଖା ନାହିଁ

ବର୍ଷା ପାଇଁ ଯାତାୟାତ ବାଧାପ୍ରାପ୍ତ

ଅଧା ବାଟରେ ଅଟକିଲା ଲକ୍ଷ୍ମୀ ବସ୍

କଣ୍ଟାମିଲାକୁ ଯୋଗାଯୋଗ ବିଚ୍ଛିନ୍ନ

ଆନ୍ଦୋଳନ ପାଇଁ ଚାଲିଛି ବୈଠକ

ହିନ୍ଦୋଳ,୪।୭(ସମିସ)

ହିନ୍ଦୋଳ ଉପଖଣ୍ଡ ବାଉଁଶପୋଖରୀ-ମହିଧରପଡ଼ା ରାସ୍ତା କାମରେ ଅନିୟମିତତା ହେଉଥିବା ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। କାର୍ଯ୍ୟସ୍ଥଳରେ ଠିକାଦାରଙ୍କ ଦେଖା ମିଳୁ ନ ଥିବା ବେଳେ ବିନା ସୂଚନା ଫଳକରେ କୋଟି କୋଟି ଟଙ୍କାର କାମ କରାଯାଉଛି। ଏପରିକି ମନ୍ଥରଗତିରେ କାମ ଚାଲିଛି। ଏହାର ପ୍ରତିବାଦରେ ବିଭିନ୍ନ ଗ୍ରାମରେ କମିଟି ଗଠନ କରାଯାଇ ବଡ଼ଧରଣର ଆନ୍ଦୋଳନ ପାଇଁ ଲୋକେ ଅଣ୍ଟା ଭିଡ଼ିଲେଣି।



୮ କିମି ଦୈର୍ଘ୍ୟ ଏହି ରାସ୍ତା ହିନ୍ଦୋଳ ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀନରେ ରହିଛି। ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀନରେ ଥିବା ସମସ୍ତ ରାସ୍ତା କାମ ସମ୍ପୂର୍ଣ୍ଣ ହୋଇସାରିଥିବା ବେଳେ ଏହି ଏକମାତ୍ର ରାସ୍ତା କାମ ଅଧୁରା ରହିଛି। ଏହି ରାସ୍ତା ଅନୁଗୋଳ ବନ୍ତଳାକୁ ସଂଯୋଗ କରୁଥିବାରୁ ୨ ଶହରୁ ଉର୍ଦ୍ଧ୍ୱ ରାଜସ୍ୱ ଗ୍ରାମର ହଜାର ହଜାର ଲୋକ ଏହା ଉପରେ ନିର୍ଭର କରୁଛନ୍ତି। ଲୋକଙ୍କ ବହୁ ଦାବି, ଆନ୍ଦୋଳନ ପରେ ସରକାର ରାସ୍ତା ନିର୍ମାଣ ପାଇଁ ୧୫ କୋଟି ୪୬ଲକ୍ଷ ଟଙ୍କା ମଞ୍ଜୁର କରିଛନ୍ତି। ତାଳଚେରର ପ୍ରଧାନ କନଷ୍ଟ୍ରକ୍ସନ ନାମରେ ଟେଣ୍ଡର ହୋଇଛି। ଗତ ଫେବୃଆରୀରେ ରାସ୍ତାକାମ ଉଦଘାଟିତ ହୋଇଥିଲା। ମାତ୍ର ୪ ମାସ ପର୍ଯ୍ୟନ୍ତ ଠିକାଦାର କାମ ଆରମ୍ଭ କରି ନ ଥିଲେ। ଫଳରେ ଲୋକଙ୍କ ଅସନ୍ତୋଷ ବୃଦ୍ଧି ପାଇବାରୁ ଅଧିକାରୀଙ୍କ ଚାପରେ କିଛିଦିନ ହେବ କାମ ଆରମ୍ଭ ହୋଇଛି। ଅଧିକ ଲୋକ ଯାତାୟାତ କରୁଥିବା ରାସ୍ତାର ମୁଖ୍ୟ ଫାଟକଠାରୁ କାମ ଆରମ୍ଭ ନ କରି ଲୁଚାଛପାରେ ରାତିଅଧରେ ଜଙ୍ଗଲ ନିକଟରୁ ରାସ୍ତା ନିର୍ମାଣ ଚାଲିଛି। ଫଳରେ ଲୋକଙ୍କୁ ଅନ୍ଧାରରେ ରଖି କାମ କରାଯାଉଥିବା ସାଧାରଣରେ ଅଭିଯୋଗ ହେଉଛି।

ସେହିପରି କାମ ଆରମ୍ଭ ପୂର୍ବରୁ ସୂଚନା ଫଳକ ଲଗାଇବା ନିୟମ ଥିଲେ ମଧ୍ୟ ଠିକାଦାର ଏହାକୁ ଉଲ୍ଲଂଘନ କରିଛନ୍ତି। ଠିକାଦାର କାର୍ଯ୍ୟସ୍ଥଳକୁ ଆସୁ ନ ଥିବା ବେଳେ କିଛି ସ୍ଥାନୀୟ ଗୁଣ୍ଡାଙ୍କୁ



ଲଗାଇ କାର୍ଯ୍ୟ କରୁଥିବା ଅଭିଯୋଗ ହେଉଛି। ରାସ୍ତାର ପୂର୍ବ ମାଟି ତଥା ପିଚୁକୁ ନ ଉଠାଇ ତା' ଉପରେ କ୍ରସର ଗୁଣ୍ଡ ବିଛାଯାଇଛି। ପ୍ରଥମେ ପୁରୁଣା ରାସ୍ତାକୁ ସମ୍ପୂର୍ଣ୍ଣ ସେହି ସ୍ଥାନରୁ ବାହାର କରିବା ପରେ ରୋଲିଂ କରିବା ନିୟମ ରହିଛି। ରୋଲିଂ ପରେ ଡଷ୍ଟ ସହ ଗୋଡ଼ି ବିଛାଯାଇ ପୁଣି ଥରେ ରୋଲିଂ କରି ରାସ୍ତାକୁ ମଜବୁତ୍ କରିବା ନିୟମ ଥିଲେ ହେଁ ଏ ସବୁ କାମକୁ ଅଣଦେଖା କରାଯାଇ ସନ୍ଧ୍ୟା ପରେ କାମ ଚାଲିଛି। ଲୋକେ ଅଭିଯୋଗ କଲେ ଦୁଇ ଗୁମାସ୍ତା ସେମାନଙ୍କୁ ଭୟଭୀତ କରୁଥିବା ଅଭିଯୋଗ ହେଉଛି। ବିଭିନ୍ନ କଲଭର୍ଟରେ ନିମ୍ନମାନର ପାଇପ, କମ୍ ଦରରେ ବିକ୍ରି ହେଉଥିବା ସିମେଣ୍ଟ ଲଗାଇ କାମ କରୁଥିବାରୁ ଏହାର ସ୍ଥାୟିତ୍ୱ ପ୍ରତି ସନ୍ଦେହ ସୃଷ୍ଟି ହୋଇଛି। ରାସ୍ତା କାମ ସଠିକ ଢଙ୍ଗରେ ହେଉ ନ ଥିବାରୁ ଅଞ୍ଚଳର ଜନସାଧାରଣ ଗ୍ରାମ କମିଟି ଗଠନ କରି ୭ ଦିନ ଭିତରେ ହିନ୍ଦୋଳ ଉପଜିଲ୍ଲାପାଳ, ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀ, ଜିଲ୍ଲାପାଳ, ଶାସନ ସଚିବ, ମୁଖ୍ୟମନ୍ତ୍ରୀଙ୍କ ନିକଟକୁ ଦାବିପତ୍ର ଦେବା ସହ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି। ଏହି ଆନ୍ଦୋଳନରେ ହିନ୍ଦୋଳ ସୁରକ୍ଷା ମଞ୍ଚ, ହିନ୍ଦୋଳ ବିକାଶ ମଞ୍ଚ, ହିନ୍ଦୋଳ ନାଗରିକ କମିଟି, ହିନ୍ଦୋଳ ବରିଷ୍ଠ ନାଗରିକ କମିଟି ସାମିଲ ହେବେ ବୋଲି ପ୍ରକାଶ କରିଛନ୍ତି। ଅନ୍ୟପଟେ ଏହି ରାସ୍ତାରେ ଅଞ୍ଚଳକୁ ଯାଉଥିବା ଲକ୍ଷ୍ମୀ ବସ ଅଟକିଥିବା ଦେଖିବାକୁ ମିଳିଥିଲା। ଆସନ୍ତା ସୋମବାର କଣ୍ଟାମିଲା ଗ୍ରାମବାସୀ ଏ ସମ୍ପର୍କରେ ହିନ୍ଦୋଳ ଉପଜିଲ୍ଲାପାଳଙ୍କୁ ଭେଟି ସମସ୍ୟା ବିଷୟରେ ଅବଗତ କରିବେ ବୋଲି ନିଷ୍ପତ୍ତି ନେଇଛନ୍ତି।

## ଟୋଲ୍ ଫି' ବୃଦ୍ଧି ପ୍ରତିବାଦରେ ବିକ୍ଷୋଭ

ଓଡ଼ାପଡ଼ା,୪।୭(ସମିସ): ୫୫ନଂ ଜାତୀୟରାଜପଥର ଓଡ଼ାପଡ଼ା ବ୍ଲକ କୁଶୁପଙ୍ଗା ଇଟାପଠାରେ ଥିବା ଟୋଲ ଗେଟ କର୍ମଚାରୀ ଓ ମାଲିକଙ୍କ ମନମାନି ତଥା ଟୋଲ୍ ଫି' ବୃଦ୍ଧି ପ୍ରତିବାଦରେ ୭ ପଞ୍ଚାୟତବାସୀ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ସେଠାରୁ ତୁରନ୍ତ ଟୋଲ ଗେଟକୁ ହଟାଇବା ପାଇଁ ଗ୍ରାମବାସୀ ଏକଜୁଟ ହୋଇଛନ୍ତି। ଟୋଲ ଗେଟର ଭେଣ୍ଡର ବାରମ୍ବାର ପରିବର୍ତ୍ତନ ଯୋଗୁଁ ଏ ପରିସ୍ଥିତି ଉପୁଜିଛି। ଗତ ମାର୍ଚ୍ଚ ୨୮ ତାରିଖ ତତ୍କାଳୀନ ଭେଣ୍ଡର ଦିଲ୍ଲୀର ରନଚୋର ଇନଫ୍ରା ଉକ୍ତ ଟୋଲ ଗେଟ ଚଳାଇବା ପାଇଁ ନେଇଥିଲା। ଦରକୁ ନେଇ ବିବାଦ ଉପୁଜିବାରୁ ଆଞ୍ଚଳିକ କ୍ଷତିଗ୍ରସ୍ତ ପ୍ରଜା ସଂଘ ସଭାପତି ଗଙ୍ଗାଧର ସାମଲ, ବ୍ରାହ୍ମଣୀ ଟ୍ରକ ମାଲିକ ସଂଘ ସମ୍ପାଦକ ବିଜୟ କୁମାର ଧଳ ଓ ପୂର୍ବତନ ବିଧାୟକ ସୁଧୀର କୁମାର ସାମଲଙ୍କ ତତ୍ତ୍ୱାବଧାନରେ ଏକ ବୈଠକ ବସି ଦର ଧାର୍ଯ୍ୟ କରାଯାଇ ଏପ୍ରିଲରୁ ଗାଡ଼ି ଚଳାଚଳ କରିଥିଲା। କିନ୍ତୁ ୩ ମାସ ପରେ ଭେଣ୍ଡର ଶଶିକାନ୍ତ ଜେନା ନାମକ ଟୋଲ ଗେଟ ପରିଚାଳନା ଦାୟିତ୍ୱ ନେଇଥିଲେ। ତେବେ ସେ ପ୍ରଜାସଂଘ, ଟ୍ରକ ସଂଘ ଓ ଅଞ୍ଚଳବାସୀଙ୍କ ସହ କୌଣସି ଆଲୋଚନା ନ କରି ଗତ ୨ ତାରିଖରୁ ଗେଟ ପରିଚାଳନା ଆରମ୍ଭ କରିଥିଲେ। ଏଥିରେ ସଂଘ କର୍ମକର୍ତ୍ତା ଓ ଅଞ୍ଚଳବାସୀ ଉଦବେଗ ପ୍ରକାଶ କରି ଗଙ୍ଗାଧର ସାମଲଙ୍କ ଆହ୍ୱାନ କ୍ରମେ ପଞ୍ଚାୟତବସୀ ଓ ଜନପ୍ରତିନିଧି ସହ ପ୍ରଜାସଂଘ ସଭାପତି ସାମଲ, ଟ୍ରକସଂଘ ସମ୍ପାଦକ ଧଳ, ନରେନ୍ଦ୍ର ସାହୁ, ବିନୋଦ ସାହୁ, କୈଳାସ ଚନ୍ଦ୍ର ରାଉତ, ରାମଚନ୍ଦ୍ର ନାଥ, ପ୍ରଫୁଲ୍ଲ ନାୟକ, ପ୍ରିୟବ୍ରତ ସାହୁ, କମଲାଙ୍ଗ ସରପଞ୍ଚ ଜିତେନ୍ଦ୍ର ବେହେରା, ଖଡ଼ଗପ୍ରସାଦ ସରପଞ୍ଚ ସାବିତ୍ରୀ ଦଳେଇ, କୁଶୁପଙ୍ଗା ସରପଞ୍ଚ ଅନିତା ନାୟକ ପ୍ରମୁଖ ଗେଟ ସମ୍ମୁଖରେ ପ୍ରତିବାଦ କରିଥିଲେ। ଦୀର୍ଘ ସମୟ ପରେ ଟୋଲ ଗେଟ ମ୍ୟାନେଜର ମାଲିକ ସହ ଆଲୋଚନା କରି ଅଞ୍ଚଳବାସୀଙ୍କ ପାଇଁ ପୂର୍ବ ଦର ବଳବତ୍ତର ରହିଲା ବୋଲି ଲିଖିତ ପ୍ରତିଶ୍ରୁତି ଦେବା ପରେ ଆନ୍ଦୋଳନ ପ୍ରତ୍ୟାହୃତ ହୋଇଥିଲା।

## ମହିଳାଙ୍କଠାରୁ ପର୍ସ ଓ ମୋବାଇଲ୍ ଝାମ୍ପିନେଲେ

ଢେଙ୍କାନାଳ,୪।୭(ସମିସ): ୪ନଂ ୱାର୍ଡ ଭାଗୀରଥିବିହାର ଅଞ୍ଚଳରେ ଦୁର୍ବୃତ୍ତ ଜଣେ ମହିଳାଙ୍କଠାରୁ ପର୍ସ ଓ ମୋବାଇଲ ଛଡ଼ାଇନେଇଥିବା ଅଭିଯୋଗ ହୋଇଛି। ଗୁରୁବାର ରାତି ପ୍ରାୟ ୧୦ଟାରେ ମହିଳା ଜଣକ ସ୍କୁଟିରେ ଘରକୁ ଫେରୁଥିବା ବେଳେ ଦୁର୍ବୃତ୍ତ ତାଙ୍କୁ ଅଟକାଇ ଆକ୍ରମଣ କରି ପର୍ସ, ମୋବାଇଲ ଛଡ଼ାଇ ନେଇଛନ୍ତି। ଆକ୍ରମଣରେ ମହିଳା ଜଣକ ସ୍କୁଟିରୁ ପଡ଼ି ହାତ ଓ ଗୋଡ଼ରେ ଗଭୀର କ୍ଷତ ସୃଷ୍ଟି ହୋଇଛି।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୯୫.୪୦ • ପାଉଣ୍ଡ ୧୨୫.୭୦
- ୟୁରୋ ୧୦୯.୨୧ • ୟେନ୍ ୦.୫୯

**ସୁନା, ରୁପା ଦର (ଟଙ୍କାରେ)**



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୩୪,୫୦୦ (ଭୁବନେଶ୍ୱର)
- ରୁପା : ୨,୬୦,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**



ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୭୭,୭୬୩.୦୦
- ନିଫ୍ଟି ୨୪,୨୭୦.୦୦


**ପେଟ୍ରୋଲ-ଡିଜେଲ୍**



ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୯.୧୫ (ଭୁବନେଶ୍ୱର)
- ଡିଜେଲ୍ - ୧୦୦.୮୦

## ବିଶ୍ୱ ବଜାରରେ କମୁଛି ଅଶୋଧିତ ତୈଳ ଦର; ଦେଶରେ କମୁନି ପେଟ୍ରୋଲ୍ ଡିଜେଲ୍

# ୧୦ ଟଙ୍କା ଲାଭ କରୁଛନ୍ତି ତେଲ କମ୍ପାନୀ




ନୂଆଦିଲ୍ଲୀ,୪।୭(ଏଜେନ୍ସି): ପଶ୍ଚିମ ଏସିଆରେ ଶାନ୍ତି ଆଶା ମଧ୍ୟରେ ସମ୍ପ୍ରତି ଅନ୍ତରାଷ୍ଟ୍ରୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟରେ ଯଥେଷ୍ଟ ହ୍ରାସ ଘଟିଛି। ଫଳ ସ୍ୱରୂପ ତେଲ ଦର ବ୍ୟାରେଲ ପିଛା ପାଖାପାଖି ୭୦ ଡଲାରକୁ ଖସିଆସିଛି। ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟରେ ହ୍ରାସ ପରେ ଘରୋଇ ବଜାରରେ ତେଲ ଦର କମିବାର ନାଁ ଧରୁନାହିଁ। ହେଲେ ଏଥିଯୋଗୁ ଦେଶରେ ଗ୍ରାହକମାନଙ୍କୁ ସେମିତି କିଛି ଆଶ୍ୱସ୍ତି ମିଳିବ ନାହିଁ। ଏହି ସମୟରେ, ଅନେକ ଦେଶ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟ ହ୍ରାସ କରି ସେମାନଙ୍କ ନାଗରିକମାନଙ୍କୁ ମୁଦ୍ରାସ୍ଫୀତିରୁ ମୁକ୍ତି ଦେବା ଆରମ୍ଭ କରିଥିବାବେଳେ ଭାରତରେ କିନ୍ତୁ, ସ୍ଥିତି ଭିନ୍ନ। ଭାରତରେ ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀଗୁଡିକଏହି ପରିସ୍ଥିତିରୁ ମୁନାଫା କମାଇବାରେ ବ୍ୟସ୍ତ। ଯାହା ଫଳରେ ଭାରତରେ ଖାଉଟିଙ୍କୁ ବିଶ୍ୱ ବଜଶରରେ ଅଶୋଧିତ ତୈଳ ଦର ହ୍ରାସରୁ କୌଣସି ଲାଭ ମିଳୁନାହିଁ। ବର୍ତ୍ତମାନ ଅନ୍ତରାଷ୍ଟ୍ରୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟରେ ଯଥେଷ୍ଟ ହ୍ରାସ ଘଟିଛି। ଫଳ ସ୍ୱରୂପ ତେଲ ଦର ବ୍ୟାରେଲ ପିଛା ପାଖାପାଖି ୭୦ ଡଲାରକୁ ଖସିଆସିଛି। ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟରେ ହ୍ରାସର ଲାଭ କେବଳ ସରକାରୀ ତେଲ କମ୍ପାନୀଙ୍କୁ ମିଳୁଛି। ବର୍ତ୍ତମାନ ତୈଳ ମାର୍କେଟିଂ କମ୍ପାନୀ(ଓଏମ୍‌ସି) ଗୁଡିକ ପ୍ରତି ଲିଟର ପେଟ୍ରୋଲ ଏବଂ ଡିଜେଲରେ ୧୦ ଟଙ୍କା ଲାଭ କରୁଛନ୍ତି।

ନିକଟରେ ଅନ୍ତରାଷ୍ଟ୍ରୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟରେ ହ୍ରାସ ପରେ ଘରୋଇ କମ୍ପାନୀ ନାୟରା ଏନର୍ଜି ପେଟ୍ରୋଲ ଲିଟର ପିଛା ୫ ଟଙ୍କ ଏବଂ ଡିଜେଲରେ ୩ ଟଙ୍କା ହ୍ରାସ କରିଛି। ଏହାସତ୍ତ୍ୱେ ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀଗୁଡିକ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟରେ କୌଣସି ହ୍ରାସ କରିନାହାଁନ୍ତି। ଅନେକ ଦେଶ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟ ହ୍ରାସ କରିବା ଆରମ୍ଭ କରିଛନ୍ତି। ପାକିସ୍ତାନ କ୍ରମାଗତ ଭାବେ ୬ ଥର ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟ ହ୍ରାସ କରିଛି। ତେବେ ଶ୍ରୀଲଙ୍କା ଏବଂ ନେପାଳ ମଧ୍ୟ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟ କମ୍ କରିଛନ୍ତି। ଭାରତଠାରୁ ତେଲ କିଣୁଥିବା ନେପାଳ ତେଲ ଦରରେ ୧୭% ପର୍ଯ୍ୟନ୍ତ ହ୍ରାସ କରିଛି। ହେଲେ ଭାରତରେ ସରକାର ପେଟ୍ରୋ ଏବଂ ଡିଜେଲ ଦର କମାଇବାକୁ ସମ୍ପୂର୍ଣ୍ଣ ଅରାଜି। ଏଠାରେ ସୂଚନାଯୋଗ୍ୟ ଯେ, ଭାରତର ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀଗୁଡ଼ିକ ମେ' ମାସରେ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟରେ ମାତ୍ର ୧୦ ଦିନରେ ଚାରି ଥରରେ ପାଖାପାଖି ୮ ଟଙ୍କା ବୃଦ୍ଧି ଘଟାଇଥିଲେ। ଯାହାଫଳରେ ପେଟ୍ରୋଲ ଲିଟର ପିଛା ୧୦୯.୧୫ ଟଙ୍କା ଏବଂ ଡିଜେଲ ୧୦୦.୮୦ ଟଙ୍କାରେ ପହଞ୍ଚିଛି।

ଏହା ଉପରେ ଯୁକ୍ତି ଦର୍ଶାଇ କେନ୍ଦ୍ର ପେଟ୍ରୋଲିୟମ ମନ୍ତ୍ରୀ ହରଦୀପ ସିଂହ ପୁରୀ ମଧ୍ୟ କହିଛନ୍ତି ଯେ ଆଜି ବିକ୍ରି ହେଉଥିବା ପେଟ୍ରୋଲ ଏବଂ ଡିଜେଲ ପ୍ରାୟ ଦୁଇ ମାସ ପୂର୍ବେ ସେତେବେଳର ବର୍ତ୍ତମାନର ମୂଲ୍ୟରେ କିଣାଯାଇଥିବା ଅଶୋଧିତ ତୈଳରୁ ତିଆରି। ତଥାପି, ତୈଳ ବିଶୋଧନ କ୍ଷେତ୍ରର ବରିଷ୍ଠ ଅଧିକାରୀମାନେ କୁହନ୍ତି ଯେ ଭାରତରେ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟ ସିଧାସଳଖ ଅଶୋଧିତ ତୈଳ ମୂଲ୍ୟ ଦ୍ୱାରା ନିର୍ଣ୍ଣୟ କରାଯାଏନାହିଁ। ବରଂ, ଏହା ଅନ୍ତର୍ଜାତୀୟ ବଜାରରେ ସମାପ୍ତ ପେଟ୍ରୋଲ ଏବଂ ଡିଜେଲର ମୂଲ୍ୟ ଉପରେ ଆଧାରିତ। ଯେ ପର୍ଯ୍ୟନ୍ତ ଏହି ସମାପ୍ତ ଇନ୍ଧନର ଅନ୍ତର୍ଜାତୀୟ ମୂଲ୍ୟ ହ୍ରାସ ନହୁଏ, ତେଲ ମାର୍କେଟିଂ କମ୍ପାନୀଗୁଡ଼ିକ ରାଜସ୍ୱ କ୍ଷତି ସହିବେ। ଅଧିକାରୀଙ୍କ ଅନୁଯାୟୀ, ତୈଳ କମ୍ପାନୀଗୁଡ଼ିକ ଏକ ଜଟିଳ ସୂତ୍ର ଉପରେ ଆଧାରିତ ଖର୍ଚ୍ଚ ନିର୍ଣ୍ଣୟ କରିଥାନ୍ତି। ଏଥିରେ ଦୁବାଇ ଏବଂ ସିଙ୍ଗାପୁରରେ ଉତ୍ପାଦିତ ପେଟ୍ରୋଲ ଏବଂ ଡିଜେଲର ମୂଲ୍ୟ, ଅନ୍ତର୍ଜାତୀୟ ସମୁଦ୍ର ପରିବହନର ମୂଲ୍ୟ ଏବଂ ଟଙ୍କା-ଡଲାର ବିନିମୟ ହାର ଅନ୍ତର୍ଭୁକ୍ତ। ତେଣୁ, ଯଦିଓ ପେଟ୍ରୋଲ ଏବଂ ଡିଜେଲ ଭାରତରେ ଉତ୍ପାଦିତ ହୁଏ, ତଥାପି ଅନ୍ତର୍ଜାତୀୟ ବଜାର ଏବଂ ଡଲାର ତୁଳନାରେ ଟଙ୍କାର ଦୁର୍ବଳତା ସେମାନଙ୍କ ମୂଲ୍ୟ ନିର୍ଦ୍ଧାରଣ ଉପରେ ଗୁରୁତ୍ୱପୂର୍ଣ୍ଣ ପ୍ରଭାବ ପକାଇଥାଏ। ଶ୍ରୀ ପୁରୀଙ୍କ ଯୁକ୍ତି ହେଉଛି, ଯେହେତୁ ଅଶୋଧିତ ତୈଳ ଦର ବ୍ୟାରେଲ ପ୍ରତି ୧୨୮ ଡଲାରରୁ ପ୍ରାୟ ୭୦ ଡଲାରକୁ ହ୍ରାସ ପାଇଛି, ତେଣୁ ପେଟ୍ରୋଲ ଏବଂ ଡିଜେଲ ମଧ୍ୟ ଶସ୍ତା ହେବା ଉଚିତ। ଶ୍ରୀ ପୁରୀଙ୍କ ମତରେ ଏପରି ତୁଳନା ସମ୍ପୂର୍ଣ୍ଣ ଚିତ୍ରକୁ ପ୍ରତିଫଳିତ କରେନାହିଁ। ସେ ସ୍ପଷ୍ଟ କରିଛନ୍ତି ଯେ ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟ ହ୍ରାସର ପ୍ରଭାବ ଭାରତୀୟ ବଜାରରେ ତୁରନ୍ତ ଦେଖାଯାଏନାହିଁ। ତେଣୁ, ହ୍ରାସ ହୋଇଥିବା ବିଶ୍ୱ ମୂଲ୍ୟର ଲାଭ ଗ୍ରାହକମାନଙ୍କ ପାଖରେ ପହଞ୍ଚିବା ପାଇଁ କିଛି ସମୟ ଲାଗିପାରେ।

# ପେଟ୍ରୋଲ ପରେ ଡିଜେଲରେ ୧୫% ଆଇସୋବୁଟାନଲ୍ ମିଶ୍ରଣ ଯୋଜନା

ନୂଆଦିଲ୍ଲୀ,୪।୭(ଏଜେନ୍ସି): ପେଟ୍ରୋଲ ପରେ କେନ୍ଦ୍ର ସରକାର ଏବେ ଡିଜେଲରେ ୧୫% ପର୍ଯ୍ୟନ୍ତ ଆଇସୋବୁଟାନଲ୍ ମିଶ୍ରଣ କରିବାକୁ ପ୍ରସ୍ତୁତ ହେଉଛନ୍ତି। କେନ୍ଦ୍ର ସଡ଼କ ପରିବହନ ଏବଂ ରାଜପଥ ମନ୍ତ୍ରୀ ନୀତିନ ଗଡକରୀ କହିଛନ୍ତି ଯେ ଏହି ପଦକ୍ଷେପର ଲକ୍ଷ୍ୟ ହେଉଛି ଭାରତର ଜୀବାଶ୍ମ ଇନ୍ଧନ ଆମଦାନୀ ଉପରେ ନିର୍ଭରଶୀଳତା ହ୍ରାସ କରିବା ଏବଂ ସ୍ୱଚ୍ଛ ଇନ୍ଧନ ବ୍ୟବହାରକୁ ପ୍ରୋତ୍ସାହିତ କରିବା। ଇଥାନଲ୍ ସିଧାସଳଖ ଡିଜେଲ ସହିତ ମିଶ୍ରିତ ହୋଇପାରିବନାହିଁ। ତେଣୁ, ସରକାର ଡିଜେଲ ବିକଳ୍ପ ଭାବରେ ବ୍ୟବହାର କରିବା ପାଇଁ ଇଥାନଲ୍‌ରୁ ଆଇସୋବୁଟାନଲ୍ ଉତ୍ପାଦନ ଉପରେ କାମ କରୁଛନ୍ତି।



ଶ୍ରୀ ଗଡକରୀ କହିଛନ୍ତି, ଇଥାନଲ୍ ସିଧାସଳଖ ଡିଜେଲ ସହିତ ମିଶ୍ରିତ ହୋଇପାରିବ ନାହିଁ, ତେଣୁ ଆମେ ଇଥାନଲ୍ ରୁ ଆଇସୋବୁଟାନଲ୍ ଉତ୍ପାଦନ କରୁଛୁ। ଆଇସୋବୁଟାନଲ୍ ଡିଜେଲର ବିକଳ୍ପ ହୋଇପାରେ। କେନ୍ଦ୍ରମନ୍ତ୍ରୀ କହିଛନ୍ତି ଯେ ସରକାର ଡିଜେଲରେ ୧୫% ପର୍ଯ୍ୟନ୍ତ ଆଇସୋବୁଟାନଲ୍ ମିଶ୍ରିତ କରିବାକୁ ଅନୁମତି ଦେବା ପାଇଁ କାର୍ଯ୍ୟ କରୁଛି। ତାଙ୍କ ଅନୁସାରେ, ଏହି ପଦକ୍ଷେପ ଭାରତକୁ ଶକ୍ତି କ୍ଷେତ୍ରରେ ଆତ୍ମନିର୍ଭରଶୀଳ କରିବା ଏବଂ ସ୍ୱଚ୍ଛ ପରିବହନ ଇନ୍ଧନ ବ୍ୟବହାରକୁ ପ୍ରୋତ୍ସାହିତ କରିବାରେ ଗୁରୁତ୍ୱପୂର୍ଣ୍ଣ ପ୍ରମାଣିତ ହେବ। ନୀତିନ ଗଡକରୀ କହିଛନ୍ତି ଯେ ଆଇସୋବୁଟାନଲ୍ ସହିତ ପରିଚାଳିତ ପାଇଲଟ୍ ପ୍ରୋଜେକ୍ଟଗୁଡ଼ିକର ଫଳାଫଳ ବହୁତ ସକାରାତ୍ମକ ହୋଇଛି। ଏହା ସରକାରଙ୍କ ଆତ୍ମବିଶ୍ୱାସକୁ ବୃଦ୍ଧି କରିଛି ଯେ ଭବିଷ୍ୟତରେ ଏହି ଇନ୍ଧନକୁ ବଡ଼ ପରିମାଣରେ ବ୍ୟବହାର କରାଯାଇପାରିବ। ଗଡକାରୀ କହିଛନ୍ତି, ଆମେ ୧୦୦% ଇଥାନଲ୍ ଏବଂ ଆଇସୋବୁଟାନଲ୍ ଉପରେ ଦୁଇଟି ଜେନେରେଟର ସଫଳତାର ସହ ଚଲାଇଛୁ। ଏହା ପ୍ରମାଣ କରେ ଯେ ଏହି ଇନ୍ଧନରେ ସୁଗମ ଭାବରେ କାର୍ଯ୍ୟ କରିପାରିବ ଏପରି ଇଞ୍ଜିନ୍ ତିଆରି କରାଯାଇପାରିବ। ଆଇସୋବୁଟାନଲ୍ କୁ ପରବର୍ତ୍ତୀ ପିଢ଼ିର ଜୈବ ଇନ୍ଧନ ଭାବରେ ବିବେଚନା କରାଯାଏ। ଏହାର ଶକ୍ତିକ୍ଷମତା ଅନେକ ପାରମ୍ପରିକ ଜୈବ ଇନ୍ଧନ ଅପେକ୍ଷା ଅଧିକ। ଏହା ସହିତ, ଏହା ଇଞ୍ଜିନ ସହିତ ଭଲ ଭାବରେ କାମ କରେ ଏବଂ ଅପେକ୍ଷାକୃତ କମ୍ ପ୍ରଦୂଷଣ ସୃଷ୍ଟି କରେ। ପେଟ୍ରୋଲିୟମ ଏବଂ ପ୍ରାକୃତିକ ଗ୍ୟାସ ମନ୍ତ୍ରଣାଳୟ ପେଟ୍ରୋଲରେ ସରକାରଙ୍କ ଇ-୨୦ ଇଥାନଲ୍ ମିଶ୍ରଣ କାର୍ଯ୍ୟକ୍ରମକୁ ସମର୍ଥନ କରିବାର କିଛି ଦିନ ପରେ ଗଡକରୀଙ୍କ ଘୋଷଣା ଆସିଛି।

# ମାଲାବାର ଗୋଲ୍ଡର 'ଡାଇମଣ୍ଡ ଶୋ'



ଭୁବନେଶ୍ୱର,୪।୭(ସମିସ): ବିଶ୍ୱ ଅଳଙ୍କାର ଖୁଚୁରା ବିକ୍ରେତା ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍ ଏହାର ଲୋକପ୍ରିୟ ଉପ-ବ୍ରାଣ୍ଡ, ମାଇନ୍ ଡାଇମଣ୍ଡସ୍ ରୁ ଉତ୍କୃଷ୍ଟ ହୀରା ଅଳଙ୍କାରର ଏକ ଉତ୍କୃଷ୍ଟ ପ୍ରଦର୍ଶନୀ 'ଡାଇମଣ୍ଡ ଶୋ' ଉନ୍ମୋଚନ କରିଛି। ଏହି ଅତ୍ୟନ୍ତ ପ୍ରତୀକ୍ଷିତ ଅଭିଯାନ ଜୁଲାଇ ୩ରୁ ୧୨ ପର୍ଯ୍ୟନ୍ତ କେବଳ ଭୁବନେଶ୍ୱରର ସମସ୍ତ ସହୀଦ-ନଗର ଷ୍ଟୋରରେ ଅନୁଷ୍ଠିତ ହେବ। ଡାଇମଣ୍ଡ ଶୋ'ରେ, ଗ୍ରାହକମାନେ ସଲିଟାୟାର, ପାର୍ଟି ପୋଷାକ, କାଜୁଆଲ୍ ପିକ୍ସ ଏବଂ ବ୍ରାଇଡାଲ୍ ପସନ୍ଦ ସମେତ ବିଭିନ୍ନ ପ୍ରକାରର ହୀରା ଅଳଙ୍କାର ଅନୁସନ୍ଧାନ କରିପାରିବେ। କଲେକ୍‌ସନ୍‌ରେ ଷ୍ଟେଟମେଣ୍ଟ ନେକପିସ୍, ଚମତ୍କାର କାନଫୁଲ, ସୂକ୍ଷ୍ମ ଷ୍ଟଡ୍ ଏବଂ ଅଙ୍ଗୁଠି ଅନ୍ତର୍ଭୁକ୍ତ। ଏହି ଶୋ'କୁ ଓଲିଉଡ ଅଭିନେତ୍ରୀ ନିକିତା ମିଶ୍ର ଏବଂ ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସର ଅନ୍ୟାନ୍ୟ ପରିଚାଳନା କର୍ମଚାରୀଙ୍କ ଉପସ୍ଥିତିରେ ଶୁଭାରମ୍ଭ କରାଯାଇଥିଲା। ଏହି ଅବସରରେ ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍ ଏକ ନୂତନ ପ୍ରାକୃତିକ ହୀରା ଅଳଙ୍କାରର କଲେକ୍‌ସନ୍ 'ନୁଓ୍ୱା' ମଧ୍ୟ ଉନ୍ମୋଚନ କରିଛି।

**'ନୁଓ୍ୱା' କଲେକ୍‌ସନ୍ ଉନ୍ମୋଚିତ**

ଏହା ଉପରେ ମାଲାବାର ଗ୍ରୁପ୍ ଅଧ୍ୟକ୍ଷ ଏମ୍. ପି. ଅହମ୍ମଦ କହିଛନ୍ତି, ଏହି କଲେକ୍‌ସନ୍‌ର ମୂଳରେ ପ୍ୟାଟର୍ଣ୍ଣ ପ୍ଲେ - ଜଟିଳ ଟେକ୍ସଚର, ଗଠନ ଏବଂ ବିବରଣୀ ପାଇଁ ପ୍ରଶଂସା ଅଛି, ଯାହା ଆମ ଚାରିପାଖର ବିଶ୍ୱକୁ ନୀରବରେ ଆକାର ଦିଏ। ନୁଓ୍ୱା ସହି।, ଆମେ ସେହି ସୌନ୍ଦର୍ଯ୍ୟକୁ ଏକ ସମସାମୟିକ ହୀରାରେ ଅନୁବାଦ କରିବାକୁ ଚାହୁଁଥିଲୁ। ଏହି କଲେକ୍‌ସନ୍, ଯାହା ଆଜିର ମହିଳାଙ୍କ ପାଇଁ ସୁସଂସ୍କୃତ, ବହୁମୁଖୀ ଏବଂ ପ୍ରାସଙ୍ଗିକ ଅନୁଭବ କରେ।

# ଜୁଏଲର୍ସଙ୍କ ପାଖରେ ଜମା ରହିବ ସୁନା

ନୂଆଦିଲ୍ଲୀ,୪।୭(ଏଜେନ୍ସି): ଏବେ ଘରେ ରଖିବା ପରିବର୍ତ୍ତେ ଲୋକେ ସୁନା ଅଳଙ୍କାରକୁ ବ୍ୟାଙ୍କ ପରି ଡିଲରଙ୍କ ପାଖରେ ଜମା କରିପାରିବେ। ଏହି ଜମା ବାବଦ ମିଳିବ ସୁଧ ଅର୍ଥ। କାରଣ କେନ୍ଦ୍ର ସରକାର ଦେଶରେ ଏକ 'ଗୋଲ୍ଡ ମନିଟାଇଜେସନ୍ ସ୍କିମ୍' ଆରମ୍ଭ କରିବାକୁ ଯାଉଛନ୍ତି। ଏହି ନୂତନ ଯୋଜନାରେ ସାରା ଦେଶର ସୁନା ବ୍ୟବସାୟୀଙ୍କୁ କଲେକ୍‌ସନ୍ ପାର୍ଟନର ଭାବରେ ସାମିଲ କରାଯିବ। ସେମାନେ ସାଧାରଣ ଲୋକଙ୍କଠାରୁ ସୁନା ସଂଗ୍ରହ କରିବେ। ପୂର୍ବରୁ କେବଳ ବ୍ୟାଙ୍କଗୁଡ଼ିକୁ ସୁନା ଜମା ଗ୍ରହଣ କରିବାକୁ ଅନୁମତି ଦିଆଯାଇଥିଲା। ଏବେ ଜୁଏଲର୍ସମାନେ ଏହି ସ୍କିମ୍‌ରେ ସରକାରଙ୍କ ସହ ପାର୍ଟନର ଭାବେ ରହି କାର୍ଯ୍ୟ କରିବେ। ତେବେ ୨୦୧୫ ମସିହାରେ ସୁନା ଆମଦାନୀ ହ୍ରାସ କରିବା ପାଇଁ ସରକାର ଏପରି ଏକ ଯୋଜନା ଆରମ୍ଭ କରିଥିଲେ। ଏହି ଯୋଜନା ଅଧୀନରେ, ଲୋକମାନେ ସେମାନଙ୍କର ସୁନା ବ୍ୟାଙ୍କରେ ଜମା କରି ବାର୍ଷିକ ୨.୨୫% ରୁ ୨.୫% ସୁଧ ପାଇବେ ବୋଲି କୁହାଯାଇଥିଲା। ହେଲେ ଶେଷରେ ଏହି ଯୋଜନା ସମ୍ପୂର୍ଣ୍ଣ ବିଫଳ ହୋଇଥିଲା।



**ଗୋଲ୍ଡ ମନିଟାଇଜେସନ୍ ସ୍କିମ୍**
- ମିଳିବ ୨.୫ ପ୍ରତିଶତ ପର୍ଯ୍ୟନ୍ତ ସୁଧ
- ସୁନା ବ୍ୟବସାୟୀ ରହିବେ କଲେକ୍‌ସନ୍ ପାର୍ଟନର
- ସରକାରଙ୍କ ୧୦୦୦ ଟନ୍ ସୁନା ସଂଗ୍ରହ ଲକ୍ଷ୍ୟ
- ୨୦୧୫ରେ ଏପରି ଯୋଜନା ଫେଲ୍ ମାରିଥିଲା

'ଗୋଲ୍ଡ ମନିଟାଇଜେସନ୍ ସ୍କିମ୍' ଅନୁଯାୟୀ, ଏହି ଯୋଜନାରେ ସୁନା ବ୍ୟବସାୟୀ ନିକଟରେ ସୁନା ଜମା ବାବଦ ଲୋକେ ୨.୫% ପର୍ଯ୍ୟନ୍ତ ସୁଧ ପାଇପାରିବେ। ଗଣମାଧ୍ୟମ ରିପୋର୍ଟ ଅନୁସାରେ, ସରକାର ଆଗାମୀ ଦୁଇ ସପ୍ତାହ ମଧ୍ୟରେ ଏହି ନୂଆ ଯୋଜନା ପ୍ରଚଳନ କରିବାକୁ ଯୋଜନା କରୁଛନ୍ତି। ନିକଟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ନାଗରିକମାନଙ୍କୁ ଗୋଟିଏ ବର୍ଷ ପାଇଁ ସୁନା କିଣିବା ବନ୍ଦ କରିବାକୁ ଅନୁରୋଧ କରିଥିଲେ। ଏହାପରେ ଏବେ ଉପରୋକ୍ତ ନୂଆ ପଦକ୍ଷେପ ନିଆଯାଇଛି।ଅଲ୍ ଇଣ୍ଡିଆ ଜୁଏଲର୍ସ ଆଣ୍ଡ ଗୋଲ୍ଡସ୍ମିଥ୍ସ ଫେଡେରେସନ୍ (ଏଆଇଜେଜିଏଫ୍) କହିଛି ଯେ ନୂତନ ନିୟମ ଅନୁଯାୟୀ, ଅଳଙ୍କାର ବ୍ୟବସାୟୀମାନଙ୍କୁ ସେମାନଙ୍କର କଲେକ୍‌ସନ୍ ବାଣ୍ଟିବାକୁ ଅନୁମତି ଦିଆଯିବନାହିଁ। ଘରେ ରଖାଯାଇଥିବା ସୁନା କଲେକ୍‌ସନ୍‌କୁ ତ୍ୱରାନ୍ୱିତ କରାଯିବ। ଆଶା କରାଯାଉଛି ଯେ 'ଗୋଲ୍ଡ ମନେଟାଇଜେସନ୍' ସ୍କିମ୍ ଜରିଆରେ ସରକାର ବଜାରରୁ ୧୦୦୦ ଟନ୍‌ରୁ ଅଧିକ ସୁନା ସଂଗ୍ରହ କରିବେ। ମିଡିଆ ରିପୋର୍ଟ ଅନୁଯାୟୀ, ଯଦି ଏହି ନୂତନ ଯୋଜନା ଅଧୀନରେ ଭାରତୀୟ ପରିବାରମାନଙ୍କ ଦ୍ୱାରା ରଖାଯାଇଥିବା ମୋଟ ସୁନାର କେବଳ ୫% ଜମା କରାଯାଏ, ତେବେ ଏହା ଘରୋଇ ବଜାରରେ ପ୍ରାୟ ୯୦ ବିଲିୟନ ଡଲାର (ପ୍ରାୟ ୮.୫୭ ଲକ୍ଷ କୋଟି ଟଙ୍କା) ନଗଦ ଅର୍ଥ ପ୍ରବାହ କରାଇବ। ଏହା ଭାରତକୁ ଦୁଇ ବର୍ଷ ପାଇଁ ସୁନା ଆମଦାନି କରିବାରୁ ରୋକିବ, ଡଲାରର ଚାହିଦା ହ୍ରାସ କରିବ ଏବଂ ଭାରତୀୟ ସୁନାକୁ ମଜବୁତ କରିବ।

ବାଣିଜ୍ୟ ଏବଂ ଶିଳ୍ପ ସଂଘ ଆସୋଚାମ୍ (ଦି ଆସୋସିଏଟେଡ୍ ଚାମ୍ବର୍ସ ଅଫ୍ କମର୍ସ ଆଣ୍ଡ ଇଣ୍ଡଷ୍ଟ୍ରି ଅଫ୍ ଇଣ୍ଡିଆ)ର ଏକ ରିପୋର୍ଟ ଅନୁଯାୟୀ, ଭାରତୀୟ ପରିବାରଗୁଡିକରେ ୫୦ ହଜାର ଟନ୍ ସୁନା ମହଜୁଦ ରହିଛି, ଯାହାର ମୂଲ୍ୟ ପ୍ରାୟ ୧୦ ଟ୍ରିଲିୟନ ଡଲାର କିମ୍ବା ପ୍ରାୟ ୯ ଲକ୍ଷ ୫୦ ହଜାର କୋଟି ଟଙ୍କା। ଏହା ବିଶ୍ୱର ୧୦ଟି ବୃହତ କେନ୍ଦ୍ରୀୟ ବ୍ୟାଙ୍କର ମିଳିତ ଭଣ୍ଡାରଠାରୁ ଅଧିକ ହେବ। ଭାରତୀୟମାନଙ୍କ ପାଖରେ ଏତେ ସୁନା ଅଛି ଯେ, ଏହା ଆମେରିକା ଏବଂ ଚୀନ୍ ବ୍ୟତୀତ ବିଶ୍ୱର ପ୍ରାୟ ପ୍ରତ୍ୟେକ ଦେଶର ବାର୍ଷିକ ଜିଡିପିଠାରୁ ଅଧିକ ହେବ। ଭାରତ ହେଉଛି ବିଶ୍ୱର ଦ୍ୱିତୀୟ ସର୍ବବୃହତ ସୁନା ଗ୍ରାହକ। ୨୦୨୬ ଆର୍ଥିକ ବର୍ଷରେ, ଭାରତ ପ୍ରତି ମାସରେ ହାରାହାରି ୬୦ ଟନ୍ ସୁନା ଆମଦାନି କରୁଛି, ଯାହା ପ୍ରାୟ ୬ ବିଲିୟନ ଡଲାର। ଏଠାରେ ସୂଚନାଯୋଗ୍ୟ ଯେ, ଶେଷ ଥର ପାଇଁ ୨୦୧୫ ମସିହାରେ ସୁନା ଆମଦାନୀ ହ୍ରାସ କରିବା ପାଇଁ ମୋଦି ସରକାର 'ଗୋଲ୍ଡ ମନିଟାଇଜେସନ୍ ସ୍କିମ୍' ଆରମ୍ଭ କରିଥିଲେ। ଏହି ଯୋଜନା ଅଧୀନରେ, ଲୋକମାନେ ସେମାନଙ୍କର ସୁନା ବ୍ୟାଙ୍କରେ ଜମା କରିପାରିବେ ଏବଂ ବାର୍ଷିକ ୨.୨୫%ରୁ ୨.୫% ସୁଧ ପାଇପାରିବେ। କିନ୍ତୁ ୧୦ ବର୍ଷ ମଧ୍ୟରେ ଏହି ଯୋଜନାରୁ କେବଳ ୩୮ ଟନ୍ ସୁନା ମିଳିଥିଲା। କମ୍ ସୁଧ ଯୋଗୁଁ ସରକାର ପରବର୍ତ୍ତୀ ସମୟରେ ସୁନାର ମଧ୍ୟମ ଏବଂ ଦୀର୍ଘକାଳୀନ ଜମା ବନ୍ଦ କରିଦେଇଥିଲେ।

# ଭାରତକୁ 'ମୃତ ଅର୍ଥନୀତି' କହିଥିବା ଟ୍ରମ୍ପଙ୍କ ୟୁ-ଟର୍ଣ୍ଣ

ନୂଆଦିଲ୍ଲୀ,୪।୭(ଏଜେନ୍ସି): ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ୟୁ-ଟର୍ଣ୍ଣ ନେଇଛନ୍ତି। ସେ ଭାରତର ଅର୍ଥନୀତିର ପ୍ରଦର୍ଶନକୁ ପ୍ରଶଂସା କରି କହିଛନ୍ତି ଯେ, ଦେଶ ବହୁତ ଭଲ କରୁଛି। ଏହା ଗତ ବର୍ଷ ସେ ଦେଇଥିବା ତାଙ୍କର ମନ୍ତବ୍ୟଠାରୁ ସମ୍ପୂର୍ଣ୍ଣ ଭିନ୍ନ। ସେ ବାଣିଜ୍ୟ ଉତ୍ତେଜନା ମଧ୍ୟରେ ସେତେବେଳେ ଟ୍ରମ୍ପ୍ ଭାରତକୁ ଏକ 'ମୃତ ଅର୍ଥନୀତି' ବୋଲି କହିଥିଲେ। ଗୁରୁବାର ଦିନ ଆମେରିକାର ସ୍ୱାଧୀନତା ଦିବସ ପାଳନ ପୂର୍ବରୁ ଏକ ସାକ୍ଷାତକାରରେ, ଟ୍ରମ୍ପ ଭାରତକୁ ଏକ ଉଦାହରଣ ଭାବରେ ଉଲ୍ଲେଖ କରିଥିଲେ। ଟ୍ରମ୍ପ କହିଛନ୍ତି, କିଛି ଦେଶ ଅଛି - ଭାରତ ଗୋଟିଏ - ଯେଉଁମାନେ ବହୁତ ଭଲ କରୁଛନ୍ତି। ସେମାନଙ୍କର ଅଭିବୃଦ୍ଧି ହାର ୭-୮%। ସେ ଭାରତର ଅଭିବୃଦ୍ଧି ହାରକୁ ଆମେରିକା ସହିତ ତୁଳନା କରିଛନ୍ତି। ଆମେରିକାର ଅର୍ଥନୀତିକୁ ମଧ୍ୟ ବହୁତ ଦ୍ରୁତ ଗତିରେ ଅଭିବୃଦ୍ଧି କରିବାକୁ ଦିଆଯିବା ଉଚିତ ବୋଲି ସେ କହିଛନ୍ତି। ଜୁଲାଇରେ ସେ ବାଣିଜ୍ୟ ଏବଂ ରୁଷ ସହିତ ସମ୍ପର୍କକୁ ନେଇ ଭାରତକୁ କଡ଼ା ସମାଲୋଚନା କରିଥିଲେ। ଟ୍ରମ୍ପ୍ ତାଙ୍କର ଟ୍ରୁଥ୍ ସୋସିଆଲରେ ଲେଖିଥିଲେ, ଭାରତ ରୁଷ ସହିତ କ'ଣ କରେ ତାହା ମୋତେ ଚିନ୍ତା ନାହିଁ। ସେମାନେ ଚାହିଁଲେ ସେମାନଙ୍କର 'ମୃତ ଅର୍ଥନୀତି›କୁ ଏକାଥରେ ବୁଡ଼ାଇ ଦେଇପାରିବେ, ମୁଁ ଚିନ୍ତା କରେ ନାହିଁ। ସେହି ସମୟରେ ଟ୍ରମ୍ପ୍ ଆମେରିକାରେ ଭାରତୀୟ ଆମଦାନୀ ଉପରେ ୨୫% ଶୁଳ୍କ ଘୋଷଣା ମଧ୍ୟ କରିଥିଲେ।

# ରଥଯାତ୍ରା ପାଇଁ ଟିପିସିଓଡିଏଲ୍‌ର 'ମିଶନ ଚକାନୟନ-୨୦୨୬'

ଭୁବନେଶ୍ୱର,୪।୭(ସମିସ): ବିଶ୍ୱପ୍ରସିଦ୍ଧ ପୁରୀ ରଥଯାତ୍ରା ପାଇଁ କରାଯାଉଥିବା ବ୍ୟାପକ ପ୍ରସ୍ତୁତିର ଅଂଶସ୍ୱରୂପ, ଟିପି ସେଣ୍ଟ୍ରାଲ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ ଲିମିଟେଡ୍ (ଟିପିସିଓଡିଏଲ) ପକ୍ଷରୁ ଦିନିକିଆ ସ୍ୱତନ୍ତ୍ର ରକ୍ଷଣାବେକ୍ଷଣ ଅଭିଯାନ ମିଶନ ଚକାନୟନ-୨୦୨୬ ସଫଳତାର ସହ ଶେଷ ହୋଇଛି। ଭୁବନେଶ୍ୱର-୨ ସର୍କଲ୍ ଅଧୀନରେ ଥିବା ପୁରୀ, ଖୋର୍ଦ୍ଧା, ବାଲୁଗାଁ ଓ ନୟାଗଡ଼ ଡିଭିଜନରେ ପ୍ରାୟ ୪୦୦ କର୍ମଚାରୀ ଓ ବିଶେଷଜ୍ଞ ଦଳଙ୍କ ସହାୟତାରେ ଏହି ମିଶନ ପୁରୀ ସହର ଏବଂ ଏହାକୁ ସଂଯୋଗ କରୁଥିବା ପ୍ରମୁଖ ବିଦ୍ୟୁତ କରିଡରଗୁଡ଼ିକରେ କାର୍ଯ୍ୟକାରୀ କରାଯାଇଥିଲା। ଏହି ଅଭିଯାନରେ ୩୩ କେଭି, ୧୧ କେଭି ଓ ଏଲ୍‌ଟି ନେଟୱର୍କର ରକ୍ଷଣାବେକ୍ଷଣ, ଗଛର ଡାଳ କାଟିବା, ତାର ସଂଯୋଗୀକରଣ କରିବା, ହଟ୍‌ସ୍ପଟ୍ ସ୍ଥାନ ଗୁଡିକ ଠିକ୍ କରିବା, ବଜ୍ରପାତରୁ ରକ୍ଷା କରିବା ପାଇଁ ଲାଇଟନିଂ ଆରେଷ୍ଟର ଲଗାଇବା ସହ ପୁରୀ ଓ ଏହାର ଆଖପାଖ ଗୁରୁତ୍ୱପୂର୍ଣ୍ଣ ସ୍ଥାନଗୁଡ଼ିକରେ ଥିବା ପ୍ରାଥମିକ ସବ୍-ଷ୍ଟେସନ ଏବଂ ଟ୍ରାନ୍ସଫର୍ମରଗୁଡ଼ିକର ମରାମତି କରାଯାଇଛି। ମିଶନ ଚକାନୟନ-୨୦୨୬ର ସଫଳ ସମାପ୍ତ ସହ, ଟିପିସିଓଡିଏଲ ରଥଯାତ୍ରା ସମୟରେ ନିରବଚ୍ଛିନ୍ନ, ଭରସାଯୋଗ୍ୟ ଏବଂ ସୁରକ୍ଷିତ ବିଦ୍ୟୁତ ଯୋଗାଣ ସୁନିଶ୍ଚିତ କରିବା ପାଇଁ ନିଜର ବିଦ୍ୟୁତ ବିତରଣ ନେଟୱର୍କ ଓ ପ୍ରସ୍ତୁତିକୁ ଆହୁରି ମଜବୁତ କରିଛି।



# ଇପିଏଫ୍‌ଓ ପୋର୍ଟାଲରେ ହେବନି ୟୁଏଏନ୍ ଆକ୍ଟିଭେସନ୍

ନୂଆଦିଲ୍ଲୀ,୪।୭(ଏଜେନ୍ସି): କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ (ଇପିଏଫ୍‌ଓ) ପ୍ରାୟ ଗୋଟିଏ ସପ୍ତାହ ଧରି ଏକ ନିର୍ଦ୍ଧାରିତ ଅପଗ୍ରେଡ୍ ପରେ ଏହାର ୟୁନିଫାଏଡ୍ ସଦସ୍ୟ ପୋର୍ଟାଲ୍ ପୁନଃଲଞ୍ଚ କରିଛି। ଏହି ପ୍ରମୁଖ ସଫ୍ଟୱେର୍ ଏବଂ ଡାଟାବେସ୍ ଅପଗ୍ରେଡ୍ ପୋର୍ଟାଲର ସମ୍ପୂର୍ଣ୍ଣ ଇଣ୍ଟରଫେସ୍‌କୁ ପରିବର୍ତ୍ତନ କରିଛି। ଇପିଏଫ୍‌ଓ ଏହାର ସଦସ୍ୟଙ୍କ ପାଇଁ ସେବାରେ ମଧ୍ୟ ଅନେକ ପରିବର୍ତ୍ତନ କରିଛି। ଏହି ନୂତନ ଅପଗ୍ରେଡ୍ ପରେ, ଇପିଏଫ୍‌ଓ ପୋର୍ଟାଲ୍‌ରୁ ସିଧାସଳଖ ୟୁଏଏନ୍ ଆକ୍ଟିଭ୍ କରିବା ଏବଂ ନୂତନ ୟୁଏଏନ୍ ଜେନେରେଟ୍ କରିବାର କ୍ଷମତା ବନ୍ଦ କରିଦିଆଯାଇଛି। ଉଭୟ ସେବାକୁ ଏବେ ସମ୍ପୂର୍ଣ୍ଣ ଭାବରେ ସରକାରଙ୍କ ଉମଙ୍ଗ୍ ଆପ୍‌କୁ ସ୍ଥାନାନ୍ତରିତ କରାଯାଇଛି। ଏହା ବ୍ୟତୀତ, ସୁରକ୍ଷାକୁ ସୁଦୃଢ଼ କରିବା ପାଇଁ ଆଧାର-ଆଧାରିତ ଫେସ୍ ପ୍ରମାଣୀକରଣକୁ ବାଧ୍ୟତାମୂଳକ କରାଯାଇଛି। ଇପିଏଫ୍‌ଓ କହିଛି ଯେ ଏହି ପରିବର୍ତ୍ତନ ଅନଲାଇନ୍ ସେବାଗୁଡ଼ିକୁ ଅଧିକ ସୁରକ୍ଷିତ, ଦ୍ରୁତ ଏବଂ ନିର୍ଭରଯୋଗ୍ୟ କରିବ।




ସଫ୍ଟୱେର୍ ଅପଗ୍ରେଡ୍ ପରେ ଇପିଏଫ୍‌ଓ ୱେବସାଇଟରେ ଏକ ନୂତନ ୟୁଏଏନ୍ ସିଧାସଳଖ ଆବଣ୍ଟନ କରିବାର ସୁବିଧା ବନ୍ଦ କରିଦିଆଯାଇଛି। ୟୁଏଏନ୍‌ଆକ୍ଟିଭ୍ ଏବଂ ଆବଣ୍ଟନ ସେବା ଉଭୟ ଏବେ ଉମଙ୍ଗ ଆପ୍ ମାଧ୍ୟମରେ ସ୍ୱତନ୍ତ୍ର ଭାବରେ ଉପଲବ୍ଧ ହେବ। ଯଦି ଜଣେ ୟୁଏଏନ୍ ନମ୍ବର ଭୁଲିଯାଇଛନ୍ତି, ତେବେ ଏହାକୁ ପୁନରୁଦ୍ଧାର କରିବା ପାଇଁ ପ୍ରକ୍ରିୟା (ନୋ ୟୋର ୟୁଏଏନ୍) ସରଳ କରାଯାଇଛି। ୟୁଏଏନ୍ ଆକ୍ଟିଭ୍ ଏବେ ଉମଙ୍ଗ ଆପ୍ ମାଧ୍ୟମରେ ସମ୍ଭବ ହେବ। ଯଦି ଜଣେ ନୂତନ କର୍ମଚାରୀଙ୍କର ୟୁଏଏନ୍ ଆକ୍ଟିଭ୍ ହୋଇନାହିଁ, ତେବେ ଇପିଏଫ୍‌ଓ ୱେବସାଇଟ୍ ମାଧ୍ୟମରେ ଏହା କରିପାରିବେନାହିଁ। ଏଥିପାଇଁ, ଉମଙ୍ଗ ଆପ୍ ବ୍ୟବହାର କରିବାକୁ ପଡିବ। ସେହିପରି ନୂତନ ୟୁଏଏନ୍ ନମ୍ବର ଜେନେରେଟ୍ କରିବାର ପ୍ରକ୍ରିୟାରେ ମଧ୍ୟ ପରିବର୍ତ୍ତନ ହୋଇଛି। ଏହାଛଡା ଯଦି ଜଣଙ୍କର ଏକ

**ଏବେ ଉମଙ୍ଗ ଆପ୍ ମାଧ୍ୟମରେ ହୋଇପାରିବ ସବୁ କାମ**

ପିଏଫ୍ ଆକାଉଣ୍ଟ ଅଛି କିନ୍ତୁ ୟୁଏଏନ୍ ନାହିଁ। କିମ୍ବା ଯେଉଁ କର୍ମଚାରୀମାନଙ୍କର ପୂର୍ବରୁ ଏକ ଇପିଏଫ୍ ଆକାଉଣ୍ଟ ଅଛି କିନ୍ତୁ ଏ ପର୍ଯ୍ୟନ୍ତ ୟୁଏଏନ୍‌ଆବଣ୍ଟିତ ହୋଇନାହିଁ, ସେମାନେ ମଧ୍ୟ ଏକ ନୂତନ ନମ୍ବର ପାଇପାରିବେ। ସେମାନଙ୍କୁ ସେମାନଙ୍କର ପଞ୍ଜିକୃତ ମୋବାଇଲ୍ ନମ୍ବର ଯାଞ୍ଚ କରିବାକୁ ପଡିବ ଏବଂ ସଦସ୍ୟ ବିବରଣୀ ପ୍ରଦାନ କରିବାକୁ ପଡିବ। ଯାଞ୍ଚ ସମାପ୍ତ ହେବା ପରେ, ଏକ ନୂତନ ୟୁଏଏନ୍ ଜେନେରେଟ୍ ହେବ ଏବଂସେଥିରେ ସେମାନଙ୍କର ପୂର୍ବ ପିଏଫ୍ ଆକାଉଣ୍ଟ ସହିତ ଲିଙ୍କ୍ ହେବ। ଯଦି ଜଣେ ସଦସ୍ୟ ତାଙ୍କର ୟୁଏଏନ୍ ନମ୍ବର ଭୁଲିଯାଇଛନ୍ତି, ତେବେ ଅପଗ୍ରେଡ୍ ହୋଇଥିବା ନୂତନ ପୋର୍ଟାଲରେ ଏହାକୁ ଖୋଜିବା ଏବେ ସହଜ ହେବ। ପଞ୍ଜିକୃତ ମୋବାଇଲ୍ ନମ୍ବର ଏଣ୍ଟ୍ରି କରାଇ ଆବଶ୍ୟକୀୟ ଆଇଡି କିମ୍ବା ଠିକଣା ପ୍ରମାଣ ଅପଲୋଡ୍ କରିବାକୁ ପଡିବ ଏବଂ ମୋବାଇଲ୍ ନମ୍ବରରେ ପ୍ରାପ୍ତ ଓଟିପି ଯାଞ୍ଚ କରିବାକୁ ପଡିବ। ତା›ପରେ ୟୁଏଏନ୍ ସ୍କ୍ରିନରେ ଦେଖାଯିବ।ଏହାବ୍ୟତୀତ ଉମଙ୍ଗ ଆପ୍ କୁ ୟୁଏଏନ୍-ସମ୍ବନ୍ଧୀୟ ସେବା ସ୍ଥାନାନ୍ତର କରିବା ସତ୍ତ୍ୱେ, ଇପିଏଫ୍‌ଓ ଏହାର ୟୁନିଫାଏଡ୍ ସଦସ୍ୟ ପୋର୍ଟାଲରେ ମୃତ୍ୟୁ ଦାବି (ସଦସ୍ୟଙ୍କ ମୃତ୍ୟୁ ପରେ ଟଙ୍କା ଉଠାଣ) ଦାଖଲ କରିବା ପାଇଁ ଅନଲାଇନ୍ ସୁବିଧା ବଜାୟ ରଖିଛି।



# ଆସିବ 'ବାହୁବଳୀ-୩'

ଏସ୍‌ଏସ୍ ରାଜମୌଳିଙ୍କ ଫିଲ୍ମ 'ବାହୁବଳୀ' ଏବଂ 'ବାହୁବଳୀ-୨'କୁ ଦର୍ଶକୀୟ ଆଦୃତି ମିଳିଛି । ତେବେ 'ବାହୁବଳୀ ୨' ପରେ ଲୋକେ ଭାବୁଥିଲେ ଏହାର ତୃତୀୟ ଭାଗ ଆସିବ ନାହିଁ । ତେବେ ଏବେ ଏହାର ତୃତୀୟ ଭାଗକୁ ନେଇ ବଡ଼ ଅପଡେଟ୍ ଆସିଛି । ନେଟ୍‌ଫ୍ଲିକ୍ସର ଡକ୍ୟୁମେଣ୍ଟ୍ରି 'ବାହୁବଳୀ: ଦ ଟାର୍ଚବିୟରର' ଏକ ଭିଡିଓ ସାମ୍ନାକୁ ଆସିଛି । ଏହି ଭିଡିଓରେ ପ୍ରଭାସ, ଅନୁଷ୍କା ସେଟ୍ଟି ଏବଂ ରାଣା ଦଗ୍‌ଗୁବତୀ ନଜର ଆସିଛନ୍ତି । ତିନି କଳାକାର ଏକଥା ଇଙ୍ଗିତ କରିଛନ୍ତି ଯେ, ଏହି ଫ୍ରାଞ୍ଚାଇଜ୍‌ର ଆଉ ଏକ ବଡ଼ ଫିଲ୍ମ ଆସିପାରେ । ରାଣା ଏହି ଭିଡିଓରେ କହିଛନ୍ତି ଯେ, ବାହୁବଳୀ ନିହାତି ଆସିବ । ଏହାପରେ ପ୍ରଭାତ ତିନିଟି ଅଙ୍ଗୁଳି ଦେଖାଇ ହସିଛନ୍ତି । ପୁଣି ଏହାପରେ ଅନୁଷ୍କା ଓ ରାଣା ପ୍ରଭାସଙ୍କ ହାତ ଧରି ହସିଛନ୍ତି । ଏହି ଭିଡିଓଟି ଏବେ ଚର୍ଚ୍ଚାର ବିଷୟ ପାଲଟିଛି । ସୋସିଆଲ ମିଡିଆରେ ଲୋକେ ଅନୁମାନ କରୁଛନ୍ତି ଯେ, ନିର୍ମାତା ଖୁବ୍‌ଶୀଘ୍ର 'ବାହୁବଳୀ-୩' ଆଣିପାରନ୍ତି । ଅବଶ୍ୟ ନିର୍ମାତାଙ୍କ ପକ୍ଷରୁ ଏହାକୁ ନେଇ କିଛି ସ୍ପଷ୍ଟ ସୂଚନା ସାମ୍ନାକୁ ଆସି ନାହିଁ ।

# ଜୁଲାଇ ୧୬ରେ 'ଦ ମିଲେଟ୍ ଡାଏରୀ'

'ଇନ୍‌ଫାଇସନ୍ ଏଣ୍ଟରଟେନମେଣ୍ଟ' ବ୍ୟାନରରେ ନିର୍ମିତ 'ଦ ମିଲେଟ୍ ଡାଏରୀ': କେବଳ ଏକ ସିନେମା ନୁହେଁ, ବରଂ ଏଥିରୁ କଳିଙ୍ଗର ଆତ୍ମସମ୍ମାନ ଓ ମାଣ୍ଡିଆର ଗୌରବଗାଥା ସ୍ପଷ୍ଟ ବାରି ହେଉଛି । ଆସନ୍ତା ଜୁଲାଇ ୧୬ତାରିଖ ରଥଯାତ୍ରା ଅବସରରେ ଏହି ଚଳଚ୍ଚିତ୍ରଟି ପରଦାକୁ ଆସୁଛି । ଏହି ସିନେମାଟି ଅତୀତର ସେହି ସମୟକୁ ନେଇଯିବ, ଯେଉଁଠି ମାଣ୍ଡିଆ କେବଳ ଏକ ଶସ୍ୟ ନଥିଲା, ଥିଲା ସଭ୍ୟତାର ପରିଚୟ । ସମସାମୟିକ କାଳଚକ୍ରର ଏକ ଶାଶ୍ୱତ ପ୍ରେମର ସୁନ୍ଦର ଝଲକ ଏହି ଚଳଚ୍ଚିତ୍ରକୁ ଅଧିକ ଭାବପୂର୍ଣ୍ଣ କରିଛି । ବୈଦ୍ୟ ଓ ବିଜ୍ଞାନ କଥା ରହିଛି ଯାହା କଳିଙ୍ଗର ପାରମ୍ପରିକ 'କବିରାଜି' ଚିକିତ୍ସା ଏବଂ ପ୍ରତିକୂଳ ପରିସ୍ଥିତିରେ ଜଣେ ବୈଦ୍ୟଙ୍କ ଦୃଢ଼ ଆତ୍ମବିଶ୍ୱାସର କାହାଣୀ ହେଉଛି 'ମିଲେଟ୍ ଡାଏରୀ' । ଏହି ଚଳଚ୍ଚିତ୍ରର ମୁଖ୍ୟ ଭୂମିକାରେ ସିଦ୍ଧାନ୍ତ ମହାପାତ୍ର, ଅଭିଷେକ ପଣ୍ଡା, ଶିବାନୀ ସଙ୍ଗୀତା, ରାଜ୍ ରାଜେଶ ଏବଂ ଶ୍ରୀତମ ଦାସ ଅଭିନୟ କରିଛନ୍ତି । ଅନ୍ୟାନ୍ୟ ପ୍ରମୁଖ କଳାକାରମାନଙ୍କ ମଧ୍ୟରେ କୁନା ତ୍ରିପାଠୀ, ଶକ୍ତି ବରାଳ, ସୁଶାନ୍ତ ଦାଶମହାପାତ୍ର, ରେଢାଂଶ ମହାନ୍ତି, ସାନ୍ତୁ ନିଜେ, କାଞ୍ଚନ, ରାଜଶ୍ରୀ, ଦୀପକ, ଦେବିକା ଏବଂ ଶ୍ରେୟା ପ୍ରମୁଖ ଅଛନ୍ତି । ଏହାର ପ୍ରଯୋଜନା ଓ କାହାଣୀରେ ଜେ.ଆର୍. ଏମ୍ ଥିବା ବେଳେ ନିର୍ଦ୍ଦେଶନା ଦେଇଛନ୍ତି ରାଜେନ୍ଦ୍ର ମହାନ୍ତ । ସିନେମାଟିର ଚିତ୍ରନାଟ୍ୟ ଓ ସଂଳାପରେ ଦିଲ୍ଲୀପ ବିଶୋଇ ଏବଂ ଉତ୍ତମ କୁମାର ଅଛନ୍ତି । ସଙ୍ଗୀତରେ ପ୍ରେମ ଆନନ୍ଦ ଅଛନ୍ତି । ଅନ୍ୟପଟେ "ଏହି ଚଳଚ୍ଚିତ୍ର ଦର୍ଶାଏ ଯେ ମାଣ୍ଡିଆ କେବଳ ଖାଦ୍ୟ ନୁହେଁ, ଏହା ଆମ ମାଟିର ଶକ୍ତି । ଶତ୍ରୁ କିମ୍ବା ପ୍ରକୃତିର ପ୍ରକୋପ- ସବୁଥିରୁ ନିଜକୁ ବଞ୍ଚାଇବା ପାଇଁ ଆମ ପୂର୍ବପୁରୁଷ କିଭଳି ଏହି 'ଶ୍ରୀଅନ୍ନ'କୁ ନିଜର ସାହାରା କରିଥିଲେ, ତାହା ଏବେକାର ପିଢ଼ି ପାଇଁ ଏକ ବଡ଼ ଶିକ୍ଷା ।"





ପରଦା ପଛର କାହାଣୀ

# ପ୍ରଥମ ଦୃଶ୍ୟ ସୁଟିଂରେ ଭୟରେ ଥରହର ଅମିଷା

ବଲିଉଡ୍ ଷ୍ଟାର୍ ସନ୍ନି ଦେଓଲ ଓ ଅଭିନେତ୍ରୀ ଅମିଷା ପଟେଲଙ୍କ ଅଭିନୀତ 'ଗଦର: ଏକ୍ ପ୍ରେମ କଥା' ଫିଲ୍ମକୁ ନିକଟରେ ୨୫ ବର୍ଷ ପୂରିଲା । ଏହି ବିଶେଷ ଅବସରରେ ଅଭିନେତ୍ରୀ ଅମିଷା ପଟେଲ ଫିଲ୍ମ ସହ ଜଡ଼ିତ ପୁରୁଣା ଦିନର ସ୍ମୃତିକୁ ସ୍ମରଣ କରିଛନ୍ତି । ତେବେ ଫିଲ୍ମରେ ଅମରୀଶ ପୁରୀଙ୍କ ସାମ୍ନାରେ ପ୍ରଥମ ଦୃଶ୍ୟ ସୁଟିଂରେ କିପରି ଭୟର ଥରିଥିଲେ ତାହା ପ୍ରକାଶ କରିଛନ୍ତି । ଗଦର ସେଟ୍‌ରେ ପହଞ୍ଚିବା ପରେ ତାଙ୍କୁ ଅମରୀଶପୁରୀଙ୍କ ସହ ଭାବପ୍ରବଣ ଦୃଶ୍ୟ ସୁଟିଂ କରିବାର ଥିଲା । ଏହି ଫିଲ୍ମରେ ଅମରୀଶଙ୍କ ସହ ତାଙ୍କର ଏହା ପ୍ରଥମ ଦୃଶ୍ୟ ସୁଟିଂ ଥିଲା । ଫଳରେ ସେ ଭୟରେ ଥରହର ହୋଇଥିଲେ । ତେବେ ପରବର୍ତ୍ତୀ ସମୟରେ ଏହା ଫିଲ୍ମରେ କାର୍ଯ୍ୟ କରିବାର ଏକ ଭଲ ଅନୁଭୂତି ପାଲଟିଥିଲା । ଅମରୀଶ ସୁଟିଂ ସେଟ୍‌ରେ ମୋ କାମକୁ ଖୁବ୍ ସହଜ କରିଦେଇଥିଲେ । ଏଥିସହ ସେ ଜଣେ ଏତେ ବଡ଼ ସୁପରଷ୍ଟାର ଏବଂ ମୁଁ ନ୍ୟୁକମର୍ ବୋଲି ଅନୁଭବ ହେବାକୁ ମଧ ଦେଇ ନ ଥିଲେ । 'ଇଣ୍ଡିଆ ଟୁଡେ' ସହ ବାର୍ତ୍ତାଳାପ ପରେ ସେ ଏବେ ବି ଅମରୀଶଙ୍କୁ ବହୁତ ମନେ ପକାନ୍ତି ବୋଲି କହିଛନ୍ତି । ସୁଟିଂ ସମୟରେ ସେ ଅମରୀଶଙ୍କୁ ଭୟ କରୁଥିଲେ ସତ, ହେଲେ ବାସ୍ତବରେ ସେ ଜଣେ ଖୁବ୍ ଭଲ ମଣିଷ ବୋଲି ଅମିଷା କହିଛନ୍ତି । ସେଟ୍‌ରେ ସେ ଖୁବ୍ ମଜାମସ୍ତି କରୁଥିଲେ । ମୋଗାମ୍ବୋ ଏବଂ ଆସରଫ୍ ଅଲି ଭଳି ଭୟଙ୍କର ଚରିତ୍ର ଦେଖି, କେହି କେବେ କଳ୍ପନା କରିନଥିବେ ଯେ ସେ ବାସ୍ତବରେ କେତେ ହସଖୁସ୍ ମିଜାଜ୍‌ର ଥିଲେ । "ଗଦର: ଏକ୍ ପ୍ରେମ କଥା' ପୂର୍ବରୁ ଅମିଷା କେବଳ ଗୋଟିଏ ଫିଲ୍ମ 'କହୋ ନା ପ୍ୟାର ହେ'ରେ ଅଭିନୟ କରିଥିଲେ ।



# ଚର୍ଚ୍ଚାରେ 'କନ୍ଧମାଳ ହଳଦୀ'

ବର୍ତ୍ତମାନ ଦର୍ଶକମାନେ ବେଶ୍ ଭଲପାଇବା ଦେଉଛନ୍ତି ମ୍ୟୁଜିକ୍ ଭିଡିଓକୁ । ୟୁଟ୍ୟୁବ୍ ଜରିଆରେ ପ୍ରତ୍ୟେକ ଦିନ ରିଲିଜ୍ ହେଉଛି ଭିନ୍ନ ଭିନ୍ନ ଭିଡିଓ । ଏହି ଅବସରରେ 'ଓମ୍ ସମ୍ ଏଣ୍ଟରଟେନମେଣ୍ଟ' ଦ୍ୱାରା ନିର୍ଦ୍ଦେଶକ ବାବୁ ବାବୁଙ୍କ ନିର୍ଦ୍ଦେଶନାରେ ରିଲିଜ୍ ହୋଇଛି ମ୍ୟୁଜିକ ଭିଡିଓ 'କନ୍ଧମାଳ ହଳଦୀ' । କନ୍ଧମାଳ ହଳଦୀ ସବୁଠି ପ୍ରସିଦ୍ଧ । କନ୍ଧମାଳ ହଳଦୀକୁ ଆଧାର କରି ଏହି ଭିଡ଼ିଓଟି ତିଆରି ହୋଇଛି । ଏହି ଭିଡିଓଟିରେ ଅଭିନୟ କରିଛନ୍ତି ଅଭିନେତା ଜୟଦେବ୍ ରାଉଳ ଓ ଅଭିନେତ୍ରୀ ନେହା ନାଗେଶ୍ୱରୀ । ସେହିପରି ପ୍ରଯୋଜକ ଭାବରେ ଅଛନ୍ତି ରାଜେନ୍ଦ୍ର ମାଥାନ୍ । ଗୀତଟିରେ ଦେବେଶ ପତି ଓ ଅସୀମା ପଣ୍ଡା କଣ୍ଠଦାନ କରିଛନ୍ତି । ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ବିରଜା ପ୍ରସାଦ ଓ ଗୀତ ଲେଖିଛନ୍ତି ନିର୍ମଳ ନାୟକ । ଭିଡିଓଟି ନିର୍ଦ୍ଦେଶକ ବାବୁ ବାବୁଙ୍କ ନିର୍ଦ୍ଦେଶନାରେ କୋରିଓଗ୍ରାଫି କରିଛନ୍ତି ସୂର୍ଯ୍ୟନ୍ ରଥ । ଏହି ଗୀତଟି ସୋସିଆଲ୍ ମିଡିଆରେ ବେଶ୍ ଚର୍ଚ୍ଚାରେ ରହିଛି । ଏହାର ଭିଡ଼ିଓଟିକୁ ଦର୍ଶକମାନେ ବେଶ୍ ଭଲପାଇବା ଦେବେ ବୋଲି କହିଛନ୍ତି ନିର୍ଦ୍ଦେଶକ ବାବୁ ବାବୁ ।

# 'ଚୌହାନ'ରେ ଅଜୟ



ବଲିଉଡ୍‌ର ଲୋକପ୍ରିୟ ଅଭିନେତା ଅଜୟ ଦେବଗନଙ୍କ ଆଗାମୀ ଆକ୍ସନ ସିନେମାର ଶୀର୍ଷକ ରିଲିଜ୍ ହୋଇଯାଇଛି । ଏହି ସିନେମାର ନାଁ 'ଚୌହାନ' । ଏହି ସିନେମାରେ ଅଜୟଙ୍କୁ ଏକ ନୂଆ ଓ ଦମ୍‌ଦାର ଅବତାରରେ ଦେଖିବାକୁ ମିଳିବ । ଫିଲ୍ମ ନିର୍ମାତା ଆନନ୍ଦ ଏଲ୍ ରୟଙ୍କ ସହିତ ଏହା ହେଉଛି ଅଜୟଙ୍କ ପ୍ରଥମ ସିନେମା । ସେହିପରି ଫିଲ୍ମଟିକୁ ଜିଓ ଷ୍ଟୁଡିଓ ପ୍ରଯୋଜନା କରୁଛି । ତେବେ ସିନେମାର ପ୍ରଥମ ଲୁକ୍ ଜାରି କରାଯାଇଛି । ତାହା ପୁଣି ଦିବଂଗତ ବୀରୁ ଦେବଗନଙ୍କ ଜୟନ୍ତୀରେ । ଏକ ଉଗ୍ର ପ୍ରଦର୍ଶନୀ ଝଲକରୁ ଭିଡିଓ ପ୍ରାରମ୍ଭ ହୋଇଛି । ସିନେମାର ନିର୍ଦ୍ଦେଶନାରେ ନୀରଜ ଯାଦବ ଅଛନ୍ତି । ଏହାସହ ଏହାର ନିର୍ମାଣରେ ଜ୍ୟୋତି ଦେଶପାଣ୍ଡେ, ଆନନ୍ଦ ଏଲ୍ ରୟ, ହିମାଂଶୁ ଶର୍ମା କରିଛନ୍ତି । ସିନେମାଟି ୨୦୨୭ ମସିହା ଅକ୍ଟୋବର ୧ ତାରିଖରେ ପ୍ରେକ୍ଷାଳୟକୁ ଆସିବ ।

ସାକ୍ଷାତ୍କାର

# "ବଜେଟ୍ ନୁହେଁ, କାହାଣୀ ଓ ଚରିତ୍ରକୁ ଗୁରୁତ୍ୱ ଦିଏ"

**ଦେବସ୍ମିତା ପଣ୍ଡା, ଅଭିନେତ୍ରୀ**

ରିଆଲିଟି ଶୋ'ରୁ ଓଲିଉଡ୍‌କୁ ତାଙ୍କର ଯାତ୍ରା ଆରମ୍ଭ ହୋଇଥିଲା । ମଡର୍ଣ୍ଣ ଲୁକ୍ ହେଉ କି ରୋମାଣ୍ଟିକ୍ ସିନ୍, ଇମୋସନ୍, ସବୁଥିରେ ନିଜ ପ୍ରତିଭାକୁ ଚମତ୍କାର ଭାବେ ପ୍ରଦର୍ଶନ କରିଥାନ୍ତି ଅଭିନେତ୍ରୀ ଦେବସ୍ମିତା ପଣ୍ଡା । ରାଉରକେଲାରେ ତାଙ୍କର ଜନ୍ମ । ୨୦୧୪ ମସିହାରେ ସେ 'ରଜ୍ କୁଇନ୍' ରିଆଲିଟି ଶୋ'ର ବିଜେତା ଥିଲେ । 'ମୁଁ ବି ହିରୋଇନ୍ ହେବି'ର ସେ ବିଜେତା ମଧ୍ୟ ଥିଲେ । 'ରଘୁପତି ରାଘବ ରାଜାରାମ' ତାଙ୍କର ଡେବ୍ୟୁ ସିନେମା । ଏହାପରେ ସେ କିଛି ସିନେମା ଏବଂ ଧାରାବାହିକରେ ଅଭିନୟ କରିଛନ୍ତି । ତନ୍ମଧ୍ୟରୁ 'ତୋ ପାଇଁ ମୁଁ' ଧାରାବାହିକରେ ଚମତ୍କାର ଅଭିନୟ କରି ଦର୍ଶକଙ୍କ ହୃଦୟ ଜିଣିବାରେ ସେ ସକ୍ଷମ ହୋଇ ପାରିଛନ୍ତି । ଅଭିନୟ ଜଗତକୁ ଆସିବା ପାଇଁ ତାଙ୍କୁ କେତେ ସଂଘର୍ଷ କରିବାକୁ ପଡ଼ିଛି ଜାଣିବା ତାଙ୍କ ମୁହଁରୁ... ।

**ଅଭିନୟ ଯାତ୍ରା କିପରି ଥିଲା?**

- ବ୍ୟାଙ୍କ୍‌ରେ ଚାକିରି କରିବାକୁ ସ୍ୱପ୍ନ ଦେଖୁଥିଲି । କଷ୍ଟିଂ କରିଥିଲି । ସ୍କୁଲ ଓ କଲେଜରେ ସାଂସ୍କୃତିକ କାର୍ଯ୍ୟକ୍ରମରେ ଭାଗ ନେଉଥିଲି । ମୋ ସାନ ଭଉଣୀ ୨୦୧୪ ମସିହାରେ ମୋତେ 'ରଜ କୁଇନ୍'ରେ ଅଂଶଗ୍ରହଣ କରିବାକୁ କହିଥିଲା । ଏଥିପାଇଁ ମୋର ପରିବାରର ମୋତେ ସହଯୋଗ କରିଥିଲେ । ଏହି ପ୍ଲାଟଫର୍ମରେ ନିଜର ପ୍ରତିଭା ପ୍ରଦର୍ଶିତ କରି ମୁଁ ବିଜେତା ହୋଇଥିଲି । 'ମୁଁ ବି ହିରୋଇନ୍ ହେବି'ରେ ଅଂଶ ଗ୍ରହଣ କରି ବିଜେତା ହୋଇଥିଲି । ସୌଭାଗ୍ୟବଶତଃ ଏଥିରୁ ମୋତେ 'ରଘୁପତି ରାଘବ ରାଜାରାମ' ସିନେମା କରିବାକୁ ସୁଯୋଗ ମିଳିଥିଲା । ଏଥିରେ ମୁନ୍ନା ଭାଇ, ଦେବାଶିଷ ଭାଇଙ୍କ ସମେତ ନିର୍ଦ୍ଦେଶକ ସୁଧାଂଶୁ ମୋହନ ସାର୍ ମୋତେ ବହୁତ ସହଯୋଗ କରିଥିଲେ । ଏହା ପରେ ଅଭିନୟ ଯାତ୍ରା ଆଗକୁ ବଢ଼ିଥିଲା । 'ଭଲପାଏ ତୋତେ ମୁଁ ଶହେରୁ ଶହେ'ରେ ଅତିଥି କଳାକାର ଭାବେ ନଜର ଆସିଥିଲି । ପରେ ଧାରାବାହିକ 'ଟୁପୁର୍ ଟାପର୍', 'ତୋ ପାଇଁ ମୁଁ', 'ବିଜୟିନୀ' ଧାରାବାହିକରେ ଅଭିନୟ କରିଲି । 'ତୋ ପାଇଁ ମୁଁ' ଧାରାବାହିକର 'ଭୂମି' ଚରିତ୍ର ମୋତେ ସ୍ୱତନ୍ତ୍ର ପରିଚୟ ଦେଇଛି । ଛତିଶଗଡ଼ି ହିନ୍ଦୀ ସିନେମା 'ମେରି ମା କର୍ମା'ରେ ମଧ୍ୟ ଅଭିନୟ କରିଛି ।

**ସୁଟିଂ ସେଟ୍‌ର ପ୍ରଥମ ଦିନର ଅନୁଭୂତି କେମିତି ଥିଲା?**

- 'ରଜକୁଇନ୍' ଓ 'ମୁଁ ବି ହିରୋଇନ୍ ହେବି'ର ପ୍ଲାଟ୍‌ଫର୍ମରେ କେମିତି ଅଭିନୟ କରିବାକୁ ହୁଏ, କ୍ୟାମେରାକୁ କେମିତି ସାମ୍ନା କରାଯାଏ, ନୃତ୍ୟ କରିବା ସବୁକିଛି ଜାଣି ଯାଇଥିଲି । ତେଣୁ ଏହି ଅନୁଭୂତି ମୋତେ ଫିଲ୍ମ ସୁଟିଂ କରିବାରେ ସାହସ ଦେଇଥିଲା । ତେଣୁ ପ୍ରଥମ ଦିନରେ ମୋତେ ଏତେ ଭୟ ଲାଗିନଥିଲା ।

**ଅଭିନୟକୁ ବାଦ୍ ଦେଲେ କ'ଣ କରିବାକୁ ଭଲ ଲାଗେ?**

- ନାଚ, ଗୀତ, ଚିତ୍ର ଆଙ୍କିବାକୁ ଭଲ ଲାଗେ ।



**ଅଭିନୟକୁ ଜୀବନ୍ତ କରିବାକୁ କଣ କରନ୍ତି?**

- ମୁଁ ଯେତେବେଳେ ଏହି ଲାଇନ୍‌କୁ ଆସିଥିଲି ସେତେବେଳେ ବହୁତ ପ୍ଲାଟ୍‌ଫର୍ମ ଥିଲା । ତେବେ ସବୁଠି ପ୍ରତିଯୋଗିତା । ତଥାପି ମୁଁ ମୋ ନିଜ ଉପରେ କେତେ ବିଶ୍ୱାସ ରଖି କାମ କରିବି ତାହାକୁ ଗୁରୁତ୍ୱ ଦେଇଥିଲି । ଏହି ଆତ୍ମବିଶ୍ୱାସ ବଳରେ ମୁଁ ଏତେବାଟ ଆସିପାରିଛି । ଏହା ସହିତ ସବୁବେଳେ ମୁଁ ନିର୍ଦ୍ଦେଶକଙ୍କ କଥା ମାନି ମୋର ଚରିତ୍ରକୁ କିପରି ଭଲ କରିବି ତାହାକୁ ଗୁରୁତ୍ୱ ଦିଏ । ଯାହାବି ଚରିତ୍ର ମିଳେ ସେଥିରେ ପ୍ରଥମେ ମୁଁ ନିଜକୁ ପ୍ରବେଶ କରାଏ ।

**ପ୍ରଥମ ପାରିଶ୍ରମିକରେ କ'ଣ କରିଥିଲେ?**

- ସୁନାରେ ନିବେଶ କରିଥିଲି ।

**ଦେବସ୍ମିତାଙ୍କ ଆଗାମୀ ଯୋଜନା ?**

- ରିଆଲିଟି ଶୋ'ରେ ନଜର ଆସୁଛି । ଫିଲ୍ମରେ କାମ କରିବାକୁ ଯୋଜନା ଥିବାରୁ ମେଗାଧାରବାହିକରେ କାମ କରୁନି ।

**ଫିଟ୍ ରହିବାକୁ କ'ଣ କରନ୍ତି?**

- କଳାକାରଙ୍କୁ ସବୁବେଳେ ଫିଟ୍ ରହିବାକୁ ହୁଏ । ତେଣୁ ସୁଟିଂ ସେଟ୍‌ର ବ୍ୟସ୍ତତା ଭିତରେ ମୁଁ ମୋ ନିଜକୁ ସମୟ ଦିଏ । ଫିଟ୍ ରଖିବାକୁ ଘରୋଇ ଖାଦ୍ୟ ଖାଏ ।

**ଡ୍ରିମ୍ ରୋଲ?**

- ମୁଁ ବଜେଟ୍ ନୁହେଁ, କାହାଣୀ ଓ ଚରିତ୍ରକୁ ଗୁରୁତ୍ୱ ଦିଏ । ତେଣୁ ବହୁତ ଇଚ୍ଛା ଅଛି 'ବେଟା' ସିନେମାର ଶ୍ରୀଦେବୀଙ୍କ ପରି ଚରିତ୍ର କରିବାକୁ । ତାଙ୍କ ପରି ଆତ୍ମନିର୍ଭରଶୀଳ ଏବଂ ରାଉଡି ପରି ଚରିତ୍ର କରିବାକୁ ଇଚ୍ଛା ଅଛି ।

**ଅଭିନୟ ଜଗତକୁ ଆସୁଥିବା ଯୁବପିଢ଼ିଙ୍କୁ କ'ଣ କହିବେ?**

- ସମସ୍ତେ ଭାବନ୍ତି ଅଭିନୟ କରିବା ବହୁତ ସହଜ । ହେଲେ ବାସ୍ତବ କଥା ହେଉଛି ବହୁତ କଷ୍ଟ । ଯେପର୍ଯ୍ୟନ୍ତ ତମେ ଅଭିନୟ କ'ଣ ଶିଖିନ କି ବୁଝିନ, ସେ ପର୍ଯ୍ୟନ୍ତ ଜୀବନ୍ତ ଅଭିନୟ କରିପାରବ ନାହିଁ । ଭିକାରି ଚରିତ୍ର ମିଳିଲେ ବି ତା' ଭିତରେ ପଶିବାକୁ ପଡ଼ିବ । ନଚେତ ଏ ଲାଇନ୍‌ରେ ଆଗକୁ ବଢ଼ିବା ସମ୍ଭବ ନୁହେଁ ।

ସକାଳ
THE SAKALA









# କାନାଡାକୁ ହରାଇ କ୍ୱାର୍ଟରରେ ମରୋକ୍କୋ

**ହଷ୍ଟନ,୪।୭(ଏଜେନ୍ସି):** ଯୁଗ୍ମ ଆୟୋଜକ କାନାଡାକୁ ୩-୦ ଗୋଲରେ ହରାଇ ଆଫ୍ରିକୀୟ ରାଷ୍ଟ୍ର ମରୋକ୍କୋ ପ୍ରଥମ ଦଳ ଭାବେ ଚଳିତ ଫିଫା ବିଶ୍ୱକପ୍ ଫୁଟବଲର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ବିଜୟୀ ମରୋକ୍କୋ ପକ୍ଷରୁ ଆଜେଦାଇନ୍ ଓଉନାହି ୨ଟି ଏବଂ ସୌଫିଆନେ ରହିମି ଗୋଟିଏ ଗୋଲ ଦ୍ୱିତୀୟାର୍ଦ୍ଧରେ ସ୍କୋର କରିଥିଲେ। ଆସନ୍ତା ୯ ତାରିଖ ଗୁରୁବାର ରାତି ୧ଟା ୩୦ ମିନିଟ୍‌ରେ ଖେଳାଯିବାକୁ ଥିବା ପ୍ରଥମ କ୍ୱାର୍ଟର ଫାଇନାଲରେ ମରୋକ୍କୋ ଆଜି ରାତିରେ ଅନୁଷ୍ଠିତ ଫ୍ରାନ୍ସ ଓ ପାରାଗୁଏ ମୁକାବିଲାର ବିଜେତାକୁ ଭେଟିବ। ଆଘାତ ସମସ୍ୟା ଓ ଫାଉଲ ଖେଳରେ ଛନ୍ଦିହୋଇପଡ଼ିଥିବା ଏହି ମ୍ୟାଚ୍‌ରେ ରେଫରି ମାଇକେଲ ଅଲିଭର ପ୍ରତ୍ୟେକ ଦଳର ୪ଜଣ ଲେଖାଏଁ ୮ଜଣ ଖେଳାଳିଙ୍କୁ ୟେଲୋକାର୍ଡ ଦେଖାଇଥିଲେ। ମରୋକ୍କୋର ଷ୍ଟ୍ରାଇକର ଇସ୍‌ମାଏଲ ସାଇବାରିଙ୍କ ମାଂସପେଶୀ ଟାଣି ହୋଇଯିବାରୁ ସେ ଏହି ମ୍ୟାଚ୍‌ରେ ମାତ୍ର ୧୦ ମିନିଟ୍ ଖେଳିଥିଲେ। ଏହି ମ୍ୟାଚ ଆରମ୍ଭରୁ କାନାଡା ପ୍ରାଧାନ୍ୟ ବିସ୍ତାର କରିଥିଲେ ମଧ୍ୟ ୬୭ଭାଗ ବଲ ମରୋକ୍କୋ ନିୟନ୍ତ୍ରଣରେ ରହିଥିଲା। ହାଇଡ୍ରେସନ ବ୍ରେକ୍ ପରେ ବଲ ନିୟନ୍ତ୍ରଣକୁ ନେଇ ମରୋକ୍କୋ ଅଧିନାୟକ ଅର୍ଚାଫ୍ ହାକିମି ଓ କାନାଡା ରିଚି ଲାରେୟାଙ୍କ ମଧ୍ୟରେ ଧକ୍କା ମରାମରି ହୋଇଥିଲା। ଏହାକୁ ନେଇ ଉଭୟ ଦଳ ମଧ୍ୟରେ ଉତ୍ତେଜନା ସୃଷ୍ଟି ହୋଇଥିଲା ଓ ପ୍ରଥମାର୍ଦ୍ଧ ଖେଳ ଗୋଲଶୂନ୍ୟ ରହିଥିଲା। ଦ୍ୱିତୀୟାର୍ଦ୍ଧରେ ଉଭୟ ଦଳ ଖେଳ ଉପରେ ଗୁରୁତ୍ୱ ଦେଇଥିଲେ। କିନ୍ତୁ ମରୋକ୍କୋ ଦଳ ଅଧିକ ଯୋଜନାବଦ୍ଧ ଭାବେ ଖେଳିଥିଲା। ବିଶେଷ କରି ଅଧିନାୟକ ହାକିମି ସୁଯୋଗ ସୃଷ୍ଟି କରିଥିଲେ। ତାଙ୍କ ଦ୍ୱାରା ପାସ୍ ପାଇ ଓଉନାହିଁ ୨ଟି ଯାକ ଗୋଲ ସ୍କୋର କରିଥିଲେ। ଖେଳ ବେଶ ରୋମାଞ୍ଚକ ଓ ପ୍ରତିଦ୍ୱନ୍ଦ୍ୱିତା ମୂଳକ ଭାବେ ଶେଷ ହେବାକୁ ଯାଉଥିଲାବେଳେ ଇଞ୍ଜୁରୀ ଟାଇମ୍ ବା ୯୮ତମ ମିନିଟ୍‌ରେ ରହିମି ଆଉ ଏକ ଗୋଲ ଦେଇ ମରୋକ୍କୋର ବିଜୟ ସୁନିଶ୍ଚିତ କରିଥିଲେ।




## ହଲାଣ୍ଡ ଓ ନରୱେକୁ ଡରୁଛି ବ୍ରାଜିଲ୍

**ନ୍ୟୁୟର୍କ,୪।୭(ଏଜେନ୍ସି):** ବ୍ରାଜିଲ ଓ ନରୱେ ମଧ୍ୟରେ ଚଳିତ ଫିଫା ବିଶ୍ୱକପ୍‌ର ପ୍ରି-କ୍ୱାର୍ଟର ଫାଇନାଲ ମୁକାବିଲା ରବିବାର ଖେଳାଯିବ। ଏହି ମ୍ୟାଚ୍‌ରେ ୫ଥରର ଚାମ୍ପିଅନ ବ୍ରାଜିଲ ଫେବରାଇଟ ବୋଲି ସମସ୍ତେ ଆଶା କରୁଛନ୍ତି। କିନ୍ତୁ ବ୍ରାଜିଲ୍‌ର ହେଡ୍ କୋଚ୍ କାର୍ଲୋ ଆନ୍‌ସେଲୋଟିଙ୍କ ମତ ଭିନ୍ନ। ତାଙ୍କ ମତରେ ନରୱେ ଏକ ଶକ୍ତିଶାଳୀ ଦଳ। ଏହି ଦଳରେ ଏର୍ଲିଙ୍ଗ ହଲାଣ୍ଡଙ୍କ ପରି ସୁପରଷ୍ଟାର ଖେଳାଳି ରହିଛନ୍ତି। ବ୍ରାଜିଲର ରେକର୍ଡ ମଧ୍ୟ ଭଲ ନୁହେଁ। ଉଭୟଙ୍କ ମଧ୍ୟରେ ୪ଥର ମୁକାବିଲା ହୋଇଥିଲେ ନରୱେ ବିପକ୍ଷରେ ଦକ୍ଷିଣ ଆମେରିକାର ଏହି ଶକ୍ତିଶାଳୀ ଦଳ ଗୋଟିଏ ହେଲେ ମ୍ୟାଚ୍ ଜିତିନାହିଁ। ୪ଟି ମୁକାବିଲାରୁ ୨ଟି ମ୍ୟାଚ୍ ଡ୍ର ରହିଥିଲାବେଳେ ୨ଟି ମ୍ୟାଚ୍‌ରେ ପରାଜିତ ହୋଇଛି। ଶେଷଥର ଦଳ ୧୯୯୮ ବିଶ୍ୱକପ୍‌ରେ ହାରିଥିଲା। ଚଳିତ ବିଶ୍ୱକପ୍‌ରେ ବ୍ରାଜିଲ ମଧ୍ୟ ଭଲ ଖେଳି ନାହିଁ। ଯଦିଓ ଦଳ ତାହାର ଶେଷ ୪ଟି ମ୍ୟାଚ୍‌ରେ ୩ଟି ବିଜୟ ହାସଲ କରିଛି ତଥାପି ଜାପାନ ବିପକ୍ଷ ରାଉଣ୍ଡ ଅଫ୍ ୩୨ ମ୍ୟାଚ୍ ଜିତିବାକୁ ୯୫ ମିନିଟ୍ ଯାଏ ଅପେକ୍ଷା କରିବାକୁ ପଡ଼ିଥିଲା। ଗାବ୍ରିଏଲ ମାର୍ଟିନେଲୀଙ୍କ ଗୋଲ ବଳରେ ବ୍ରାଜିଲ ଏହି ମ୍ୟାଚ୍ ଜିତିଥିଲା। ଯେଉଁ କଳାତ୍ମକ ଖେଳ ଲାଗି ବ୍ରାଜିଲର ଖ୍ୟାତି ରହିଛି ତାହା ଏପର୍ଯ୍ୟନ୍ତ ଦେଖିବାକୁ ମିଳିନାହିଁ। ଦଳର ସୁପରଷ୍ଟାର ନେମାର ମଧ୍ୟ ଫିଟ୍ ହୋଇ ନାହାନ୍ତି। ଏପରି ସ୍ଥଳେ ଭିନିସିଅସ ଜୁନିଅରଙ୍କ ଖେଳ ଉପରେ ବ୍ରାଜିଲ ନିର୍ଭର କରୁଛି। ଅନ୍ୟ ପକ୍ଷରେ ନରୱେ ହେଡ୍ କୋଚ୍ ଷ୍ଟେଲ ସୋଲବାକେନ୍ ମଧ୍ୟ ବ୍ରାଜିଲକୁ ସମ୍ମାନ ଦିଅନ୍ତି। ତାଙ୍କ ମତରେ ଆମ ବିପକ୍ଷରେ ବ୍ରାଜିଲ ସହଜରେ ବିଜୟୀ ହୋଇପାରିବ ନାହିଁ। ଷ୍ଟେଲ୍‌ଙ୍କ ମତରେ ବ୍ରାଜିଲ ଏବେ ଫର୍ମକୁ ଫେରିଆସିଲାଣି। ଖେଳାଳିଙ୍କ ମଧ୍ୟରେ ସମନ୍ୱୟ ରହିଛି। ପ୍ରତ୍ୟେକ ମ୍ୟାଚ୍‌ରେ ଦଳର ଖେଳରେ ଉନ୍ନତି ହୋଇଛି। ପ୍ରତ୍ୟେକ ପୋଜିସନରେ ସେମାନଙ୍କର ଶ୍ରେଷ୍ଠ ଖେଳାଳିମାନେ ରହିଛନ୍ତି।

## ସବୁ ରେକର୍ଡ ଭାଙ୍ଗିଲା ଆତ୍ମଘାତୀ ଗୋଲ୍

**ଡଲାସ,୪।୭(ଏଜେନ୍ସି):** ଚଳିତ ଫିଫା ବିଶ୍ୱକପ୍‌ରେ ଦୁଇଟି ନୂଆ ରେକର୍ଡ ହୋଇଛି। ପ୍ରଥମଟି ହେଉଛି ଆତ୍ମଘାତୀ ଗୋଲ ଏବଂ ଦ୍ୱିତୀୟଟି ହେଉଛି ବଦଳ ଖେଳାଳିଙ୍କ ଦ୍ୱାରା ହୋଇଥିବା ଗୋଲ। ଏଠାରେ ଶୁକ୍ରବାର ରାତିରେ ଖେଳାଯାଇଥିବା ଇଜିପ୍ଟ ବନାମ ଅଷ୍ଟ୍ରେଲିଆ ରାଉଣ୍ଡ-୩୨ ମୁକାବିଲାରେ ବିଜୟୀ ଦଳର ଡିଫେଣ୍ଡର ମହମ୍ମଦ୍ ହାନି ଗୋଟିଏ ଆତ୍ମଘାତୀ ଗୋଲ ଦେଇଥିଲେ। ଚଳିତ ବିଶ୍ୱକପ୍‌ରେ ଏହା ହେଉଛି ୧୩ତମ ଆତ୍ମଘାତୀ ଗୋଲ ଓ ଏହା ଫଳରେ ୨୦୧୮ ରୁଷିଆରେ ହୋଇଥିବା ୧୨ଟି ଗୋଲର ରେକର୍ଡକୁ ଅତିକ୍ରମ କରିଯାଇଥିଲା। ଏତିକିରେ ଏହି ରେକର୍ଡ ବନ୍ଦ ହୋଇ ନ ଥିଲା। ଶନିବାର ସକାଳେ ଆର୍ଜେଣ୍ଟିନା ଓ ଦୁଃସାହସୀ କେପ୍ ଭର୍ଡ ମଧ୍ୟରେ ଅନୁଷ୍ଠିତ ମୁକାବିଲାରେ ଆଉ ଏକ ଗୋଲ ଏହି ତାଲିକାରେ ଯୋଡି ହୋଇଯାଇଛି। କେପ୍ ଭର୍ଡର ଡିନେ ବୋର୍ଜେସ୍ ଏହି ବିଶ୍ୱକପ୍‌ର ୧୪ତମ ଆତ୍ମଘାତୀ ଗୋଲ ସ୍କୋର କରିଛନ୍ତି। ଅବଶ୍ୟ ଚଳିତ ବିଶ୍ୱକପ୍‌ରେ ପ୍ରଥମଥର ସର୍ବାଧିକ ୪୮ଟି ଟିମ୍ ଭାଗନେଉଥିବାରୁ ସର୍ବାଧିକ ୧୦୪ଟି ମ୍ୟାଚ୍ ଖେଳାଯିବ। ଯାହା ଫଳରେ ଆତ୍ମଘାତୀ ଗୋଲ ସଂଖ୍ୟା ମଧ୍ୟ ବୃଦ୍ଧି ପାଇବା ସ୍ୱାଭାବିକ୍। ସେହିପରି ରାଉଣ୍ଡ-୩୨ ମ୍ୟାଚ୍ ଶେଷରେ ୪୬ଟି ଗୋଲ ବଦଳ ଖେଳାଳିଙ୍କ ଦ୍ୱାରା ସ୍କୋର ହୋଇଛି। ଏହି ସଂଖ୍ୟା ମଧ୍ୟ ବୃଦ୍ଧି ପାଇବ। ପୂର୍ବରୁ ଗୋଟିଏ ସଂସ୍କରଣରେ ସର୍ବାଧିକ ୩୦ଟି ଗୋଲ ହୋଇଥିଲା।

ଅଷ୍ଟ୍ରେଲିଆ ବିପକ୍ଷ ମ୍ୟାଚ୍‌ରେ ଇଜିପ୍ଟର ମହମ୍ମଦ ହାନି ଚଳିତ ବିଶ୍ୱକପ୍‌ରେ ବ୍ୟକ୍ତିଗତ ଭାବେ ଦ୍ୱିତୀୟ ଆତ୍ମଘାତୀ ଗୋଲ ସ୍କୋର କରିଥିଲେ। ଫଳରେ ୧୯୭୬ରେ ବେଲଜିୟମର ଡିଫେଣ୍ଡର ଇଭାନ ଭୁଟସୋଭଙ୍କ ପରେ ଗୋଟିଏ ଟୁର୍ଣ୍ଣାମେଣ୍ଟରେ ୨ଟି ଆତ୍ମଘାତୀ ଗୋଲ କରିବାରେ ଦ୍ୱିତୀୟ ଖେଳାଳି।




| |
|---|
| ଫିଫା ବିଶ୍ୱକପ୍ |
| ରାଉଣ୍ଡ ଅଫ୍ ୧୬ ମୁକାବିଲା |
| ରବିବାର ରାତି |
| ବ୍ରାଜିଲ-ନରୱେ |
| ନ୍ୟୁୟର୍କ, ରାତି ୧.୩୦ |
| ସୋମବାର ସକାଳ |
| ଇଂଲଣ୍ଡ-ମେକ୍ସିକୋ |
| ମେକ୍ସିକୋ ସିଟି, ସକାଳ ୫ଟା |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

## ଘାନାକୁ ବିଦାକଲା କଲମ୍ବିଆ

**କାନ୍‌ସାସ୍ ସିଟି,୪।୭(ଏଜେନ୍ସି):** ଜନ୍ ଆରିଆସ୍‌ଙ୍କ ଏକମାତ୍ର ଗୋଲ ବଳରେ ଘାନାକୁ ୧-୦ ଗୋଲରେ ପରାସ୍ତ କରି କଲମ୍ବିଆ ଫିଫା ବିଶ୍ୱକପ୍ ରାଉଣ୍ଡ ଅଫ୍ ୧୬ରେ ପ୍ରବେଶ କରିଛି। କଲମ୍ବିଆ ମଧ୍ୟ ଏହି ମେଗା ଇଭେଣ୍ଟରେ ପ୍ରଥମ ନକ୍‌ଆଉଟ ବିଜୟ ହାସଲ କରିଛି। ଜୁଲାଇ ୬ ତାରିଖ ମଙ୍ଗଳବାର ରାତି ୧ଟା ୩୦ ମିନିଟ୍‌ରେ ଖେଳାଯିବାକୁ ଥିବା ଶେଷ ରାଉଣ୍ଡ ଅଫ୍ ୧୬ ମୁକାବିଲାରେ କଲମ୍ବିଆ ସହ ଏର୍ଲିଙ୍ଗ ହଲାଣ୍ଡଙ୍କ ସ୍ୱିଜରଲାଣ୍ଡର ମୁକାବିଲା ହେବ। ଏଠାରେ ଖେଳାଯାଇଥିବା ମୁକାବିଲା ଶାନ୍ତିପୂର୍ଣ୍ଣ ଭାବେ ଶେଷ ହୋଇଥିଲା। ଖେଳର ୧୪ତମ ମିନିଟ୍‌ରେ ଆରିଆସ୍ ଗୋଲ ସ୍କୋର କରିବା ପରେ ଘାନା ଏହି ଗୋଲ ଶୁଝାଇବାକୁ ଚେଷ୍ଟା କରିଥିଲା। କିନ୍ତୁ ୬୨ ଭାଗ ବଲ୍ ନିୟନ୍ତ୍ରଣରେ ରଖିଥିବା କଲମ୍ବିଆ ଉପରେ ଘାନା ଗୋଟିଏ ହେଲେ ଆକ୍ରମଣ କରି ପାରି ନ ଥିଲା। କଲମ୍ବିଆ ରକ୍ଷଣଭାଗ ଖେଳାଳିଙ୍କ ମଧ୍ୟରେ ଏତେ ଉନ୍ନତ ସମନ୍ୱୟ ଥିଲା ଯେ ଘାନାର ଫରୱାର୍ଡ ଖେଳାଳି ପୋଷ୍ଟ ଏରିଆରେ ଗୋଟିଏ ହେଲେ ଆକ୍ରମଣ କରି ପାରି ନଥିଲେ। ଫଳରେ କଲମ୍ବିଆ ସହଜ ବିଜୟ ହାସଲ କରି ରାଉଣ୍ଡ ଅଫ୍ ୧୬ରେ ସ୍ଥାନ ହାସଲ କରିଥିଲା।



## ଅଷ୍ଟ୍ରେଲିଆ ସୁଟ୍‌ଆଉଟ; ନକ୍‌ଆଉଟରେ ଇଜିପ୍ଟର ପ୍ରଥମ ବିଜୟ

**ଡଲାସ,୪।୭(ଏଜେନ୍ସି)**

ଏଠାରେ ଶୁକ୍ରବାର ରାତିରେ ଖେଳାଯାଇଥିବା ରାଉଣ୍ଡ-୩୨ର ଏକ ମୁକାବିଲାରେ ଇଜିପ୍ଟ ୪-୨ ପେନାଲ୍ଟି ସୁଟ୍‌ଆଉଟରେ ଅଷ୍ଟ୍ରେଲିଆକୁ ପରାସ୍ତ କରି ରାଉଣ୍ଡ ଅଫ୍ ୧୬ରେ ପ୍ରବେଶ କରିଛି। ଏହା ଫଳରେ ଇଜିପ୍ଟ ପ୍ରଥମଥର ଲାଗି ନକ୍‌ଆଉଟ ମୁକାବିଲାରେ ବିଜୟୀ ହୋଇଛି। ଜୁଲାଇ ୭ ତାରିଖ ମଙ୍ଗଳବାର ରାତିରେ ଖେଳାଯିବାକୁ ଥିବା ରାଉଣ୍ଡ ଅଫ୍ ୧୬ ବା ପ୍ରି-କ୍ୱାର୍ଟରଫାଇନାଲରେ ଇଜିପ୍ଟ ସହ ଆର୍ଜେଣ୍ଟିନାର ମୁକାବିଲା ହେବ। ରାଉଣ୍ଡ ଅଫ୍ ୩୨ର ଶେଷ ମୁକାବିଲାରେ କେପ୍ ଭର୍ଡକୁ ଅତିରିକ୍ତ ସମୟରେ ୩-୨ ଗୋଲରେ ପରାସ୍ତ କରି ଆର୍ଜେଣ୍ଟିନା ପ୍ରି-କ୍ୱାର୍ଟର ଫାଇନାଲକୁ ଉନ୍ନୀତ ହୋଇଛି।

ଡଲାସ ଷ୍ଟାଡିୟମ୍‌ରେ ଖେଳାଯାଇଥିବା ଇଜିପ୍ଟ ସହ ମ୍ୟାଚ୍‌ରେ ଅଷ୍ଟ୍ରେଲିଆ ଜୋରଦାର ମୁକାବିଲା କରିଥିଲା। ଖେଳର ୧୩ତମ ମିନିଟ୍‌ରେ କରିମ୍ ହାଫିଜ୍‌ଙ୍କଠାରୁ ପାସ୍ ପାଇ ଏମାମ ଆଶୋର ଇଜିପ୍ଟ ଲାଗି ପ୍ରଥମ ଗୋଲ ଦେଇଥିଲେ। ଫିଫା ବିଶ୍ୱକପ୍ ନକ୍‌ଆଉଟରେ ଏହା ଥିଲା ଇଜିପ୍ଟର ପ୍ରଥମ ଗୋଲ। ଏହା ପରେ ଖେଳର ୫୫ତମ ମିନିଟ୍‌ରେ ମହମ୍ମଦ୍ ହାନିଙ୍କ ଆତ୍ମଘାତୀ ଗୋଲ ବଳରେ ଖେଳ ୧-୧ ଗୋଲରେ ସମାନସ୍ତରରେ ରହିଥିଲା। ଅତିରିକ୍ତ ସମୟରେ ଖେଳର ମିମାଂସା ହୋଇ ନ ପାରିବାରୁ ପେନାଲ୍ଟି ସୁଟ୍‌ଆଉଟର ସହାୟତା ନିଆଯାଇଥିଲା। ଏଥିରେ ଇଜିପ୍ଟ ପ୍ରଥମ ୪ଟି ସଟ୍‌କୁ ଗୋଲରେ ପରିଣତ କରିଥିଲା। ଅଷ୍ଟ୍ରେଲିଆ ୪ଟି ମଧ୍ୟରୁ ଗୋଟିଏ ସଟ୍ ପୋଷ୍ଟ ବାହାରେ ମାରି ମିସ୍ କରିଥିଲା। ଅନ୍ୟ ଏକ ସଟ୍ ପୋଷ୍ଟ ବାର୍‌ରେ ବାଜି ଫେରିଆସିଥିଲା। ଫଳରେ ଏସିଆ ମହାଦେଶର ଏହି ଶେଷ ଦଳ ରାଉଣ୍ଡ-୩୨ ମୁକାବିଲାକୁ ୨-୪ରେ ହାରିଯାଇଥିଲା।



## କେପ୍ ଭର୍ଡ ଆକ୍ରମଣରୁ ବର୍ତ୍ତିଗଲା ଆର୍ଜେଣ୍ଟିନା

**ମିଆମି,୪।୭(ଏଜେନ୍ସି):** ଉତ୍ସାହୀ ଓ ଦୁଃସାହସ ଖେଳ ପ୍ରଦର୍ଶନ କରୁଥିବା କେପ୍ ଭର୍ଡ ଆକ୍ରମଣରୁ ବର୍ତ୍ତି ଡିଫେଣ୍ଡିଂ ଚାମ୍ପିଅନ ଆର୍ଜେଣ୍ଟିନା ରାଉଣ୍ଡ ଅଫ୍ ୧୬ରେ ପ୍ରବେଶ କରିଛି। ଏହା ଫଳରେ ଚଳିତ ବିଶ୍ୱକପ୍‌ରେ କେପ୍ ଭର୍ଡର ସ୍ମରଣୀୟ ଅଭିଯାନ ଶେଷ ହୋଇଛି। ଅନ୍ୟପକ୍ଷରେ ଇଜିପ୍ଟ ସହ ରାଉଣ୍ଡ ଅଫ୍ ୧୬ ମୁକାବିଲା କରିବାକୁ ଆର୍ଜେଣ୍ଟିନା ସୁଯୋଗ ପାଇଛି। ଏହି ମୁକାବିଲାରେ ସୁପରଷ୍ଟାର ଲିଓନେଲ ମେସି ଖେଳର ୨୯ତମ ମିନିଟ୍‌ରେ ପ୍ରଥମ ଗୋଲ ସ୍କୋର କରି ଆର୍ଜେଣ୍ଟିନାକୁ ଅଗ୍ରଣୀ ଦେଇଥିଲେ। ଦ୍ୱିତୀୟାର୍ଦ୍ଧର ୫୯ତମ ମିନିଟ୍‌ରେ କେପ୍ ଭର୍ଡର ଡେରଏ ଡୁଆର୍ଟେ ଗୋଲ ଶୁଝାଇ ଖେଳକୁ ସମାନସ୍ତରକୁ ନେଇଆସିଥିଲେ। ନିର୍ଦ୍ଧାରିତ ସମୟରେ ଖେଳ ୧-୧ ଗୋଲରେ ସମାନସ୍ତରରେ ରହିବାରୁ ଅତିରିକ୍ତ ସମୟର ସହାୟତା ନିଆଯାଇଥିଲା। ଖେଳର ୯୨ତମ ମିନିଟ୍‌ରେ ଆର୍ଜେଣ୍ଟିନାର ଲିସାଣ୍ଡ୍ରୋ ମାର୍ଟିନେଜ୍ ଓ ୧୦୩ତମ ମିନିଟ୍‌ରେ କେପ୍ ଭର୍ଡର ସିଡ୍‌ନୀ ଲୋପେଜ୍ କାର୍ବାଲ ଗୋଲ ସ୍କୋର କରିବା ପରେ ଖେଳ ୨-୨ ଗୋଲରେ ସମାନସ୍ତରରେ ଚାଲିଥିଲା। ୧୧୧ତମ ମିନିଟ୍‌ରେ ଏକ ଦୁର୍ଭାଗ୍ୟଜନକ ଗୋଲ କେପ୍ ଭର୍ଡକୁ ବିଶ୍ୱକପ୍‌ରୁ ବିଦା କରିଥିଲା। ଦଳର ପୋଷ୍ଟ ପାଖକୁ ମରାଯାଇଥିବା ପାସ୍‌କୁ ଆର୍ଜେଣ୍ଟିନାର କ୍ରିଷ୍ଟିଆନୋ ରୋମେରୋ ହେଡ୍ କରିଥିଲେ। ଏହା ପରେ ବଲଟି ଡିଫେଣ୍ଡର ଡିନେ ବୋର୍ଜେସଙ୍କ କାନ୍ଧରେ ବାଜି କେପ୍ ଭର୍ଡର ପୋଷ୍ଟ ମଧ୍ୟକୁ ଚାଲିଯାଇଥିଲା। ଏଥିରୁ ଆଉ ମୁକୁଳି ନପାରି ମ୍ୟାଚ୍‌କୁ କେପ୍ ଭର୍ଡ ହାତଛଡ଼ା କରିଥିଲା।



## ରେକର୍ଡ ଟାଇଟଲ ଲକ୍ଷ୍ୟରେ ଅଷ୍ଟ୍ରେଲିଆ

**ଲଣ୍ଡନ, ୪।୭ (ଏଜେନ୍ସି):** ଚଳିତ ଆଇସିସି ମହିଳା ଟି-୨୦ ବିଶ୍ୱକପର ୧୦ମ ସଂସ୍କରଣ ଚୂଡ଼ାନ୍ତ ପର୍ଯ୍ୟାୟରେ ଉପନୀତ ହୋଇଛି। ଟାଇଟଲ୍ ପାଇଁ ରବିବାର ଦୁଇ ଶକ୍ତିଶାଳୀ ଦଳ ଅଷ୍ଟ୍ରେଲିଆ ଓ ଇଂଲଣ୍ଡ ସାମ୍ନାସାମ୍ନି ହେବେ। ଐତିହାସିକ ଲର୍ଡ୍ସ ଗ୍ରାଉଣ୍ଡରେ ରାତି ୮ଟାରେ ଏହି ଗ୍ରାଣ୍ଡଫାଇନାଲ ମ୍ୟାଚ ଆରମ୍ଭ ହେବ। ପୂର୍ବରୁ ପ୍ରଥମ ସେମିଫାଇନାଲରେ ଅଷ୍ଟ୍ରେଲିଆ ୮ ୱିକେଟରେ ୱେଷ୍ଟଇଣ୍ଡିଜକୁ ହରାଇଥିଲା। ସେହିଭଳି ଆୟୋଜକ ଇଂଲଣ୍ଡ ଦ୍ୱିତୀୟ ସେମିଫାଇନାଲରେ ଦକ୍ଷିଣ ଆଫ୍ରିକାକୁ ୪୦ ରନରେ ପରାସ୍ତ କରି ଫାଇନାଲରେ ପହଞ୍ଚିଛି। ସୋଫି ମୋନିଲେକ୍ସଙ୍କ ନେତୃତ୍ୱାଧୀନ ଅଷ୍ଟ୍ରେଲିଆ ଏଠାରେ ଇଂଲଣ୍ଡକୁ ହରାଇ ରେକର୍ଡ ୭ମଥର ଲାଗି ଟାଇଟଲ୍ ଜିତିବାକୁ ଲକ୍ଷ୍ୟ ରଖିଛି। ସେହିଭଳି ଘରୋଇ ଇଂଲଣ୍ଡ ୧୭ ବର୍ଷ ପରେ ଦ୍ୱିତୀୟଥର ଟି-୨୦ ବିଶ୍ୱକପ ଜିତିବା ଲକ୍ଷ୍ୟରେ ରହିଛି। ୨୦୦୯ରେ ଏହି ଲର୍ଡ୍ସ ଗ୍ରାଉଣ୍ଡରେ ଅନୁଷ୍ଠିତ ପ୍ରଥମ ସଂସ୍କରଣର ଫାଇନାଲରେ ୬ ୱିକେଟରେ ନ୍ୟୁଜିଲାଣ୍ଡକୁ ହରାଇ ଇଂଲଣ୍ଡ ପ୍ରଥମ ଓ ଶେଷଥର ଲାଗି ଚାମ୍ପିଅନ ହୋଇଥିଲା। ଯଦି ଇଂଲଣ୍ଡ ରବିବାର ବିଜୟୀ ହୁଏ ତେବେ ବିଶ୍ୱର ଦ୍ୱିତୀୟ ଦଳ ଭାବେ ଏକାଧିକଥର ଟି-୨୦ ବିଶ୍ୱକପ ଜିତିବାର ସୌଭାଗ୍ୟ ଲାଭ କରିବ। ତେଣୁ ଇଂଲଣ୍ଡ ୧୭ ବର୍ଷ ପରେ ପୁଣିଥରେ ଲର୍ଡ୍ସରେ ସଫଳତା ଦୋହରାଇବାକୁ ଲକ୍ଷ୍ୟ ରଖିଛି।

**ଆଇସିସି ମହିଳା ଟି-୨୦ ବିଶ୍ୱକପ୍ ଫାଇନାଲ ଆଜି**

## ୱିମ୍ବଲଡନ ଟେନିସରେ ବିପର୍ଯ୍ୟୟ
## ହାରିଲେ ରିବାକିନା, ସ୍ୱିଆଟେକ

**ଲଣ୍ଡନ,୪।୭(ଏଜେନ୍ସି):** ଏଠାରେ ଚାଲିଥିବା ୱିମ୍ବଲଡନ ଟେନିସ ଟୁର୍ଣ୍ଣାମେଣ୍ଟର ମହିଳା ଏକକ ତୃତୀୟ ରାଉଣ୍ଡ ମୁକାବିଲାରେ ଏକାଧିକ ସିଡେଡ ଖେଳାଳି ପରାଜିତ ହୋଇଛନ୍ତି। ଆଜି ଅନୁଷ୍ଠିତ ମହିଳା ଏକକରେ ଦ୍ୱିତୀୟ ସିଡ୍ ଏଲିନା ରିବାକିନା (ବନାମ ଏଲିସେ ମେର୍ଟେନ୍ସ), ତୃତୀୟ ସିଡ୍ ଇଗା ସ୍ୱିଆଟେକ୍ (ବନାମ ଆଲେକ୍‌ଜାଣ୍ଡ୍ରା ଏଲା) ଓ ଷଷ୍ଠ ସିଡ୍ ଆମାଣ୍ଡା ଆନିସିମୋଭା (ବନାମ ମାଡିସନ୍ କିଜ୍‌ଙ୍କଠାରୁ) ପରାଜିତ ହୋଇଛନ୍ତି। କିନ୍ତୁ ୯ମ ସିଡ୍ ଲିଣ୍ଡା ନୋସ୍କୋଭା, ୧୩ଶ ସିଡ୍ ଜସ୍ମିନ୍ ପାଓଲିନ୍ ବିଜୟୀ ହୋଇ ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି। ପୁରୁଷ ବିଭାଗ ଏକକରେ ଦ୍ୱିତୀୟ ସିଡ୍ ଆଲେକ୍‌ଜାଣ୍ଡ ଜ୍ୱେରେଭ୍, ୫ମ ସିଡ୍ ଆଲେକ୍ସ ଡି ମିନାଉର, ୯ମ ସିଡ୍ ଫାବିଓ କୋବୋଲି (ବନାମ କାରେନ ଖାଚାନୋଭ ୩-୨ରେ) ଓ ୧୩ଶ ସିଡ୍ ଜିରି ଲେହେକା ବିଜୟ ହାସଲ କରି ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି।

■ ଜାତୀୟ ବରିଷ୍ଠ ମିନିଗଲ୍ଫ ଚାମ୍ପିଅନସିପ

## ଓଡ଼ିଶାକୁ ୨୦ ପଦକ; ମହିଳା ପ୍ରଥମ




**ଭୁବନେଶ୍ୱର, ୪।୭ (ସମିସ):** ଛତିଶଗଡ଼ର ରାୟପୁରଠାରେ ୧୧ତମ ଜାତୀୟ ବରିଷ୍ଠ ମିନିଗଲ୍ଫ ଚାମ୍ପିଅନସିପ୍ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଓଡ଼ିଶା ମିନିଗଲ୍ଫ ଦଳ ମୋଟ ୨୦ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୫ଟି ସ୍ୱର୍ଣ୍ଣ, ୬ଟି ରୌପ୍ୟ ଓ ୯ଟି କାଂସ୍ୟ ପଦକ ରହିଛି। ଏଥିସହ ଓଡ଼ିଶା ମହିଳା ଦଳ ଉଲ୍ଲେଖନୀୟ ପ୍ରଦର୍ଶନ କରି ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଲାଭ କରିଛି। ଏହି ସଫଳତା ଲାଗି ଓଡ଼ିଶା ମିନିଗଲ୍ଫ ସଂଘ ପକ୍ଷରୁ ସମସ୍ତ ଖେଳାଳି ଓ କୋଚଙ୍କୁ ଶୁଭେଚ୍ଛା ପ୍ରଦାନ କରାଯାଇଛି।

**ଭାରତ ପାଇଁ ସର୍ବକନିଷ୍ଠ ପଦାର୍ପଣକାରୀ ହେଲେ ସୂର୍ଯ୍ୟବଂଶୀ**

# ବିଷ ଭରିଦେଲେ ବିଷ୍ଣୋଇ

**ମାଞ୍ଚେଷ୍ଟର,୪।୭(ଏଜେନ୍ସି):** ଏଠାରେ ଆଜି ଅନୁଷ୍ଠିତ ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟି-୨୦ ମୁକାବିଲାରେ ଭାରତକୁ ବିଷ ଭରିଦେଇଛନ୍ତି ଅନାମଧେୟ ଲେଗ୍ ସ୍ପିନର ରବି ବିଷ୍ଣୋଇ। ଭାରତୀୟ ଦର୍ଶକଙ୍କ ଭରପୁର ଉପସ୍ଥିତିରେ ଘରୋଇ ଇଂଲଣ୍ଡ ଆଗରେ ଏହି ମ୍ୟାଚ୍ ଜିତିବାକୁ ଭାରତ ୧୯୧ ରନ୍‌ର ଲକ୍ଷ୍ୟ ଦେଇଥିଲା। ଇଂଲଣ୍ଡ ଇନିଂସର ପ୍ରଥମ ଓଭରରେ ଅର୍ଶଦୀପ ସିଂହ ଦୁଇ ଓପନରଙ୍କୁ ଆଉଟ କରି ବଡ଼ ସଫଳତା ମଧ୍ୟ ଦେଇଥିଲେ। ତାଙ୍କ ବ୍ୟତୀତ ଅନ୍ୟ ବୋଲରଙ୍କ ଦିଶାହୀନ ବୋଲିଂ ସତ୍ତ୍ୱେ ୧୬ ଓଭର ଖେଳ ଶେଷ ବେଳକୁ ଇଂଲଣ୍ଡ ୫ ୱିକେଟ ହରାଇ ୧୪୨ ରନ୍ କରିଥିଲା। ଏହି ସମୟରେ ଦଳକୁ ମ୍ୟାଚ୍ ଜିତିବା ଲାଗି ଶେଷ ୪ ଓଭର ବା ୨୪ଟି ବଲ୍‌ରେ ୪୯ ରନ୍ ଆବଶ୍ୟକ ହେଉଥିଲା। ୧୭ତମ ଓଭର ବୋଲିଂ କରିବାକୁ ଆସିଥିବା ରବି ବିଷ୍ଣୋଇ ନିଜର ଚମତ୍କାର ବୋଲିଂ ବଳରେ ଦାନ କରିଥିଲେ ୨୯ ରନ୍। ଏହି ଓଭରରେ ବେଥେଲ ୩ଟି ଛକା, ଗୋଟିଏ ଚୌକା ଓ ୨ଟି ୨ରନ୍ ଲେଖାଏଁ ସଂଗ୍ରହ କରିଥିଲେ। ଏହା ବ୍ୟତୀତ ବିଷ୍ଣୋଇ ଆହୁରି ଦୟା ଦେଖାଇ ୨ଟି ନୋବଲ୍‌ରୁ ୩ ରନ୍ ଦେଇଥିଲେ। ବିଷ୍ଣୋଇଙ୍କ ଏହି ବିଶୃଙ୍ଖଳିତ ଓ ଲଜ୍ଜାଜନକ ବୋଲିଂ ଫଳରେ ଇଂଲଣ୍ଡ ଗୋଟିଏ ଓଭର ଓ ୪ଟି ୱିକେଟ ବାକିଥାଇ ବିଜୟ ଲକ୍ଷ୍ୟରେ ପହଞ୍ଚିଥିଲା। ଦଳ ପକ୍ଷରୁ ୪୬ବଲ୍‌ରେ ୫ଟି ଲେଖାଏଁ ଚୌକା ଓ ଛକା ସହ ୭୬ ରନ୍ କରିଥିବା ଜ୍ୟାକବ ବେଥେଲଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ଇଂଲଣ୍ଡ ୧ରନ୍‌ରେ ୨ଟି ଓ ୫୧ ରନ୍‌ରେ ୩ଟି ୱିକେଟ ହରାଇଥିଲାବେଳେ ହ୍ୟାରୀ ବ୍ରୁକ୍‌ଙ୍କ ୧୫ବଲ୍‌ରୁ ଏବଂ ଟମ୍ ବାଣ୍ଟନଙ୍କ ୩୨ ବଲ୍‌ରୁ ୩୯ ରନ୍ ଲେଖାଏଁ ସଂଗ୍ରହ ବେଶ୍ ଉପଯୋଗୀ ହୋଇଥିଲା। ପୂର୍ବରୁ ୧୫ ବର୍ଷ ୯୯ ଦିନରେ ସର୍ବକନିଷ୍ଠ ଖେଳାଳି ଭାବେ ଏଠାରେ ଅନ୍ତର୍ଜାତୀୟ ଡେବ୍ୟୁ କରିଥିବା ବୈଭବ ସୂର୍ଯ୍ୟବଂଶୀ ମଧ୍ୟ ୧୦ ବଲ୍‌ରେ ୧୪ ରନ୍ କରି ଭାରତକୁ ନିରାଶ କରିଥିଲେ। ଦଳର ଜଣେ ହେଲେ ଖେଳାଳି ବେଶି ସମୟ କ୍ରିଜ୍‌ରେ ତିଷ୍ଠି ନ ଥିଲେ। ଇଶାନ କିଶାନ ୪୯ ଓ ଅଭିଷେକ ଶର୍ମା ୪୩ ରନ୍ କରିଥିଲେ ମଧ୍ୟ ଆବଶ୍ୟକ ବେଳେ ନିଜ ୱିକେଟ ଫିଙ୍ଗିଦେଇଥିଲେ।

## ସଚିନଙ୍କ ୩୭ ବର୍ଷର ରେକର୍ଡ ଭାଙ୍ଗିଲା

ଯୁବ ବିସ୍ଫୋରକ ଓପନର ବୈଭବ ସୂର୍ଯ୍ୟବଂଶୀ ଭାରତ ପାଇଁ ଅନ୍ତର୍ଜାତୀୟ କ୍ରିକେଟରେ ପଦାର୍ପଣ କରିଛନ୍ତି। ଶନିବାର ଓଲ୍ଡ ଟ୍ରାଫୋର୍ଡରେ ଘରୋଇ ଇଂଲଣ୍ଡ ଓ ଭାରତ ମଧ୍ୟରେ ଅନୁଷ୍ଠିତ ଦ୍ୱିତୀୟ ଟି-୨୦ ମ୍ୟାଚ୍ ଖେଳି ସୂର୍ଯ୍ୟବଂଶୀ ଅନ୍ତର୍ଜାତୀୟ କ୍ରିକେଟରେ ପାଦ ଥାପି ଏକାଧିକ ରେକର୍ଡ ଭଙ୍ଗ କରିଛନ୍ତି। ସେ ଅନ୍ତର୍ଜାତୀୟ କ୍ରିକେଟ୍ ଖେଳିବାରେ ଭାରତ ପାଇଁ ସର୍ବକନିଷ୍ଠ କ୍ରିକେଟର୍ ହୋଇଛନ୍ତି। ଶନିବାର ପଦାର୍ପଣ କରିବା ସମୟରେ ସୂର୍ଯ୍ୟବଂଶୀଙ୍କୁ ୧୫ ବର୍ଷ ୯୯ ଦିନ ହୋଇଥିଲା। ଏହିକ୍ରମରେ ସୂର୍ଯ୍ୟବଂଶୀ ୩୭ ବର୍ଷ ତଳର ସଚିନ ତେନ୍ଦୁଲକରଙ୍କ ନାମରେ ରହିଥିବା ରେକର୍ଡକୁ ଭଙ୍ଗ କରିଛନ୍ତି। ୧୯୮୯ ସଚିନ ପାକିସ୍ତାନ ବିପକ୍ଷରେ ତାଙ୍କର ପ୍ରଥମ ଅନ୍ତର୍ଜାତୀୟ ମ୍ୟାଚ ଖେଳିବାବେଳକୁ ତାଙ୍କୁ ୧୬ ବର୍ଷ ୨୦୫ ଦିନ ବୟସ ହୋଇଥିଲା।



**ସଂକ୍ଷିପ୍ତ ସ୍କୋର**

**ଭାରତ: ୧୯୦/୭, ୨୦ ଓଭର** (ଇଶାନ-୪୯, ଅଭିଷେକ-୪୩, ଆୟର-୩୭, ତିଳକ-୨୪, ସାମ କରାନ-୩/୩୩)।
**ଇଂଲଣ୍ଡ: ୧୯୧/୬, ୧୯ ଓଭର** (ବେଥେଲ ଅପରାଜିତ ୭୫, ବ୍ରୁକ୍-୩୯, ବାଣ୍ଟନ-୩୯, ଅର୍ଶଦୀପ-୩/୪୦)।

ସକାଳ
THE SAKALA
www.thesakala.in
The Sakala require the following post for Head Office urgently.
ADVERTISEMENT EXECUTIVE
Qualification: MBA with 5 yrs. experience.
Send your CV by 10.07.2026 to
Asst. Manager HR
Email: hr@thesakala.com
Mob.: 8249526803
THE SAKALA
(A unit of Nandighosha Network Pvt. Ltd.)
Plot No.: 90 & 91, Bhagabanpur I/E, Bhubaneswar

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS